

'ରାମାୟଣ' ବିଭୀଷଣ
ଭୂମିକାରେ ବିବେକ
▸ପୃଷ୍ଠା ୧୧ ଦେଖନ୍ତୁ...


◆ RNI REGD NO: 42041/83
◆ www.sakalaepaper.com
◆ /sakalanews
◆ /sakalanews
◆ www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-128 ◆TUESDAY ◆4 NOVEMBER 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୩ ◆ସଂଖ୍ୟା-୧୨୮ ◆ମଙ୍ଗଳବାର ◆୪ ନଭେମ୍ବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


### ବିଜେପିକୁ ନବୀନଙ୍କ ଶାଣିତ ନିଶାଣ

# ମୋ ପ୍ରତି ବିଶ୍ୱାସଘାତକତା ହୋଇଛି







## 'ମିଛ ପ୍ରତିଶ୍ରୁତିର ଜବାବ ଦେବେ ନୂଆପଡ଼ାବାସୀ'

■ **ନୂଆପଡ଼ା,୩ା୧୧ (ସମିସ):** କୋମନାର ଧାନମଣ୍ଡି ପଡ଼ିଆଠାରେ ଆୟୋଜିତ ବିଶାଳ ସମାବେଶରେ ସିଧା ନିଶାଣ ସହ ବିଜେପିକୁ ଶାଣିତ ସମାଲୋଚନା କରିଛନ୍ତି ବିଜେଡି ସଭାପତି ନବୀନ ପଟ୍ଟନାୟକ। ମିଛ ପ୍ରତିଶ୍ରୁତି ଦେଇ କ୍ଷମତାକୁ ଆସିଥିବା ବିଜେପି କେବଳ ପ୍ରଚାରରେ ହିରୋ ଓ କାମରେ ଜିରୋ ବୋଲି କହିବା ସହ ରାଜ୍ୟ ବିଜେପି ସରକାରକୁ 'ଗେମ୍ ଚେଞ୍ଜର' ନୁହେଁ; କେବଳ 'ନେମ୍ ଚେଞ୍ଜର' ବୋଲି କଟାକ୍ଷ କରିଛନ୍ତି।

- ◆ ଭୋଟ ଚୋରି କରି ସରକାର ଗଢ଼ିଲେ; ଏବେ ପ୍ରାର୍ଥୀ ଚୋରି
- ◆ 'ଗେମ୍ ଚେଞ୍ଜର୍' ନୁହେଁ; ରାଜ୍ୟ ସରକାର ଖାଲି 'ନେମ୍ ଚେଞ୍ଜର୍'
- ◆ ବିଜେପି ସରକାର ମିଛ ପ୍ରଚାରରେ ହିରୋ; କାମରେ ଜିରୋ
- ◆ ରାଜ୍ୟ ସାରା ବିକାଶ କାମ ବନ୍ଦ, ସୀମା ଟପିଛି ନାରୀ ଅତ୍ୟାଚାର

ଉପନିର୍ବାଚନ ପ୍ରଚାର ଉପଲକ୍ଷେ ସୋମବାର ନୂଆପଡ଼ାର ତରବୋଡ଼ଠାରେ ଆୟୋଜିତ ବିଶାଳ ଜନସମାବେଶକୁ ସମ୍ବୋଧିତ କରି ନବୀନ କହିଥିଲେ, ମୋ ପ୍ରତି ବିଶ୍ୱାସଘାତକତା ହୋଇଛି। ପ୍ରଥମେ ଭୋଟ୍ ଚୋରି କରି ରାଜ୍ୟରେ ସରକାର ଗଢ଼ିଲେ, ଏବେ ପ୍ରାର୍ଥୀ ଚୋରି କରିଛନ୍ତି। ରାଜ୍ୟ ବିଜେପି ସରକାର କେବଳ ରଙ୍ଗମରା ସରକାର ବୋଲି ଉଲ୍ଲେଖ କରି ୩୦୦ ୟୁନିଟ୍ ମାଗଣା ବିଜୁଳି, ବୁଢ଼ାବୁଢ଼ୀଙ୍କୁ ୩୫୦୦ଟଙ୍କା ଭତ୍ତା, ସବୁ ପଞ୍ଚାୟତରେ ୧୦୦ ଯୁବକଙ୍କୁ ଚାକିରି, କଟ୍‌ନୀଛଟ୍‌ନୀ ବନ୍ଦ କରିବା ପାଇଁ ନିର୍ବାଚନ ସମୟରେ ବିଜେପି ଦେଇଥିବା ପ୍ରତିଶ୍ରୁତି କୁଆଡ଼େ ଗଲା ବୋଲି ନବୀନ ପ୍ରଶ୍ନ କରିଥିଲେ। ସାଧାରଣ ଲୋକଙ୍କ ମନରେ ଏ ସରକାର ବିରୋଧରେ ଯେଉଁ କ୍ରୋଧ ଓ କ୍ଷୋଭ ସୃଷ୍ଟି ହୋଇଛି, ଉପନିର୍ବାଚନରେ ତାହା ପ୍ରତିଫଳିତ ହେବ। ଆସନ୍ତା ୧୧ ତାରିଖରେ ନୂଆପଡ଼ାବାସୀ ରାଜ୍ୟ ବିଜେପିର ମିଛ ପ୍ରତିଶ୍ରୁତି ଓ ବିଶ୍ୱାସଘାତକତାର ଜବାବ ଦେବେ ଏବଂ ଶଙ୍ଖ ଚିହ୍ନରେ ଭୋଟଦେଇ ବିଜେଡି ପ୍ରାର୍ଥିନୀ ସ୍ନେହାଙ୍ଗିନୀ ଛୁରିଆଙ୍କୁ ବିଜୟୀ କରିବେ ବୋଲି ନବୀନ ଦୃଢ଼ୋକ୍ତି ପ୍ରକାଶ କରିଛନ୍ତି।

ଆଜି ସ୍ୱତନ୍ତ୍ର ବିମାନ ଯୋଗେ ନବୀନ ଗୋଟମା ଏୟାରଷ୍ଟ୍ରିପରେ ପହଞ୍ଚିବା ପରେ ହେଲିକପ୍ଟର ଯୋଗେ ନୂଆପଡ଼ା ଜିଲ୍ଲା କୋମନା ବ୍ଲକ୍‌ର ତରବୋଡ଼ ଅନ୍ତର୍ଗତ ଧାନମଣ୍ଡି ପଡିଆରେ ଆୟୋଜିତ ସମାବେଶରେ ପହଞ୍ଚିଥିଲେ। ନିଜ ଉଦ୍‌ବୋଧନରେ ପ୍ରଥମେ ପୂର୍ବତନ ବିଧାୟକ ରାଜେନ୍ଦ୍ର ଢୋଲକିଆଙ୍କୁ ଶ୍ରଦ୍ଧାଞ୍ଜଳି ଅର୍ପଣ କରିବା ସହ ନୂଆପଡ଼ା ଜିଲ୍ଲା ଗଠନରେ ବିଜୁବାବୁଙ୍କ ଅବଦାନ ବିଷୟରେ ସ୍ମରଣ କରିଥିଲେ। ▸ପୃଷ୍ଠା-୭

# ଅନିଲ ଅମ୍ବାନୀଙ୍କ ବିଳାସପୂର୍ଣ୍ଣ ଅଟ୍ଟାଳିକା ଜବତ କଲା ଇଡି

### ୭,୫୦୦ କୋଟିର ସମ୍ପତ୍ତି ଜବତ କଲା ଇଡି

■ **ମୁମ୍ବାଇ, ୩ା୧୧ (ଏଜେନ୍ସି):** ଶିଳ୍ପପତି ଅନିଲ ଅମ୍ବାନୀଙ୍କ ସଙ୍କଟ ବଢ଼ିବାରେ ଲାଗିଛି। ଋଣ ଜାଲିଆତି ମାମଲାରେ ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ଆଜି ଅନିଲଙ୍କ ରିଲାଏନ୍ସ ଗ୍ରୁପ ସମ୍ବନ୍ଧିତ ୪୦ରୁ ଅଧିକ ସମ୍ପତ୍ତି ଜବତ କରିଛି। ଏହି ସମ୍ପତ୍ତିର ମୂଲ୍ୟ ପ୍ରାୟ ୭,୫୦୦ କୋଟି ଟଙ୍କା ହେବ।ଜବତ ସମ୍ପତ୍ତି ମଧ୍ୟରେ ମୁମ୍ବାଇର ପାଲି ହିଲ୍ସ ସ୍ଥିତ ବିଳାସପୂର୍ଣ୍ଣ ଘର ଏବଂ ରିଲାଏନ୍ସ ଗ୍ରୁପ୍‌ର ୧୩୨ ଏକର ଜମି ସାମିଲ ରହିଛି। ଏହି ଜମି ନଭି ମୁମ୍ବାଇ ସ୍ଥିତ ଧିରୁଭାଇ ଅମ୍ବାନୀ ନଲେଜ ସିଟି (ଡିଏକେସି)ରେ ରହିଛି। ଏହାର ମୂଲ୍ୟ ପ୍ରାୟ ୪.୪୬୨.୮୧ କୋଟି ଟଙ୍କା ହେବ। ଏହାବ୍ୟତୀତ ଦିଲ୍ଲୀ, ନୋଏଡା, ଗାଜିଆବାଦ, ମୁମ୍ବାଇ, ପୁନେ, ଥାନେ, ହାଇଦାରାବଦ, ଚେନ୍ନଇ, କାଞ୍ଚିପୁରମ ଏବଂ ଇଷ୍ଟ ଗୋଦାବରୀ ଭଳି ସହରରେ ଥିବା ସମ୍ପତ୍ତିକୁ ମଧ୍ୟ ଜବତ କରାଯାଇଛି। ଏଥିରେ ରେସିଡେନସିଆଲ ୟୁନିଟ୍ସ, ଅଫିସ ସ୍ପେସ ଏବଂ ଲ୍ୟାଣ୍ଡ ପାର୍ସଲ ରହିଛି।



ସମ୍ପତ୍ତି ଜବତ କରିବାକୁ ଗତ ଅକ୍ଟୋବର ୩୧ ତାରିଖରେ ଇଡି ନୋଟିସ ଜାରି କରିଥିଲା। ଏହି ମାମଲାର ତଦନ୍ତରୁ ଇଡି ଜାଣିବାକୁ ପାଇଥିଲା ଯେ ▸ପୃଷ୍ଠା-୭

### ନିଶାସକ୍ତ ଡମ୍ଫର ଚାଳକର ଉନ୍ମତ୍ତକାଣ୍ଡ

## ୨୦ଟି ଗାଡ଼ି ଉପରେ ଚଢ଼ାଇ ଦେଲା; ୧୯ ମୃତ

■ **ଜୟପୁର, ୩ା୧୧(ଏଜେନ୍ସି):** ରାଜସ୍ଥାନରେ ଆଜି ଏକ ଅଭାବନୀୟ ଦୁର୍ଘଟଣା ଦେଖିବାକୁ ମିଳିଛି। ଡମ୍ଫର ଟ୍ରକ ଚଳାଉଥିବା ଜଣେ ମଦ୍ୟପ ଡ୍ରାଇଭରର ତାଣ୍ଡବରେ ରକ୍ତରଞ୍ଜିତ ହୋଇଛି ଜୟପୁର ରାସ୍ତା। ଅତ୍ୟଧିକ ମଦପାନ କରି ସେ ଏମିତି ଟ୍ରକ ଚଳାଉଥିଲା ଯେ ତା ସାମନାରେ ଯିଏ ଆସିଲା, ତାକୁ ମଡ଼ାଇଚାଲିଲା। ଏମିତି ପାଞ୍ଚ କିଲୋମିଟର ଯାଏଁ ସେ ରଚିଥିଲା ଏମିତି ତାଣ୍ଡବ। ଯିଏ ଯେତେ ଅଟକାଇଲେ ବି ସେ ଶୁଣିନଥିଲା। ଶେଷରେ ବଡ଼ ଧରଣର ଦୁର୍ଘଟଣାର ସମ୍ମୁଖୀନ ହେବାପରେ ତାର ଗାଡ଼ି ଅଟକିଥିଲା। ତା ଟ୍ରକ ତଳେ ୨୦ରୁ ଅଧିକ ଗାଡ଼ି ଚାପି ହୋଇ ଚୂରମାର ହୋଇଯାଇଥିବା ବେଳେ ୧୯ ଜଣ ବ୍ୟକ୍ତି ପ୍ରାଣ ହରାଇଛନ୍ତି ଏବଂ ୩୦ରୁ ଅଧିକ ଆହତ ହୋଇଛନ୍ତି। ଆହତମାନଙ୍କୁ ବିଭିନ୍ନ ମେଡିକାଲରେ ଭର୍ତ୍ତି କରାଯାଇଛି।

ପ୍ରତ୍ୟକ୍ଷଦର୍ଶୀଙ୍କ ଠାରୁ ପ୍ରକାଶ ଯେ ଡ୍ରାଇଭର ଏତେ ମଦ ପିଇଥିଲା ଯେ ସେ ନିଜ ନିୟନ୍ତ୍ରଣରେ ନଥିଲା। ଗୋଟିଏ ପରେ ଗୋଟିଏ ଗାଡ଼ି ଉପରେ ଟ୍ରକ ଚଢ଼ିଯାଇଥିଲା। ଏଥିରେ ଅନେକ କାର ଏବଂ ଦୁଇ ଚକିଆ ଓ ତିନି ଚକିଆ ଯାନ ରହିଛି। ୫ କିଲୋମିଟର ପର୍ଯ୍ୟନ୍ତ ରାସ୍ତା ରକ୍ତରଞ୍ଜିତ ହୋଇଯାଇଥିଲା। ମୃତକଙ୍କ ଶରୀର ଖଣ୍ଡବିଖଣ୍ଡିତ ହୋଇ ରାସ୍ତା ଉପରେ ଛିଟ୍‌କି ପଡ଼ିଥିଲା। ▸ପୃଷ୍ଠା-୭

# ସୁଦାନରେ ଓଡ଼ିଆ ଶ୍ରମିକଙ୍କୁ ଅପହରଣ

■ **ନୂଆଦିଲ୍ଲୀ/ଜଗତସିଂହପୁର, ୩ା୧୧ (ସମିସ):** ଆଫ୍ରିକୀୟ ଦେଶ ସୁଦାନରେ ଓଡ଼ିଶାର ଜଣେ ଶ୍ରମିକଙ୍କୁ ଅପହରଣ କରିନେଇଛନ୍ତି ବିଦ୍ରୋହୀ। ଗୃହଯୁଦ୍ଧ ଯୋଗୁଁ ଭୀଷଣ ଭାବେ କ୍ଷତିଗ୍ରସ୍ତ ହୋଇଥିବା ସୁଦାନରୁ ଏଭଳି ଖବର ଆସିଛି। ଏହି ଖବର କେବଳ ଓଡ଼ିଶା ନୁହେଁ; ସାରା ଦେଶରେ ଆଲୋଡ଼ନ ସୃଷ୍ଟି କରିଛି। ତାଙ୍କୁ ଉଦ୍ଧାର କରିବା ଲାଗି ଭାରତ ସରକାର ଉଦ୍ୟମ ଚଳାଇଛନ୍ତି। ଦିଲ୍ଲୀରେ ଅବସ୍ଥାପିତ ସୁଦାନର ରାଷ୍ଟ୍ରଦୂତ ମଧ୍ୟ ସବୁ ପ୍ରକାର ସହାୟତା ପ୍ରଦାନ କରିବାକୁ ପ୍ରତିଶ୍ରୁତି ଦେଇଛନ୍ତି।

ସୁଦାନରେ ଅପହୃତ ହୋଇଥିବା ଓଡ଼ିଶାର ଏହି ଶ୍ରମିକ ହେଲେ ଆଦର୍ଶ ବେହେରା। ତାଙ୍କର ଘର ହେଉଛି ଜଗତସିଂହପୁର ଜିଲ୍ଲା ତିର୍ତ୍ତୋଲ ଥାନା ଅନ୍ତର୍ଗତ କୋଟକଣା ଗ୍ରାମରେ। ଗତ ତିନି ବର୍ଷ ହେଲା ଆଦର୍ଶ ସୁଦାନରେ ଏକ ଘରୋଇ କଂପାନୀରେ ଚାକିରି କରୁଥିଲେ ବୋଲି ତାଙ୍କ ପରିବାର ପକ୍ଷରୁ କୁହାଯାଇଛି। ତାଙ୍କର ଅପହରଣ

**ବିଦ୍ରୋହୀଙ୍କ କବଳରେ ତିର୍ତ୍ତୋଲର ଆଦର୍ଶ ବେହେରା**

**୩ ବର୍ଷ ହେଲା ପ୍ଲାଷ୍ଟିକ କାରଖାନାରେ କାମ କରୁଥିଲେ**

ଖବରକୁ ନେଇ ପରିବାର ଲୋକେ ଚିନ୍ତିତ ହୋଇପଡ଼ିଛନ୍ତି। ତାଙ୍କୁ ଉଦ୍ଧାର କରିବା ଲାଗି ସେମାନେ ଓଡ଼ିଶା ଓ ଭାରତ ସରକାରଙ୍କୁ ଅନୁରୋଧ କରିଛନ୍ତି। ▸ପୃଷ୍ଠା-୭



**ପୁଣି ଚୌଦ୍ୱାର ଜେଲ୍‌ରେ ଅଘଟଣ**

# ବିଚାରାଧୀନ କଏଦୀଙ୍କ ଆତ୍ମହତ୍ୟା

■ **କଟକ, ୩ା୧୧ (ସମିସ):** ଚୌଦ୍ୱାର ସର୍କଲ ଜେଲରେ ଆଜି ପୁଣି ଏକ ଅଘଟଣ ଘଟିଛି। ଜେଲ୍ ଭିତରେ ଜଣେ ବିଚାରାଧୀନ କଏଦୀ ବେକରେ ଗାମୁଛା ବାନ୍ଧି ଆତ୍ମହତ୍ୟା କରିଛନ୍ତି। ମୃତକ ହେଲେ, ଖୋର୍ଦ୍ଧା ଜିଲ୍ଲା ବୋଲଗଡ଼ ଥାନା ବଡ଼ମାଳି ଗ୍ରାମର ପବିତ୍ର ସାହୁ (୪୪)। ପବିତ୍ର ଏକ ଚିଟ୍‌ଫଣ୍ଡ ଠକେଇ ମାମଲାରେ ଜଡ଼ିତ ଥିଲେ। ମାସକ ତଳେ ତାଙ୍କୁ ଅନ୍ୟ ଏକ ଜେଲରୁ ଏଠାକୁ ସ୍ଥାନାନ୍ତର କରାଯାଇଥିଲା। ଆଜି ସକାଳେ ଜେଲ ଭିତରେ ଥିବା ପାଇଖାନା ଘରେ ସେ ବେକରେ ଏକ ଗାମୁଛା ବାନ୍ଧି ଆତ୍ମହତ୍ୟା ଉଦ୍ୟମ କରିଥିଲେ। ଜେଲ କର୍ତ୍ତୃପକ୍ଷ ତାଙ୍କୁ ଗୁରୁତର ଅବସ୍ଥାରେ କଟକ ବଡ଼ ଡାକ୍ତରଖାନାରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ତେବେ କେଉଁ କାରଣରୁ ପବିତ୍ର ଏପରି ଚରମ ପଦକ୍ଷେପ ନେଲେ, ତାହା ସ୍ପଷ୍ଟ ହୋଇପାରିନାହିଁ। ଖବର ପାଇ ଚୌଦ୍ୱାର ପୁଲିସ ଜେଲ୍‌ରେ ପହଞ୍ଚି ଘଟଣାର ତଦନ୍ତ କରୁଛି।

ଏ ସମ୍ପର୍କରେ ଜେଲ୍ ସୁପରିଣ୍ଟେଣ୍ଡେଣ୍ଟ୍ ରଘୁରାଜ ମାଝୀ କହିଛନ୍ତି, ଦିନ ଓ ରାତିରେ କଏଦୀଙ୍କୁ ଯାଞ୍ଚ କରାଯାଉଛି। ଜେଲ୍ ପରିସର ଭିତରେ ଯାଞ୍ଚ ପ୍ରକ୍ରିୟା କଡ଼ାକଡ଼ି କରାଯାଇଛି। ପାଇଖାନା ଭିତରେ ଯଦି ଏଭଳି ଅଘଟଣ ଘଟେ, ତେବେ ଜାଣିବା ନିହାତି କଷ୍ଟକର। ଏହି ଘଟଣାରେ ଚୌଦ୍ୱାର ଥାନା ପୁଲିସ, ସନ୍ଧାନୀ କୁକୁର ଓ ସାଇଣ୍ଟିଫିକ୍ ଟିମ୍ ତଦନ୍ତ କରୁଛନ୍ତି। ବ୍ୟବଚ୍ଛେଦ ରିପୋର୍ଟ ଆସିବା ପରେ ପ୍ରକୃତ ଘଟଣା ସାମ୍ନାକୁ ଆସିବା ବୋଲି ସୁପରିଣ୍ଟେଣ୍ଡେଣ୍ଟ ଶ୍ରୀ ମାଝୀ ଜଣାଇଛନ୍ତି। ଅନ୍ୟପଟେ ପବିତ୍ରଙ୍କ ଶରୀରକୁ ପରିବାର ଓ ମାଜିଷ୍ଟ୍ରେଟ୍‌ଙ୍କ ଉପସ୍ଥିତିରେ ବ୍ୟବଚ୍ଛେଦ ପ୍ରକ୍ରିୟା କରାଯିବ। ଏହି ଘଟଣାରେ ଜଣେ ଏଡିଜି ପାହ୍ୟାର ଅଧିକାରୀ ତଦନ୍ତ କରିବେ ବୋଲି ସୂଚନା ମିଳିଛି। କେଉଁ ପରିସ୍ଥିତିରେ ମୃତ୍ୟୁ ହେଲା ତାହାର ପୁଙ୍ଖାନୁପୁଙ୍ଖ ତଦନ୍ତ କରାଯିବ।

ସୂଚନାଯୋଗ୍ୟ, ଗତ ଦଶହରା ସମୟରେ ବିହାରର ୨ ▸ପୃଷ୍ଠା-୭

**ମାମୁ ଘରେ ଖେଳ ହେଲା କାଳ**

# ପାଇଖାନା ଟାଙ୍କିରେ ପଡ଼ି ଚାଲିଗଲା ୩ ଶିଶୁଙ୍କ ଜୀବନ



■ **ବଡ଼ମ୍ବା, ୩ା୧୧ (ସମିସ):** କଟକ ଜିଲ୍ଲା ବଡ଼ମ୍ବା ଥାନା ଅନ୍ତର୍ଗତ ରଗଡ଼ିପଡ଼ା ଗାଁରେ ଏକ ହୃଦୟବିଦାରକ ଘଟଣା ଘଟିଛି। ଆଜି ଅପରାହ୍ଣରେ ଗ୍ରାମର ହରିଜନ ସାହି ପଛ ପାଖେ ଥିବା ଏକ ପାଇଖାନା ସେପ୍ଟିକ୍ ଟାଙ୍କିରେ ପଡ଼ି ୩ ଶିଶୁ ଅକାଳରେ ପ୍ରାଣ ହରାଇଛନ୍ତି। ମୃତକଙ୍କ ମଧ୍ୟରେ ଦୁଇଜଣ ନାବାଳକ ଓ ଜଣେ ନାବାଳିକା।

**ମୃତକଙ୍କ ମଧ୍ୟରେ ୨ ନାବାଳକ ଓ ଜଣେ ନାବାଳିକା**

ସେମାନେ ହେଲେ, ବଡ଼ମ୍ବା ବ୍ଲକ ଅଧୀନ ପରଜାପଡ଼ା ପଞ୍ଚାୟତର ଇଚ୍ଛାପୁର ଗ୍ରାମର ଶୁଭମ ନାଏକ (୩), କୋଲେଶ୍ୱର ପଞ୍ଚାୟତ ଅଧୀନ ବଡ଼ବାରେଣା ଗ୍ରାମର ଶିବାନୀ ନାଏକ (୭) ଓ ▸ପୃଷ୍ଠା-୭

### ପୁଲିସ ଏସ୍ଆଇ ଚାକିରି ବିକ୍ରି ମାମଲା

# ସିଲିକନ୍ ଟେକ୍ ସିଇଓ ସୁରେଶ ଗିରଫ

■ **ଭୁବନେଶ୍ୱର,୩ା୧୧(ସମିସ):** ପୁଲିସ ଏସ୍ଆଇ ଚାକିରି ବିକ୍ରି ମାମଲାରେ ସିଲିକନ୍ ଟେକ୍‌ର ସିଇଓ ସୁରେଶ ଚନ୍ଦ୍ର ନାୟକଙ୍କୁ ସୋମବାର ତାଙ୍କ ପଟିଆ ବାସଭବନରୁ ଗିରଫ କରିଛି କ୍ରାଇମ୍‌ବ୍ରାଞ୍ଚ। ଏସ୍ଆଇ ପରୀକ୍ଷା ପରିଚାଳନା କରୁଥିବା ପଞ୍ଚସପ୍ଟର ମୁଖ୍ୟ ଶଙ୍କର ପ୍ରୁଷ୍ଟିଙ୍କ ବୟାନ ଓ ମିଳିଥିବା ପ୍ରମାଣ ଆଧାରରେ ତାଙ୍କୁ ଗିରଫ କରାଯାଇଥିବା କ୍ରାଇମ୍‌ବ୍ରାଞ୍ଚ ସୂଚନା ଦେଇଛି। ଉତ୍ତରାଖଣ୍ଡରୁ ଗିରଫ ହୋଇଥିବା ଶଙ୍କରଙ୍କୁ ଦିନ ତମାମ୍ ଜେରା ପରେ ଚାକିରି ବିକ୍ରି ଘଟଣାରେ କ୍ରାଇମ୍‌ବ୍ରାଞ୍ଚ ସୁରେଶଙ୍କ ସିଧାସଳଖ ଲିଙ୍କ୍ ଜାଣିବାକୁ ପାଇଥିଲା। ସୁରେଶ ଏକମାତ୍ର ଲୋକ, ଯେ କି ପରୀକ୍ଷାର ପ୍ରଶ୍ନପତ୍ର ପ୍ରସ୍ତୁତି, ପ୍ରିଣ୍ଟିଂ ଏବଂ ପରିବହନ ଦାୟିତ୍ୱରେ ଥିଲେ। ଏହାପରେ ସୁରେଶ ଓ ଶଙ୍କରଙ୍କୁ ଅଲଗା ଅଲଗା ପଚରାଉଚରା କରାଯାଇଥିଲା। ବୟାନରେ ତାଳମେଳ ନ ରହିବାରୁ ଉଭୟଙ୍କୁ ଏକସଙ୍ଗରେ ଜେରା କରାଯାଇଥିଲା। ଜେରା ବେଳେ ଏସ୍ଆଇ ଚାକିରି ଜାଲିଆତି ସମ୍ପର୍କରେ ବହୁତଥ୍ୟ କ୍ରାଇମ୍‌ବ୍ରାଞ୍ଚ ପାଇଛି। ସୁରେଶଙ୍କ ଗୁପ୍ତ ସୂଚନା ଓ ଶଙ୍କରଙ୍କ ନେଟ୍‌ୱାର୍କ ବଳରେ ରାଜ୍ୟରେ ଏତେ ବଡ ସ୍କାମ୍ ସମ୍ଭବ ହୋଇପାରିଲା ବୋଲି କ୍ରାଇମ୍‌ବ୍ରାଞ୍ଚ ଶେଷ ନିର୍ଯ୍ୟାସରେ ପହଞ୍ଚିଥିବା ▸ପୃଷ୍ଠା-୭

**ସିଲିକନ୍‌ର ଗୁପ୍ତ ସୂଚନା ଓ ଶଙ୍କର ନେଟ୍‌ୱର୍କ ମାଧ୍ୟମରେ ସ୍କାମ୍**

**ଶଙ୍କରଙ୍କୁ ନୂଆଦିଲ୍ଲୀର କମ୍ପାନୀ ଗେଷ୍ଟ ହାଉସ୍‌ରେ ଲୁଚାଇଥିଲେ ସୁରେଶ: କ୍ରାଇମ୍‌ବ୍ରାଞ୍ଚ**



## ବ୍ରହ୍ମପୁର ଜେଲ୍‌ରେ ଶଙ୍କର, ସୁରେଶ

■ **ବ୍ରହ୍ମପୁର,୩ା୧୧(ସମିସ):** ପୁଲିସ ଏସଆଇ ପରୀକ୍ଷା କେଳେଙ୍କାରୀ ଘଟଣାର ମୁଖ୍ୟ ଅଭିଯୁକ୍ତ ଶଙ୍କର ପ୍ରୁଷ୍ଟିକୁ ନେପାଳ-ଉତ୍ତରାଖଣ୍ଡ ସୀମାନ୍ତରୁ କାବୁ କରିବା ପରେ କ୍ରାଇମବ୍ରାଞ୍ଚ କଟକରେ ଜେରା କରିଛି। ପରେ ଶଙ୍କରର ବୟାନ ଆଧାରରେ ସିଲିକନ ଟେକ୍‌ର ମାଲିକ ସୁରେଶ ନାୟକଙ୍କୁ ଗିରଫ କରାଯାଇଛି। ଫଳରେ ଏହି ମାମଲାରେ ଗିରଫ ସଂଖ୍ୟା ୧୨୫କୁ ବୃଦ୍ଧି ପାଇଛି। ଉଭୟ ଶଙ୍କର ଓ ସୁରେଶକୁ ଆଜି କଟକରୁ କଡ଼ା ସୁରକ୍ଷା ମଧ୍ୟରେ ବ୍ରହ୍ମପୁର ଅଣାଯାଇ ଜେଏମ୍‌ଏଫ୍‌ସି (ଗ୍ରାମାଞ୍ଚଳ)ଙ୍କ କୋର୍ଟରେ ହାଜର କରାଯାଇଥିଲା। ଅଧିକ ▸ପୃଷ୍ଠା-୭

**୭ ଦିନ ରିମାଣ୍ଡ ପାଇଁ କୋର୍ଟରେ କ୍ରାଇମବ୍ରାଞ୍ଚର ଆବେଦନ**

**ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲା**

# ପୁଲିସ କବ୍‌ଜାରେ ଉମା ଓ ସୁଟର୍ କୁରୁପତି

■ **ବ୍ରହ୍ମପୁର, ୩ା୧୧(ସମିସ):** ବହୁଚର୍ଚ୍ଚିତ ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ଘଟଣାର ମାଷ୍ଟରମାଇଣ୍ଡ ତଥା ଫେରାର୍ ଅଭିଯୁକ୍ତ ଉମା ବିଶୋୟୀ ଓ ସୁଟର୍ କୁରୁପତି ଭୂୟାଁ ପୁଲିସ ପଞ୍ଝାରେ। ପୂର୍ବରୁ ଉଭୟଙ୍କ ସମ୍ପର୍କରେ ପୁଲିସ କୌଣସି ସୁରାକ ପାଇ ପାରିନଥିବା ବେଳେ ହଠାତ୍ ସେମାନଙ୍କ ଆତ୍ମସମର୍ପଣକୁ ନେଇ ଚର୍ଚ୍ଚା ଜୋର୍ ଧରିଛି।

ସୂଚନାନୁସାରେ, ଉମା ଓ କୁରୁପତି ବ୍ରହ୍ମପୁର ପୁଲିସ ମୁଖ୍ୟାଳୟ ସମ୍ମୁଖରେ କୌଣସି ଏକ ଗାଡ଼ିରୁ ଓହ୍ଲାଇଥିଲେ। ପରେ ଉଭୟ ମୁଖ୍ୟଫାଟକ ଅତିକ୍ରମ କରି ଚାଲିଚାଲି ଯାଇ ଆତ୍ମସମର୍ପଣ କରିଥିବା ନେଇ ଆଲୋଚନା ହେଉଛି। ଆଗକୁ ନୂଆପଡ଼ା ଉପ-ନିର୍ବାଚନ ଥିବା ବେଳେ ହଠାତ୍ ପୁଲିସ ଏସଆଇ ପରୀକ୍ଷା କେଳେଙ୍କାରୀ ଘଟଣାର ମୁଖ୍ୟ ଶଙ୍କର ପ୍ରୁଷ୍ଟି ଓ ବର୍ତ୍ତମାନ ପୁଣି ଚର୍ଚ୍ଚିତ ପୀତବାସ ପଣ୍ଡା ହତ୍ୟାକାଣ୍ଡର ମୁଖ୍ୟ ଅଭିଯୁକ୍ତ ଉମା ଓ କୁରୁପତିଙ୍କ ଆତ୍ମସମର୍ପଣ ଭଳି ଘଟଣା ସମସ୍ତଙ୍କୁ ଚକିତ କରିଛି। କାରଣ ଉଭୟ ଘଟଣାରେ ଫେରାର୍ ଅଭିଯୁକ୍ତମାନେ ଦୀର୍ଘଦିନ ଫେରାର୍ ରହିବା ପରେ ହଠାତ୍ ଆତ୍ମ ସମର୍ପଣ କରିଥିବାରୁ ଏଭଳି ସନ୍ଦେହ ସୃଷ୍ଟି ହୋଇଛି। ପୁଲିସ ମୁଖ୍ୟାଳୟରେ ଆତ୍ମସମର୍ପଣ କରିବା ପରେ ଉମା ଓ କୁରୁପତିଙ୍କୁ କଡ଼ା ସୁରକ୍ଷାବଳୟରେ ଗୋପାଳପୁର ଥାନା ▸ପୃଷ୍ଠା-୭






# ପୂରା ଗାଁର ଋଣ ପରିଶୋଧ କଲେ ବ୍ୟବସାୟୀ



ଆମରେଲି, ୩।୧୧(ଏଜେନ୍ସି): ଗୁଜରାଟର ଆମରେଲି ଜିଲ୍ଲାରେ ରହୁଥିବା ଜଣେ ବ୍ୟବସାୟୀ ନିଜ ପୂରା ଗାଁକୁ ଋଣମୁକ୍ତ କରିଛନ୍ତି। ସାବରକୁଣ୍ଡଲା ତହସିଲ୍‌ର ଜିରା ଗାଁରେ ରହୁଥିବା ବାବୁଭାଇ ଜିରାୱାଲା ନାମକ ଏହି ବ୍ୟବସାୟୀ ନିଜର ଗାଁର ୨୯୦ ଜଣ କୃଷକଙ୍କ ଗତ ୩୦ ବର୍ଷର ସବୁ ଋଣ ପରିଶୋଧ କରିଛନ୍ତି। ଏହିକ୍ରମରେ ସେ ନିଜ ମାଙ୍କ ଶ୍ରାଦ୍ଧ ଦିବସରେ ୯୦ ଲକ୍ଷ ଟଙ୍କା ପ୍ରଦାନ କରିଛନ୍ତି। ତାଙ୍କ ଏହି ଦାନ ଫଳରେ ଗାଁର ସବୁ କୃଷକ ଏବେ ଋଣମୁକ୍ତ ହୋଇଛନ୍ତି। ୧୯୯୫ରୁ ଜିରା ସେବା ସହକାରୀ ମଣ୍ଡଳକୁ ନେଇ ଏକ ବଡ଼ ବିବାଦ ଗାଁରେ ଚାଲିଆସୁଥିଲା। ଏହି କମିଟିକୁ ସେବେକାର ପ୍ରଶାସକମାନେ କୃଷକଙ୍କ ନାମରେ ନକଲି ଋଣ ନେଇଥିଲେ। ଇତିମଧ୍ୟରେ ଏହି ଋଣ ବହୁଗୁଣା ବୃଦ୍ଧି ପାଇଥିଲା। କୃଷକଙ୍କ ଉପରେ ଋଣ ଭାର ୭ରୁ ୧୨ ଗୁଣା ବୃଦ୍ଧି ପାଇଥିଲା। ଏହି କାରଣରୁ ସରକାରଙ୍କଠାରୁ ବିଭିନ୍ନ ସହାୟତା, ଋଣ ଓ ଅନ୍ୟ ସୁବିଧା ସୁଯୋଗରୁ କୃଷକମାନେ ବଞ୍ଚିତ ହେଉଥିଲେ। ଗାଁର କୌଣସି କୃଷକଙ୍କୁ ବ୍ୟାଙ୍କ ମଧ୍ୟ ଋଣ ଦେଉ ନଥିଲା। ଫଳରେ କୃଷକମାନେ ସମସ୍ୟାରେ ପଡୁଥିଲେ। ଋଣ ପାଇଁ ଜମିର ଭାଗବଣ୍ଟା ମଧ୍ୟ ହୋଇପାରୁ ନଥିଲା। ଏଥିପାଇଁ ମୋ ମା ଚାହୁଁଥିଲେ ଯେ, ତାଙ୍କ ଗହଣା ବିକ୍ରି କରି କୃଷକଙ୍କ ଋଣ ପରିଶୋଧ କରିବାକୁ। ଶେଷରେ କୃଷକଙ୍କ ସବୁ ଋଣକୁ ପରିଶୋଧ କରିବାକୁ ଆମେ ସକ୍ଷମ ହୋଇଛୁ ବୋଲି ଜିରାୱାଲା କହିଛନ୍ତି। ଗାଁର କୃଷକଙ୍କ ଉପରେ ମୋଟ୍ ୮୯, ୮୯, ୨୦୯ ଲକ୍ଷ ଟଙ୍କା ଋଣ ଥିଲା ବୋଲି ସେ କହିଛନ୍ତି। କୃଷକମାନଙ୍କୁ ନୋ ଡିୟୁ ଅର୍ଥାତ ଋଣମୁକ୍ତ ହେବାର ପ୍ରମାଣପତ୍ର ପ୍ରଦାନ କରାଯିବା ପରେ ସାରା ଗାଁ ଖୁସିରେ ଭାବପ୍ରବଣ ହୋଇଉଠିଥିଲା। କୃଷକଙ୍କ ଆଖିରେ ଆନନ୍ଦର ଲୁହ ଦେଖିବାକୁ ମିଳିଥିଲା।

# ନକଲି ବୈଜ୍ଞାନିକ ବିଦେଶରୁ ପାଉଥିଲେ କୋଟି କୋଟି ଟଙ୍କା



ନୂଆଦିଲ୍ଲୀ, ୩।୧୧(ଏଜେନ୍ସି): ଭାବା ଅଟୋମିକ ରିସର୍ଚ୍ଚ ସେଣ୍ଟର (ବିଏଆରସି)ର ବୈଜ୍ଞାନିକ ଭାବେ ନିଜକୁ ଦର୍ଶାଉଥିବା ଅଖତାର ହୁସେନ ନାମକ ଜଣେ ୬୦ ବର୍ଷୀୟ ବ୍ୟକ୍ତି ଦେଶ ବାହରୁ କୋଟି କୋଟି ଟଙ୍କା ପାଉଥିଲେ। ସେ ୧୯୯୫ରୁ ଅର୍ଥାତ ୩୦ ବର୍ଷଧରି ଏହି ଅର୍ଥ ପାଉଥିବାର ତଥ୍ୟ ସାମ୍ନାକୁ ଆସିଛି। ସେ ନିଜକୁ ବିଏଆରସିର ଜଣେ ବରିଷ୍ଠ ବୈଜ୍ଞାନିକ ଭାବେ ପରିଚୟ ଦେଇ ଦେଶର ବିଭିନ୍ନ ଗୁରୁତ୍ୱପୂର୍ଣ୍ଣ ତଥା ସମ୍ବେଦନଶୀଳ ସ୍ଥାନକୁ ଯାଉଥିଲେ। ତାଙ୍କଠାରୁ ୧୦ଟି ନକ୍ସା ଓ ପରମାଣୁ ଅସ୍ତ୍ର ସହିତ ଜଡ଼ିତ କିଛି ସମ୍ବେଦନଶୀଳ କାଗଜପତ୍ର ଜବତ କରିଛି। ସେ ଝଡ଼ଖଣ୍ଡର ଜାମସେଦପୁର ମୂଳ ବାସିନ୍ଦା। ପୁଲିସ ଅଖତାରଙ୍କଠାରୁ ଏକାଧିକ ନକଲି ପାସପୋର୍ଟ, ଆଧାର କାର୍ଡ, ପାନକାର୍ଡ ଓ ବିଏଆରସିର ପରିଚୟପତ୍ର ଜବତ କରିଥିଲା। କିଛି ପରିଚୟ ପତ୍ରରେ ତାଙ୍କ ନା ଅଲୀ ରାଜା ଓ ଆଲେକଜାଣ୍ଡ ପାଲମର ବୋଲି ଉଲ୍ଲେଖ ରହିଛି। ଅଖତାର ଓ ତା'ର ଭାଇ ଆଦିଲ୍ ମିଳିତ ଭାବେ ୧୯୯୫ରୁ ବିଦେଶରୁ ଟଙ୍କା ପାଉଥିଲେ ବୋଲି ମୁମ୍ବଇ କ୍ରାଇମବ୍ରାଞ୍ଚ୍ କହିଛି। ଖାସ୍ କରି ୨୦୦୦ ପରଠାରୁ ସେ କୋଟି କୋଟି ଟଙ୍କା ହାସଲ କରୁଥିଲେ। ଅଖତାର ନାରେ ଗୁପ୍ତ ବ୍ୟାଙ୍କ ଆକାଉଣ୍ଟ ଥିବା ଜଣାପଡ଼ିଛି ଓ ବହୁ ପରିମାଣରେ ଅର୍ଥ ନେଣଦେଣ ହେବା ନେଇ ପୁଲିସ ତଥ୍ୟ ହାସଲ କରିଛି। ଅଖତାର ସହ ପାକିସ୍ତାନ ଗୁଇନ୍ଦା ସଂସ୍ଥା ଆଇଏସ୍ଆଇ ସହ ସମ୍ପର୍କ ଅଛି ବୋଲି ସନ୍ଦେହ କରାଯାଉଛି। ୧୯୯୬ରେ ଅଖତାର ନିଜର ପୈତୃକ ସମ୍ପତି ବିକ୍ରି କରିଦେଇଥିଲା। କିନ୍ତୁ ଏହି ପୁରୁଣା ଠିକଣାକୁ ଆଧାର କରି ନକଲି କାଗଜପତ୍ର ହାସଲ କରିଥିଲା। ଏହି ନକଲି ଦସ୍ତାବିଜ ସହ ଦୁହେଁ ଏକାଧିକବାର ବିଦେଶ ଗସ୍ତ କରିଥିଲେ।

## ଆଫଗାନରେ ଭୂକମ୍ପ; ୨୦ ମୃତ

କାବୁଲ୍, ୩।୧୧(ଏଜେନ୍ସି): ଆଫଗାନିସ୍ତାନରେ ଗତ ରାତିରେ ୬.୩ ତୀବ୍ରତାର ଭୂକମ୍ପର ଝଟ୍‌କା ଅନୁଭୂତ ହୋଇଥିଲା। ଉତ୍ତର ଆଫଗାନିସ୍ତାନର ମଜାରେ-ଇ-ଶରିଫ୍‌ରେ ଏହି ଭୂକମ୍ପ ଆସିବାରୁ ୨୦ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି ଓ ୩୨୦ ଜଣ ଆହତ ହୋଇଛନ୍ତି ବୋଲି ତାଲିବାନ ସ୍ୱାସ୍ଥ୍ୟ ମନ୍ତ୍ରଣାଳୟ ତରଫରୁ କୁହାଯାଇଛି। ମଜାରେ-ଇ- ସରିଫ୍‌ର ଖଲ୍‌ମ ସହରଠାରୁ ୨୩ କିମି ଦୂରରେ ଭୂକମ୍ପର କେନ୍ଦ୍ର ଥିଲା ବୋଲି ନ୍ୟାସନାଲ ସେଣ୍ଟର ଫର ସିସ୍‌ମୋଲୋଜି (ଏନସିଏସ୍) ତରଫରୁ ସୂଚନା ଦିଆଯାଇଛି। ରବିବାର ରାତି ୧ଟାରେ ଭୂକମ୍ପର ଝଟ୍‌କା ଅନୁଭୂତ ହୋଇଥିଲା ବୋଲି ୟୁନାଇଟେଡ ଷ୍ଟେଟ୍‌ସ ଜିଓଲୋଜିକାଲ ସର୍ଭେ (ୟୁଏସ୍‌ଜିଏସ୍) କହିଛି। ମାଜାରେ-ଇ- ସିରଫ୍‌ର ବ୍ଲୁ ମସଜିଦ ମଧ୍ୟ ଏଥିରେ କ୍ଷତିଗ୍ରସ୍ତ ହୋଇଛି। ଏହି ମସଜିଦ ଆଫଗାନିସ୍ତାନର ସବୁଠାରୁ ପବିତ୍ର ଧାର୍ମିକ ସ୍ଥଳି ବିବେଚିତ ହୋଇଥାଏ। ଏଠାରେ ମହାପୁରୁଷ ମହମ୍ମଦଙ୍କ ସମ୍ପର୍କୀୟ ଭାଇଙ୍କର ସମାଧି ରହିଛି ବୋଲି ବିଶ୍ୱାସ କରାଯାଏ। ଏହି ସହରରେ ୫, ୨୩, ୦୦୦ ଲୋକ ରହୁଛନ୍ତି। ୧୫୦୦ ଶତାବ୍ଦୀରେ ଏହି ମସ୍‌ଜିତ ନିର୍ମାଣ କରାଯାଇଥିଲା। ଭୂକମ୍ପର ବିଭିନ୍ନ ଭିଡିଓ ସୋସିଆଲ ମିଡିଆରେ ଭାଇରାଲ ହୋଇଛି। ଗତ ଅଗଷ୍ଟରେ ମଧ୍ୟ ଆଫଗାନିସ୍ତାନରେ ଏକାଧିକବାର ଭୂକମ୍ପ ଆସିଥିଲା ଓ ଏଥିରେ ୨, ୨୦୦ ଲୋକ ମୃତ୍ୟୁବରଣ କରିଥିଲେ। ଭୂକମ୍ପ ପୀଡିତଙ୍କୁ ଉଦ୍ଧାର କରିବାକୁ ଉଦ୍ଧାର କାର୍ଯ୍ୟ ଜାରି ରହିଛି।

## ବିମାନବନ୍ଦର ନିକଟରେ ଛାତ୍ରୀଙ୍କୁ ଗଣଦୁଷ୍କର୍ମ

କୋଏମ୍ବାଟୁର, ୩।୧୧(ଏଜେନ୍ସି): ତାମିଲନାଡୁର କୋଏମ୍ବାଟୁର ବିମାନବନ୍ଦରରେ ରବିବାର ରାତିରେ ଏକ ଲଜ୍ଜାଜନକ ଘଟଣା ଘଟିଛି। ଜଣେ ଛାତ୍ରୀଙ୍କୁ ୩ ଜଣ ବ୍ୟକ୍ତି ଗଣଦୁଷ୍କର୍ମ କରିଛନ୍ତି। ପୀଡିତା ରାତି ୧୧ଟାରେ ନିଜର ଜଣେ ବନ୍ଧୁଙ୍କ ସହ କାର୍‌ରେ ବସିଥିବା ବେଳେ ୩ ଅଭିଯୁକ୍ତ ସେଠାରେ ପହଞ୍ଚିଥିଲେ। ବନ୍ଧୁଙ୍କୁ ଆକ୍ରମଣ କରିବା ପରେ ଛାତ୍ରୀଙ୍କୁ ଜୋର ଜବରଦସ୍ତି କାର୍ ବାହରକୁ ଆଣି ସେଠାରୁ ଶୂନସାନ ସ୍ଥାନକୁ ନେଇଯାଇ ଏହି କାଣ୍ଡ ଘଟାଇଥିଲେ। ଦୁଷ୍କର୍ମ କରିବା ପରେ ଅଭିଯୁକ୍ତମାନେ ଛାତ୍ରୀଙ୍କୁ ସେଠାରେ ଛାଡି ଦେଇ ଚାଲିଯାଇଥିଲେ। ଆହତ ହୋଇଥିବା ଛାତ୍ରୀଙ୍କ ବନ୍ଧୁ ପୁଲିସକୁ ଏ ନେଇ ସୂଚନା ଦେଇଥିଲେ। ପୁଲିସ ରାତିସାରା ଛାତ୍ରୀଙ୍କୁ ଖୋଜିବା ପରେ ତାଙ୍କୁ ବିମାନ ବନ୍ଦରଠାରୁ ଏକ କିମି ଦୂରରେ ଏକ ଘରୋଇ କଲେଜ ପାଖରେ ବେହୋଶ ଅବସ୍ଥାରେ ଉଦ୍ଧାର କରିଥିଲା। ଛାତ୍ରୀଙ୍କୁ ହସ୍ପିଟାଲରେ ଭର୍ତ୍ତି କରାଯାଇଛି। ତାଙ୍କ ବନ୍ଧୁଙ୍କର କୋଏମ୍ବାଟୁର ମେଡିକାଲ କଲେଜରେ ଚିକିତ୍ସା କରାଯାଉଛି। ଅଭିଯୁକ୍ତଙ୍କୁ ଧରିବା ପାଇଁ ପୁଲିସ ୭ଟି ଟିମ୍ ଗଠନ କରିଛି। ଏହି ୩ ଜଣ ଘଟଣା ଘଟାଇବା ପୂର୍ବରୁ ଏକ ବାଇକ୍ ଚୋରି କରିଥିଲେ ବୋଲି ପ୍ରାଥମିକ ଯାଞ୍ଚରୁ ଜଣାପଡ଼ିଛି। ଏବେ ଏହି ଘଟଣା ନେଇ ରାଜନୀତି ଆରମ୍ଭ ହୋଇଛି। ତାମିଲନାଡୁରେ ଏମ୍‌କେ ଷ୍ଟାଲିନ ସରକାରଙ୍କ ବିରୋଧରେ ଆଇନ ଶୃଙ୍ଖଳା ସ୍ଥିତି ଭୁଶୁଡି ପଡ଼ିବା ନେଇ ବିରୋଧୀ ଦଳ ଅଭିଯୋଗ ଆଣିଛନ୍ତି।

## ଦିଲ୍ଲୀ ପ୍ରଦୂଷଣ : ରିପୋର୍ଟ ମାଗିଲେ ସୁପ୍ରିମ୍‌କୋର୍ଟ

ନୂଆଦିଲ୍ଲୀ, ୩।୧୧(ଏଜେନ୍ସି): ଦିଲ୍ଲୀ- ଏନ୍‌ସିଆରରେ ଦିନକୁ ଦିନ ବୃଦ୍ଧି ପାଉଥିବା ପ୍ରଦୂଷଣ ନେଇ ସୁପ୍ରିମକୋର୍ଟରେ ସୋମବାର ଶୁଣାଣି ହୋଇଥିଲା। କୋର୍ଟ ଏ ନେଇ ସରକାରଙ୍କଠାରୁ ରିପୋର୍ଟ ମାଗିଛନ୍ତି। ଦୀପାବଳି ପରେ ପ୍ରଦୂଷଣ ବହୁ ଗୁଣରେ ବୃଦ୍ଧି ପାଇଛି। ବାୟୁଗୁଣବତ୍ତା ପ୍ରବନ୍ଧନ ଆୟୋଗ (ସିଏକ୍ୟୁଏମ୍)କୁ ଏ ସଂକ୍ରାନ୍ତରେ ସତ୍ୟପାଠ ଦାଖଲ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ମୁଖ୍ୟ ବିଚାରପତି ବିଆର ଗଭାଇ ଓ ଜଷ୍ଟିସ କେ ବିନୋଦ ଚନ୍ଦ୍ରନଙ୍କ ଖଣ୍ଡପୀଠ ଏମ୍‌ସି ମେହେଟା ମାମଲାର ଶୁଣାଣି କରୁଥିଲା। ବରିଷ୍ଠ ଓକିଲ ତଥା ନ୍ୟାୟମିତ୍ର ଅପରାଜିତା ସିଂ କୋର୍ଟଙ୍କୁ କହିଥିଲେ ଯେ, ଦୀପାବଳି ଦିନ ୩୭ରୁ କେବଳ ୯ଟି ଏୟାର କ୍ୱାଲିଟି ମନିଟରିଂ ଷ୍ଟେସନ ଲାଗତର କାର୍ଯ୍ୟ କରୁଥିଲା। ଯଦି ଏହା କାମ କରୁନାହିଁ, ତେବେ ଗ୍ରେଡେଡ ରେସପନ୍ସ ଆକ୍ସନ ପ୍ଲାନ (ଜିଆରଏପି) କେତେବେଳେ ଲାଗୁ କରାଯିବ ତାହା କିପରି ଜାଣିବା ବୋଲି ସେ ପ୍ରଶ୍ନ କରିଛନ୍ତି। ଏପର୍ଯ୍ୟନ୍ତ ପ୍ରଦୂଷଣ ରୋକିବାକୁ କି ପଦକ୍ଷେପ ସବୁ ନିଆଯାଇଛି ସେ ନେଇ କୋର୍ଟ ସିଏକ୍ୟୁଏମ୍‌କୁ ପ୍ରଶ୍ନ ପଚାରିଛନ୍ତି। ପ୍ରଦୂଷଣ ଭୟଙ୍କର ସ୍ଥିତିରେ ପହଞ୍ଚିବା ପୂର୍ବରୁ ଆଗୁଆ ଦୃଷ୍ଟାନ୍ତମୂଳକ ପଦକ୍ଷେପ ଗ୍ରହଣ କରାଯାଉ ବୋଲି କୋର୍ଟ କହିଛନ୍ତି। ଉଲ୍ଲେଖଥାଉ କି, ଦିପାବଳୀ ପରେ ଦିଲ୍ଲୀର ଅଧିକାଂଶ ସ୍ଥାନରେ ବାୟୁ ଗୁଣବତ୍ତା ସୂଚକାଙ୍କ (ଏକ୍ୟୁଆଇ) ୪୦୦ ପାର କରିଥିଲା ଓ ବାୟୁରେ ଛୋଟ ଛୋଟ ଧୂଳିକଣା (ପିଏମ୍ ୨.୫) ଗତ ୫ ବର୍ଷ ମଧ୍ୟରେ ସର୍ବାଧିକ ବୃଦ୍ଧି ପାଇଥିଲା।

# ଲୁଚାଛପାରେ ଚାଲିଛି ପରମାଣୁ ପରୀକ୍ଷା !



**■ ପାକିସ୍ତାନ, ଚୀନର ମୁଖା ଖୋଲିଲେ ଟ୍ରମ୍ପ**

**■ ବିଶ୍ୱକୁ ୧୫୦ଥର ଧ୍ୱଂସ କରିବା ପାଇଁ ପରମାଣୁ ଅସ୍ତ୍ର ଆମ ପାଖରେ ରହିଛି**

ୱାସିଂଟନ୍, ୩।୧୧(ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ପୁଣିଥରେ ସମସ୍ତଙ୍କୁ ଚକିତ କଲା ଭଳି ମନ୍ତବ୍ୟ ଦେଇଛନ୍ତି। ପରମାଣୁ ଅସ୍ତ୍ର ପରୀକ୍ଷଣ ନେଇ ସେ ଏଥର ମନ୍ତବ୍ୟ ଦେଇ ହଇଚଇ ସୃଷ୍ଟି କରିଛନ୍ତି। ପାକିସ୍ତାନ ପରମାଣୁ ଅସ୍ତ୍ର ପରୀକ୍ଷା କରୁଛି ବୋଲି ସେ କହିଛନ୍ତି। ରବିବାର ସିବିଏସ୍ ନ୍ୟୁଜିକୁ ସାକ୍ଷାତ୍‌କାର ଦେବା ଅବସରରେ ସେ ଏହି କଥା କହିଛନ୍ତି। ପୁଣିଥରେ ଆମେରିକାକୁ ପରମାଣୁ ପରୀକ୍ଷଣ ଆରମ୍ଭ କରିବାର ଅବଶ୍ୟକତା ଅଛି ବୋଲି ସେ କହିଛନ୍ତି। ଆମେରିକା ପାଖରେ ପର୍ଯ୍ୟାପ୍ତ ପରିମାଣର ପରୁମାଣୁ ଅସ୍ତ୍ର ରହିଛି। ଏହି ଅସ୍ତ୍ରକୁ ବ୍ୟବହାର କରି ଆମେରିକା ବିଶ୍ୱକୁ ୧୫୦ଥର ଧ୍ୱଂସ କରିବାର କ୍ଷମତା ରଖିଛି ବୋଲି ସେ ଦାବି କରିଛନ୍ତି। ଉତ୍ତର କୋରିଆକୁ ବାଦ୍ ଦେଲେ ଆଉ କୌଣସି ଦେଶ ପରମାଣୁ ପରୀକ୍ଷା କରୁନାହାନ୍ତି। ତେଣୁ ଆମେରିକା କାହିଁକି ପରୀକ୍ଷା କରିବ ବୋଲି ପ୍ରଶ୍ନ ହେବାରୁ ଟ୍ରମ୍ପ କହିଛନ୍ତି ଯେ, ପାକିସ୍ତାନ ଓ ଚୀନ୍ ଗୁପ୍ତ ଭାବେ ପରୀକ୍ଷା କରୁଛନ୍ତି। କିନ୍ତୁ ବିଶ୍ୱକୁ ଏ ନେଇ କୌଣସି ସୂଚନା ମିଳିନାହିଁ। ଟ୍ରମ୍ପ ପୂର୍ବରୁ ମଧ୍ୟ ପ୍ରତିରକ୍ଷା ମନ୍ତ୍ରଣାଳୟ (ପେଣ୍ଟାଗନ)କୁ ପରମାଣୁ ଅସ୍ତ୍ର ପରୀକ୍ଷା ଆରମ୍ଭ କରିବା ପାଇଁ ଆଦେଶ ଦେଇସାରିଛନ୍ତି। ସେ ପୁଣିଥରେ ଭାରତ ଓ ପାକିସ୍ତାନ ମଧ୍ୟରେ ହୋଇଥିବା ଯୁଦ୍ଧକୁ ରୋକିବାରେ ବଡ଼ ଭୂମିକା ନିର୍ବାହ କରିଛନ୍ତି ବୋଲି କହିଛନ୍ତି। ଦକ୍ଷିଣ ଏସିଆର ଏହି ଦୁଇ ଦେଶ ମଧ୍ୟରେ ପରମାଣୁ ଯୁଦ୍ଧ ହେବାର ଅବକାସ ସୃଷ୍ଟି ହୋଇଥିଲା। ଯଦି ଦୁଇ ଦେଶ ମଧ୍ୟରେ ଅସ୍ତ୍ରବିରତି ନ କରାଇଥାନ୍ତି, ତାହେଲେ ଲକ୍ଷ ଲକ୍ଷ ଲୋକ ମୃତ୍ୟୁ ବରଣ କରିଥାନ୍ତେ ବୋଲି ସେ ଏହି ସାକ୍ଷାତକାରରେ କହିଛନ୍ତି। ମଧ୍ୟସ୍ଥତା କରିବା ପରେ ସ୍ଥିତି ଶାନ୍ତ ହୋଇଥିଲା ଓ ଦୁଇ ଦେଶ ମଧ୍ୟରେ ଯୁଦ୍ଧ ଆଗକୁ ବଢ଼ି ନଥିଲା। ପୂର୍ବରୁ ମଧ୍ୟ ଟ୍ରମ୍ପ ଏ ନେଇ ଏକାଧିକ ବାର ଦାବି କରିଆସିଛନ୍ତି। ସେ ମୋଟ ଉପରେ ୭୦ଥର ଏପରି ଦାବି କରିଛନ୍ତି। ଗତ ସପ୍ତାହରେ ଟ୍ରମ୍ପ ଦକ୍ଷିଣ କୋରିଆରେ ଏପରି ଦାବି କରିଥିଲେ। ଭାରତ ଓ ପାକିସ୍ତାନ ଉପରେ ୨୫୦ ପ୍ରତିଶତ ଟାରିଫ ଲାଗୁ କରିବାକୁ ଧମକ ଦେବା ପରେ ଦୁଇ ଦେଶ ଫୋନ୍ କରି ଅସ୍ତ୍ରବିରତି ନେଇ ସହମିତ ପ୍ରକାଶ କରିଥିଲେ। ସେହିପରି ସେ ଚୀନ୍ ଓ ତାଇୱାନ ନେଇ ନିଜର ମତ ରଖିଥିଲେ। ଯଦି ତାଇୱାନ ଉପରେ ଚୀନ୍ ଆକ୍ରମଣ କରେ ତେବେ ଗମ୍ଭୀର ପରିଣାମ ଭୋଗିବାକୁ ହେବ ବୋଲି ସେ କହିଥିଲେ। ସେ ମଧ୍ୟ ରୁଷ ରାଷ୍ଟ୍ରପତି ଭ୍ଲାଦିମିର ପୁଟିନ ଓ ଚୀନ୍ ରାଷ୍ଟ୍ରପତି ସି ଜିନପିଙ୍ଗ୍‌ଙ୍କୁ ପ୍ରଶଂସା କରିଥିଲେ। ଯଦି ଆମେରିକା ପରମାଣୁ ପରୀକ୍ଷା କରେ ତେବେ ୩ ଦଶନ୍ଧି ପରେ ଏପରି ହେବ। ଚୀନ୍ ଓ ରୁଷ୍ ଏପରି କରୁଥିବାର ଆମେରିକା ମଧ୍ୟ ପରମାଣୁ ଅସ୍ତ୍ର ପରୀକ୍ଷା କରିବା ଯଥାର୍ଥ ହେବ ବୋଲି ସେ କହିଥିଲେ।

## ଡିଜିଟାଲ ଆରେଷ୍ଟ ନେଇ ସୁପ୍ରିମକୋର୍ଟ କ୍ଷୁବ୍ଧ



**■ ୩ ହଜାର କୋଟିର ସାଇବର ଠକେଇ**

**■ କଡ଼ା କାର୍ଯ୍ୟାନୁଷ୍ଠାନ ଜରୁରୀ**

ନୂଆଦିଲ୍ଲୀ, ୩।୧୧(ଏଜେନ୍ସି): ଦେଶବ୍ୟାପୀ ଡିଜିଟାଲ ଆରେଷ୍ଟ ଓ ସାଇବର ଠକେଇ ମାମଲା ଦିନକୁ ଦିନ ବୃଦ୍ଧି ପାଉଥିବାରୁ ସୁପ୍ରିମକୋର୍ଟ ଅସନ୍ତୋଷ ଜାହିର କରିଛନ୍ତି। ସରକାର ସାଇବର ଠକେଇ ସହ ଜଡିତ ତଥ୍ୟ ଦେଇଥିଲେ। ଦେଶବ୍ୟାପୀ ଏହି ଠକେଇରେ ପୀଡିତମାନଙ୍କଠାରୁ ପାଖାପାଖି ୩ ହଜାର କୋଟି ଟଙ୍କା ଲୁଟି ନିଆଯାଇଛି ବୋଲି ସରକାରଙ୍କ ତରଫରୁ କୁହାଯାଇଥିଲା। ଜଷ୍ଟିସ ସୂର୍ଯ୍ୟକାନ୍ତ ଓ ଜୟମାଲ୍ୟ ବାଗଚୀଙ୍କ ଖଣ୍ଡପୀଠ କହିଛନ୍ତି ଯେ, ଏହି ମାମଲାକୁ କଠୋରତା ସହ ମୁକାବିଲା କରିବାକୁ ହେବ। ଦେଶର ୩ ହଜାର କୋଟି ଟଙ୍କାର ସାଇବର ଠକେଇ ହେବା ନିଶ୍ଚିତ ଭାବେ ଆଶ୍ଚର୍ଯ୍ୟ ଓ ଚିନ୍ତାଜନକ ବୋଲି କୋର୍ଟ କହିଛନ୍ତି। ଏନେଇ ଖୁବ୍‌ଶୀଘ୍ର ଦିଶା ନିର୍ଦ୍ଦେଶ ଜାରି କରାଯିବ।

ପୂର୍ବରୁ ଅକ୍ଟୋବର ୨୭ରେ ହୋଇଥିବା ଶୁଣାଣିରେ ସବୁ ରାଜ୍ୟରେ ହୋଇଥିବା ଡିଜିଟାଲ ଆରେଷ୍ଟ ସମ୍ପର୍କିତ ଏଫ୍ଆଇଆରର ସମ୍ପର୍କରେ ସୂଚନା ମାଗିଥିଲେ। ଏଥିସହ ସିବିଆଇ ପାଖରେ ଏହି ମାମଲାଗୁଡିକର ଯାଞ୍ଚ ପାଇଁ ପର୍ଯ୍ୟାପ୍ତ ସଂଶାଧନ ଅଛି କି ବୋଲି ସୁପ୍ରିମକୋର୍ଟ ପ୍ରଶ୍ନ କରିଥିଲେ। କେନ୍ଦ୍ର ଗୃହମନ୍ତ୍ରଣାଳୟ ଓ ସିବିଆଇ ଏ ନେଇ କୋର୍ଟଙ୍କୁ ଏକ ଲଫାପାରେ ବନ୍ଦ ହୋଇଥିବା ରିପୋର୍ଟ ପ୍ରଦାନ କରିଥିଲେ। ଗୃହ ମନ୍ତ୍ରଣାଳୟ ଭିନ୍ନ ଭିନ୍ ବିଭାଗ ଏ ନେଇ କାର୍ଯ୍ୟ କରୁଛନ୍ତି ବୋଲି ସଲିସିଟର ଜେନେରାଲ ତୁଷାର ମେହେଟା କହିଛନ୍ତି। ଏହି ମାମଲାର ପରବର୍ତ୍ତୀ ଶୁଣାଣି ନଭେମ୍ବର ୧୦ରେ ହେବ ବୋଲି କୋର୍ଟ କହିଛନ୍ତି। ଉଲ୍ଲେଖଥାଉ କି, ହରିୟାଣାର ଏକ ବୃଦ୍ଧ ଦମ୍ପତି ସେପ୍ଟେମ୍ବର ୩ରୁ ୧୬ ମଧ୍ୟରେ ୧.୦୫ କୋଟି ଟଙ୍କାର ସାଇବର ଠକେଇର ଶିକାର ହୋଇଥିଲେ। ଏ ନେଇ ଏହି ଦମ୍ପତି ସେପ୍ଟେମ୍ବର ୨୧ରେ ମୁଖ୍ୟ ବିଚାରପତି ଭିଆର ଗଭାଇଙ୍କୁ ଚିଠି ଲେଖି ଜଣାଇଥିଲେ। ଏହାପରେ କୋର୍ଟ ନିଜର ଏହି ମାମଲାରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଥିଲେ।

## ତେଲଙ୍ଗାନାରେ ବସ୍-ଡମ୍ପର ଧକ୍କା; ୧୯ ମୃତ

ରଙ୍ଗାରେଡ୍ଡୀ, ୩।୧୧(ଏଜେନ୍ସି): ତେଲଙ୍ଗାନାର ରଙ୍ଗାରେଡ୍ଡୀ ଜିଲ୍ଲାରେ ସୋମବାର ସକାଳେ ହାଇଦରାବାଦ- ବିଜାପୁର ରାଜପଥରେ ଏକ ଭୟଙ୍କର ମର୍ମନ୍ତୁଦ ଦୁର୍ଘଟଣା ଘଟିଛି। ତେଲଙ୍ଗାନା ରୋଡ ଟ୍ରାନ୍ସପୋର୍ଟ କର୍ପୋରେସନ (ଟିଏସ୍ଆରଟିସି)ର ଏକ ବସ ଓ ଗୋଡି ତଥା କଂକ୍ରିଟ୍ ଭର୍ତ୍ତି ଏକ ଡମ୍ପର ମଧ୍ୟରେ ଧକ୍କା ହୋଇଥିଲା। ଏହି ଦୁର୍ଘଟଣାରେ ୧୯ ଜଣ ଲୋକ ମୃତ୍ୟୁବରଣ କରିଥିବା ବେଳେ ୨୦ ଜଣ ଆହତ ହୋଇଛନ୍ତି। ମୃତକଙ୍କ ମଧ୍ୟରେ ୧୦ ମାସର ଏକ ଶିଶୁ ସହ ୧୦ ଜଣ ମହିଳା ଓ ଦୁଇ ଗାଡ଼ିର ଡ୍ରାଇଭର ସାମିଲ ଅଛନ୍ତି। ଆହତଙ୍କୁ ଭିନ୍ନ ଭିନ୍ନ ହସ୍ପିଟାଲରେ ଚିକିତ୍ସା କରାଯାଉଛି। ହାଇଦରାବାଦ୍‌ଠାରୁ ୬୦ କିମି ଦୂରରେ ଥିବା ଚେଭେଲା ଥାନା କ୍ଷେତ୍ରର ଖାନ୍‌ପୁର ଗେଟ୍ ନିକଟରେ ଏହି ଦୁର୍ଘଟଣା ଘଟିଛି। ଏହି ବସ୍ ବିକାରବାଦ ଜିଲ୍ଲାର ତନ୍ଦୁରରୁ ହାଇଦରାବାଦ ଯାଉଥିଲା। ଭୁଲ ଦିଗରୁ ଆସୁଥିବା ଏହି ଡମ୍ପର ବସ୍‌କୁ ଏତେ ଜୋରରେ ଧକ୍କା ଦେଇଥିଲା ଯେ, ବସ୍ ପୁରାପୂରି କ୍ଷତିଗ୍ରସ୍ତ ହୋଇଥିଲା। ଡମ୍ପରରେ ଥିବା ଗୋଡି ବସ୍‌ରେ ବସିଥିବା ଯାତ୍ରୀଙ୍କ ଉପରେ ପଡ଼ିଥିଲା। ଫଳରେ କେତେଜଣ ଯାତ୍ରୀ ଗୋଡି ଭିତରେ ଦବି ଯାଇଥିଲେ। ଏହି ଘଟଣାର ହୃଦୟ ବିଦାରକ ଦୃଶ୍ୟର ଭିଡିଓ ଏବେ ସାମ୍ନାକୁ ଆସିଛି। ଗୋଡି ତଳେ ଦବି ରହିଥିବା ଯାତ୍ରୀ ସାହାଯ୍ୟ ପାଇଁ ଚିତ୍କାର କରୁଥିବା ଦେଖାଯାଇଛି। ସୂଚନା ପାଇଁ ପୁଲିସ ଓ ଉଦ୍ଧାରକାରୀ ଦଳ ଘଟଣାସ୍ଥଳରେ ପହଞ୍ଚି ଲୋକଙ୍କୁ ବାହାର କରୁଛନ୍ତି। ମୃତଦେହଗୁଡିକୁ ବାହର କରିବାକୁ ଉଦ୍ଧାରକାରୀ ଦଳକୁ ବସ୍‌କୁ କାଟିବାକୁ ପଡୁଛି। ଡ୍ରାଇଭର ଓ ତାଙ୍କ ସିଟ୍‌ର ପଛଭାଗ ଅଂଶ କ୍ଷତିଗ୍ରସ୍ତ ହୋଇଛି। ଏଠାରେ ବସିଥିବା ଯାତ୍ରୀମାନେ ଘଟଣାସ୍ଥଳରେ ହିଁ ମୃତ୍ୟୁବରଣ କରିଥିଲେ। ଏହି ଦୁର୍ଘଟଣାକୁ ତେଲଙ୍ଗାନା ସରକରା ଗମ୍ଭୀରତା ସହ ଗ୍ରହଣ କରି ଉଦ୍ଧାର କାର୍ଯ୍ୟକୁ ତ୍ୱରାନ୍ୱିତ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଦୁର୍ଘଟଣା ପରେ ଜାତୀୟ ରାଜପଥରେ ଭୀଷଣ ଭିଡ଼ ଦେଖିବାକୁ ମିଳିଛି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏଥିରେ ଦୁଃଖ ପ୍ରକାଶ କରିଛନ୍ତି।

## ଅଶ୍ଳୀଳ ଭିଡିଓ ଶୁଣାଣି ପାଇଁ ମନାକଲେ ସୁପ୍ରିମକୋର୍ଟ

ନୂଆଦିଲ୍ଲୀ, ୩।୧୧(ଏଜେନ୍ସି): ଅଶ୍ଳୀଳ ତଥା ପର୍ଣ୍ଣ ଭିଡିଓକୁ ନିଷିଦ୍ଧ କରିବା ନେଇ ହୋଇଥିବା ଆବେଦନର ଶୁଣାଣି କରିବାକୁ ସୁପ୍ରିମକୋର୍ଟ ସୋମବାର ମନା କରିଦେଇଛନ୍ତି। ଏହିକ୍ରମରେ କୋର୍ଟ ନେପାଳରେ ହୋଇଥିବା ଜେନ- ଜେଡ ଆନ୍ଦୋଳନର ଉଦାହରଣ ଦେଇଛନ୍ତି। ନେପାଳରେ ସୋସିଆଲ ମିଡିଆକୁ ନିଷିଦ୍ଧ କରିବା ପରେ କ'ଣ ହେଲା, ତାହା ଦେଖନ୍ତୁ ବୋଲି କୋର୍ଟ କହିଛନ୍ତି। ତେବେ ମୁଖ୍ୟ ବିଚାରପତି ବିଆର ଗଭାଇଙ୍କ ଅଧ୍ୟକ୍ଷତା କରୁଥିବା ଖଣ୍ଡପୀଠ କହିଛନ୍ତି ଯେ, ପର୍ଣ୍ଣୋଗ୍ରାଫି ନେଇ ହୋଇଥିବା ଆବେଦନର ଶୁଣାଣି ୪ ସପ୍ତାହ ପରେ କରାଯିବ। ଉଲ୍ଲେଖ ଯୋଗ୍ୟ ଯେ, ନଭେମ୍ବରେ ୨୩ରେ ହେବାକୁ ଥିବା ଏହି ଶୁଣାଣି ପୂର୍ବରୁ ଗଭାଇ ନିଜ ପଦରୁ ଅବସର ନେଇ ସାରିଥିବେ। ଏହି ଆବେଦନରେ କେନ୍ଦ୍ର ସରକାର ଅଶ୍ଳୀଳ କଣ୍ଟେଟ୍ ଉପରେ ନିଷେଧାଦେଶ ଜାରି କରିବା ନେଇ ପଲିସି ଆଣିବାକୁ ଦାବି କରାଯାଇଥିଲା। ଏଥିସହ ଛୋଟପିଲାଙ୍କ ନିକଟରେ ଏହି କଣ୍ଟେଟ୍ ନ ପହଞ୍ଚିବ ଯେଭଳି ସେ ନେଇ ବ୍ୟବସ୍ଥା କରିବାକୁ କୁହାଯାଇଥିଲା। ପବ୍ଲିକ୍ ପ୍ଲାଟଫର୍ମରେ ଏହି ଭିଡିଓ ହଟାଇବାକୁ ଦାବି କରାଯାଇଛି।

## ଟ୍ରମ୍ପଙ୍କ ଲୋକପ୍ରିୟତା ୧୮ ପ୍ରତିଶତ କମିଛି

ୱାଶିଂଟନ, ୩।୧୧(ଏଜେନ୍ସି): ନଭେମ୍ବର ୫ରେ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଦ୍ୱିତୀୟ କାର୍ଯ୍ୟକାଳ ଗୋଟିଏ ବର୍ଷ ପୂରଣ କରିବ। କିନ୍ତୁ ଏହାର ଗୋଟିଏ ଦିନ ପୂର୍ବରୁ ଅର୍ଥାତ ନଭେମ୍ବର ୪ରେ ସେ ସବୁଠାରୁ ବଡ଼ ଅଗ୍ନିପରୀକ୍ଷାର ସମ୍ମୁଖୀନ ହେବାକୁ ଯାଉଛନ୍ତି। ଏହି ଦିନ ଆମେରିକାର ନ୍ୟୁୟର୍କ ସିଟିର ମେୟର ନିର୍ବାଚନ ଆୟୋଜନ ହେବ। ଏଥିସହ ଭିର୍ଜିନିଆ ଓ ନ୍ୟୁଜର୍ସି ରାଜ୍ୟରେ ଗର୍ଭନର ଓ ବିଧାନସଭା ନିର୍ବାଚନ ହେବ। ଗତ ଗୋଟିଏ ବର୍ଷ ହେବ ଟ୍ରମ୍ପଙ୍କ ନେଟ୍ ଆପ୍ରୁଭାଲ ରେଟିଂ ଅର୍ଥାତ ଲୋକପ୍ରିୟତା ନଭେମ୍ବର ଆରମ୍ଭରେ ୧୮ ପତିଶତ ତଳକୁ ଖସିଛି।

ଏହା ପୂର୍ବତନ ରାଷ୍ଟ୍ରପତି ଓବାମା ଓ ଜୋ ବାଇଡେନଙ୍କ ପ୍ରଥମ ବର୍ଷ ତୁଳନାରେ ବହୁତ କମ୍ ସାବ୍ୟସ୍ତ ହୋଇଛି। ଓବାମା ପ୍ରଥମବର୍ଷ ଶେଷରେ ଏହା ୩ ପ୍ରତିଶତ ଓ ବାଇଡେନଙ୍କ ୭ ପ୍ରତିଶତ କମ୍ ହୋଇଥିଲା। ୱାସିଂଟନଠାରୁ ଆରମ୍ଭ କରି ଭିର୍ଜିନିଆ ଓ ନ୍ୟୁୟର୍କ ପର୍ଯ୍ୟନ୍ତ ସମସ୍ତଙ୍କ ନଜର ଏହି ନିର୍ବାଚନ ଉପରେ ରହିଛି। ଆମେରିକାର ଜନସାଧରଣ ଟ୍ରମ୍ପଙ୍କ କାର୍ଯ୍ୟରେ ସନ୍ତୁଷ୍ଟ ଅଛନ୍ତି କି ନା ତାହା ଏହି ନିର୍ବାଚନ ହିଁ ସ୍ପଷ୍ଟ କରିବ। ଟ୍ରମ୍ପଙ୍କ ରିପବ୍ଲିକାନ ପାର୍ଟି ଏହାକୁ ନୀତିଗତ ଦୃଢ଼ତା ବିବେଚନା କରୁଥିବା ବେଳେ ବିରୋଧୀ ଡେମୋକ୍ରାଟ୍ସ ଏହାକୁ 'ମିନି ରେଫ୍ରେଣ୍ଡମ' ବା ଲଘୁ ଜନମତ ବୋଲି କହିଛି। ଉଲ୍ଲେଖଥାଉ କି, ନ୍ୟୁୟର୍କ ମେୟର ନିର୍ବାଚନରେ ଭାରତୀୟ ବଂଶୋଦ୍ଭବ ପ୍ରାର୍ଥୀ ତଥା ଯୁବନେତା ଜୋହରାନ ମମଦାନୀ (୩୩) ଏକ ବଡ଼ ଚେହରା ଭାବେ ଉଦୟ ହୋଇଛନ୍ତି। ସେ ନ୍ୟୁୟର୍କ ଷ୍ଟେଟ ଆସେମ୍ବ୍ଲିର ସଦସ୍ୟ ଅଛନ୍ତି। ଜୋହରାନ ଆଫ୍ରିକାର ୟୁଗାଣ୍ଡାର ଲେଖକ ମହମୁଦ ମମ୍‌ଦାନୀ ଓ ଭାରତୀୟ ଫିଲ୍ମ ନିର୍ଦ୍ଦେଶିକା ମୀରା ନାଏରଙ୍କ ପୁଅ। ମମଦାନୀ ଏବେ ୧୪ ପ୍ରତିଶତର ବଡ଼ ଅନ୍ତରରେ ଆଗରେ ରହିଛନ୍ତି। ନିର୍ବାଚନରେ ମମଦାନୀଙ୍କ ବିରୋଧରେ ୬୭ ବର୍ଷୀୟ ପୂର୍ବତନ ଗଭର୍ନର ଆଣ୍ଡ୍ରୁ କୁମୋ ଅବତୀର୍ଣ୍ଣ ହୋଇଛନ୍ତି। ଯଦି ମମ୍‌ଦାନୀ ମେୟର ଭାବେ ନିର୍ବାଚିତ ହେଉଛନ୍ତି ତେବେ, ନ୍ୟୁୟର୍କକୁ ସଂଘୀୟ ସହାୟତା ପାଣ୍ଠି ବନ୍ଦ କରିବାକୁ ଟ୍ରମ୍ପ ପୂର୍ବରୁ ଧମକ ଦେଇସାରିଛନ୍ତି।

## ଅନନ୍ତ ସିଂହଙ୍କ ପାଇଁ ଭୋଟ ମାଗିଲେ କେନ୍ଦ୍ରମନ୍ତ୍ରୀ



ପାଟନା, ୩।୧୧ (ଏଜେନ୍ସି): ଯାହା ଅନ୍ୟ କେଉଁଠି ଦେଖିବାକୁ ମିଳି ନ ଥାଏ ତାହା ରାଜନୀତିରେ ଦେଖାଯାଇଥାଏ। ଏହାର ନିଚ୍ଛକ ଦୃଶ୍ୟ ବିହାରରୁ ସାମ୍‌ନାକୁ ଆସିଛି। ଗ୍ୟାଙ୍ଗଷ୍ଟାର ରାଜନୀତିକୁ ଆସି ନିର୍ବାଚନ ଲଢୁଛନ୍ତି। ଆଉ ଧଳା ପୋଷାକ ତଳେ ରହି ଲୋକେ କଳା ସାମ୍ରାଜ୍ୟ ଚଳାଉଛନ୍ତି। ଏଭଳି ଦୁଇ ନେତା ହେଉଛନ୍ତି ଦୁଲାରଚାନ୍ଦ ଯାଦବ ଏବଂ ବାହୁବଳୀ ଅନନ୍ତ ସିଂହ ଓରଫ ଛୋଟେ ସରକାର। ଗ୍ୟାଙ୍ଗଷ୍ଟାରରୁ ରାଜନେତା ପାଲଟି ଥିବା ଆରଜେଡି ନେତା ଦୁଲାରଚାନ୍ଦଙ୍କ ହତ୍ୟା ମାମଲାରେ ମୋକାମାର କ୍ଷମତାସୀନ ଜେଡିୟୁ ପ୍ରାର୍ଥୀ ତଥା ବାହୁବଳୀ ତଥା ଛୋଟେ ସରକାର ଅନନ୍ତ ସିଂହଙ୍କୁ ଗିରଫ କରାଯାଇଛି। ମାତ୍ର ଏହି କାର୍ଯ୍ୟାନୁଷ୍ଠାନର ଦିନକ ପରେ ଅନନ୍ତଙ୍କ ପାଇଁ ପ୍ରଚାର କରିବାକୁ ମୋକାମାରେ ଅନେକ ହେଭିୱେଟ ପହଞ୍ଚି ଯାଇଛନ୍ତି। ଏହି ଆସନର ପ୍ରଚାରପ୍ରସାର ଦାୟିତ୍ୱ କେନ୍ଦ୍ରମନ୍ତ୍ରୀ ତଥା ଜେଡିୟୁ ନେତା ଲଲନ ସିଂହ ନିଜ ହାତକୁ ନେଇଛନ୍ତି। ସେ ସୋମବାର ଅନନ୍ତ ସିଂହଙ୍କ ପାଇଁ ପ୍ରଚାର କରି ଭୋଟ ଭିକ୍ଷା କରିଛନ୍ତି। ଖାଲି ସେତିକି ନୁହେଁ, ଉପମୁଖ୍ୟମନ୍ତ୍ରୀ ତଥା ବିଜେପିର ବରିଷ୍ଠ ନେତା ସମ୍ରାଟ ଚୌଧୁରୀ ମଧ୍ୟ ଆଜି ମୋକାମାରେ ରୋଡ୍ ଶୋ' କରିଛନ୍ତି।

ଲଲନ ସିଂହ କହିଛନ୍ତି ଯେ ଅନନ୍ତ ଜେଲ୍ ଯିବା ପରେ ଦାୟିତ୍ୱ ବଢ଼ି ଯାଇଛି। ଜଣେ ଜଣେ ବ୍ୟକ୍ତିଙ୍କୁ ଅନନ୍ତ ସିଂହ ହୋଇ ନିର୍ବାଚନ ଲଢ଼ିବାକୁ ହେବ। ସେହିପରି ଅନନ୍ତଙ୍କୁ ଜେଲ୍ ପଠାଇବା ପାଇଁ ଷଡ଼ଯନ୍ତ୍ର କରାଯାଇଛି ବୋଲି ସେ ଦାବି କରିଛନ୍ତି। ସେହିପରି ବିଜେପି ସାଂସଦ ବୃଜଭୂଷଣ ଶରଣ ସିଂହ ମଧ୍ୟ ଅନନ୍ତଙ୍କ ସପକ୍ଷରେ ବାହାରିଛନ୍ତି। ସେ ଏହି ବାହୁବଳୀଙ୍କୁ ନିର୍ଦ୍ଦୋଷ କହିଛନ୍ତି। ତାଙ୍କ ବିରୋଧରେ ମିଥ୍ୟା ଏତଲା ଦାଏର କରାଯାଇଥିବା କୁହାଯାଉଛି। ତେବେ ନିଜ ସରକାର ଥିବାବେଳେ ଛୋଟେ ସରକାରଙ୍କ ବିରୋଧରେ ମିଥ୍ୟା ଏତଲା କେମିତି ଦାଏର କରାଯାଇପାରିବ ବୋଲି ପ୍ରଶ୍ନ ଉଠୁଛି।

## ପରସ୍ପର ବିରୋଧରେ ମଇଦାନକୁ ଓହ୍ଲାଇଲେ ଦୁଇ ଭାଇ

ବିହାରର ସବୁଠାରୁ ହଟ୍ ସିଟ୍ ମହୁଆ ଏବଂ ରାଘୋପୁରରେ ଆରଜେଡି ମୁଖ୍ୟ ଲାଲୁ ଯାଦବଙ୍କ ଦୁଇ ପୁଅ ମୈଦାନକୁ ଓହ୍ଲାଇଛନ୍ତି। ଏହି ଦୁଇ ଆସନ ଦୁଇ ଭାଇଙ୍କ ମଧ୍ୟରେ ଲଢେଇର କ୍ଷେତ୍ର ପାଲଟି ଯାଇଛି। ପ୍ରେମ ବିବାହକୁ ନେଇ ବଡ଼ ପୁଅ ତେଜପ୍ରତାପଙ୍କୁ ୬ ବର୍ଷ ପାଇଁ ଦଳରୁ ବାହାରି କରିଦେଇଥିବା ଲାଲୁଙ୍କ ନିମନ୍ତେ ସେ ହିଁ କଣ୍ଟା ପାଲଟି ଯାଇଛନ୍ତି। ଲାଲୁଙ୍କ ସାନ ପୁଅ ତେଜସ୍ୱୀ ହେଲିକପ୍ଟରରୁ ମହୁଆରେ ଓହ୍ଲାଇ ଭୋଟ ମାଗିବାରୁ ରାଜନୈତିକ ଚିତ୍ର ବଦଳି ଯାଇଛି। ମହୁଆରୁ ବଡ଼ ଭାଇ ତେଜପ୍ରତାପଙ୍କ ବିରୋଧରେ ତେଜସ୍ୱୀ ଭୋଟ ମାଗିଛନ୍ତି। ଏହାର ପ୍ରତି ବଦଳରେ ସାନ ଭାଇ ତେଜସ୍ୱୀଙ୍କ ନିର୍ବାଚନ କ୍ଷେତ୍ର ରାଘୋପୁରର ୨ଟି ସ୍ଥାନରେ ହେଲିକପ୍ଟର ଓହ୍ଲାଇ ଜବାବ ଦେବେ ବୋଲି ତେଜପ୍ରତାପ କହିଛନ୍ତି। ଦୁଇ ଭାଇଙ୍କ ବିବାଦ ଖୋଲାଖୋଲି ଭାବେ ସାମ୍‌ନାକୁ ଆସିଯାଇଛି।

ସୂଚନା ଅନୁଯାୟୀ ଘରୁ ଏବଂ ଦଳରୁ ବାହାର କରାଯିବା ପରେ ତେଜପ୍ରତାପ ଜନଶକ୍ତି ଜନତା ପାର୍ଟି ଗଢିଛନ୍ତି। ସେ ବୈଶାଳୀର ମହୁଆ ସିଟ୍‌ରୁ ଲଢୁଛନ୍ତି। ସେହିପରି ତେଜସ୍ୱୀ ବିରୋଧୀଙ୍କ ମହାମେଣ୍ଟ ଇଣ୍ଡିଆର ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ଅଛନ୍ତି। ସେ ମହୁଆରେ କହିଥିଲେ ଯେ ଦଳଠାରୁ ବଡ଼ କେହି ନୁହେଁ। ଦଳ ହିଁ ତାଙ୍କର ବାପାମାଆ। ଦଳ ଅଛି ତ ସବୁ ଅଛି; ଦଳ ନ ଥିଲେ କିଛି ନାହିଁ। ଏହାର ଜବାବରେ ତେଜପ୍ରତାପ କହିଛନ୍ତି ଯେ ଜନତାଙ୍କଠାରୁ ବଡ଼ କେହି ନୁହେଁ ବୋଲି ମୋର ବାଳୁତ ଭାଇ ବୁଝିବା ଦରକାର। ଜନତା ହିଁ ମାଲିକ। ଗଣତନ୍ତ୍ରରେ କୌଣସି ପାର୍ଟି କିମ୍ବା ପରିବାର ନୁହେଁ, ଜନତା ହିଁ ସବୁଠୁ ବଡ଼।





ଉପନିର୍ବାଚନ ପାଇଁ ସୋମବାର ନୂଆପଡ଼ାରେ ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକଙ୍କ ନିର୍ବାଚନୀ ସଭା

# ତ୍ରିବିକ୍ରମ ବେଶରେ ଦର୍ଶନ ଦେଲେ ମହାପ୍ରଭୁ

ପୁରୀ,୩।୧୧(ସମିସ): କାର୍ତ୍ତିକ ଶୁକ୍ଳ ତ୍ରୟୋଦଶୀ ତଥା ପଞ୍ଚୁକର ଦ୍ୱିତୀୟ ଦିବସରେ ସୋମବାର ରତ୍ନସିଂହାସନରେ ମହାପ୍ରଭୁଙ୍କ ତ୍ରିବିକ୍ରମ ବା ଡାଳିକିଆ ବେଶ ଅନୁଷ୍ଠିତ ହୋଇଛି। ଏହି ବେଶ ଦର୍ଶନ ଲାଗି ଶ୍ରୀମନ୍ଦିରରେ ପ୍ରବଳ ଭିଡ଼ ହୋଇଥିଲା। ଅବକାଶ ନୀତି ଶେଷ ହେବା ପରେ ଠାକୁରମାନଙ୍କ ତ୍ରିବିକ୍ରମ ବେଶ କରାଯାଇଥିଲା। ଏହି ବେଶରେ ଶ୍ରୀଜଗନ୍ନାଥ ଏବଂ ବଳଭଦ୍ରଙ୍କ ଶ୍ରୀମସ୍ତକରେ ସୋଲ, କନା, ବେତ, ଜମ୍ବୁରା, କଇଁଥ ଅଠା ଇତ୍ୟାଦିରେ ନିର୍ମିତ ଦୁଇଟି ଚୂଳ ଲାଗି ହୋଇଥିଲା। ଏହି ଚୂଳରେ ସୋଲ, ଜରି ଓ ରଙ୍ଗ ଲଗାଯାଇ ପ୍ରସ୍ତୁତ ବହୁତ ଫୁଲ ଶ୍ରୀମସ୍ତକରେ ସଜା ଯାଇଥିଲା। ଏଥିରେ ସୁନାର କିଆ ମଧ ଖଞ୍ଜା ଯାଇଥିଲା। ଏଥିସହ ଅନେକ ସୁବର୍ଣ୍ଣ ଅଳଙ୍କାରରେ ଠାକୁରଙ୍କୁ ବିଭୂଷିତ କରାଯାଇଥିଲା। ଶ୍ରୀଜଗନ୍ନାଥ ଶଙ୍ଖ, ଚକ୍ର ଏବଂ ଶ୍ରୀବଳଭଦ୍ର ହଳ, ମୂଷଳ ଧାରଣ କରିଥିଲେ। ଏହା ଅତ୍ୟନ୍ତ ମନୋମୁଗ୍ଧକର ବେଶ। ଏହି ବେଶକୁ ଶ୍ରଦ୍ଧାଳୁ ତ୍ରୟୋଦଶୀ ତିଥିରେ ଦର୍ଶନ କଲେ ଅପାର କରୁଣା ଲାଭ କରିବା ସହ ଅଶେଷ ପୁଣ୍ୟପ୍ରାପ୍ତି ହୋଇଥାଏ ବୋଲି ବିଶ୍ୱାସ ରହିଛି। ମଙ୍ଗଳବାର ମହାପ୍ରଭୁଙ୍କର ଲକ୍ଷ୍ମୀନୃସିଂହ ବେଶ ଅନୁଷ୍ଠିତ ହେବ।

# ଶ୍ରୀମନ୍ଦିରରୁ ଡାଲ୍‌ଡା ଘିଅ ଜବତ

ପୁରୀ, ୩।୧୧(ସମିସ): ଶ୍ରୀମନ୍ଦିର ମଧ୍ୟରେ କେବଳ ଓମ୍‌ଫେଡ୍ ଘିଅ ବ୍ୟବହାର ହେବ। ଅନ୍ୟ କୌଣସି ପ୍ରକାର ଘିଅ ବ୍ୟବହାର କରାଯିବ ନାହିଁ ବୋଲି ଶ୍ରୀମନ୍ଦିର ପରିଚାଳନା କମିଟି ସ୍ଥିର କରିଥିଲା। ଏ ସଂକ୍ରାନ୍ତରେ ସୁଆର ମହାସୁଆର ସେବକଙ୍କୁ ନିର୍ଦ୍ଦେଶ ବି ଦିଆଯାଇଥିଲା। ହେଲେ



ଏଥିରେ ବ୍ୟତିକ୍ରମ ଦେଖିବାକୁ ମିଳିଛି। ସୋମବାର ଶ୍ରୀମନ୍ଦିର ଭିତରୁ ଡାଲଡା ଘିଅ ଜବତ କରାଯାଇଛି। ଜଣେ ମହାସୁଆର ସେବକ ଏହି ନିର୍ଦ୍ଦେଶର ଉଲ୍ଲଂଘନ କରିଥିବାରୁ ତାଙ୍କୁ ଶ୍ରୀମନ୍ଦିର

- କେବଳ ଓମ୍‌ଫେଡ ଘିଅ ବ୍ୟବହାର ଲାଗି ଥିଲା ନିର୍ଦ୍ଦେଶ
- ଉଲ୍ଲଂଘନକାରୀ ମହାସୁଆର ସେବକଙ୍କୁ କୈଫିୟତ ତଲବ

ପ୍ରଶାସନ କୈଫିୟତ ତଲବ କରିଛି। କୌଣସି ପ୍ରକାର ବିଶୃଙ୍ଖଳାକୁ ବରଦାସ୍ତ କରାଯିବ ନାହିଁ ବୋଲି ସ୍ପଷ୍ଟ କରିଛନ୍ତି ମୁଖ୍ୟ ପ୍ରଶାସକ ଡ. ଅରବିନ୍ଦ ପାଢ଼ୀ।

ମହାପ୍ରସାଦ ହେଉ କିମ୍ବା ଶୁଖିଲି ଭୋଗ; ସବୁଥିରେ କେବଳ ଓମଫେଡ୍ ଘିଅ ବ୍ୟବହାର କରାଯିବ। ପୂର୍ବରୁ ବିଭିନ୍ନ ପ୍ରକାର ନିମ୍ନମାନର ଘିଅ ବ୍ୟବହାର କରାଯାଉଥିବା ବାରମ୍ବାର ଅଭିଯୋଗ ଆସିବା ପରେ ପରିଚାଳନା କମିଟି ଏହି ନିଷ୍ପତ୍ତି ନେଇଥିଲା। ତେଣୁ ଏନେଇ ସହଯୋଗ କରିବାକୁ ଗତବର୍ଷ ଅକ୍ଟୋବର ୨୪ ତାରିଖରେ ଓମ୍‌ଫେଡକୁ ଅନୁରୋଧ କରିଥିଲେ ମୁଖ୍ୟ ପ୍ରଶାସକ ଡ. ପାଢ଼ୀ। ଶ୍ରୀମନ୍ଦିରର ଆବଶ୍ୟକତାକୁ ନଜରରେ ରଖି ମନ୍ଦିର ପାଇଁ ଏକ ସ୍ୱତନ୍ତ୍ର ଡିପୋ ଖୋଲାଯିବା ନେଇ ଓମଫେଡ୍ ପରିଚାଳନା ନିର୍ଦ୍ଦେଶକଙ୍କୁ ପତ୍ର ଲେଖିଥିଲେ। ଅନ୍ୟପକ୍ଷରେ ଶ୍ରୀମନ୍ଦିର ମଧ୍ୟକୁ ଓମଫେଡ୍ ବ୍ୟତୀତ ଯେପରି ଅନ୍ୟ କୌଣସି ଘିଅ ପ୍ରବେଶ ନ କରେ, ସେଥିପ୍ରତି ପଦକ୍ଷେପ ନେବାକୁ ନିର୍ଦ୍ଦେଶ ଦେଇଥିଲେ ମୁଖ୍ୟ ପ୍ରଶାସକ। ତଦନୁସାରେ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ସୁଆର ମହାସୁଆର ନିଯୋଗକୁ ଜଣାଇ ଦିଆଯାଇଥିଲା। ବରିଷ୍ଠ ସୁପରଭାଇଜର ଏବଂ କମାଣ୍ଡର୍ ଏଥିପ୍ରତି ଆବଶ୍ୟକ ପଦକ୍ଷେପ ନେବାକୁ ନିର୍ଦ୍ଦେଶ ରହିଥିଲା। ଏଥିରେ କୌଣସି ପ୍ରକାର ବ୍ୟତିକ୍ରମକୁ ବରଦାସ୍ତ କରାଯିବ ନାହିଁ। ଅନ୍ୟ ଛାପ ଘିଅ ଶ୍ରୀମନ୍ଦିରକୁ ନେବାକୁ ଚେଷ୍ଟା କଲେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ସତର୍କ କରି ଦିଆଯାଇଥିଲା। ଏହାସତ୍ତ୍ୱେ ସୋମବାର ପବିତ୍ର କାର୍ତ୍ତିକ ମାସ ପଞ୍ଚୁକରେ ଶ୍ରୀମନ୍ଦିର ଭିତରୁ ଡାଲ୍‌ଡା ଘିଅ ଜବତ ହୋଇଛି।

## ମନିସୁଖ ସିକ୍ୟୁରିଟି ସଂସ୍ଥା

# ଓଡ଼ିଶାରୁ ଠକିଛି ୫ଶହ କୋଟି

ଭୁବନେଶ୍ୱର,୩।୧୧(ସମିସ): ୨ ମାସରେ ମୂଳଧନ ଦୁଇଗୁଣା କରିଦେବାର ଲୋଭ ଦେଖାଇ 'ମନିସୁଖ ସିକ୍ୟୁରିଟି' ନାମକ ଏକ ସଂସ୍ଥା ଓଡ଼ିଶାରୁ ୫ଶହ କୋଟି ଠକିନେଇଛି। ଏନେଇ ଥାନାରେ ଅଭିଯୋଗ କଲେ ମଧ ପୁଲିସ ଶୁଣୁନି। ଅଭିଯୁକ୍ତମାନଙ୍କୁ ଧରିବା ତ ଦୂରର କଥା, ତଦନ୍ତ ବି କରୁନାହିଁ। ଏପରି ଅଭିଯୋଗ ଆଣି ଭଦ୍ରକ ଜିଲ୍ଲା ଚାରିଗାଁର ପ୍ରହ୍ଲାଦ ସେଠୀ ରାଜ୍ୟ ମାନବାଧିକାର କମିସନ୍ (ଓଏଚ୍‌ଆର୍‌ସି)ର ଦ୍ୱାରସ୍ଥ ହୋଇଛନ୍ତି। ସେ ଅଭିଯୋଗରେ ଦର୍ଶାଇଛନ୍ତି ଯେ ଗତ ୨୦୨୪ ଜୁଲାଇ ୧୩ ତାରିଖରେ ସେ ଏ ସଂପର୍କରେ ଭଦ୍ରକ ଟାଉନ୍ ଥାନାରେ ଅଭିଯୋଗ କରିଥିଲେ। କିନ୍ତୁ ପୁଲିସ ତଦନ୍ତ କରିବା ପରିବର୍ତ୍ତେ ହାତ ବାନ୍ଧି ଚୁପ୍ ବସିଛି। ଏହାର ଫାଇଦା ନେଇ ଅଭିଯୁକ୍ତମାନେ ବାହାରେ ବସି ଜଣଙ୍କ ପରେ ଜଣଙ୍କୁ ଠକି ଚାଲିଛନ୍ତି। ଏହି ଘଟଣାରେ ଆୟୋଗ ଅସନ୍ତୋଷ ପ୍ରକାଶ କରିବା ସହ ଭଦ୍ରକ ଏସ୍‌ପିଙ୍କୁ ରିପୋର୍ଟ ତଲବ କରିଛନ୍ତି। ଆସନ୍ତା ୧୫ତାରିଖ ସୁଦ୍ଧା ରିପୋର୍ଟ ଦେବାକୁ କହିଛନ୍ତି। ରିପୋର୍ଟ ନଦେଲେ ଆୟୋଗ ନିଜଆଡୁ ମାମଲାର ଅନ୍ତିମ ରାୟ ପ୍ରକାଶ କରିବେ ବୋଲି ଜଣାପଡ଼ିଛି।

'ମନିସୁଖ ସୁକ୍ୟୁରିଟି ଫାଇନାନ୍ସ ଲିମିଟେଡ୍'ର ଦିଲ୍ଲୀରେ ଅଫିସ୍ ରହିଛି। ସଂସ୍ଥା ଏଠାରେ ଲୋକଙ୍କୁ ଠକିବା ପାଇଁ ଯୋଜନା କରି ଲୋଭନୀୟ ଅଫର୍ ରଖିଥିଲା। ମନିସୁଖ ସିକ୍ୟୁରିଟ୍ ଆପ୍‌ରେ ଟଙ୍କା ଲଗାଇଲେ ତାହା ୨ ମାସରେ ଦୁଇଗୁଣା ହୋଇଯିବ ବୋଲି ପ୍ରତିଶ୍ରୁତି ଦେଇଥିଲା। ଲୋଭରେ ପଡ଼ି ଓଡ଼ିଶାର ଏକାଧିକ ଲୋକ ଏଥିରେ ନିବେଶ କରିଥିଲେ। ହେଲେ, ଲାଭ ଦୂର କଥା, ମୂଳ ବି ମିଳିଲାନି।

- ପୁଲିସ ଶୁଣିଲାନି, ଓଏଚ୍‌ଆରସିଙ୍କ ଦ୍ୱାରସ୍ଥ ହେଲେ ଯୁବକ
- ଭଦ୍ରକ ଏସ୍‌ପିଙ୍କୁ ଜବାବ ତଲବ; ୧୫ ସୁଦ୍ଧା ରିପୋର୍ଟ ଦେବେ
- ଦେଶରୁ ୧୦ ହଜାର କୋଟିର ଠକିଛି ସଂସ୍ଥା

ଶେଷରେ ଆପ୍‌ଟି ମଧ ବନ୍ଦ ହୋଇଯାଇଥିଲା। ଖାଲି ଓଡ଼ିଶା ନୁହେଁ, ଏହି ସଂସ୍ଥା ୧୦ ହଜାର କୋଟି ଟଙ୍କା ଠକେଇ କରିଛି।

ଭଦ୍ରକର ପ୍ରହ୍ଲାଦ ନାମକ ଜଣେ ଯୁବକ ମଧ ଏହି ସଂସ୍ଥା ଦ୍ୱାରା ଠକେଇର ଶିକାର ହୋଇଛନ୍ତି। ସଂସ୍ଥା ତାଙ୍କଠାରୁ ୩୩ଲକ୍ଷ ୭୮ ହଜାର ଟଙ୍କା ଠକି ନେଇଛି। ପ୍ରହ୍ଲାଦଙ୍କ କହିବା କଥା, ତାଙ୍କ ହ୍ୱାଟ୍ସଆପକୁ ପ୍ରଥମେ ଏକ ଅଜଣା ନମ୍ବରରୁ ମେସେଜ୍ ଆସିଥିଲା। ମନିସୁଖ ସିକ୍ୟୁରିଟି ସଂସ୍ଥା ଆପ୍‌ରେ ଟଙ୍କା ଲଗାଇଲେ, ଦୁଇଗୁଣା ଅର୍ଥ ମିଳିବ ବୋଲି ସେଥିରେ କୁହାଯାଇଥିଲା। ମେସେଜ୍ ଆସିଥିବା ଫୋନ୍ ନମ୍ବରକୁ କଲ୍ କରିବା ପରେ ଠକ ତାଙ୍କୁ ଏକ ହ୍ୱାଟ୍ସଆପ୍ ଗ୍ରୁପ୍‌ରେ ଆଡ୍ କରିଥିଲେ। ଏହାପରେ ସେଠାରେ ତାଙ୍କୁ ମନିସୁଖ ସିକ୍ୟୁରିଟି ଆପ୍‌କୁ ଡାଉନ୍‌ଲୋଡ୍ କରି ଟଙ୍କା ବିନିଯୋଗ କରିବାକୁ କୁହାଯାଇଥିଲା। ଆଗପଛ ବିଚାର ନ କରି ସେ ୩୩ଲକ୍ଷ ୭୮ହଜାର ଟଙ୍କା ବିନିଯୋଗ କରିଥିଲେ। ବଦଳରେ ସଂସ୍ଥା ତାଙ୍କୁ ୧କୋଟି ୧୪ଲକ୍ଷ ଟଙ୍କା ଦେବ ବୋଲି ପ୍ରତିଶ୍ରୁତି ଦେଇଥିଲା। କିନ୍ତୁ ଦୁଇ ମାସ ପରେ ସେ ଆପ୍‌ରୁ ଆଉ ଟଙ୍କା ଉଠାଇ ପାରିନଥିଲେ। ପ୍ରହ୍ଲାଦ ଠକାମିର ଶିକାର ହୋଇଥିବା ଜାଣିବା ପରେ ୨୦୨୪ରେ ଭଦ୍ରକ ଟାଉନ୍ ଥାନାରେ ଅଭିଯୋଗ କରିଥିଲେ। ବହୁ ଦିନ ବିତିଯାଇଥିଲେ ମଧ ପୁଲିସର ତଦନ୍ତ କିଛି ଆଗକୁ ବଢ଼ି ନଥିବାରୁ ସେ ରାଜ୍ୟ ମାନବାଧିକାର କମିସନ୍‌ଙ୍କ ନିକଟରେ ଅଭିଯୋଗ କରିଛନ୍ତି।

# ଧାନ ଖାଇବାରୁ ହାତୀକୁ ଗୁଳି କରି ହତ୍ୟା

ଭଞ୍ଜନଗର, ୩।୧୧ (ସମିସ): ବାଇବାଲି ଜଙ୍ଗଲର ବାଣିଆପଲ୍ଲୀ ଗାଁ ପାଖ ଜଙ୍ଗଲରେ ୧୫ ବର୍ଷୀୟ ଦନ୍ତା ହାତୀକୁ ଗୁଳି କରି ମାରିବା ଘଟଣାରେ ବନବିଭାଗ ଉମାକାନ୍ତ ପ୍ରଧାନ ଓରଫ୍ ନଣ୍ଡା (୫୦)କୁ ଗିରଫ କରିଛି। ତା' ପାଖରୁ ପୁଲିସ ୩ଟି ଦେଶୀ ବନ୍ଧୁକ ସହ ବିପୁଳ ପରିମାଣର ଦେଶୀ ଗୁଳି ଓ ବିସ୍ଫୋରକ ଜବତ କରାଯାଇଛି। ଏନେଇ ମୁଜାଗଡ଼ ରେଞ୍ଜ ପକ୍ଷରୁ ନମ୍ବର ଓଆର-୪୩୨/୨୫-୨୬ ରେ ଏକ ମାମଲା ରୁଜୁ ହୋଇଛି। ନଣ୍ଡାକୁ କୋର୍ଟଚାଲାଣ କରାଯିବ ବୋଲି ଡିଏଫ୍‌ଓ ହିମାଂଶୁ ଶେଖର ମହାନ୍ତି ଏକ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି।

ଗତ ଗୁରୁବାର ରାତିରେ ଉମାକାନ୍ତ ନିଜ ଧାନଜମି ଜଗିବାକୁ ଯାଇଥିଲା। ସାଙ୍ଗରେ ଏକ ଦେଶୀ ବନ୍ଧୁକ ନେଇଥିଲା। ଏହି ସମୟରେ ୨୪ଟିକିଆ ଏକ ହାତୀପଲ ମଧ୍ୟରୁ ୨ଟି ହାତୀ ତା' ଧାନଜମିରେ ପଶିଥିଲେ। ହାତୀକୁ ଦେଖି ସେ ପ୍ରଥମେ ୨ଟି ବାଣ ଫୁଟାଇ ଘଉଡ଼ାଇବାକୁ ଚେଷ୍ଟା କରିଥିଲା। କିନ୍ତୁ ଏହା ପରେ ବି ହାତୀଦ୍ୱୟ ଜମିରୁ ନଯିବାରୁ ତା' ମୁଣ୍ଡକୁ ପିତ୍ତ ଚଢ଼ି ଯାଇଥିଲା। ହାତରେ ଧରିଥିବା ବନ୍ଧୁକରୁ ଗୁଳି ଫୁଟାଇଥିଲା। ଏଥିରେ ଗୋଟିଏ ହାତୀ ଘଟଣାସ୍ଥଳରେ



ଟଳି ପଡ଼ିଥିଲା। ପରେ ସେ ଘଟଣାସ୍ଥଳରୁ ଖସି ଆସି ନିଜ ଜମି ପାଖରେ ଏକ ବୁଦାମୂଳେ ବନ୍ଧୁକ ରଖି ପାଲ ଘୋଡ଼ାଇ ଦେଇଥିଲା।

ଶନିବାର ବନ ବିଭାଗ ହାତୀର ବ୍ୟବଚ୍ଛେଦ କରିବା ବେଳେ ଆଗପଟର ଡାହାଣ ଗୋଡ଼ ସନ୍ଧିରେ ଗୁଳିମାଡ଼ ହୋଇଥିବା ଦେଖିବାକୁ ପାଇଥିଲେ। ସେହିପରି, ଗୁଳି ବାଜିବା ପରେ ହାତୀଟି ଘଟଣାସ୍ଥଳରୁ ପାଖାପାଖି ୪ଶହ ମିଟର ଯିବା ପରେ ଟଳି ପଡ଼ିଥିବା

**ଅଭିଯୁକ୍ତ ଗିରଫ; ୩ ଦେଶୀ ବନ୍ଧୁକ ଓ ଗୁଳି ଜବତ**

ଅନୁମାନ କରାଯାଇଥିଲା। ଏହାର ତଦନ୍ତ କରି ବନ ବିଭାଗ ରବିବାର ରାତିରେ ବାଣିଆପଲ୍ଲୀ ଗାଁରେ ଚଢ଼ଉ କରି ଅଭିଯୁକ୍ତ ଉମାକାନ୍ତକୁ ଗିରଫ କରିଥିଲେ। ଏହି ଚଢ଼ଉରେ ଫରେଷ୍ଟର୍ ଟୁନା ମଳିକ, ବବୁଲ କୁମାର ସେଠୀ, ଅନୁପ କୁମାର ବିଷୋୟୀ ଓ ରାଜେନ୍ଦ୍ର ଦଳେଇଙ୍କ ସମେତ ବହୁ ଗଜସାଥୀ ସାମିଲ ଥିଲେ। ଆଜି ମୁଜାଗଡ଼ ରେଞ୍ଜ କାର୍ଯ୍ୟାଳୟରେ ଅନୁଷ୍ଠିତ ସାମ୍ବାଦିକ ସମ୍ମିଳନୀରେ ଏସିଏଫ୍ ବିବେକ ଦାଶ, ବିମଳ ପ୍ରଧାନ ଓ ରେଞ୍ଜର୍ ବିମ୍ବାଧର ସାହୁ ଉପସ୍ଥିତ ଥିଲେ।

# ଆଜିଠୁ କମିବ ତାପମାତ୍ରା

ଭୁବନେଶ୍ୱର, ୩।୧୧(ସମିସ): ଆସନ୍ତା ଦୁଇ ଦିନ ଭିତରେ ରାଜ୍ୟର ତାପମାତ୍ରା ୨ରୁ ୩ଡିଗ୍ରୀ ପର୍ଯ୍ୟନ୍ତ ହ୍ରାସ ପାଇବ। ଫଳରେ ଥଣ୍ଡା ବଢ଼ିବ। ବିଶେଷକରି, ଆଭ୍ୟନ୍ତରୀଣ ଓ ଦକ୍ଷିଣ ଓଡ଼ିଶାରେ ଥଣ୍ଡାର ପ୍ରଭାବ ଅଧିକ ରହିବ। ବର୍ତ୍ତମାନ ଅଧିକାଂଶ ଅଞ୍ଚଳରେ ରାତି ତାପମାତ୍ରା ହାରାହାରି ୨୦ ଡିଗ୍ରୀ ମଧ୍ୟରେ ରହୁଛି। ଗତ ୨୪ ଘଣ୍ଟାରେ କୋରାପୁଟରେ ସର୍ବନିମ୍ନ ତାପମାତ୍ରା ୧୬ଡିଗ୍ରୀ ରେକର୍ଡ ହୋଇଥିବା ବେଳେ ଦାରିଙ୍ଗବାଡ଼ିରେ ୧୮ ଡିଗ୍ରୀ, ଫୁଲବାଣୀରେ ୧୮ ଡିଗ୍ରୀ, ଅନୁଗୁଳ ଓ ଭଦ୍ରକରେ ତାପମାତ୍ରା ୧୯ ଡିଗ୍ରୀ ଲେଖାଏଁ ରେକର୍ଡ କରାଯାଇଛି। ଅନ୍ୟପଟେ ମ୍ୟାଁମାର ଉପକୂଳରେ ଥିବା ଘୂର୍ଣ୍ଣିବଳୟ ପ୍ରଭାବରେ ଏକ ଲଘୁଚାପ ସୃଷ୍ଟି ହୋଇଛି। ଏହା ପ୍ରଭାବରେ ରାଜ୍ୟକୁ ଉତ୍ତରା ଶୁଷ୍କ ପବନ ଆସିବାରେ ମଧ ସ୍ଥିତି ସହାୟକ ହେଉଛି। ତେଣୁ, ରାଜ୍ୟକୁ ଉତ୍ତରା-ପଶ୍ଚିମ ଶୁଷ୍କ ଥଣ୍ଡା ବାୟୁ ପଶିବା ଯୋଗୁଁ ରାତିର ତାପମାତ୍ରା ହ୍ରାସ ହେବାରେ ଲାଗିଛି। ମ୍ୟାଁମାର୍ ଉପକୂଳରେ ଥିବା ଏହି ଲଘୁଚାପର କୌଣସି ସିଧାସଳଖ ପ୍ରଭାବ ଓଡ଼ିଶା ଉପରେ ପଡ଼ିବ ନାହିଁ। ଏହା ବାଂଲାଦେଶ ମୁହାଁ ହେବାର ସମ୍ଭାବନା ରହିଛି। ତେଣୁ ରାଜ୍ୟରେ ଆସନ୍ତା ୭ଦିନ ମଧ୍ୟରେ କାଁ ଭାଁ ଅଞ୍ଚଳକୁ ଛାଡ଼ିଦେଲେ ବାକି ସବୁ ଅଞ୍ଚଳରେ ପାଗ ମୁଖ୍ୟତଃ ଶୁଖିଲା ଓ ଖରାଟିଆ ରହିବାର ସମ୍ଭାବନା ରହିଛି।

# ଛାତ୍ରାବାସରେ ପଶି ଅନ୍ତେବାସୀଙ୍କ ସହ ଅପ୍ରାକୃତିକ ଯୌନ ସଂପର୍କ

**ସହକାରୀ ନିର୍ବାହୀ ଯନ୍ତ୍ରୀ ଗିରଫ**

ବାରିପଦା, ୩।୧୧(ସମିସ): ଆଦିବାସୀ ଛାତ୍ରାବାସରେ ପଶି ଛାତ୍ରଙ୍କ ସହ ଅପ୍ରାକୃତିକ ଯୌନ ସଂପର୍କ। ଜଣେ କି ୨ଜଣ ନୁହେଁ, ୯ ଜଣ ଆଦିବାସୀ ଛାତ୍ରଙ୍କ ସହ ଏପରି କୁକର୍ମ କରିଥିବା ଜଣେ ସହକାରୀ ନିର୍ବାହୀ ଯନ୍ତ୍ରୀଙ୍କୁ ବାରିପଦା ସଦର ଥାନା ପୁଲିସ ଗିରଫ କରିଛି। ସେ ହେଲେ, ଶ୍ୟାମାଖୁଣ୍ଟା ବ୍ଲକ୍‌ର ସହକାରୀ ନିର୍ବାହୀ ଯନ୍ତ୍ରୀ ପ୍ରଶାନ୍ତ କୁମାର ସେନାପତି। ହରିଶ୍ଚନ୍ଦ୍ରପୁରସ୍ଥିତ ଭଞ୍ଜଭୂମି ସଂସ୍କୃତ ବିଦ୍ୟାଳୟର ଆଦିବାସୀ ଛାତ୍ରାବାସରେ ଏହି ଲଜ୍ଜାଜନକ ଘଟଣା ଘଟିଛି। ଏ ସଂପର୍କରେ ବିଦ୍ୟାଳୟର ପ୍ରଧାନ ପଣ୍ଡିତ ସେବତୀ ମହାନ୍ତଙ୍କ ଅଭିଯୋଗ ଆଧାରରେ ପୁଲିସ ଏକ ମାମଲା ରୁଜୁ କରି ଅଧିକ ତଦନ୍ତ ଚଳାଇଛି। ସୂଚନାନୁଯାୟୀ, ଭଞ୍ଜଭୂମି ସଂସ୍କୃତ ବିଦ୍ୟାଳୟର ଏକ ଶୌଚାଳୟ ନିର୍ମାଣ କାର୍ଯ୍ୟ ତଦାରଖ କରିବାକୁ ଯନ୍ତ୍ରୀ ଶ୍ରୀ ସେନାପତି ରବିବାର ଆସି ଅନ୍ତେବାସୀଙ୍କୁ ନାନା ଧମକଚମକ ଦେଇଥିଲେ। ସେହିଦିନ ସନ୍ଧ୍ୟା ସାଢ଼େ ୭ଟାରେ ପୁଣି ଯନ୍ତ୍ରୀଜଣକ ଛାତ୍ରାବାସକୁ ଆସି ଅନ୍ତେବାସୀଙ୍କ ସହ ମିଶି ଯାଇଥିଲେ। ପରେ କଥାବାର୍ତ୍ତା କରି ୯ଜଣ ନାବାଳକଙ୍କୁ ଅଫିସ କୋଠରିକୁ ନେଇ ଅପ୍ରାକୃତିକ ଯୌନ ସମ୍ପର୍କ ରଖିଥିଲେ। ଏ ସମ୍ପର୍କରେ କାହାକୁ ଜଣାଇଲେ ସ୍କୁଲ ବନ୍ଦ କରିଦେବା ସହ ଜୀବନରୁ ମାରିଦେବାର ଧମକଚମକ ଦେଇଥିଲେ। ଏପରିକି, ଜାତିଆଣ ଆକ୍ଷେପ କରି ଗାଳିଗୁଲଜ କରିବା ସହ ନାଲିଆଖି ଦେଖାଇଥିଲେ ବୋଲି ଅଭିଯୋଗରେ ଦର୍ଶାଯାଇଛି। ଏହି ଘଟଣା ପଦାକୁ ଆସିବା ପରେ ଅଭିଭାବକମହଲରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି। ଏ ସଂକ୍ରାନ୍ତରେ ବାରିପଦା ସଦର ଏସ୍‌ଡିପିଓ ପ୍ରଭାତ କୁମାର ମଲ୍ଲିକ କହିଛନ୍ତି, ଅଭିଯୋଗ କରିଥିବା ପ୍ରଧାନ ପଣ୍ଡିତ, ଛାତ୍ର, ବିଡିଓ ଓ ସଂପୃକ୍ତ ଯନ୍ତ୍ରୀଙ୍କୁ ପଚରାଉଚରା କରାଯିବା ସହ ସହ ତଦନ୍ତ ଜାରି ରହିଛି ବୋଲି କହିଛନ୍ତି।

# ବାଘଛାଲ କାରବାରରେ ଆଇଏଏସ୍ ପୁଅ

ଭୁବନେଶ୍ୱର, ୩।୧୧(ସମିସ): କମିସନରେଟ୍ ପୁଲିସର ସ୍ୱତନ୍ତ୍ର ଅପରାଧ ଶାଖା (ଏସସିୟୁ) ଆଜି ଭୁବନେଶ୍ୱରରେ ଏକ ବାଘଛାଲ ରାକେଟ୍‌ର ପର୍ଦ୍ଦାଫାସ୍ କରିବା ସହ ୩ ଜଣଙ୍କୁ ଗିରଫ କରିଛି। ଗିରଫ ଅଭିଯୁକ୍ତମାନେ ହେଲେ, ଡୁମୁଡୁମା ପଞ୍ଚସଖାନଗରର ରୋହିତ ମହାପାତ୍ର(୨୬),

- ଗ୍ରାହକ ବେଶରେ ମାଡ଼ି ବସିଲା ପୁଲିସ
- ମାଷ୍ଟରମାଇଣ୍ଡ ସମେତ ୩ ଗିରଫ
- ୩୦ ଲକ୍ଷରେ ହୋଇଥିଲା ଡିଲ୍
- କର୍ଣ୍ଣାଟକରୁ ଦିଲ୍ଲୀ ଯାଏଁ ଲମ୍ବିଛି ଚେର



ଭଞ୍ଜନଗରର ମନଜିତ୍ ସାବତ(୨୧) ଓ ଗଣ୍ଡମୁଣ୍ଡା ଅଞ୍ଚଳର ଶମ୍ଭୁ ବିଷୋୟୀ (୨୩)। ରୋହିତ ଏହାର ମାଷ୍ଟରମାଇଣ୍ଡ ବୋଲି ପୁଲିସ କହିଛି। ତେବେ ରୋହିତ କେନ୍ଦ୍ରରେ କାର୍ଯ୍ୟରତ ଜଣେ ଆଇଏଏସ୍ ଅଧିକାରୀଙ୍କ ପୁଅ ବୋଲି ପୁଲିସକୁ କହିଛି। ଏ ସଂପର୍କରେ ପୁଲିସ ଯାଞ୍ଚ ଚଳାଇଛି।

ପୁଲିସ ସୂଚନାନୁସାରେ, ଦୁଇ ତିନିଜଣ ବେପାରୀ ରାଜଧାନୀରେ ବାଘଛାଲ ଡିଲ୍ କରୁଥିବା ନେଇ ଏସ୍‌ସିୟୁକୁ ଏକ ବିଶ୍ୱସ୍ତ ସୂତ୍ରରୁ ସୂଚନା ମିଳିଥିଲା। ତେଣୁ ସେମାନଙ୍କୁ ଧରିବା ପାଇଁ ଏସସିୟୁର ଟିମ୍ ଗ୍ରାହକ ବେଶ ଧାରଣ କରିଥିଲା। ଡିସିପି ଅନୁପ କାନୁନଗୋଙ୍କ ନେତୃତ୍ୱରେ ପୁଲିସର ଏକ ଟିମ୍ ବେପାରୀଙ୍କ କହିବା ଅନୁସାରେ ହୋଟେଲ ମେ' ଫେୟାର ନିକଟକୁ ଯାଇଥିଲା। ଅଭିଯୁକ୍ତମାନଙ୍କ ମନରେ ବିଶ୍ୱାସ ଜନ୍ମାଇବା ପାଇଁ ସାଙ୍ଗରେ ୫ଲକ୍ଷ ଟଙ୍କା ନେଇଥିଲେ। ମନଜିତ୍ ଓ ଶମ୍ଭୁ ସେଠାକୁ ଡିଲ୍ ପାଇଁ ଆସିଥିଲେ ହେଁ ସାଙ୍ଗରେ ବାଘଛାଲ ଆଣିନଥିଲେ। କିନ୍ତୁ ଆଖି ଆଗରେ ୫ଲକ୍ଷ ଟଙ୍କା ଦେଖି ଦୁଇଜଣଯାକ ଲୋଭରେ ପଡ଼ି ପୁଲିସ ଜାଲରେ ଛନ୍ଦି ହୋଇଯାଇଥିଲେ। ଛଦ୍ମବେଶୀ ପୁଲିସ ଟିମ୍‌କୁ ଅପେକ୍ଷା କରିବାକୁ କହି ଦୁହେଁ ସେଠାରୁ ପଳାଇଥିଲେ ଏବଂ କିଛି ସମୟ ପରେ ଏକ କଳରାପତରିଆ ବାଘଛାଲ ଧରି ଫେରିଥିଲେ। ଏହା ଦେଖି ପୁଲିସ ଟିମ୍ ଦୁହିଁଙ୍କୁ କାବୁ କରିବା ସହ କିଛି ଦୂରରେ ଥିବା ମାଷ୍ଟରମାଇଣ୍ଡ ରୋହିତକୁ ଧରିଥିଲା।

ଏହି ବାଘଛାଲ ଜବତ ହେବା ପରେ କର୍ଣ୍ଣାଟକ ଓ ଦିଲ୍ଲୀ ଲିଙ୍କ୍ ପଦାକୁ ଆସିଛି। ବାଘଟିର ବୟସ ୮/୯ ବର୍ଷ ହେବ ବୋଲି ଅନୁମାନ କରାଯାଉଥିବା ବେଳେ ଏହା କର୍ଣ୍ଣାଟକରୁ ଆସିଥିବା ପ୍ରାଥମିକ ଅନୁସନ୍ଧାନରୁ ପୁଲିସ ଜାଣିବାକୁ ପାଇଛି। ରାଉରକେଲାର ଜଣେ ବ୍ୟକ୍ତି ଏହାକୁ କର୍ଣ୍ଣାଟକରୁ ଓଡ଼ିଶା ଆଣିଥିଲା। ତା'ଠାରୁ ମନଜିତ୍ ଓ ଶମ୍ଭୁ ଆଣି ରୋହିତକୁ ଦେଇଥିଲେ।

ରୋହିତର ବାପା ଜଣେ ଆଇଏଏସ୍ ଅଧିକାରୀ ଓ ସେ କେନ୍ଦ୍ରରେ କାର୍ଯ୍ୟରତ ବୋଲି ସେ ପୁଲିସକୁ କହିଛି। ଏପରିକି, ତା' ପରିବାର ଦିଲ୍ଲୀରେ ରହୁଛନ୍ତି ବୋଲି ସେ କହିଛି। ରୋହିତ ଭୁବନେଶ୍ୱରରେ ରହୁଥିବା ବେଳେ ଅନେକ ସମୟ ଦିଲ୍ଲୀ ଯିବା ଆସିବା କରେ। ଦିଲ୍ଲୀର ଜଣେ ବ୍ୟବସାୟୀ ବାଘଛାଲ ବରାଦ କରିବାରୁ ରୋହିତ ଛାଲ ଯୋଗାଡ଼ କରିଥିଲା। ମୋଟ ୩୦ ଲକ୍ଷ ଟଙ୍କାରେ ଡିଲ୍ ହୋଇଥିଲା। ଦିଲ୍ଲୀରେ ପହଞ୍ଚାଇବା ପରେ ରୋହିତକୁ ୫ଲକ୍ଷ ଟଙ୍କା କମିସନ ମିଳିଥାନ୍ତା। କିନ୍ତୁ କୌଣସି କାରଣରୁ ଦିଲ୍ଲୀ ଡିଲ୍ ବିଳମ୍ବ ହେବାରୁ ରୋହିତ ବାଘଛାଲ ଧରି ଭୁବନେଶ୍ୱରରେ ଥିଲା। ଏହାରି ଭିତରେ ସ୍ପେଶାଲ କ୍ରାଇମ୍ ୟୁନିଟ୍ ଗ୍ରାହକ ବେଶରେ ଅଭିଯୁକ୍ତମାନଙ୍କୁ ଗିରଫ କରିଥିଲା। ତେବେ କାରବାରରେ ଆଉ କେଉଁମାନେ ସଂପୃକ୍ତ ଅଛନ୍ତି, ସେନେଇ ଖୋଳତାଡ଼ ଜାରି ରଖିଛି ପୁଲିସ। ଆବଶ୍ୟକ ପଡ଼ିଲେ, ରୋହିତକୁ ରିମାଣ୍ଡରେ ଅଣାଯିବ ବୋଲି ପୁଲିସ କମିସନର ଡଃ ସୁରେଶ ଦେବଦତ୍ତ ସିଂ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି।

# ପାଟଣା ରେଞ୍ଜରେ ବୁଲୁଛି ବାଘ

କେନ୍ଦୁଝର/ତୁରୁମୁଙ୍ଗା, ୩।୧୧(ସମିସ): କେନ୍ଦୁଝର ଜିଲ୍ଲା ପାଟଣା ରେଞ୍ଜ ସାହାରପଡ଼ା ସେକ୍ସନ ମାଛଗଡ଼ ବିଟ୍ ଅନ୍ତର୍ଗତ କେନ୍ଦୁଝର-ମୟୂରଭଞ୍ଜ ସୀମାର ଗୋପୀନାଥପୁରଠାରେ ଏକ ବାଘର ପାଦଚିହ୍ନ ଠାବ ହୋଇଛି। ଦୁଇ ଦିନ ତଳେ ୧୨ ସେଣ୍ଟିମିଟର୍ ବିଶିଷ୍ଟ ଏକ ବାଘ ପାଦଚିହ୍ନ ଠାବ ହେବା ଆଖପାଖ ଅଞ୍ଚଳରେ ଭୟର ବାତାବରଣ ଖେଳିଯାଇଛି। ଏପରିକି, କିଛି ସ୍ଥାନୀୟ

- ପାଦଚିହ୍ନ ଠାବ ପରେ ଆତଙ୍କ
- ବନ ବିଭାଗ ଲଗାଇଲା ୩୫ ଟ୍ରାପ୍ କ୍ୟାମେରା



ଲୋକ ବାଘକୁ ଦେଖିଥିବା ମଧ କହିଛନ୍ତି। ଫଳରେ ସନ୍ଧ୍ୟା ହେଲେ ତାଟିକବାଟ ପଡ଼ିଯାଉଛି। ଏପରି ସ୍ଥିତିରେ ବାଘକୁ ଧରିବା ପାଇଁ ବନ ବିଭାଗ ତନାଘନା ଆରମ୍ଭ କରିଦେଇଛି। ଅଟେଇ ସଂରକ୍ଷିତ ଜଙ୍ଗଲରେ ୩୫ଟି ଟ୍ରାପ୍ କ୍ୟାମେରା ଲଗାଯାଇଥିବା କେନ୍ଦୁଝର ଡିଏଫ୍‌ଓ ଏଚ୍.ଡି ଧନରାଜ ସୂଚନା ଦେଇଛନ୍ତି। ତେବେ ୨ଦିନ ମଧ୍ୟରେ ଏଯାଏଁ ଏଠାରେ ବାଘ ଦେଖାଯାଇ ନଥିବା ମଧ ସେ କହିଛନ୍ତି।

ଏହି ଅଞ୍ଚଳ ଏକ ବ୍ୟାଘ୍ର କରିଡର୍ ହୋଇଥିବାରୁ ସମୟ ସମୟରେ ଶିମିଳିପାଳରୁ ଅଟେଇ ଜଙ୍ଗଲକୁ ବାଘ ଆସି ପୁନର୍ବାର ଫେରି ଯାଇଥାନ୍ତି। ଅଟେଇ ସଂରକ୍ଷିତ ଜଙ୍ଗଲ ମଧ୍ୟରେ ବାଘ ପାଇଁ ଅଧିକ ତୃଣଭୋଜି ବନ୍ୟପ୍ରାଣୀ ରହିଥିବାରୁ ବାଘ ଏଠାକୁ ଆସିଥା'ନ୍ତି। ୨୦-୨୨ ମାସର ଏକ ବାଘ ଶିମିଳିପାଳରୁ ବାହାରି ବ୍ୟାଘ୍ର କରିଡର୍ ମଧ୍ୟରେ ଚଳପ୍ରଚଳ କରୁଥିବା ବନଖଣ୍ଡ ଅଧିକାରୀ କହିଛନ୍ତି। ବ୍ୟାଘ୍ର କରିଡର୍ ଶିମିଳିପାଳରୁ ଆରମ୍ଭ ହୋଇ ଠାକୁରମୁଣ୍ଡା, ଆନନ୍ଦପୁର, ସନ୍ତୋଷପୁର ସଂରକ୍ଷିତ ଜଙ୍ଗଲ, ଅଟେଇ ସଂରକ୍ଷିତ ଜଙ୍ଗଲ ଦେଇ ରେବଣା ଓ ସାତକୋଶିଆ ଯାଏ ଲମ୍ବିଛି। ସମୟ ବ୍ୟବଧାନରେ ଏହି କରିଡର୍ ଦେଇ ଅଟେଇ ଜଙ୍ଗଲକୁ ବାଘ ଆସି ପୁନର୍ବାର ଫେରି ଯାଉଥିବା ସେ କହିଛନ୍ତି। କେନ୍ଦୁଝର ଜିଲ୍ଲାର ଘଞ୍ଚ ଅଟେଇ ଜଙ୍ଗଲକୁ ବାଘ ଆସିବା ଏକ ଶୁଭ ସଙ୍କେତ ବୋଲି କହିବା ସହ ଏଥିପାଇଁ ବନବିଭାଗ ସମ୍ପୂର୍ଣ୍ଣ ପ୍ରସ୍ତୁତ ରହିଥିବା ଡିଏଫଓ ଧନରାଜ କହିଛନ୍ତି।

ଅପରପକ୍ଷେ, ଲୋକଙ୍କ ଧନଜୀବନ ପ୍ରତି ବିପଦ ଥିବାରୁ ଆଖପାଖ ଅଞ୍ଚଳରେ ବନ ବିଭାଗ ଲୋକଙ୍କୁ ସତର୍କ କରାଇଛି। ଜଙ୍ଗଲ ଭିତରକୁ ନିଜେ ନ ଯିବା ସହ ଗୃହପାଳିତ ପଶୁଙ୍କୁ ମଧ ନ ଛାଡ଼ିବାକୁ ଗାଁ ଗାଁରେ ସଚେତନ କରାଯାଉଛି।

## ସାପ କାମୁଡ଼ାରେ ମହିଳାଙ୍କ ମୃତ୍ୟୁ

**ଦିଗପହଣ୍ଡି,୩।୧୧(ସମିସ):** ଦିଗପହଣ୍ଡି ବ୍ଲକ ପଦ୍ମନାଭପୁର ଖଣ୍ଡିଆ ସାହିର ପୁରୋହିତ ତ୍ରିଲୋଚନ ମିଶ୍ରଙ୍କ ସ୍ତ୍ରୀ ଲିଲି ମିଶ୍ର(୪୦)ଙ୍କ ସାପ କାମୁଡ଼ାରେ ମୃତ୍ୟୁ ଘଟିଛି। ବ୍ରହ୍ମପୁର ବଡ଼ ଡାକ୍ତରଖାନାରେ ବ୍ୟବଚ୍ଛେଦ କରାଯିବା ପରେ ରବିବାର ମୃତଦେହକୁ ପରିବାର ଲୋକଙ୍କୁ ହସ୍ତାନ୍ତର କରାଯାଇଥିଲା। ସନ୍ଧ୍ୟାରେ ଶୋକାକୁଳ ପରିବେଶ ମଧ୍ୟରେ ଗାଁ ଶ୍ମଶାନରେ ତାଙ୍କ ଅନ୍ତିମ ସଂସ୍କାର କରାଯାଇଛି। ଶନିବାର ସେ ଘର ପିଣ୍ଡାରେ ବସିଥିବା ବେଳେ ତାଙ୍କୁ ସାପ କାମୁଡ଼ିଥିଲା। ଚେତାଶୂନ୍ୟ ଅବସ୍ଥାରେ ତାଙ୍କୁ ପରିବାର ଲୋକେ ଦିଗପହଣ୍ଡି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରିଥିଲେ। ପ୍ରାଥମିକ ଚିକିତ୍ସା ପରେ ତାଙ୍କୁ ବ୍ରହ୍ମପୁର ବଡ଼ ଡାକ୍ତରଖାନାକୁ ସ୍ଥାନାନ୍ତର କରାଯାଇଥିଲା। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ।

## ଯୁବକଙ୍କ ମୃତଦେହ ଉଦ୍ଧାର

**ସାନଖେମୁଣ୍ଡି,୩।୧୧(ସମିସ):** ଗଞ୍ଜାମ ଜିଲ୍ଲା ପାଟପୁର ଥାନା ରାଧାଦେଇପୁର ପଞ୍ଚାୟତ ଉସ୍ଥା ଜଗନାଥପୁର ଗ୍ରାମ ଦେଇ ଯାଇଥିବା ରଷିକୁଲ୍ୟା କେନାଲରୁ ଜଣେ ଅଜଣା ଯୁବକଙ୍କ ମୃତଦେହ ଉଦ୍ଧାର କରିଛି ପାଟପୁର ପୁଲିସ। ସୂଚନା ମୁତାବକ ସୋମବାର ଉସ୍ଥା ଜଗନାଥପୁର କିଛି ଲୋକ ଗ୍ରାମ ଦେଇ ଯାଇଥିବା ରଷିକୁଲ୍ୟା କେନାଲକୁ ଗାଧୋଇବା ପାଇଁ ଯାଇଥିଲେ। ସେହି ସମୟରେ ଦେଖିଲେ ଉକ୍ତ କେନାଲର ଏକ କଡ଼ରେ ଜଣେ ଯୁବକଙ୍କ ମୃତଦେହ ଭାସୁଛି। ଏନେଇ ସ୍ଥାନୀୟ ଲୋକ ପାଟପୁର ପୁଲିସକୁ ଖବର ଦେଇଥିଲେ। ପୁଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଥିବା ବେଳେ ଅଗ୍ନିଶମ ବାହିନୀ କେନାଲରୁ ମୃତଦେହ ଉଦ୍ଧାର କରି ବାହାରକୁ ଆଣିଥିଲେ। ପୁଲିସ ଏନେଇ ୨୩/୨୫ରେ ଏକ ଅପମୃତ୍ୟୁ ମାମଲା ରୁଜୁ କରି ଶବ ବ୍ୟବଚ୍ଛଦେ ପାଇଁ ବ୍ରହ୍ମପୁର ବଡ଼ ଡାକ୍ତରଖାନାକୁ ପଠାଇଥିବା ଜଣାପଡିଛି। ଖବର ଲେଖା ସୁଦ୍ଧା ଯୁବକଙ୍କ ପରିଚୟ ମିଳିନି। ପାଟପୁର ପୁଲିସ ଏନେଇ ଆଖ ପାଖ ଥାନାଗୁଡ଼ିକରେ ନିଖୋଜ ଥିବା ଯୁବକଙ୍କ ବିଷୟରେ ପଚାରି ବୁଝିବା ସହ କେନାଲ ତଟବର୍ତ୍ତି ଗାଁ ଗୁଡ଼ିକରେ ମୃତ ଯୁବକଙ୍କ ଫଟୋ ଧରି ପରିଚୟ ଖୋଜୁଥିବା ଦେଖିବାକୁ ମିଳିଛି।

● ଜଙ୍ଗଲରୁ ବାଲିଚାଲାଣ

## ଟ୍ରାକ୍ଟର ସହ ଦୁଇ ଗିରଫ

**ଜଗନ୍ନାଥପ୍ରସାଦ,୩।୧୧(ସମିସ):** ଜଗନ୍ନାଥପ୍ରସାଦ ବ୍ଲକ ବାନ୍ତା ନିକଟ ପାଇଛେଲିଆ ସଂରକ୍ଷିତ ଜଙ୍ଗଲ ଭିତର ଦେଇ ବୋହିଯାଇଥିବା ଝରଣା ମଧ୍ୟରୁ ସୋମବାର ବାଲି ଚୋରି ହେଉଥିବା ଖବର ପାଇ ବନ ବିଭାଗୀ କର୍ମଚାରୀ ଟ୍ରାକ୍ଟରକୁ ଜବତ କରିଥିଲେ। ଏଥିରେ ସମ୍ପୃକ୍ତ ଅଭିଯୋଗରେ ଅଳସୁ ନିମ ସାହି ଗ୍ରାମର ସିମାଞ୍ଚଳ ଗୌଡ଼ଙ୍କ ପୁଅ ବିକାଶ ଗୌଡ଼ ଓ ବଂଶୀ ଗୌଡ଼ଙ୍କ ପୁଅ ବଳିଆ ଗୌଡ଼କୁ ଧରି ରେଞ୍ଜ କାର୍ଯ୍ୟାଳୟ ଆଣିଥିଲେ। ପଚରା ଉଚରା ପରେ ଏହି ଟ୍ରାକ୍ଟରଟି ନିମସାହି ରାଜେନ୍ଦ୍ର ଗୌଡ଼ଙ୍କର ବୋଲି ଜଣାପଡିଥିଲା। ପରେ ସେମାନଙ୍କ ନାମରେ ଓଆର ମାମଲା ନମ୍ବର ୧୨୮/୨୫-୨୬ ପ୍ରକାରେ ରୁଜୁ କରାଯାଇ କୋର୍ଟଚାଲାଣ କରାଯାଇଥିବା ରେଞ୍ଜର ସୁଜାତା ରାଣୀ ପଣ୍ଡା କହିଛନ୍ତି। ଚଢ଼ଉରେ ଲୁଣ୍ଠୁର ପଦର ବନରକ୍ଷୀ ଚନ୍ଦ୍ର ଶେଖର ପାଣିଗ୍ରାହୀଙ୍କ ସମେତ ସ୍କ୍ୱାର୍ଡ ଦଳ ଓ ଗଜସାଥୀ ସାମିଲ ଥିଲେ।

## ପୋଖରୀରେ ବୁଡ଼ି ଛାତ୍ର ମୃତ

**ଭଞ୍ଜନଗର,୩।୧୧(ସମିସ):** ଭଞ୍ଜନଗର ଥାନା ଅନ୍ତର୍ଗତ ବାଉଁଶଲୁଣ୍ଡି ମୁଖ୍ୟ ରାସ୍ତା କଡରେ ଥିବା ପୋଖରୀରେ ବୁଡ଼ି ଜଣେ ନାବାଳକ ଛାତ୍ରର ମୃତ୍ୟୁ ଘଟିଛି। ମୃତକ ହେଲେ ଚିତ୍ତରଞ୍ଜନ ଦାସଙ୍କ ପୁଅ ରୁଦ୍ର ପ୍ରସାଦ ଦାସ (୧୨)। ପୁଲିସ ଶବ ଜବତ କରି ଭଞ୍ଜନଗର ମେଡିକାଲରେ ବ୍ୟବଚ୍ଛେଦ ପରେ ପରିବାର ଲୋକଙ୍କୁ ହସ୍ତାନ୍ତର କରିଛି। ସୋମବାର ସକାଳେ ରୁଦ୍ର ଗ୍ରାମ ପୋଖରୀକୁ ଗାଧୋଇବାକୁ ଯାଇଥିଲେ। ଏହି ସମୟରେ ସେ ଅସାବଧାନତା ବଶତଃ ପୋଖରୀରେ ବୁଡି ଯାଇଥିଲେ। ସ୍ଥାନୀୟ ଲୋକେ ତାଙ୍କୁ ଉଦ୍ଧାର କରି ଭଞ୍ଜନଗର ମେଡିକାଲରେ ଭର୍ତ୍ତି କରିଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଏହି ଘଟଣା ପରେ ସଂପୃକ୍ତ ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି। ମୃତ ରୁଦ୍ରର ପରିବାର ଅତ୍ୟନ୍ତ ଗରୀବ ଶ୍ରେଣୀର ହୋଇଥିବାରୁ ସ୍ୱେଚ୍ଛାସେବୀ ସଙ୍ଗଠନ ରାଇଜିଙ୍ଗ ହ୍ୟାଣ୍ଡର ବି. ସୁଭମ ପାତ୍ର, ଅରୁଣାଦିତ୍ୟ ସ୍ୱାଇଁ, ଆଦିତ୍ୟ ଗୌଡ଼, ଶୁଭମ ନାୟକ, ସୋହନ ପ୍ରଧାନ, ବିଶ୍ୱନାଥ ଗୌଡ଼, ସୁମନ ପାତ୍ର, ଶୁଭମ ରଣା, ସୁରଜ ପଟ୍ଟନାୟକ ଓ ଅନ୍ୟମାନେ ଉପସ୍ଥିତ ରହି ବାଉଁଶଲୁଣ୍ଡି ସ୍ମଶାନ ଠାରେ ଶବ ଦାହ କାର୍ଯ୍ୟରେ ସହଯୋଗ କରିଥିଲେ।

## ବ୍ଲକ୍‌ସ୍ତରୀୟ ସୁରଭି କାର୍ଯ୍ୟକ୍ରମ

**ସୋରଡ଼ା,୩।୧୧(ସମିସ):** ସ୍ଥାନୀୟ ଶଶିଭୂଷଣ ଉଚ୍ଚ ବିଦ୍ୟାଳୟରେ ବ୍ଲକ୍‌ସ୍ତରୀୟ ଶିଶୁ ମହୋତ୍ସବ ସୁରଭି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏଥିରେ ବ୍ଲକ୍‌ର ୧୬ଟି କ୍ଲଷ୍ଟରର ପ୍ରାୟ ୨୫୦ଜଣ ପ୍ରତିଯୋଗୀ ଅଂଶଗ୍ରହଣ କରିଥିଲେ। ମୁଖ୍ୟ ଅତିଥି ଭାବେ ଏନଏସି ଅଧ୍ୟକ୍ଷ ଶିବ ଶଙ୍କର ପଣ୍ଡା, ସମ୍ମାନିତ ଅତିଥି ଗୋଷ୍ଠୀ ଶିକ୍ଷା ଅଧିକାରୀ ରମେଶ ଚନ୍ଦ୍ର ସାହୁ, ସହକାରୀ ଗୋଷ୍ଠୀ ଶିକ୍ଷା ଅଧିକାରୀ ସୁଶୀଳା ପାତ୍ର, ପୀତାମ୍ବର ନାୟକ, ବିଜୟ କୁମାର ମଣ୍ଡଳ ମୁଖ୍ୟବକ୍ତା ଭାବେ ଯୋଗଦେଇଥିଲେ। ଏହି ବିଦ୍ୟାଳୟର ପ୍ରଧାନ ଶିକ୍ଷୟତ୍ରୀ, ବିଦ୍ୟାଳୟ ପରିଚାଳନା କମିଟି ସଭାପତି ପ୍ରମୁଖ ଯୋଗ ଦେଇଥିଲେ। ଆରସିସି ସନ୍ତୋଷ କୁମାର ମହାନ୍ତି ଓ ନାଟ୍ୟକାର ତଥା ଅମୃତୁଲୁ ସିଆର୍‌ସିସି ରାଜେନ୍ଦ୍ର କୁମାର ବିଷୋୟୀ, କାଳୁ ଚରଣ ପାଢ଼ୀ ମଞ୍ଚ ପରିଚାଳନା କରିଥିଲେ। କୃତୀ ପ୍ରତିଯୋଗୀଙ୍କୁ ସମ୍ମାନିତ କରାଯାଇଥିଲା। ସିଆରସିସି ସନ୍ତୋଷ ମହାନ୍ତି, ଅରୁଣ କୁମାର୍ ବେହେରା କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଜଗନ୍ନାଥ ସଂସ୍କୃତିକୁ ନେଇ ବିଭିନ୍ନ ପୌରାଣିକ, କାର୍ଯ୍ୟକ୍ରମ ଅଭିନୟ ମାଧ୍ୟମରେ ଅନୁଷ୍ଠିତ ହୋଇଥିଲା।

# ପଞ୍ଚୁକରେ ଲୋକାରଣ୍ୟ ଉଜ୍ଜଳେଶ୍ୱର ପୀଠ



**ଦିଗପହଣ୍ଡି,୩।୧୧(ସମିସ)**

ପବିତ୍ର ଧାର୍ମିକ ମାସ କାର୍ତ୍ତିକ ଶେଷ ସୋମବାର ପଞ୍ଚୁକ ଅବସରରେ ଦିଗପହଣ୍ଡି ଅଞ୍ଚଳର ପ୍ରମୁଖ ଶୈବପୀଠ ମାନଙ୍କରେ ଭକ୍ତଙ୍କ ଭିଡ଼ ଦେଖିବାକୁ ମିଳିଥିଲା। ଗଞ୍ଜାମ ଜିଲ୍ଲାର ପ୍ରମୁଖ ଶୈବପୀଠ ଦିଗପହଣ୍ଡି ବ୍ଲକ ଖମ୍ବାରୀ ଗାଁ ସ୍ଥିତ ଉଜ୍ଜଳେଶ୍ୱର ଏବଂ କମଳାପୁର ଗ୍ରାମର କାଶୀ ବିଶ୍ୱନାଥ ଶୈବପୀଠରେ ସକାଳୁ ସକାଳୁ ଲୋକାରଣ୍ୟ ହୋଇଯାଇଥିଲା। ଶ୍ରଦ୍ଧାଳୁମାନେ ଧାଡ଼ି ବାନ୍ଧି ଦୀର୍ଘ ସମୟ ଧରି ଠିଆ ହୋଇଥିଲେ। ଠାକୁରଙ୍କ ମଙ୍ଗଳଆଳତି, ତଡ଼ପଲାଗି, ରୋଷହୋମ, ସୂର୍ଯ୍ୟପୂଜା, ଦ୍ୱାରପାଳ ପୂଜା ପରେ ଶ୍ରଦ୍ଧାଳୁ ମାନେ ପ୍ରଭୁ ଭୋଳା ଶଙ୍କରଙ୍କୁ ଦର୍ଶନ କରିବା ସହ ପୀଠରେ ପୂଜାର୍ଚ୍ଚନା କରିଥିଲେ। ଏପରିକି ଶୈବପୀଠ ମାନଙ୍କରେ ଆଖପାଖ ଅଞ୍ଚଳ ସମେତ ଦୂରଦୂରାନ୍ତରୁ ଆସିଥିବା ଭକ୍ତମାନେ ନିଜ ପରିବାର ସହ ଭୋଜିଭାତ କରିଥିବା ଜଣାପଡିଛି। ଶ୍ରଦ୍ଧାଳୁଙ୍କ ଭିଡ଼ ନିୟନ୍ତ୍ରଣ ଓ ଶାନ୍ତି ଶୃଙ୍ଖଳା ନିମନ୍ତେ ଶ୍ରୀ ଉଜ୍ଜଳେଶ୍ୱର ଶୈବପୀଠ ପରିଚାଳନା କମିଟି ପକ୍ଷରୁ ଅନୁରୋଧ କ୍ରମେ କେ.ନୂଆଗାଁ ଥାନା ପକ୍ଷରୁ ନୂଆପଡ଼ା ଫାଣ୍ଡି ଅଧିକାରୀ ଜଗବନ୍ଧୁ ବାର୍ଲାଙ୍କ ନେତୃତ୍ୱରେ ବ୍ୟାପକ ପୁଲିସ ଫୋର୍ସ ମୁତୟନ କରାଯାଇଥିଲା। ସେହିପରି ଦିଗପହଣ୍ଡି ସହରର ଶ୍ରୀ ଗୁପ୍ତେଶ୍ୱର, ଶ୍ରୀ ମୁକ୍ତେଶ୍ୱର, ଶ୍ରୀ ଭାବକୁଣ୍ଡେଳେଶ୍ୱର, ଶ୍ରୀ ଚନ୍ଦ୍ରଚୁଡ଼େଶ୍ୱର, ଶ୍ରୀ ପାତାଳେଶ୍ୱର, ବଡପଦା ସ୍ଥିତ ଶ୍ରୀ ଉଦୟନାଥେଶ୍ୱର, ଆଙ୍କୋରଡା ଗ୍ରାମର ଶ୍ରୀ ସ୍ୱପ୍ନେଶ୍ୱର, କୁଶପଡା ଗ୍ରାମର ଶ୍ରୀ ନୀଳକଣ୍ଠେଶ୍ୱର ପ୍ରଭୃତି ଶୈବପୀଠରେ ଶ୍ରଦ୍ଧାଳୁଙ୍କ ସମାଗମ ଦେଖିବାକୁ ମିଳିଥିଲା।



● ବଟେଶ୍ୱର ପୀଠରେ ୫୦ ହଜାରୁ ଉର୍ଦ୍ଧ୍ୱ ଶ୍ରଦ୍ଧାଳୁଙ୍କ ସମାଗମ

**ଗଞ୍ଜାମ,୩।୧୧(ସମିସ):** ଗଞ୍ଜାମ ବ୍ଲକ ଅନ୍ତର୍ଗତ କଣ୍ଟିଆଗଡ଼ ନିକଟସ୍ଥବଟେଶ୍ୱର ଶୈବପୀଠରେ ଶେଷ ସୋମବାରରେ ଶ୍ରଦ୍ଧାଳୁଙ୍କ ପ୍ରବଳ ଭିଡ଼ ଦେଖିବାକୁ ମିଳିଥିଲା। ପୂର୍ବରୁ କାର୍ତ୍ତିକ ମାସର ପ୍ରଥମ ଓ ଦିତୀୟ ଓ ତୃତୀୟ ସୋମବାର ସକାଳୁ ସକାଳୁ ବର୍ଷା ବାଧକ ସାଜିଥିବା ବେଳେ ଶେଷ ସୋମବାର ଦିନ ୫୦ ହଜାର ଭକ୍ତଙ୍କ ଭିଡ ଜମିଥିଲା। ପ୍ରଥମ ଥର ପାଇଁ ଚଳିତ ବର୍ଷ ଛଅ ଗ୍ରାମବାସୀଙ୍କ ଦ୍ୱାରା ମନ୍ଦିର ପରିଚାଳନା କମିଟି ଓ ପ୍ରଶାସନର ସହଯୋଗରେ ନୂତନ ରାସ୍ତା ନିର୍ମାଣ କରାଯାଇଥିବାରୁ ଭକ୍ତ ମାନେ ଯାତାୟାତରେ ବହୁତ ସୁବିଧା ହୋଇଥିଲା। ସୁନ୍ଦର ଟ୍ରାଫିକ ବ୍ୟବସ୍ଥା ସହ ମନ୍ଦିର ପରିଚାଳନା କମିଟି ପକ୍ଷରୁ ସମସ୍ତ ପ୍ରକାର ସୁବିଧା ଓ ସହଯୋଗ କରାଯାଇଥିଲା। ସକାଳୁ ସକାଳୁ ଭକ୍ତଙ୍କ ଲମ୍ବା ଲାଇନ୍ ଦେଖିବାକୁ ମିଳିଥିଲା ପୀଠ ନିକଟସ୍ଥ ସମୁଦ୍ର ବେଳାଭୂମିରେ ପର୍ଯ୍ୟଟକଙ୍କ ଭିଡ଼ ଜମିଥିଲା। ଭକ୍ତଙ୍କ ସୁରକ୍ଷା ପାଇଁ ଛତ୍ରପୁର ଏସଡିପିଓ ଚନ୍ଦନ ଘଡ଼ାଇ, ରମ୍ଭା ଥାନା ଆଇଆଇସି କୁମାର ମୁଦୁଲି ଓ ହୁମା ଫାଣ୍ଡି ଅଧିକାରୀ ସତ୍ୟଜିତ ବେଣୀଆଙ୍କ ନେତୃତ୍ୱରେ ବ୍ୟାପକ ପୁଲିସ ବନ୍ଦୋବସ୍ତ କରାଯାଇଥିଲା। ଅଗ୍ନିଶମ ବିଭାଗ ଉପସ୍ଥିତି ରହିଥିବା ବେଳେ ବାଲି ଯାତ୍ରା କମିଟିର ସଭାପତି ଓ ସମ୍ପାଦକ ସହ ସମସ୍ତ ସଦସ୍ୟ ଉପସ୍ଥିତ ରହି ପରିଚାଳନା କରିଥିଲେ।

● ବୁଦ୍ଧଖୋଲ ପୀଠରେ ଲମ୍ବାଧାଡ଼ି

**ବୁଗୁଡ଼ା,୩।୧୧(ସମିସ):** ଧର୍ମ ମାସ କାର୍ତ୍ତିକର ଚତୁର୍ଥ ସୋମବାରରେ ଶ୍ରଦ୍ଧାଳୁଙ୍କ ସମାବେଶ ଯୋଗୁଁ ପ୍ରସିଦ୍ଧ ଐତିହାସିକ ଶୈବପୀଠ ବୁଦ୍ଧଖୋଲ ଚଳଚଞ୍ଚଳ ହୋଇ ଉଠିଥିଲା। ବୁଗୁଡା ସମେତ ଅନ୍ୟ ଅଞ୍ଚଳର ହଜାର ହଜାର ଶ୍ରଦ୍ଧାଳୁଙ୍କ ସମାଗମ ଦେଖିବାକୁ ମିଳିଥିଲା ବେଳେ ବଡି ସକାଳୁ ହିଁ ବୁଦ୍ଧଖୋଲ ଅଭିମୁଖେ ଭକ୍ତଙ୍କ ସୁଅ ଛୁଟିଥିଲା। ଭକ୍ତଗଣ ପାହାଚ ନତୁବା ଘାଟି ରାସ୍ତାରେ ଯାଇ ବୁଦ୍ଧଖୋଲ ପାହାଡ଼ରେ ବିରାଜମାନ ଜଗଦେଶ୍ୱର ସ୍ୱାମୀ, ଗଙ୍ଗାଧର ସ୍ୱାମୀ , ମକରେଶ୍ୱର ସ୍ୱାମୀ, ବୁଦ୍ଧେଶ୍ୱର ସ୍ୱାମୀ ଓ ସିଦ୍ଧେଶ୍ୱର ସ୍ୱାମୀ ଆଦି ପଞ୍ଚ ଶମ୍ଭୁଙ୍କ ଆଶିଷ ପ୍ରାପ୍ତାର୍ଥେ ଦର୍ଶନ କରିଥିଲେ । ଏଥି ସହ ବୁଦ୍ଧଖୋଲ ପାଦଦେଶସ୍ଥ ଶିବ ପାର୍ବତୀଙ୍କ ଯୁଗଳ ମୂର୍ତ୍ତି ସ୍ଥାପନ ସ୍ଥଳ ଲୋକାରଣ୍ୟ ପାଲଟି ଥିଲା।



ଅନ୍ୟପକ୍ଷରେ ଗହଳି ରାସ୍ତାରେ ବସ୍ ଚଳାଚଳ ଯୋଗୁଁ କତକଲା ଗ୍ରାମ ରାସ୍ତାରେ ବାରମ୍ବାର ଟ୍ରାଫିକ ସମସ୍ୟା ସୃଷ୍ଟି ହୋଇଥିଲା।

● ନମଃଶିବାୟ ଧ୍ୱନିରେ କମ୍ପିଲା ଶୈବ ପୀଠ

**ଛତ୍ରପୁର,୩।୧୧(ସମିସ):** ଛତ୍ରପୁର ସହର ଓ ଆଖ ପାଖ ଅଞ୍ଚଳର ବିଭିନ୍ନ ଶୈବ ପୀଠରେ କାର୍ତ୍ତିକ ମାସର ଶେଷ ସୋମବାର ହୋଇଥିବାରୁ ଶ୍ରଦ୍ଧାଳୁଙ୍କ ପ୍ରବଳ ଭିଡ଼ ଦେଖିବାକୁ ମିଳିଛି। ଆଗ୍ରହରମ ସାହି ସ୍ଥିତ ଗୌରୀଶଙ୍କର ମନ୍ଦିର, ପୁତିଗୋପାଳପୁରସ୍ଥିତ ବିଶ୍ୱେଶ୍ୱର ମନ୍ଦିର, ନିୟୁପୋଲିସ ଲାଇନ ସ୍ଥିତ ବିରେଶ୍ୱର ମନ୍ଦିର, ବିନୋଦ ବିହାରୀସ୍ଥିତ ଶ୍ରୀଚନ୍ଦ୍ରଶେଖର, ବଜାର ନିକଟରେ ଥିବା ନୀଳକଣ୍ଠେଶ୍ୱର, ତାଡେପଲ୍ଲୀ ସ୍ଥିତ ବଡ଼ ଜଗନ୍ନାଥ ମନ୍ଦିରରେ କାଶୀବିଶ୍ୱନାଥ, ଚମାଖଣ୍ଡି ଛକ ନିକଟ ମଲ୍ଲିକେଶ୍ୱରଓ ସୁନ୍ଦରପୁର ସ୍ଥିତ ସୁନ୍ଦରେଶ୍ୱର ମନ୍ଦିର ସମେତ ଅନ୍ୟାନ୍ୟ ଶିବ ମନ୍ଦିର ଗୁଡିକରେ ଓଁ ନମଃ ଶିବାୟ ଧ୍ୱନିରେ ପ୍ରକମ୍ପିତ ହୋଇଛି। ପୀଠଗୁଡ଼ିକରେ ହଜାର ହଜାର ଭକ୍ତଙ୍କ ସମାଗମ ହୋଇଥିଲା।

## ଅଲିଭ ରିଡ଼ଲେଙ୍କ ଅଣ୍ଡାଦାନ ପାଇଁ ବେଳାଭୂମି ସଫେଇ



**ଗଞ୍ଜାମ,୩।୧୧(ସମିସ):** ସାମୁଦ୍ରିକ ଅଲିଭ ରିଡ଼ଲେ କଇଁଛଙ୍କ ସୁରକ୍ଷିତ ଗଣ ଅଣ୍ଡାଦାନ ଓ ପରିବେଶ ସୁରକ୍ଷା ନେଇ ରଷିକୂଲ୍ୟା ମୁହାଣ ସମୁଦ୍ର ବେଳାଭୂମିରେ ଦି ୱିକୋ ୱାରିୟର ଫାଉଣ୍ଡେସନ ପକ୍ଷରୁ ସ୍ୱଚ୍ଛତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ସମୁଦ୍ରରୁ ଉଚ୍ଚ ଲହଡି ଦ୍ୱାରା ଭାସି ଆସି କୁଳରେ ଲାଗିଥିବା ବିଭିନ୍ନ ଅଳିଆ ଆବର୍ଜନାକୁ ତିନି କିମି ପର୍ଯ୍ୟନ୍ତ ସଫେଇ କରିଥିଲେ ସ୍ୱେଚ୍ଛାସେବୀ ଅନୁଷ୍ଠାନର ସଦସ୍ୟ। ଗଞ୍ଜାମ ବ୍ଲକ ଅନ୍ତର୍ଗତ ଅଳେଶ୍ୱର ଶୈବପୀଠ ନିକଟସ୍ଥ ବେଳାଭୂମି ଠାରୁ ପୋଡମପେଟା ଗଙ୍ଗାଦେବୀସ୍ଥିତ ସମୁଦ୍ର ବେଳାଭୂମି ପର୍ଯ୍ୟନ୍ତ ସଫେଇ କରାଯାଇଥିଲା।

ହକି ଗ୍ରାସରୁଟ ଚାମ୍ପିଅନସିପ୍

## ଢେଙ୍କାନାଳକୁ ହରାଇଲା ଛତ୍ରପୁର

**ଛତ୍ରପୁର,୩।୧୧(ସମିସ):** ରାଉରକେଲା ବିର୍ସା ମୁଣ୍ଡା ଷ୍ଟାଡିଅମରେ ଚାଲିଥିବା ୪ର୍ଥ ଏଡିସନ ଓଡିଶା ନାଭାଲ ଟାଟା ୧୪ ବର୍ଷରୁ ବାଳକ ମାନଙ୍କ ହକି ଗ୍ରାସରୁଟ ଚାମ୍ପିଅନସିପରେ ସୋମବାର ପ୍ରଥମ ଲିଗ ମ୍ୟାଚ ଖେଳି ଛତ୍ରପୁର ଟିମ ୯-୧ ଗୋଲରେ ଢେଙ୍କାନାଳ ଟିମକୁ ହରାଇଛି। ମଙ୍ଗଳବାର ଦିନ ଦ୍ୱିତୀୟ ଲିଗ ମ୍ୟାଚରେ ନୟାଗଡ଼ ଜିଲ୍ଲା ରଣପୁରର ହକି ଗ୍ରାସରୁଟ ଟିମ ସହିତ ଛତ୍ରପୁର ଟିମ ମୁକାବିଲା କରିବ ବୋଲି କୋଚ ମନୋଜ କୁମାର ସ୍ୱାଇଁ କହିଛନ୍ତି। ଏହି ପ୍ରତିଯୋଗିତା ଆସନ୍ତା ୮ ତାରିଖ ପର୍ଯ୍ୟନ୍ତ ଅନୁଷ୍ଠିତ ହେବ। ଏଥିରେ ଓଡିଶାର ୩୭ ଟିମ ଭାଗ ନେଇଛନ୍ତି। ଏଥିରୁ ଯେଉଁ ଖେଳାଳି ମାନେ ଭଲ ପ୍ରଦର୍ଶନ କରିବେ। ସେମାନଙ୍କୁ ନେଇ ଏକ ଟିମ କରାଯିବ ଏବଂ ଉକ୍ତ ଟିମ ଆଗାମୀ ଦିନରେ ଲକ୍ଷ୍ନୌ ଠାରେ ହେବାକୁ ଥିବା ପ୍ରତିଯୋଗିତାରେ ଅଂଶଗ୍ରହଣ କରିବ।



ଜୋନାଲ୍‌ସ୍ତରୀୟ ମହିଳା କବାଡ଼ି ଟୁର୍ଣ୍ଣାମେଣ୍ଟ

## ବୁଗୁଡ଼ା ଏଚ୍‌ଏସ୍‌ଏସ୍ ଦଳ ଚାମ୍ପିଅନ

**ବୁଗୁଡ଼ା,୩।୧୧(ସମିସ):** ଉଚ୍ଚ ମାଧ୍ୟମିକ ଶିକ୍ଷା ପରିଷଦ ଓଡିଶା ଆନୁକୂଲ୍ୟରେ ପିପୁଲ୍ଲି ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ପକ୍ଷରୁ ଆୟୋଜିତ ତ୍ରିଦିବସୀୟ ଜୋନାଲସ୍ତରୀୟ ଆନ୍ତ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ମହିଳା କବାଡ଼ି ଟୁର୍ଣ୍ଣାମେଣ୍ଟ ଉଦଯାପିତ ହୋଇଯାଇଛି। ପିପୁଲ୍ଲି କଲେଜ ପରିସରରେ ଅନୁଷ୍ଠିତ ଟୁର୍ଣ୍ଣାମେଣ୍ଟର ଫାଇନାଲ ମ୍ୟାଚରେ ପିପୁଲ୍ଲି ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ, ବୁଗୁଡ଼ା ଦଳ ସୋମନାଥ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ, ମୁଣ୍ଡମରାଇ ଦଳକୁ ୫୨-୧୪ ପଏଣ୍ଟରେ ହରାଇ ଚାମ୍ପିଅନ ହୋଇଥିଲା। ଫାଇନାଲ ମ୍ୟାଚଟ ଆମ୍ପାୟର ଭଞ୍ଜ କିଶୋର ଗୌଡ଼ ଓ ସୁନିଲ କୁମାର ନାୟକ ଏବଂ ରେଫେରି ଆକାଶ ପ୍ରଧାନ ପରିଚାଳନା କରିଥିବା ବେଳେ ସ୍କୋରର୍ ଭାବେ ଦିପକ କୁମାର ସାହୁ, ଲାଇନ୍ସମ୍ୟାନ୍ ଭାବେ ସ୍ୱରାଜ ସାହୁ ଓ ଅକ୍ଷୟ ନାୟକ ନିୟୋଜିତ ଥିଲେ। ଉଦଯାପନୀ ଉତ୍ସବରେ କଲେଜ ଉପାଧ୍ୟକ୍ଷ ହରିକୃଷ୍ଣ ନାୟକ ଅଧ୍ୟକ୍ଷତା କରିଥିବା ବେଳେ ମୁଖ୍ୟ ଅତିଥି ଭାବେ +୩ କ୍ରୀଡା ଉପଦେଷ୍ଟା ଅକ୍ଷୟ ସାହୁ, ସମ୍ମାନିତ ଅତିଥି ଭାବେ +୨ କ୍ରୀଡା ଉପଦେଷ୍ଟା ଆଟ ପ୍ରକାଶ ନାୟକ ଓ ଅଧ୍ୟାପକ ଦିଲ୍ଲୀପ ସେଠୀ ଯୋଗଦେଇ ଖେଳାଳିଙ୍କୁ ମାର୍ଗ ଦର୍ଶନ କରିବା ସହ ବିଜେତା ପିପୁଲ୍ଲି ଏଚଏସ୍ଏସ୍ ଦଳ ଓ ଉପବିଜେତା ମୁଣ୍ଡମରାଇ ଏଚଏସ୍ଏସ୍ ଦଳକୁ ଟ୍ରଫି ପ୍ରଦାନ କରିଥିଲେ। ଏଥିସହ ଟୁର୍ଣ୍ଣାମେଣ୍ଟର ବେଷ୍ଟ ରାଡାର ଭାବେ ବୁଗୁଡା ଏଚଏସ୍ଏସ ଦଳର ଖେଳାଳି ରଶ୍ମିତା ଦଳେଇ ଓ ବେଷ୍ଟ ଡିଫେଣ୍ଡର ନନ୍ଦିନୀ ବେହେରା ଏବଂ ବେଷ୍ଟ ଅଲରାଉଣ୍ଡର ଭାବେ ମୁଣ୍ଡମରାଇ ଏଚଏସ୍ଏସ୍ ଦଳର ଖେଳାଳି ରାଣୀ ନାୟକଙ୍କୁ ପୁରସ୍କୃତ କରାଯାଇଥିଲା। ଟୁର୍ଣ୍ଣାମେଣ୍ଟରେ ପିପୁଲ୍ଲି କଲେଜ କ୍ରୀଡା ଶିକ୍ଷକ କ୍ରିଷ୍ଣା ରାଓ ପାତ୍ର ପରିଚାଳନା କରିଥିଲାବେଳେ ଜଗନ୍ନାଥ ମହାନ୍ତି, ବାଦଲ ସ୍ୱାଇଁ, ବିଭୁ ବେହେରା, ରବୀନ୍ଦ୍ର ବେହେରା, ସୁଜଳ ପଟିଆ ପ୍ରମୁଖ ସହଯୋଗ କରିଥିଲେ।



## ରମ୍ଭା ଗାୟତ୍ରୀ ଶକ୍ତିପୀଠର ବାର୍ଷିକ ଉତ୍ସବ

**ରମ୍ଭା,୩।୧୧(ସମିସ):** ରମ୍ଭା ଗାୟତ୍ରୀ ଶକ୍ତିପୀଠର ଚାଳିଶ ବର୍ଷ ପୂର୍ତ୍ତି ପ୍ରତିଷ୍ଠା ଦିବସ ପାଳିତ ହୋଇଛି। ପ୍ରଥମ ଦିବସରେ ରକ୍ତଦାନ ଶିବିର ଓ ବିଦ୍ୟାଳୟ ସ୍ତରରେ ଚିତ୍ରାଙ୍କନ ପ୍ରତିଯୋଗିତା ଗାୟତ୍ରୀ ପରିବାର ବିଶ୍ୱ ମଙ୍ଗଳ ଗୋ କଲ୍ୟାଣ ସମିତି ସହଯୋଗରେ ଅନୁଷ୍ଠିତ ହୋଇଯାଇଛି। ସମିତିର ମୁଖ୍ୟ ସଂଯୋଜକ ପ୍ରକୃତି ବନ୍ଧୁ ପଞ୍ଚାନନ ଖଟୁଆଙ୍କ ତତ୍ତ୍ୱାବଧାନରେ ଆୟୋଜିତ ଶିବିରରେ ମୁଖ୍ୟ ଅତିଥିଭାବେ ଶାନ୍ତିକୁଞ୍ଜ ହରିଦ୍ୱାରର ବରିଷ୍ଠ କାର୍ଯ୍ୟକର୍ତ୍ତା ଗୋକୁଳ ଚନ୍ଦ୍ର ନାହାକ, ସମ୍ମାନିତ ଅତିଥି ଭାବେ ବରିଷ୍ଠ ଗଞ୍ଜାମ ବ୍ଲକ ଅବସରପ୍ରାପ୍ତ କର୍ମଚାରୀ ସଂଘର ସଭାପତି ବାନାମ୍ବର ପଲେଇ, ସହ ସଂଯୋଜକ ରବିନାରାୟଣ ସେନାପତି, ସଂଯୋଜକ ବିଜୟ ମିସ୍ତ୍ରୀ ଯୋଗଦେଇ ରକ୍ତଦାନର ଆବଶ୍ୟକତା ଉପରେ ଆଲୋକପାତ କରିଥିଲେ। ଶିବିରରେ ବିଦ୍ୟାଭୂଷଣ ବର୍ମା, ପ୍ରକାଶ ଚନ୍ଦ୍ର ବାଡ଼ତ୍ୟା, ବିନୋଦ ବେହେରା, ଅଜୟ ଜେନା, ସରୋଜ ମିସ୍ତ୍ରୀ, କେ. ସନ୍ତୋଷ ଆଚାରୀ, ପି.ମହେଶ ଦୋରା, ବାସନ୍ତୀ ମିସ୍ତ୍ରୀ, ରବିନାରାୟଣ ସେନାପତି, ପ୍ରଦୀପ୍ତ ବିଶ୍ୱାଳ, ଦିବାକର ସାହୁ, ପଞ୍ଚାନନ ଖଟୁଆ, ସୁବାସିନୀ ମିସ୍ତ୍ରୀ, ରାଜେନ୍ଦ୍ର ପଲେଇ,କେ ସତ୍ୟନାରାୟଣ ଆଚାରୀ, ସଞ୍ଜୟ ଦାସ, ଶକ୍ତି ପଲେଇ, ନାରାୟଣ ସାହୁ, ମହେନ୍ଦ୍ର ଗୌଡ଼, କୁମୁଦ ରଞ୍ଜନ ପ୍ରଧାନ, ଶିବଶଙ୍କର ଜେନା, ରାଧାକାନ୍ତ ନାୟକ ଓ ଅଜୟ ବିଷୋୟୀ ରକ୍ତଦାନ କରିଥିଲେ। ଉମାକାନ୍ତ ସାହୁ, ରଥଙ୍ଗ ରମଣ ନାହାକ, ସୁମନ୍ତ ନାହାକ, ନଟବର ରାଉତ, ଶୋଭାକାର ନାୟକ ପ୍ରମୁଖ ପରିଚାଳନା କରିଥିଲେ।

# ସାମୁଦ୍ରିକ ତଟବର୍ତ୍ତୀ ଗ୍ରାମରେ ମତ୍ସ୍ୟଜୀବୀ ଗଣନା

**ଛତ୍ରପୁର,୩।୧୧(ସମିସ)**


ମତ୍ସ୍ୟ ବିଭାଗ ପକ୍ଷରୁ ଆଜିଠାରୁ ପଞ୍ଚମ ଜାତୀୟ ସାମୁଦ୍ରିକ ମତ୍ସ୍ୟଜୀବୀ ଗଣନା ଆରମ୍ଭ ହୋଇଛି। ଗଞ୍ଜାମ ଜିଲ୍ଲାରେ ୪ଟି ଉପକୂଳ ବ୍ଲକ୍ ଚିକିଟି, ରଙ୍ଗେଇଲୁଣ୍ଡା, ଛତ୍ରପୁର ଓ ଗଞ୍ଜାମ (ବ୍ଲକ୍)ର ୨୭ଟି ସାମୁଦ୍ରିକ ମତ୍ସ୍ୟଜୀବୀ ଗାଁରେ ଏହି ଗଣନା ଆରମ୍ଭ ହୋଇଛି। ତାଲିମପ୍ରାପ୍ତ ଗଣନାକାରୀ ସର୍ଭେରେ ନିୟୋଜିତ ହୋଇ ଘର ଘର ବୁଲି ଗଣନା କରୁଛନ୍ତି।

ଏହି କାର୍ଯ୍ୟ ଡିସେମ୍ବର ୧୮ ପର୍ଯ୍ୟନ୍ତ ଚାଲିବ। ଗଣନା କାର୍ଯ୍ୟ ତ୍ରୁଟିମୁକ୍ତ କରିବା ପାଇଁ ପ୍ରଥମ ଥର ବ୍ୟାସ(ଭିଓଇଏଏସ) ମୋବାଇଲ ଆପ୍ ଜରିଆରେ କରାଯାଉଛି। କେତେ ସଂଖ୍ୟକ ମତ୍ସ୍ୟଜୀବୀ ରହୁଛନ୍ତି, ସେମାନଙ୍କର ଶିକ୍ଷା, ବୃତ୍ତି ଓ ଉପଲବ୍ଧ ଭିତ୍ତିଭୂମି ବାବଦରେ ତଥ୍ୟ ରହିବ। ସର୍ଭେ ବେଳେ ମତ୍ସ୍ୟଜୀବୀଙ୍କ ପରିବାର ସଂଖ୍ୟା, ଜୀବିକା, ଆର୍ଥିକ, ଶିକ୍ଷା, ବୃତ୍ତି, ଜାଲ, ଡଙ୍ଗା ଆଦି ବିଭିନ୍ନ ବିଷୟରେ ତଥ୍ୟ ନେଇ ଏହି ବ୍ୟାସ୍ ମୋବାଇଲ ଆପରେ ଅପଲୋଡ୍ କରିବେ। ଏହି ସର୍ଭେ ହେଲେ ସାମୁଦ୍ରିକ ମତ୍ସ୍ୟଜୀବୀଙ୍କ ପ୍ରକୃତ ସମସ୍ୟା ଲୋକଲୋଚନକୁ ଆସିପାରିବ। ଯାହାଫଳରେ ସରକାର ଏହି ତଥ୍ୟକୁ ନେଇ ସାମୁଦ୍ରିକ ମତ୍ସ୍ୟଜୀବୀଙ୍କ ଜୀବନ ଜୀବିକା ଉନ୍ନତି ପାଇଁ ବିଭିନ୍ନ ପଦକ୍ଷେପ ନେବା ଉଚିତ ବୋଲି ବହୁ ମତ୍ସ୍ୟଜୀବୀ କହିଛନ୍ତି। ଏହି ସର୍ଭେ ଶେଷଥର ପାଇଁ ୨୦୧୬ରେ ହୋଇଥିଲା ସେହି ସମୟରେ ଗଞ୍ଜାମ ଜିଲ୍ଲାରେ ୨୭ଟି ସାମୁଦ୍ରିକ ମତ୍ସ୍ୟଜୀବୀ ଗାଁରେ ୧୦ ହଜାର ୬୦ ସାମୁଦ୍ରିକ ମତ୍ସ୍ୟଜୀବୀ ପରିବାର ବାସବାସ କରୁଥିଲେ। ଏବେ ଏହି ସଂଖ୍ୟା ବୃଦ୍ଧି ପାଇବ ବୋଲି ଅନୁମାନ କରାଯାଉଛି।









# ଜିଲ୍ଲାରେ ନିଯୁକ୍ତ ହେବେ ୨୯୩ ସ୍ୱତନ୍ତ୍ର ଶିକ୍ଷା ସହାୟକ

ବ୍ରହ୍ମପୁର,୩।୧୧(ସମିସ): ଭିନ୍ନକ୍ଷମ ଛାତ୍ରଛାତ୍ରୀଙ୍କୁ ପାଠ ପଢ଼ାଇବା ନିମନ୍ତେ ଗଞ୍ଜାମ ଜିଲ୍ଲାରେ ନିଯୁକ୍ତ ହେବେ ସ୍ୱତନ୍ତ୍ର ଶିକ୍ଷା ସହାୟକ। ଜିଲ୍ଲାର ୨୨ଟି ବ୍ଲକ୍‌ରେ ରହିଥିବା ସମୁଦାୟ ୨୯୩ କ୍ଲଷ୍ଟରରେ ଜଣେ ଲେଖାଏଁ ସ୍ୱତନ୍ତ୍ର ଶିକ୍ଷା ସହାୟକଙ୍କୁ ନିଯୁକ୍ତି ମିଳିବା ନେଇ ଶିକ୍ଷା ବିଭାଗ ପକ୍ଷରୁ ସୂଚନା ମିଳିଛି। ଆସନ୍ତା ତିନି ବର୍ଷ ମଧ୍ୟରେ ଏହି ପଦବୀ ପୂରଣ ହେବ ବୋଲି ଜଣାପଡ଼ିଛି। ନିଯୁକ୍ତ ହେବାକୁ ଥିବା ଶିକ୍ଷକଙ୍କୁ ଓଡ଼ିଶା ଅଧସ୍ତନ କର୍ମଚାରୀ ଚୟନ ଆୟୋଗ (ଓଏସ୍‌ଏସ୍‌ଏସ୍‌ସି) ଦ୍ୱାରା କମ୍ପ୍ୟୁଟର ବେସଡ୍ ଟେଷ୍ଟ (ସିବିଟି) ମୋଡ୍‌ରେ ପରୀକ୍ଷା କରି ଚୟନ କରାଯିବ। ୫୦ ପ୍ରତିଶତ ଡିପ୍ଲୋମା ଇନ୍ ସ୍ପେଶିଆଲ ଏଜୁକେସନର ଯୋଗ୍ୟତାଧାରୀ ଓ ଆଉ ୫୦ପ୍ରତିଶତ ବିଏଡ୍ ଇନ୍ ସ୍ପେଶିଆଲ୍ ଏଜୁକେସନ୍ ସାର୍ଟିଫିକେଟ୍‌ଧାରୀଙ୍କୁ ସୁଯୋଗ ପ୍ରଦାନ କରାଯିବ। ୧୨୦ମାର୍କର ପ୍ରଶ୍ନ ଆସିବ। ନିଯୁକ୍ତ ହେବାକୁ ଥିବା ଶିକ୍ଷକମାନେ ସ୍ୱତନ୍ତ୍ର ଭାବେ ଭିନ୍ନକ୍ଷମ ଶିକ୍ଷାର୍ଥୀଙ୍କୁ ପ୍ରାଧାନ୍ୟ ଦେବେ ବୋଲି ଜଣାପଡ଼ିଛି।

# ରକ୍ତଚାପ ସଚେତନତା ଓ ସ୍ୱାସ୍ଥ୍ୟ ଶିବିର



ବ୍ରହ୍ମପୁର,୩।୧୧(ସମିସ): ସ୍ଥାନୀୟ ହରିହର ନଗର ସ୍ଥିତ ଭରଦ୍ୱାଜ ପ୍ରତିଷ୍ଠାନରେ ରକ୍ତଚାପ ସଚେତନତା ଓ ମାଗଣା ସ୍ୱାସ୍ଥ୍ୟ ଶିବିର ଅନୁଷ୍ଠିତ ହୋଇଯାଇଛି। ଆରୋଗ୍ୟ ଭାରତୀ ଅଧ୍ୟକ୍ଷ ଡା. ନକୁଳ ସାହୁ ଉପସ୍ଥିତ ରହି ରକ୍ତଚାପ ରୋଗର କାରଣ ନିରାକରଣ ସମ୍ବନ୍ଧରେ ବୁଝାଇଥିଲେ। ଆମିଷ, ପନିର, ଅଶୁଦ୍ଧ କ୍ଷୀର, ଘିଅ, ପୋଡ଼ାତେଲ ଛଣାଖାଦ୍ୟ, ଧୂମପାନ, ମଦ୍ୟପାନ, ମେଦବୃଦ୍ଧି, ଚିନ୍ତା, କ୍ରୋଧ ଦ୍ୱାରା ରକ୍ତଚାପ ହୁଏ। ଏହି ସବୁ ତ୍ୟାଗ କରି ସାତ ଘଣ୍ଟା ଶୋଇବେ, ସକାଳ ସନ୍ଧ୍ୟା ଅଧ ଘଣ୍ଟା ଲେଖାଏଁ ଧ୍ୟାନ କରିବେ, ଉଚ୍ଚ ରକ୍ତଚାପରେ ସର୍ପଗନ୍ଧା ମୂଳ, ଅର୍ଜୁନ ଛାଲି କ୍ୱାଥ, ପଦ୍ମମଞ୍ଜି ସେବନ କଲେ ରକ୍ତଚାପ ସହ ହୃଦ୍‌ରୋଗ ମଧ୍ୟ ଭଲ ହୋଇଥାଏ ବୋଲି କହିଥିଲେ। ଏ ଅବସରରେ ରୋଗୀଙ୍କ ନାଡୀ, ରକ୍ତଚାପ, ରକ୍ତଶର୍କରା, ଗଣ୍ଠିବାତ, ଅମ୍ଳପିତ୍ତ, ସ୍ତ୍ରୀ ରୋଗ, ଚର୍ମରୋଗ ଆଦି ବିଭିନ୍ନ ରୋଗର ପରୀକ୍ଷା କରି ଚିକିତ୍ସା ପରାମର୍ଶ ଓ ଔଷଧ ବିତରଣ କରାଯାଇଥିଲା। ପରିଚାଳନାରେ ସହଯୋଗ କରିଥିଲେ ଡି. ଶ୍ରୀନିବାସ ରାଓ।

# ୧୦ ଦିନରେ ଦିବ୍ୟ ଜୀବନ ସଂଘ ପକ୍ଷରୁ ଆଧ୍ୟାତ୍ମିକ କାର୍ଯ୍ୟକ୍ରମ

ବ୍ରହ୍ମପୁର,୩।୧୧(ସମିସ): ଦିବ୍ୟ ଜୀବନ ସଂଘ ମହିଳା ଶାଖା ପକ୍ଷରୁ ଆୟୋଜିତ ୧୪ଦିନ ଆଧ୍ୟାତ୍ମିକ କାର୍ଯ୍ୟକ୍ରମ ୧୦ଦିନରେ ପହଞ୍ଚିଛି। ଦଶମ ଦିନରେ ଓଡ଼ିଶାର ବରିଷ୍ଠ ସନ୍ଥ ସ୍ୱାମୀ ରାମ ଶରଣାନନ୍ଦ, ସ୍ୱାମୀ ହରିଶରଣାନନ୍ଦ, ସ୍ୱାମୀ ଗୋବିନ୍ଦାନନ୍ଦ, ସ୍ୱାମୀ ବିଦ୍ୟାନନ୍ଦ, ସ୍ୱାମୀ ଦୁର୍ଗାନନ୍ଦ, ସ୍ୱାମୀ ଭୂମା ନନ୍ଦ ଗିରି, ସ୍ୱାମୀ ଅଖିଳାନନ୍ଦ ତୀର୍ଥ, ବ୍ରହ୍ମଚାରୀ ପ୍ରଦୀପ, ସୀତାରାମ ବାବାଜୀ, ସାଧ୍ୱୀ ଅନୁପମା, କୁଞ୍ଜବିହାରୀ ପାଢ଼ୀ, କପିଳ ପଣ୍ଡା ଓ ଡ. ବୀଣାକୁମାରୀ ଶର୍ମା ପ୍ରମୁଖ ଯୋଗଦେଇ ଶ୍ରୀମଦ୍ ଭାଗବତ, ଗୋପାଳ ସହସ୍ରନାମ, ବିଷ୍ଣୁ ସହସ୍ରନାମ, ସୁନ୍ଦରାକାଣ୍ଡ ଆଦି ପାଠ କରାଯାଇଥିଲା। କାର୍ଯ୍ୟକ୍ରମରେ କୃଷ୍ଣନଗରର ଛୋଟ ଶିଶୁମାନଙ୍କ ଦ୍ୱାରା ପରିବେଶିତ ମହାମନ୍ତ୍ର ଗାନ ସମସ୍ତଙ୍କୁ ଆକୃଷ୍ଟ କରିଥିଲା। ବ୍ୟାସ ଭାବେ ବାବାଜୀ ସୀତାରାମ ବାବା, ଅରୁଣ କୁମାର ଦାଶଙ୍କ ସମେତ ବହୁ ଭକ୍ତ ଶ୍ରୀରାମ ଚରିତ ମାନସ ପାରାୟଣ ଗାନ କରିଥିଲେ। ସୋମବାର ସନ୍ଧ୍ୟାରେ ନିମାପଡ଼ାରୁ ଆସିଥିବା ସ୍ୱାଧ୍ୱୀ ନିରୁପମା ପ୍ରବଚନ ଦେଇଥିଲେ। କାର୍ଯ୍ୟକ୍ରମରେ କମିଟି ପକ୍ଷରୁ ପବିତ୍ର କାର୍ତ୍ତିକ ପୂର୍ଣ୍ଣିମା ଅବସରରେ ପ୍ରାୟ ଏକ ହଜାର ଲୋକଙ୍କୁ ଭୋଜନ ଏବଂ ଶୀତବସ୍ତ୍ର ବଣ୍ଟନ କରାଯାଇଥିଲା। ଏହା ସହ ଶ୍ରଦ୍ଧାଳୁମାନଙ୍କ ନିମନ୍ତେ ପ୍ରସାଦ ବ୍ୟବସ୍ଥା କରାଯାଇଥିବା ଦିବ୍ୟ ଜିବନ ସଂଘର ଦକ୍ଷିଣାଞ୍ଚଳ ସମନ୍ୱୟ ସମିତିର କୋଷାଧ୍ୟକ୍ଷ ଶାନ୍ତିଭୂଷଣ ପଣ୍ଡା ସୂଚନା ଦେଇଛନ୍ତି।

## କାର୍ତ୍ତିକ ଶେଷ ସୋମବାର

# ଶୈବ ପୀଠରେ ଶ୍ରଦ୍ଧାଳୁଙ୍କ ଭିଡ଼





ବ୍ରହ୍ମପୁର,୩।୧୧(ସମିସ)

ପବିତ୍ର କାର୍ତ୍ତିକ ମାସ ଶେଷ ସୋମବାରରେ ସହରର ବିଭିନ୍ନ ଶୈବ ପୀଠରେ ଶ୍ରଦ୍ଧାଳୁଙ୍କ ଭିଡ଼ ପରିଲକ୍ଷିତ ହୋଇଛି। ଶ୍ରଦ୍ଧାଳୁମାନେ ଭୋରୁ ଶୈବ ପୀଠରେ ପହଞ୍ଚି ନିଜର ମନସ୍କାମନା ପୁରଣ କରିବା ଭଗବାନ ନିକଟରେ ପ୍ରାର୍ଥନା କରିଥିବା ଦେଖିବାକୁ ମିଳିଥିଲା। ଅନ୍ୟପକ୍ଷରେ ଏହି ଦିନରେ ଶୈବ ପୀଠରେ ସ୍ୱତନ୍ତ୍ର ପୂଜାର୍ଚ୍ଚନା କହିବା ସହ ବହୁ ମନ୍ଦିର ପରିଚାଳନା କମିଟି ପକ୍ଷରୁ ପ୍ରସାଦର ବ୍ୟବସ୍ଥା କରାଯାଇଥିଲା। ସହରର ନୀଳକଣ୍ଠେଶ୍ୱର, ସାନବଜାର କପିଳେଶ୍ୱର ଓ ହରିଡ଼ାଖଣ୍ଡି ବାଲୁଙ୍କେଶ୍ୱର ଶୈବପୀଠରେ ମନ୍ଦିର ପ୍ରବଳ ଭିଡ଼ ଜମିଥାଏ। ସେହିପରି କମାପଲ୍ଲୀ ବୈଦ୍ୟନାଥେଶ୍ୱର ମନ୍ଦିର, ଗୋଷାଣୀନୂଆଗାଁ ଉତ୍ତରେଶ୍ୱର ମନ୍ଦିର, ଆଙ୍କୁଲିର ପଶ୍ଚିମେଶ୍ୱର, ମିଲିଟାରୀ ଲାଇନ୍ ହରିଶଙ୍କର, ଭାବିନୀପୁର ଗଙ୍ଗାଧରଶ୍ୱର, ହରିଡାଖଣ୍ଡି ବାଲୁଙ୍କେଶ୍ୱର, ଆଇନାବନ୍ଧ ସାହି କାଶି ବିଶ୍ୱନାଥ ମନ୍ଦିର, ବିଜିପୁର ସପନେଶ୍ୱର, ଗେଟବଜାର ପଞ୍ଚାନନେଶ୍ୱର, ଗୋଷାଣୀନୂଆଗାଁ ଉତ୍ତରେଶ୍ୱର ମନ୍ଦିର, ଭାବିନୀପୁର ଶଙ୍କଟେଶ୍ୱର ଭଳି ବହୁ ଶୈବ ପୀଠରେ ପ୍ରାତଃ ସମୟରେ ଭକ୍ତଙ୍କ ଭିଡ଼ ଜାଣିଥିଲା। ଅନ୍ୟପକ୍ଷରେ ଏହି ଦିନରେ ପଳାଶ ଫୁଲ, ମଲ୍ଲି ଫୁଲ, ଗେଣ୍ଡୁ ଫୁଲ, ସେବତୀ ଫୁଲ ଓ ଇଟମାଳ ଫୁଲର ମଧ୍ୟ ବଜାରରେ ଚାହିଦା ଥିବା ଦେଖିବାକୁ ମିଳିଛି। ସେହିପରି ଭକ୍ତଙ୍କ ଭିଡ଼କୁ ଦୃଷ୍ଟିରେ ରଖି ବ୍ରହ୍ମପୁର ପୁଲିସ ପକ୍ଷରୁ ବ୍ୟାପକ ସୁରକ୍ଷା ବ୍ୟବସ୍ଥା କରାଯାଇଛି। ପ୍ରତ୍ୟେକ ଶୈବ ପୀଠରେ ପୁଲିସ ମୂତୟନ ରହିଥିଲେ।



### ଧବଳେଶ୍ୱର ପୀଠ

କାର୍ତ୍ତିକ ମାସ ଶେଷ ସୋମବାରରେ ଧବଳେଶ୍ୱର ଶୈବପୀଠରେ ୫୦ହଜାରରୁ ଉର୍ଦ୍ଧ୍ୱ ଶ୍ରଦ୍ଧାଳୁଙ୍କ ଭିଡ଼ ଦେଖିବାକୁ ମିଳିଛି। ସକାଳୁ ମହାଦେବଙ୍କ ସ୍ନାନ ପରେ ପଞ୍ଚାମୃତ ମାର୍ଜନା, ୧୦୮ ଆଳତୀ, ୧୦୦୮ ବେଲପତ୍ର ଅର୍ପଣ କରି ନୀତିକାନ୍ତି ସମ୍ପନ୍ନ ପରେ ଦ୍ୱାର ଖୋଲା ହୋଇଥିଲା। ପୂଜକ ଗୌର ଚନ୍ଦ୍ର ରଣା, ସୁବାଷ ଚନ୍ଦ୍ର ରଣା, ଶଙ୍କର ରଣା, ନିରଞ୍ଜନ ରଣା, କାହ୍ନା ରଣା ପ୍ରମୁଖ ଉପସ୍ଥିତ ରହି ପୂଜାର୍ଚ୍ଚନା ଦାୟିତ୍ୱ ତୁଲାଇଥିଲେ। କମିଟି ପକ୍ଷରୁ ଭକ୍ତଙ୍କ ନିମନ୍ତେ ପାନୀୟ ଜଳର ବ୍ୟବସ୍ଥା ସହ ପୁଲିସ ପକ୍ଷରୁ ଶାନ୍ତି ଶୃଙ୍ଖଳା ଲାଗି ଧାଡ଼ି ଦର୍ଶନ ବ୍ୟବସ୍ଥା କରାଯାଇଥିଲା। ଗହଳିକୁ ନଜରରେ ରଖି ଚାରି ପ୍ଲାଟୁନ ପୁଲିସ ଫୋର୍ସ ମୂତୟନ ହୋଇଥିଲେ।



# ଖଲ୍ଲିକୋଟ ବିଶ୍ୱବିଦ୍ୟାଳୟରେ ଦୁର୍ନୀତି ନିବାରଣ ସଚେତନତା ସପ୍ତାହ

ବ୍ରହ୍ମପୁର,୩।୧୧(ସମିସ): ଖଲ୍ଲିକୋଟ ଏକକ ବିଶ୍ୱବିଦ୍ୟାଳୟ ଏବଂ ଏକ ଘରୋଇ ବ୍ୟାଙ୍କର ମିଳିତ ଆନୁକୁଲ୍ୟରେ ଦୁର୍ନୀତି ନିବାରଣ ସଚେତନତା ସପ୍ତାହ ପାଳନ କରାଯାଇଛି। ସ୍ନାତକୋତ୍ତର ପରିଷଦର ଅଧ୍ୟକ୍ଷ ଡ. ମନୋଜ କୁମାର ପଟ୍ଟନାୟକଙ୍କ ପୌରୋହିତ୍ୟରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବରେ ଶାଖାର ମୁଖ୍ୟ ପ୍ରବନ୍ଧକ ଅମ୍ଲାନ ଦ୍ୱିପାୟନ ଓ ସମ୍ମାନୀତ ଅତିଥି ଭାବେ ବିଶ୍ୱବିଦ୍ୟାଳୟ କୁଳସଚିବ ପାର୍ବତୀ ମଞ୍ଜରୀ ମହାଲିକ ଯୋଗଦେଇ ଛାତ୍ରଛାତ୍ରୀଙ୍କୁ ଦୁର୍ନୀତି ସମ୍ପର୍କରେ ସଚେତନ କରିଥିଲେ। ଅଧ୍ୟାପକ ଡ. ମନୋରଞ୍ଜନ ବିଷୋୟୀ କାର୍ଯ୍ୟକ୍ରମର ସଂଯୋଜନା କରିଥିଲେ। ଏ ଅବସରରେ ଛାତ୍ରଛାତ୍ରୀଙ୍କ ମଧ୍ୟରେ ଇଂରାଜୀ ଓ ଓଡ଼ିଆ ପ୍ରବନ୍ଧ ଲିଖନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। କୃତୀ ଛାତ୍ରଛାତ୍ରୀମାନଙ୍କୁ ପୁରସ୍କୃତ କରାଯାଇଥିଲା। ଅନ୍ୟମାନଙ୍କ ମଧ୍ୟରେ ଉପକୁଳସଚିବ ଡ. ପ୍ରଶାନ୍ତ କୁମାର ନରେନ୍ଦ୍ର, ଛାତ୍ରକଲ୍ୟାଣ ଅଧିକାରୀ ଡ. ଉଷାରାଣୀ ରଥ, ଅଧ୍ୟାପିକା ସ୍ୱର୍ଣ୍ଣଲତା ବିଷୋୟୀ, ଡ. ବନମାଳି ପାଣିଗ୍ରାହୀ ଓ ଡ. ସମ୍ବିତ କୁମାର ମିଶ୍ର ପ୍ରମୁଖ ଉପସ୍ଥିତ ଥିଲେ।

# ରୋଟାରୀ ଜିଲ୍ଲା ସମ୍ମାନ ଉତ୍ସବରେ ରୋଟାରୀ ଇଷ୍ଟ ସମ୍ମାନିତ

ବ୍ରହ୍ମପୁର,୩।୧୧(ସମିସ): ରୋଟାରୀ ଜିଲ୍ଲା ୩୨୬୨ର ଚଳିତବର୍ଷର ବିଭିନ୍ନ ଜନସେବା ପାଇଁ ବିଭିନ୍ନ କ୍ଲବକୁ ଜିଲ୍ଲା ଗଭର୍ଣ୍ଣର ଯଜ୍ଞଶୀଷ ମହାପାତ୍ର ସମ୍ମାନ ଓ ପୁରସ୍କାର ପ୍ରଦାନ କରିଛନ୍ତି। ନଭେମ୍ବର ୧ ଓ ୨ ଦୁଇଦିନ ଧରି ଚାଲିଥିବା ଉତ୍ସବରେ ପୂର୍ବତନ ଜିଲ୍ଲା ଗଭର୍ଣ୍ଣରମାନଙ୍କ ଉପସ୍ଥିତିରେ କ୍ଲବ ସମୂହର ସଭାପତି, ସମ୍ପାଦକ ତଥା ଅନ୍ୟ କାର୍ଯ୍ୟକର୍ତ୍ତାଙ୍କୁ ସମ୍ମାନ ସହ ସମ୍ବର୍ଦ୍ଧିତ କରାଯାଇଥିଲା। ଏ ଅବସରରେ ରୋଟାରୀ କ୍ଲବ ଅଫ ବ୍ରହ୍ମପୁର ଇଷ୍ଟକୁ ବିଭିନ୍ନ ଜନସେବା ପାଇଁ ପୁରସ୍କୃତ କରାଯାଇଥିଲା। ସଭାପତି ଜୟନ୍ତ କିଶୋର ପାତ୍ର ଓ ସମ୍ପାଦକ ଦୁର୍ଗା ରାଓଙ୍କୁ ଡ଼ାଇମଣ୍ଡ ପୁରସ୍କାର ମିଳିଥିବା ବେଳେ କ୍ଲବକୁ ପ୍ଲାଟିନମ ଓ ଫାଇବ ଷ୍ଟାର କ୍ଲବ ରୂପେ ସମ୍ମାନିତ କରାଯାଇଛି। ଏତଦ ବ୍ୟତୀତ ପ୍ରଦୀପ କୁମାର ପଣ୍ଡା, କାମରାଜୁ ମହାରଣା, ବି. କୁଶ ପାତ୍ର, ଡଃ. ପ୍ରଦୀପ୍ତ କୁମାର ପଟ୍ଟନାୟକଙ୍କୁ ସେବା ରତ୍ନ ସମ୍ମାନ, ଡାକ୍ତର ସମ୍ବିତ ବେଗରାୟ, ଅଜିତ କୁମାର ପୃଷ୍ଟିଙ୍କୁ ଜିଲ୍ଲା ଆଇକନ ସମ୍ମାନ, ଧନ୍ୱନ୍ତରି ରାଓଙ୍କୁ ସହ ପ୍ରାନ୍ତପାଳ ସମ୍ମାନ ଏବଂ ସୁଧାଂଶୁ ଶେଖର ଖାଦାଗ୍ରାୟଙ୍କୁ ଗଭର୍ଣ୍ଣର ପ୍ରଶଂସା ପତ୍ର ସହ ୩୦ବର୍ଷରୁ ଅଧିକ ସମୟ ଧରି ରୋଟାରୀ ମାଧ୍ୟମରେ ସେବା କରି ଆସୁଥିବା ଭଗବାନ ପାଢ଼ୀ, ପି. ସତ୍ୟ ନାରାୟଣ, ଯୋଗୀନ୍ଦର କପୁର, ସ୍ୱରାଜ୍ୟ ସାହୁ, ଗଦାଧର ରାଉଳ ଓ ରାଜେଶ୍ୱର ରାଓଙ୍କୁ ମଧ୍ୟ ସମ୍ମାନ ପତ୍ର ପ୍ରଦାନ କରାଯାଇଥିଲା।



## ଅଲ୍ ଓଡ଼ିଶା ଲୟର୍ସ କ୍ରିକେଟ୍ ଟୁର୍ଣ୍ଣାମେଣ୍ଟ

# ଗଞ୍ଜାମ ଓକିଲ ସଂଘର କୋରାପୁଟ ଗସ୍ତ



ବ୍ରହ୍ମପୁର,୩।୧୧(ସମିସ): କୋରାପୁଟ କଲେଜ ପଡ଼ିଆରେ ଆରମ୍ଭ ହୋଇଥିବା ନିଖିଳ ଓଡ଼ିଶା ଆଇନଜୀବୀ କ୍ରିକେଟ୍ ଟୁର୍ଣ୍ଣାମେଣ୍ଟରେ ଅଂଶଗ୍ରହଣ କରିବାକୁ ଗଞ୍ଜାମ ଓକିଲ ସଂଘ ପକ୍ଷରୁ ୧୬ଜଣିଆ ଦଳ ଘୋଷଣା କରାଯାଇଛି। ଘୋଷିତ ଦଳ ସୋମବାର କୋରାପୁଟ ଅଭିମୁଖେ ଯାତ୍ରା କରିଛନ୍ତି। କୋରାପୁଟ ଓକିଲ ସଂଘ ପକ୍ଷରୁ ଏହି ଟୁର୍ଣ୍ଣାମେଣ୍ଟର ଆୟୋଜନ କରାଯାଇଥିବାବେଳେ ଗତ ୨ତାରିଖରେ ଏହା ଉଦ୍‌ଘାଟିତ ହୋଇଯାଇଛି। ଟୁର୍ଣ୍ଣାମେଣ୍ଟରେ ରାଜ୍ୟର ମୋଟ ୧୬ଟି ଦଳ ଅଂଶଗ୍ରହଣ କରିବାକୁ ଥିବାବେଳେ ୯ତାରିଖରେ ଫାଇନାଲ ମ୍ୟାଚ ଅନୁଷ୍ଠିତ ହେବ। ଆସନ୍ତା ୪ତାରିଖ ମଙ୍ଗଳବାର ପୂର୍ବାହ୍ନରେ ଗଞ୍ଜାମ ଓକିଲ ସଂଘ ଦଳ ବନାମ ହାଇକୋର୍ଟ ଓକିଲ ସଂଘ ଦଳ ମଧ୍ୟରେ ମ୍ୟାଚ ଅନୁଷ୍ଠିତ ହେବ। ଘୋଷିତ ଗଞ୍ଜାମ ଦଳରେ ଆଇନଜୀବୀ ପ୍ରଶାନ୍ତ କୁମାର ନାୟକ, ଚକ୍ରପାଣି ନାହକ, ସୁରେଶ କୁମାର ବେହେରା, ଜେ. ଶ୍ରୀନିବାସ, ଦୁର୍ଗା ପ୍ରସାଦ ପଟ୍ଟନାୟକ, ବୁଲୁ ବେହେରା, ଜିତେନ୍ଦ୍ର ତ୍ରିପାଠୀ, ଦୀପଙ୍କର ମହାନ୍ତି, ପି. ସନ୍ତୋଷ ରେଡ୍ଡୀ, ରାଜେଶ ପଟ୍ଟନାୟକ, ଅମରେଶ ଚୌଧୁରୀ, ନାରାୟଣ ପ୍ରଧାନ, ଅମିତ ମହାନ୍ତି, କମଳ ପ୍ରଧାନ, କେ. ରାଜା ରାଓ ଓ ସିଦ୍ଧାର୍ଥ ସାହୁ ସାମିଲ ଅଛନ୍ତି। ମ୍ୟାଚ ପାଇଁ ଦଳ ଭଲ ଅଭ୍ୟାସ କରିଥିବା ବେଳେ ଖେଳାଳୀଙ୍କ ପ୍ରଦର୍ଶନ ଓ ସଫଳତାକୁ ନେଇ ଗଞ୍ଜାମ ଓକିଲ ସଂଘର କର୍ମକର୍ତ୍ତା ଓ ସମସ୍ତ ସଦସ୍ୟଙ୍କର ବେଶ ଆଶା ରହିଥିବା କହିଛନ୍ତି ଗଞ୍ଜାମ ଓକିଲ ସଂଘର ସଭାପତି ମନୋଜ ପଟ୍ଟନାୟକ, ଉପ ସଭାପତି ଟି. କେ. ରେଡ୍ଡୀ, ସମ୍ପାଦକ ଟି. ଭେଙ୍କେଟ ରାଓ ଓ ଯୁଗ୍ମ ସମ୍ପାଦକ ଅସୀତ କୁମାର ସାବତ।

# ପ୍ରସ୍ତାବିତ ଜୁଡିସିଆଲ କମ୍ପ୍ଲେକ୍ସର ସମୀକ୍ଷା କଲେ ହାଇକୋର୍ଟ ବିଲ୍ଡିଂ କମିଟି ଅଧ୍ୟକ୍ଷ

ବ୍ରହ୍ମପୁର,୩।୧୧(ସମିସ)



ବ୍ରହ୍ମପୁର କୋର୍ଟ ପରିସରରେ ପ୍ରସ୍ତାବିତ ନୂତନ ଜୁଡିସିଆଲ କମ୍ପ୍ଲେକ୍ସ ପ୍ରକଳ୍ପ କାର୍ଯ୍ୟର ଅଗ୍ରଗତି ସମ୍ପର୍କରେ ସମୀକ୍ଷା କରିଛନ୍ତି ଗଞ୍ଜାମର ପ୍ରୋଟକଲ ଜଜ୍ ତଥା ହାଇକୋର୍ଟର ବିଲ୍ଡିଂ କମିଟି ଅଧ୍ୟକ୍ଷ ବିଚାରପତି ମାନସ ରଞ୍ଜନ ପାଠକ। ଦିନିକିଆ ଗଞ୍ଜାମ ଗସ୍ତରେ ଆସି ସେ ଏହି ପ୍ରକଳ୍ପ କାର୍ଯ୍ୟ ପରିଦର୍ଶନ କରିଥିଲେ। ଏହି ଅବସରରେ ଗଞ୍ଜାମ

- ଜମି ଅଧିଗ୍ରହଣ, ମାଟି ପରୀକ୍ଷା, ସ୍ୱେରେଜ ବ୍ୟବସ୍ଥା ନେଇ ଆଲୋଚନା
- ଐତିହ୍ୟ ସାମଗ୍ରୀ ସମେତ ବୃକ୍ଷର ସୁରକ୍ଷା ଓ ସଂରକ୍ଷଣ ଉପରେ ଗୁରୁତ୍ୱ
- ସବ୍‌ଜଜ୍ କୋର୍ଟ ପରିଦର୍ଶନ ସହ ଚର୍ଚ୍ଚିତ ହତ୍ୟା ମାମଲାର ନିର୍ଜୀବ ସାକ୍ଷୀ ଟେବୁଲ୍‌କୁ ଦେଖିଲେ

ଜିଲ୍ଲାଦୌରା ଜଜ୍ ଅଶାନ୍ତ କୁମାର ଦାସ ଓ ରେଜିଷ୍ଟ୍ରାର ସୌଦାମିନୀ ସିଂଙ୍କ ସମେତ ଗଞ୍ଜାମ ଓକିଲ ସଂଘର ସମସ୍ତ କର୍ମକର୍ତ୍ତା ଉପସ୍ଥିତ ଥିଲେ। ପ୍ରକଳ୍ପ ନିର୍ମାଣ ପାଇଁ ଯଦିଓ ଅନେକ ପୁରୁଣା ତଥା ଏତିହ୍ୟ ସମ୍ପନ୍ନ କୋଠାକୁ ଉଚ୍ଛେଦ କରାଯାଇଛି ତେବେ ବିଭିନ୍ନ କାରଣରୁ ପ୍ରକଳ୍ପ କାର୍ଯ୍ୟରେ ବିଳମ୍ବ ହୋଇ ଅଧପନ୍ତରିଆ ରହିଥିବାରୁ ଓକିଲଙ୍କ ମଧ୍ୟରେ ଅସନ୍ତୋଷ ଲାଗି ରହିଛି। ଏଭଳି ସ୍ଥିତିରେ ହାଇକୋର୍ଟ ବିଚାରପତି ତଥା ବିଲ୍ଡିଂ କମିଟି ଅଧ୍ୟକ୍ଷଙ୍କ ପ୍ରକଳ୍ପ ପରିଦର୍ଶନ ନିଶ୍ଚିତ ଭାବେ ପ୍ରକଳ୍ପ କାର୍ଯ୍ୟକୁ ଆଗେଇ ନେବାରେ ସହାୟକ ହେବ ବୋଲି ମତ ପ୍ରକାଶ ପାଇଛି। ବିଚାରପତି ଓ ଟିମ କୋର୍ଟ କ୍ୟାମ୍ପସରେ ହେବାକୁ ଥିବା ବିଭିନ୍ନ ବହୁତଳ କୋଠାର ସ୍ଥାନ ପରିଦର୍ଶନ କରିଥିଲେ। ଏପରିକି କମ୍ପ୍ଲେକ୍ସ ପାଇଁ ଆବଶ୍ୟକ ମୋଟ ଜମି ବିଚାରବିଭାଗ ଅଧିନକୁ ଆସିଛି କି ନାହିଁ ସେ ସମ୍ପର୍କରେ ପୂର୍ତ୍ତବିଭାଗ ଅଧିକାରୀ ଓ କୋର୍ଟ ରେଜିଷ୍ଟ୍ରାରଙ୍କ ସହିତ ଆଲୋଚନା କରିଥିଲେ। ରାଜସ୍ୱ ବିଭାଗ ଅଧୀନରୁ କିଭଳି ଶୀଘ୍ର ଜମି ଆସିବ ଓ ଅବଶିଷ୍ଟ ପୁରୁଣା କୋଠାକୁ ତୁରନ୍ତ ଉଚ୍ଛେଦ କରାଯାଇ ମୋଟ ଜମିକୁ ଚିହ୍ନଟ କରି ଏକ ପ୍ରାଚୀର ମଧ୍ୟରେ ଆବଦ୍ଧ କରିବାକୁ ପରାମର୍ଶ ଦେଇଥିଲେ। କୋଠା ନିର୍ମାଣ ସମୟରେ ଡ୍ରେନ ଓ ସ୍ୱେରେଜ ବ୍ୟବସ୍ଥା ଉପରେ ଧ୍ୟାନ ଦେବା ସହିତ ପୁରୁଣା ସାମଗ୍ରୀ ଗୁଡିକର ସଂରକ୍ଷଣ ଓ ସୁରକ୍ଷା ପ୍ରତି ଧ୍ୟାନ ଦେବା ସହିତ ବିରାଟକାୟ ବୃକ୍ଷକୁ ନକାଟି ବିକଳ୍ପ ଭାବେ କଣ କରାଯାଇପାରେ ସେନେଇ ଚିନ୍ତା କରିବାକୁ ବିଚାରପତି ପାଠକ ପରାମର୍ଶ ଦେଇଥିଲେ। କମ୍ପ୍ଲେକ୍ସ ମଧ୍ୟରେ ରାସ୍ତା ଓ ଡ୍ରେନ ପୂର୍ତ୍ତବିଭାଗ ଅଥବା ବିଇଏମସି କରିବ ସେନେଇ ସ୍ପଷ୍ଟ ଆଲୋଚନା ହେବା ଜରୁରି ବୋଲି ସେ କହିଥିଲେ। ବର୍ତ୍ତମାନ ପରିସ୍ଥିତିରେ ପ୍ରସ୍ତାବିତ କମ୍ପ୍ଲେକ୍ସରେ ନିର୍ମାଣ ହେବାକୁ ଥିବା ବେସମେଣ୍ଟ ପାର୍କିଂ, ଗ୍ରାଉଣ୍ଡ ଫ୍ଲୋର ସହିତ ୩ମହଲା ବିଶିଷ୍ଟ କୋର୍ଟ ବିଲ୍ଡିଂ ପାଇଁ ପୂର୍ତ୍ତ ବିଭାଗ ପକ୍ଷରୁ ୫୬.୩କୋଟି, ୩ମହଲା ବିଶିଷ୍ଟ ମାଲଖାନା ବିଲ୍ଡିଂ ପାଇଁ ୧୧.୨କୋଟି ଓ ଗଞ୍ଜାମ ଓକିଲ ସଂଘ କୋଠା ପାଇଁ ଯାହା ବେସମେଣ୍ଟ ପାର୍କିଂ ଓ ଗ୍ରାଉଣ୍ଡ ଫ୍ଲୋର ସହିତ ୩ମହଲା ବିଶିଷ୍ଟ ହେବ ସେଥିପାଇଁ ୧୪.୯କୋଟି ଟଙ୍କାର ବ୍ୟୟ ଅଟକଳ କରାଯାଇଛି। ପୂର୍ତ୍ତବିଭାଗ ପକ୍ଷରୁ ପ୍ରସ୍ତୁତ ଏଷ୍ଟିମେଟ ସରକାରୀ ଅନୁମୋଦନ ଲାଭଗ ପରେ ନିର୍ମାଣ କାର୍ଯ୍ୟ ଆରମ୍ଭ ହେବ ବୋଲି ଜଣାପଡିଛି। ତେବେ ଏହି ପ୍ରକଳ୍ପ ସୁପ୍ରିମ କୋର୍ଟଙ୍କ ନିର୍ଦ୍ଦେଶ କ୍ରମେ ତଥା କେନ୍ଦ୍ରୀୟ ଆର୍ଥିକ ଅନୁଦାନରେ ହେବାକୁ ଥିବା ବେଳେ ପର୍ଯ୍ୟାୟ କ୍ରମେ ସମସ୍ତ କାର୍ଯ୍ୟ ସମ୍ପନ୍ନ ହେବ। ଗସ୍ତ କାଳରେ ପ୍ରକଳ୍ପ କାର୍ଯ୍ୟର ଅଗ୍ରଗତି ଓ ସମସ୍ୟା ସମ୍ପର୍କରେ ମିଳିଥିବା ତଥ୍ୟକୁ କମିଟି ଅଧ୍ୟକ୍ଷ ବିଚାରପତି ପାଠକ କମିଟିର ଅନ୍ୟ ୪ଜଣ ସଦସ୍ୟଙ୍କୁ ଅବଗତ କରିବେ ବୋଲି କହିଛନ୍ତି। ଏହି ଅବସରରେ ବିଲ୍ଡିଂ କମିଟି ଅଧ୍ୟକ୍ଷ ତଥା ଗଞ୍ଜାମ ଜିଲ୍ଲାର ପ୍ରୋଟକଲ ଜଜ୍ ମାନସ ରଞ୍ଜନ ପାଠକ ବ୍ରହ୍ମପୁର ସ୍ଥିତି ଜିଲ୍ଲା କୋର୍ଟ ବୁଲି ଦେଖିଥିଲେ। ଜିଲ୍ଲା ଜଜ୍ ଅଶାନ୍ତ କୁମାର ଦାସଙ୍କ ସହିତ ଆଲୋଚନା କରିବା ସହିତ ବହୁ ପୁରାତନ କବ୍ ଜଜ୍ କୋର୍ଟ ପରିଦର୍ଶନ କରିଥିଲେ। କୋର୍ଟରେ ଥିବା ବହୁ ପୁରୁଣା ଚୌକି ଓ ଟେବୁଲକୁ କୌଣସି ମତେ ନଷ୍ଟ ନକରିବାକୁ ସେ ପରାମର୍ଶ ଦେଇଥିଲେ। ସେହିଭଳି ଗଞ୍ଜାମ ଓକିଲ ସଂଘର କର୍ମକର୍ତ୍ତାଙ୍କ ଅନୁରୋଧ ରକ୍ଷା କରି ବିଚାରପତି ପାଠକ ଓକିଲ ସଂଘର ଅସ୍ଥାୟୀ କାର୍ଯ୍ୟାଳୟ ପରିଦର୍ଶନ କରିଥିଲେ। ସେଠାରେ ସଂରକ୍ଷିତ ଥିବା ୮୮ବର୍ଷ ପୁରୁଣା ତଥା ୧୯୩୭ମସିହାର ଚର୍ଚ୍ଚିତ ଟ୍ରଙ୍କ ମର୍ଡର କେସର ଏକମାତ୍ର ନିର୍ଜିବ ସାକ୍ଷୀ 'କାଠ ଟେବୁଲ'କୁ ଦେଇଥିଲେ। ଉକ୍ତ ମାମଲା 'ଇଣ୍ଡିଆ ଏଭିଡେନ୍ସ ଏକ୍ଟ'ରେ ସ୍ଥାନିତ ହୋଇ ଆଇନ ଛାତ୍ରଛାତ୍ରୀଙ୍କୁ ପାଠପଢା ଯାଉଥିବା ବେଳେ ଏହାକୁ ମଧ୍ୟ ସୁରକ୍ଷିତ ରଖିବାକୁ ସେ ପରାମର୍ଶ ଦେଇଥିଲେ। ଗଞ୍ଜାମର ବିଭିନ୍ନ କୋର୍ଟ ସମ୍ପର୍କରେ ସେ ଅବଗତ ହେବା ସହିତ ସମସ୍ତ କୋର୍ଟର ଇତିହାସ ଥିବା ବେଳେ ଏସବୁ ଏତିହ୍ୟ ସମ୍ପନ୍ନ। ଏଣୁ ସେଗୁଡିକର ସୁରକ୍ଷା ଓ ସଂରକ୍ଷଣ ଜରୁରୀ ବୋଲି କହିଥିଲେ। ଏହି ଅବସରରେ ଗଞ୍ଜାମ ଓକିଲ ସଂଘର ସଭାପତି ମନୋଜ ପଟ୍ଟନାୟକ, ଉପ ସଭାପତି ଟି.କେ.ରେଡ୍ଡୀ, ସମ୍ପାଦକ ଟି. ଭେଙ୍କେଟ ରାଓ ଏବଂ ଯୁଗ୍ମ ସମ୍ପାଦକ ଅସୀତ କୁମାର ସାବତଙ୍କ ସହିତ ପୂର୍ବତନ ଯୁଗ୍ମ ସମ୍ପାଦକ ତାପସ ସାହୁ ଆଇନଜୀବୀ ସୁଧୀର କୁମାର ମିଶ୍ର ଓ ତ୍ରିପତି ସାହୁ ପ୍ରମୁଖ ଉପସ୍ଥିତ ଥିଲେ।

# ଅସହାୟ ବୃଦ୍ଧାଙ୍କୁ ବିଇଏମ୍‌ସି କମିସନରଙ୍କ ସହାୟତା


ବ୍ରହ୍ମପୁର,୩।୧୧(ସମିସ): ବ୍ରହ୍ମପୁର ମହାନଗର ନିଗମ (ବିଇଏମସି) ୨୫ ନମ୍ବର ୱାର୍ଡ ଅନ୍ତର୍ଗତ ଜଣେ ଅସହାୟ ବୃଦ୍ଧା ଧୁବୁଣି ମହାରଣାଙ୍କୁ ବିଇଏମ୍‌ସି କମିଶନର ପ୍ରଥମେଶ ଅରବିନ୍ଦ ରାଜଶିର୍କେ ସହାୟତାର ହାତ ବଢ଼ାଇଛନ୍ତି। ସେ ସୋମବାର ରାତ୍ରି ପ୍ରାୟ ସାଢ଼େ ୯ଟାରେ ଉକ୍ତ ୱାର୍ଡର ବୋର୍ଡିଙ୍ଗ ସାହିର ଧୁବୁଣି ମହାରଣା ଘରେ କାମ କରୁଥିବା ସମୟରେ ହଠାତ୍ ଅସୁସ୍ଥ ହୋଇପଡ଼ିଥିଲେ। ଏ ନେଇ କର୍ପୋରେଟର ନରସିଂହ ସେଠୀ କମିସନର ଓ ମେୟର ସଂଘମିତ୍ରା ଦଳେଇଙ୍କୁ ଯୋଗାଯୋଗ କରିଥିଲେ। ଏହାପରେ କମିସନର ଘଟଣା ସ୍ଥଳରେ ପହଞ୍ଚି ତାଙ୍କୁ ଡାକ୍ତରଖାନା ନେବାର ବ୍ୟବସ୍ଥା କରିଥିଲେ। ପ୍ରାଥମିକ ଚିକିତ୍ସା ପରେ ତାଙ୍କୁ ଉପଯୁକ୍ତ ଚିକିତ୍ସା ଓ ସୁବିଧା ପ୍ରଦାନ ପାଇଁ ସ୍ଥାନାନ୍ତରଣ କରାଯିବ ବୋଲି କମିସନର ଓ ମେୟର ପ୍ରତିଶ୍ରୁତି ଦେଇଛନ୍ତି। ହସ୍ପିଟାଲରେ ଏନୟୁଏଚଏମ୍ ସିଟି ପ୍ରୋଗ୍ରାମ ମ୍ୟାନେଜର ଲମ୍ବୋଦର୍ ଦିଗାଲ ଓ ବିଇଏମ୍‌ସି ଆନନ୍ଦ ସାରଣୀ ପ୍ରମୁଖ ବିଭାଗର କର୍ମଚାରୀ ଉପସ୍ଥିତ ଥିଲେ।

# ଲାଠୀରେ ଅଷ୍ଟପ୍ରହର ନାମ ଯଜ୍ଞ

ବ୍ରହ୍ମପୁର,୩।୧୧(ସମିସ): ବଡ଼ ଏକାଦଶୀ ଅବସରରେ ଲାଠୀ ବାଲିବାଡ ସାହିରେ ଶ୍ରୀ ଶ୍ରୀ ଅଷ୍ଟପ୍ରହରୀ ନାମ ଯଜ୍ଞ ଅନୁଷ୍ଠିତ ହୋଇଯାଇଛି। କୋଷାଧ୍ୟକ୍ଷ ମାଧବ ମାଝି କର୍ତ୍ତା ଭାବେ ନଦୀରୁ ଗଙ୍ଗା ଆବାହନ କରି ପାଣି କଳସ ଶୋଭା ଯାତ୍ରାରେ ଆଣିଥିଲେ। ମୁଖ୍ୟ ପୁରୋଧା ଭାବରେ ଅରୁଣ ଗୌଡ, ସମ୍ପାଦକ ନରସିଂହ ବେହେରା, ସଭାପତି ଗୋପାଳ କୃଷ୍ଣ ପାଢ଼ୀ, ଯୁଧିଷ୍ଠିର ମାଝି, ନିରଞ୍ଜନ ସାହୁ, ବିଦ୍ୟାଧର ମଣ୍ଡଳ, କୃଷ୍ଣ ମହାରଣା, କିରଣ କୁମାର ପାତ୍ର, ଦୁର୍ଗା ପ୍ରସାଦ ସାହୁ ପ୍ରମୁଖଙ୍କ ପ୍ରଚେଷ୍ଟାରେ ସାହି ବାସିନ୍ଦାଙ୍କ ସହଯୋଗରେ ଚଳିତବର୍ଷ ପ୍ରଥମ ଥର ପାଇଁ ଏଭଳି ଆଧ୍ୟାତ୍ମିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ପୂଜକ ଭାବେ ଦୁର୍ଗା ପ୍ରସାଦ ପଣ୍ଡା ଯୋଗ ଦେଇଥିଲେ।

ସକାଳ
THE SAKALA

# ସମ୍ପାଦକୀୟ



ପୃଥିବୀରେ ଏପରି ଅନେକ ଲୋକ ଅଛନ୍ତି, ଯେଉଁମାନଙ୍କ ପାଇଁ କେବଳ ରୁଟି ହିଁ ଭଗବାନ।
-ମହାତ୍ମା ଗାନ୍ଧୀ

## ବିଶ୍ୱ ବିଜୟିନୀ

ଅନୁଭବ ଓ ଅଭିଜ୍ଞତା ଦୃଷ୍ଟିରୁ ହରମନପ୍ରୀତଙ୍କ ଦଳ ଅଧିକ ପରିପକ୍ୱ ଓ ଶାଣିତ, ବିଶେଷକରି ସ୍ୱଦେଶ ମାଟିର ସହାନୁଭୂତି ଓ ସମର୍ଥନ ବିଶ୍ୱକପ ହାସଲରେ ସହାୟକ ହୋଇଛି। ପୂର୍ବରୁ ଏହିଦଳ ଦୁଇଥର ଫାଇନାଲ ଖେଳି ରନର୍ସଅପ ମଧ୍ୟ ହୋଇଛି। ତେଣୁ ଭାଷ୍ୟକାରମାନେ ଏହି ବିଜୟକୁ ୧୯୮୩ରେ କପିଳଦେବଙ୍କ ନେତୃତ୍ୱରେ ଭାରତର ବିଶ୍ୱକପ ହାସଲ ସହ କରୁଥିବା ତୁଳନା ଆଦୌ ସମୀଚୀନ ନୁହେଁ। ଫାଇନାଲରେ ଅବତୀର୍ଣ୍ଣ ହୋଇଥିବା ଦୁଇଦଳ ଦକ୍ଷିଣ ଆଫ୍ରିକା ଓ ଭାରତ ସେମିଫାଇନାଲରେ ଯଥାକ୍ରମେ ଇଂଲଣ୍ଡ ଓ ଅଷ୍ଟ୍ରେଲିଆକୁ ପରାଜିତ କରିବାରେ ଯେଉଁ ଚମକ ଦେଖାଇଥିଲେ ତାହା ସେମାନଙ୍କ ଯୋଗ୍ୟତା ଓ ପରାକାଷ୍ଠାର ନିଦର୍ଶନ ବୋଲି କୁହାଯାଇପାରେ। କାରଣ ପରାଜିତ ଦୁଇଦଳ ହିଁ ଥିଲେ ଅସଲରେ ବିଶ୍ୱକପ ଦାବିଦାର। ଅଷ୍ଟ୍ରେଲିଆର ୩୩୯ ଲକ୍ଷ୍ୟର ଅନୁଧାବନ କରି ମ୍ୟାଚ ଜିତିବା ଭାରତ ପାଇଁ ଏତେ ସହଜ ନଥିଲା। ଅଧିନାୟକ ହରମନପ୍ରୀତଙ୍କ ଉପଯୋଗୀ ୮୯ରନ ସାଙ୍ଗକୁ ଜେମିମାଙ୍କ ଧୈର୍ଯ୍ୟପୂର୍ଣ୍ଣ ଅପରାଜିତ ୧୨୭ରନ ଭାରତକୁ ଫାଇନାଲରେ ପହଞ୍ଚାଇବାରେ ସହାୟକ ହୋଇଥିଲା। ଏହାଥିଲା ଏକଦିବସୀୟ ମହିଳା କ୍ରିକେଟ ଇତିହାସରେ ରେକର୍ଡ ଅନୁଧାବନ। ସେହିଭଳି ଦକ୍ଷିଣ ଆଫ୍ରିକା ମଧ୍ୟ ପ୍ରଥମେ ବ୍ୟାଟିଂ କରି ୩୧୯ ରନ କରିଥିଲା। ଇଂଲଣ୍ଡ ତାହାର ପିଛା କରି ମାତ୍ର ୧୯୪ରନ କରିବାକୁ ସମର୍ଥ ହୋଇଥିଲା।

ଫାଇନାଲରେ ଟସ୍ ଜିତି ଦକ୍ଷିଣ ଆଫ୍ରିକା ଅଧିନାୟକ ଲୌରା ଉଇଲଭାର୍ଟ ପଶ୍ଚାତଧାବନ କରିବାକୁ ଉଚିତ ମଣି ଭାରତକୁ ପ୍ରଥମେ ବ୍ୟାଟିଂ କରିବାକୁ ସୁଯୋଗ ଦେଇଥିଲେ। ମ୍ୟାଚର ଗତି ଓ ପ୍ରକୃତି ଯାହା ସେଥିରେ ୩୦୦ରୁ ଉର୍ଦ୍ଧ୍ୱ ରନ ଲକ୍ଷ୍ୟ ଧାର୍ଯ୍ୟ ନକଲେ ଜିତିବା ଯେକୌଣସି ଦଳ ପକ୍ଷରେ ଏତେ ସହଜ ହେବ ନାହିଁ। ତେବେ ଓପନିଂ ବ୍ୟାଟର ଶେଫାଳି ଦଳ ପକ୍ଷରୁ ସର୍ବାଧିକ ୮୭ରନ ଓ ଦୀପ୍ତିଙ୍କ ଉପଯୋଗୀ ୫୮ରନ ଭାରତକୁ ୨୯୮ ପହଞ୍ଚାଇବାରେ ସହାୟକ ହୋଇଥିଲା।ଏହି ଲକ୍ଷ୍ୟର ପିଛା କରୁ କରୁ ଦକ୍ଷିଣ ଆଫ୍ରିକା ୪୫.୩ ଓଭରରେ ୨୪୬ ରନ କରି ଅଲଆଉଟ ହୋଇଯାଇଥିଲା। ଦଳର ଅଧିନାୟକ ଲୌରା ଉଇଲଭାର୍ଟଙ୍କ ଚମକପ୍ରଦ ଶତକ ସତ୍ତ୍ୱେ ଦଳକୁ ସଫଳତା ମିଳିନଥିଲା। ଦଳ ପ୍ରଥମ ଥର ଫାଇନାଲକୁ ଉନ୍ନୀତ ହୋଇଥିବାରୁ ରନର୍ସଅପରେ ହିଁ ସନ୍ତୁଷ୍ଟ ହେବାକୁ ପଡ଼ିଲା। ଭାରତର ଏହି ବିଜୟ ପଛରେ ଶେଫାଳିଙ୍କ ୮୭ ରନ ଓ ଦୁଇଟି ଉଇକେଟ ହାସଲ ଦୃଷ୍ଟିରୁ ତାଙ୍କୁ ଶ୍ରେଷ୍ଠ ଖେଳାଳି ରୂପେ ସମ୍ମାନିତ କରାଯାଇଥିଲା। ଏହାସତ୍ତ୍ୱେ ଦୀପ୍ତିଙ୍କ ୫୮ରନ ସାଙ୍ଗକୁ ୫ ଉଇକେଟ ହାସଲ କମ ଗୁରୁତ୍ୱପୂର୍ଣ୍ଣ ନୁହେଁ। ସର୍ବାଧିକ ୨୨ଉଇକେଟ ହାସଲ ସହ ୨୧୫ରନ ସଂଗ୍ରହ ସକାଶେ ସେ ଚଳିତ ବିଶ୍ୱକପର ଶ୍ରେଷ୍ଠ ଖେଳାଳିର ମର୍ଯ୍ୟାଦା ହାସଲ କରିଛନ୍ତି। ଯାହାହେଉ ଭାରତୀୟ ଦଳ ୫୨ରନରେ ଦକ୍ଷିଣ ଆଫ୍ରିକାକୁ ପରାଜିତ କରି ବିଶ୍ୱକପ ଚମ୍ପିୟାନ ହେବା କମ ଗୌରବର କଥା ନୁହେଁ।

ବିସିସିଆଇର ଘୋଷଣା ଅନୁଯାୟୀ ଭାରତୀୟ ମହିଳା କ୍ରିକେଟ ଦଳ ୧୨୫ କୋଟିଟଙ୍କା ପାଇବ। ଏହି ପୁରସ୍କାର ରାଶି ଯେତେ ବଡ଼କଥା ନୁହେଁ ବଡ଼କଥା ହେଲା ଆମ ଦେଶର ମହିଳା ଯେ ବିଶ୍ୱବିଜୟିନୀ ହୋଇପାରିବେ ତାହା ଏହି ବିଶ୍ୱକପ ଟୁର୍ଣ୍ଣାମେଣ୍ଟରେ ପ୍ରମାଣିତ ହୋଇଛି। ଆଗାମୀ ଦିନରେ ମହିଳା କ୍ରିକେଟ ପ୍ରତି ଆମଦେଶରେ ଆଗ୍ରହ ଓ ଆକର୍ଷଣ ବଢ଼ିବ। ଉନ୍ନତମାନର ମହିଳା କ୍ରିକେଟ ପାଇଁ କ୍ଷେତ୍ର ପ୍ରସ୍ତୁତିର ସୁଯୋଗ ଆହୁରି ବ୍ୟାପକ ହେବ ବୋଲି ଆଶା କରିବା।

## ଆଣ୍ଡ୍ରୁଙ୍କ ପରେ କିଏ?

ଜେଫ୍ରି ଏପିଷ୍ଟିନ୍‌ଙ୍କ ଯୌନ କେଲେଙ୍କାରୀ ସମଗ୍ର ବିଶ୍ୱର ହଟଚମଟ ସୃଷ୍ଟି କରିଥିଲା। ବିତ୍ତୀୟ ସହାୟତା ଓ ବିଭିନ୍ନ ସାମାଜିକ କାର୍ଯ୍ୟକ୍ରମ ମାଧ୍ୟମରେ ନିଜର ପ୍ରତିଷ୍ଠା ଓ ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିଥିବା ଏପିଷ୍ଟିନ୍ ଉଭୟ ରାଜନୈତିକ ଓ କର୍ପୋରେଟ୍ ଜଗତରେ ବିଶ୍ୱରେ ଜଣେ ପ୍ରଭାବଶାଳୀ ବ୍ୟକ୍ତିତ୍ୱ ଭାବେ ଲୋକସଂପର୍କ ବଢ଼ାଇଥିଲେ। ବୈଭବ ପ୍ରାଚୁର୍ଯ୍ୟ ମଧ୍ୟରେ ଥିବା ଏପିଷ୍ଟିନ୍ ଯୌନ ଲାଳସାକୁ ଚରିତାର୍ଥ କରିବା ପାଇଁ ବ୍ୟଭିଚାରର ସମସ୍ତ ସୀମା ଅତିକ୍ରମ କରିଥିଲେ। ନିଜର ପ୍ରଭାବ ଓ ପ୍ରତିଷ୍ଠାର ଆଢୁଆଳରେ ତଥାକଥିତ ବନ୍ଧୁମାନଙ୍କ ସନ୍ତୁଷ୍ଟି ପାଇଁ ବିପୁଳ ବ୍ୟୟରେ ନାବାଳିକାଙ୍କୁ ସଂଗ୍ରହ କରି ଗୋପନ ଅଭିସାରର ପଥ ପରିଷ୍କାର କରିଥିଲେ। କିଛି ନିକଟତମ ସହଯୋଗୀ ଚଳଚ୍ଚିତ୍ର ନିର୍ଦ୍ଦେଶକ ହୋଇଥିବାରୁ ଏହି ଘଟଣାକ୍ରମର ଭିଡିଓ ସୁଟିଙ୍ଗ ମଧ୍ୟ କରାଇଥିଲେ।

ତେବେ ଏପ୍ରକାର ଯୌନ ଶୋଷଣ ସବୁଦିନ ଲୁଚି ରହିପାରିବ ନାହିଁ। ନିର୍ଯାତନା ଓ ଶୋଷଣର ସମ୍ମୁଖୀନ ହୋଇଥିବା ଯୁବତୀ ଦିନେ ନା ଦିନେ ମୁହଁ ଖୋଲିବେ। ତାହା ହିଁ ଶେଷରେ ଘଟିଲା। ଏଫବିଆଇ ପକ୍ଷରୁ ତଦନ୍ତ ହେଲା। ପ୍ରବଳ ଚାପ ସତ୍ତ୍ୱେ ସେ ଦୋଷୀ ସାବ୍ୟସ୍ତ ହେଲେ ଏବଂ ତାଙ୍କୁ ୧୯ ମାସ କାରାଦଣ୍ଡାଦେଶ ଭୋଗିବାକୁ ପଡ଼ିଲା। ଶେଷରେ ସେ ଆତ୍ମହତ୍ୟା କଲେ ବୋଲି କୁହାଯାଇଥିଲେ ମଧ୍ୟ ତାହା ସନ୍ଦେହରୁ ଉର୍ଦ୍ଧ୍ୱରେ ଆସିପାରୁନାହିଁ। ଆମେରିକା ଦୁଇ ପରସ୍ପର ବିରୋଧୀ ଦଳର ନେତା ଏହି ଯୌନ ଶୋଷଣରେ ସଂପୃକ୍ତ ଥିବାରୁ ଏପିଷ୍ଟିନ୍‌ଙ୍କ କଳାକାରନାମାର ସବିଶେଷ ତଥ୍ୟ ପଦାକୁ ଆସିପାରିନାହିଁ। ଏ ସଂକ୍ରାନ୍ତରେ ଭିଡିଓ ରେକର୍ଡିଂ କେଉଁଠି ନା କେଉଁଠି ଲୁକ୍କାୟିତ ହୋଇ ରହିଛି। ତେଣୁ ନେତାଙ୍କ ମୁଣ୍ଡରୁ ବିବାଦ ହଟିନି। ବ୍ରିଟେନର ଯୁବରାଜ ଆଣ୍ଡ୍ରୁଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ପରେ ଏହି ଯୌନ କେଲେଙ୍କାରୀ ପୁଣି ଥରେ ପଦାକୁ ଆସିଛି। ଆମେରିକୀୟ ଯୁବତୀ ଭର୍ଜିନିଆ ଜେଫ୍ରି ମୁହଁ ଖୋଲିବାରୁ ଯୁବରାଜ ଆଣ୍ଡ୍ରୁ ବ୍ରିଟେନ ରାଜପରିବାର ପଦମର୍ଯ୍ୟାଦା ସମ୍ମାନରୁ ବଞ୍ଚିତ ହୋଇଛନ୍ତି। କିଛିଦିନ ତଳେ କିଙ୍ଗ ଚାର୍ଲସ୍ ଏକ କାର୍ଯ୍ୟକ୍ରମରେ ଯୋଗ ଦେଇଥିବା ବେଳେ ଏହି ପ୍ରସଙ୍ଗକୁ କେନ୍ଦ୍ର କରି କଡ଼ା ବିରୋଧର ସମ୍ମୁଖୀନ ହୋଇଥିଲେ। ତେଣୁ ପ୍ରବଳ ଚାପର ବଶବର୍ତ୍ତୀ ହୋଇ ତୁରନ୍ତ ଆଣ୍ଡ୍ରୁଙ୍କ ଉପାଧି ପ୍ରତ୍ୟାହାର କରାଯିବା ସହ ୱିଣ୍ଡସର କାସଲ ବାସଗୃହରୁ ବିଦାୟ ନେବାକୁ କୁହାଯାଇଛି। ତାଙ୍କଠାରୁ ରାଜ ପରିବାରର ଉପାଧି ଓ ସମ୍ମାନ ପ୍ରତ୍ୟାହାର କରାଯିବା ପ୍ରକ୍ରିୟା ଆରମ୍ଭ ହୋଇଛି।

ଜେଫ୍ରିଙ୍କ ଭଳି ବହୁ ନାବାଳିକା ଏପିଷ୍ଟିନ୍‌ଙ୍କ ଯୌନ କେଲେଙ୍କାରୀର ଶିକାର ହୋଇଛନ୍ତି। ଆଗକୁ ଆଉ ଯେ କିଏ ମୁହଁ ଖୋଲିବ ତାହାର ସମ୍ଭାବନା ଊଣା। ତେବେ ଭିଡିଓ ରେକର୍ଡିଂକୁ ଯେ ନଷ୍ଟ କରାଯାଉଛି ଏକଥା ନୁହେଁ। ଏହା ବେଶୀବର୍ଷ ତଳର ଘଟଣା ନୁହେଁ। ଟ୍ରମ୍ପଙ୍କୁ ନେଇ ବାରମ୍ବାର କଥା ଉଠୁଥିଲେ ମଧ୍ୟ କ୍ଷମତାର ଚାପ ଓ ସାଲିସ ଉଭୟ ଏକ୍ଷେତ୍ରରେ କାମ କରୁଛି। ଗାଜା ବ୍ୟାପାରରେ ଟ୍ରମ୍ପଙ୍କ ଭୂମିକାକୁ ଲକ୍ଷ୍ୟ କଲେ ମୋସାଡର ଭୂମିକା ଆପେ ଆପେ ସନ୍ଦେହ ପରିସରକୁ ଆସି ଯାଉଛି।

# ସୃଜନାତ୍ମକ ବିନାଶ ବନାମ ସୃଜନାତ୍ମକ ସଂରକ୍ଷଣ

ଦୁର୍ଗାପ୍ରସାଦ ଆଚାର୍ଯ୍ୟ

ପୁଞ୍ଜିବାଦୀ ଅର୍ଥନୀତି ତଥା ଅତ୍ୟାଧୁନିକ ପ୍ରଯୁକ୍ତିବିଦ୍ୟା ଆଧାରିତ ପ୍ରଗତି ପଛରେ ସୃଜନଶୀଳ ବା ସୃଜନାତ୍ମକ ବିନାଶ (କ୍ରିଏଟିଭ୍ ଡେଷ୍ଟ୍ରକସନ୍)ର ନିର୍ଣ୍ଣାୟକ ଭୂମିକା ଅବିସମ୍ବାଦିତ ବୋଲି ପ୍ରତିପାଦିତ କରି ୨୦୨୫ର ନୋବେଲ ପୁରସ୍କାରରେ ସମ୍ମାନିତ ହେଲେ ପ୍ରସିଦ୍ଧ ତିନି ଅର୍ଥନୀତିଜ୍ଞ ଜୋଏଲ୍ ମୋକିର୍, ଫିଲିପ୍ ଆଘିଅନ୍ ଓ ପିଟର୍ ହାଓଇଟ୍। ଏହି 'ସୃଜନାତ୍ମକ ବିନାଶ'ର ତତ୍ତ୍ୱଟି ପ୍ରଥମେ ଆମକୁ ଜଣାଇଥିଲେ 'ଜୋସେଫ୍ ସୁମ୍ପିଟର୍'। ଏ ବର୍ଷର ଏହି ଚର୍ଚ୍ଚିତ ନୋବେଲ୍ ବିଜେତାମାନେ ଏହି ନିଷ୍କର୍ଷଟିର ସତ୍ୟତା ତଥା ପ୍ରାମାଣିକତା ଗବେଷଣାଲବ୍ଧ ତଥ୍ୟନିଷ୍ଠ ଯୁକ୍ତି ଆଧାରରେ ଦୃଢ଼ତାର ସହ ସାବ୍ୟସ୍ତ କଲେ। ତେଣୁ ଏବେ ଆମ ବୁଦ୍ଧିଜୀବୀଙ୍କ ତୁଣ୍ଡରେ 'ସୃଜନାତ୍ମକ ବିନାଶ' ରୂପକ ଆପାତତଃ ବିପରୀତାଭାସ ତତ୍ତ୍ୱଟି ଏକ ଘୋଷାପଦ ପାଲଟି ସାରିଲାଣି। ଅନେକ ବି ମାତ୍ରାତିରିକ୍ତ ଉତ୍ସାହ ଦେଖାଇ କହିବାକୁ ଆରମ୍ଭ କଲେଣି ଯେ ପ୍ରତ୍ୟେକ ପ୍ରକାରର ସମୃଦ୍ଧି ବା ବିକାଶ, ତାହା ପ୍ରାକୃତିକ ହେଉ କି ମାନବଜୀବନକୈନ୍ଦ୍ରିକ ହେଉ, ର ଏହା ହେଉଛି ଏକମାତ୍ର ଉତ୍ପ୍ରେରକ।

ଏଥିରେ ବିସ୍ମିତ ହେବାର କାରଣ ଅବଶ୍ୟ ଥାଇ ନପାରେ। କାରଣ ଆମେ ପ୍ରତ୍ୟେକ ଜାଣିଛେ ଯେ ଘଞ୍ଚ ଅରଣ୍ୟଟିଏ ଅଗ୍ନିଦଗ୍ଧ ହେଲା ପରେ ନୂତନ ସବୁଜିମାର ସୃଷ୍ଟି ହୁଏ; ପୁରାତନ ସଂସ୍କୃତି ଓ ପରମ୍ପରା, ପୁରାତନ ଜ୍ଞାନରାଜିରୁ ବେଶ୍ କିଛିକୁ ନେପଥ୍ୟକୁ ହଟାଇ ଦେଇ ନୂତନ ସଂସ୍କୃତି, ପରମ୍ପରା ବା ଜ୍ଞାନରାଜିର ଅଭ୍ୟୁଦୟ ହୁଏ ଏବଂ ପୁରାତନ ପ୍ରବିଧି ବା ପ୍ରାବିଧିକ କୌଶଳର ସ୍ଥାନରେ ନୂତନ ପ୍ରବିଧି, ପ୍ରାବିଧିକ କୌଶଳର ଆବିଷ୍କାର ବା ଉଦ୍ଭାବନ ହୁଏ। କିନ୍ତୁ ଦୁର୍ଭାଗ୍ୟଜନକ କଥାଟି ହେଉଛି ଯେ ବର୍ତ୍ତମାନର ଏହି ଲଗାମହୀନ କାଳଖଣ୍ଡରେ ସଂକୀର୍ଣ୍ଣ, ବିଦ୍ୱେଷପୂର୍ଣ୍ଣ ମତାଦର୍ଶର ପ୍ରବକ୍ତା ଓ ଅନ୍ଧଭକ୍ତମାନେ ଆମ ଧର୍ମ, ସଂସ୍କୃତି ତଥା ଜ୍ଞାନପରମ୍ପରାରେ ଥିବା ସକଳ ପ୍ରକାରର ମୁକ୍ତ, ଉଦାର ଚିନ୍ତନ ଓ ସାର୍ବଜନୀନ ବିଚାରଧାରା ସର୍ବାଦୌ ପରିତ୍ୟଜ୍ୟ ବୋଲି ଆମମାନଙ୍କୁ କହୁଛନ୍ତି। ଦେଶପ୍ରେମ, ଜାତିପ୍ରେମ ବା ସଂପ୍ରଦାୟପ୍ରେମର ଦୁହାଇ ଦେଇ ଚିରନ୍ତନୀ ମାନବୀୟ ଆଦର୍ଶ ବା ମୂଲ୍ୟବୋଧ ସବୁର ସ୍ଥାନରେ ଘୃଣା, ଅସୂୟା, ଅସହିଷ୍ଣୁତା, ଧର୍ମୀୟ ବିଭେଦର ବୀଜ ରୋପଣ କରିବାରେ ବିକୃତ ଉତ୍ସାହ ଦେଖାଇ ଚାଲିଛନ୍ତି। ଦୟା, କ୍ଷମା, ସମଭାବାପନ୍ନ, ବିଶ୍ୱପ୍ରେମ ଓ ସର୍ବଧର୍ମସମନ୍ୱୟୀ ଭାବଭାବନାଗୁଡ଼ିକୁ ଖର୍ବ, ମଳିନ, ନିଷ୍ପ୍ରଭ କିମ୍ବା ମୂଳପୋଛ କରିଦେବା ପାଇଁ ହୀନ ମସୁଧା ଚାଲିଛି ସର୍ବତ୍ର।

ଏମିତି ଭ୍ରଷ୍ଟ, ଭ୍ରାନ୍ତ ବିଚାରଧାରାର ତଥାକଥିତ ରାଷ୍ଟ୍ରପ୍ରେମୀ ବା ଧର୍ମପ୍ରେମୀମାନଙ୍କ ସହିତ ଆମ ବୁଦ୍ଧିଜୀବୀ, ଆମ ଜନବିଦ୍ୱାନମାନେ, ଏପରିକି ବିଜ୍ଞାନୀ ଓ ପ୍ରଯୁକ୍ତିବିଦ୍ୟା ବିଶାରଦମାନେ, ସ୍ୱର ମିଳାଇଥିବାର ଭୂରିଭୂରି ଦୃଷ୍ଟାନ୍ତ ଆମ ପାଖରେ। ଏପରି ଏକ ବିଷାକ୍ତ, ବିମର୍ଷକର ବାତାବରଣରେ ବିଚରା ସାଧାରଣ ଜନତା ଅତି ସହଜରେ ପ୍ରତାରିତ ହେବା ଆଦୌ ବିଚିତ୍ର ନୁହେଁ। ମାନବୀୟ ମୂଲ୍ୟବୋଧ, ଗଣତାନ୍ତ୍ରିକ ଆଦର୍ଶ ଓ ଧର୍ମନିରପେକ୍ଷ ବିଚାରଧାରା ସବୁକୁ ପୁରୁଣା, ଘଷରା, ଯୁଗଅନୁପଯୋଗୀ ବୋଲି କହି ଉଗ୍ର, ହିଂସ୍ର, ସାଂପ୍ରଦାୟିକ ମତାଦର୍ଶ ସବୁର ପରିପ୍ରସାର ପାଇଁ ନିରନ୍ତର ପ୍ରୟାସ କରୁଥିବା ନ୍ୟସ୍ତସ୍ୱାର୍ଥଗୋଷ୍ଠୀ ସୃଜନାତ୍ମକ ବିନାଶ ତତ୍ତ୍ୱଟିର ଅପପ୍ରୟୋଗ କରିବାର ସହସ୍ର ସମ୍ଭାବନା ଥିବା ପରି ସ୍ପଷ୍ଟ ବୋଧ ହୁଏ। ତେଣୁ ଏ ସନ୍ଦର୍ଭରେ ଏକ ବିକଳ୍ପ ଚିନ୍ତନର ଆବଶ୍ୟକତା ଅଛି, କାରଣ ପ୍ରତ୍ୟେକ କ୍ଷେତ୍ରରେ ସଂଘଟିତ ହେଉଥିବା ବିକାଶ, ପରିବର୍ଦ୍ଧନ ବା ନବପ୍ରବର୍ତ୍ତନ ପଛରେ ସୃଜନାତ୍ମକ ଧ୍ୱଂସ କି ବିନାଶ ଏକ ଅବଧାରିତ ପ୍ରକ୍ରିୟା ନୁହେଁ।

ଏ ଜୀବନ ଓ ଜଗତରେ ଏମିତି ଅନେକ କ୍ଷେତ୍ର ଅଛି, ଯେଉଁଠି ସୃଜନାତ୍ମକ ବିନାଶ ନୁହେଁ, ବରଂ ସୃଜନାତ୍ମକ ସଂରକ୍ଷଣ ମାଧ୍ୟମରେ ନୂତନକୁ ଆବାହନ ଓ ସ୍ୱାଗତ କରାଯାଇଥାଏ, ଯେଉଁଠି ବିକାଶ, ବିବର୍ତ୍ତନ କି ନବନବ ଉନ୍ମେଷମାନ ଅନବରତ ଘଟିଚାଲିଥାଏ ଧ୍ୱଂସ ବା ବିନାଶର ବିନା ସଂରଚନାରେ। ନୂତନର ଆବାହନ, ନୂତନର ଧରାବତରଣ ପାଇଁ ଯାହାକିଛି ପ୍ରାଚୀନ, ଯାହାକିଛି ପୂର୍ବସୃଷ୍ଟ ବା ପୂର୍ବପ୍ରତିଷ୍ଠିତ ସେ ସବୁକୁ ସଂପୂର୍ଣ୍ଣ ବିନାଶ କରିବା ବା ନେପଥ୍ୟକୁ ଠେଲିଦେବା ସର୍ବଦା ଏକ ଅବଧାରିତ ସତ୍ୟ ନୁହେଁ। ଆଗକୁ ପାଦ ପକାଇ ଚାଲିବା ପାଇଁ ସର୍ବଦା ପଛର ସବୁ ପଦଚିହ୍ନକୁ ଲିଭାଇଦେବା ଆବଶ୍ୟକ ହୋଇନଥାଏ। ପ୍ରେମ, ମମତା, ଅନୁରାଗ ପରି ଆଦିମତମ ତଥା ସହଜାତ ମାନବୀୟ ପ୍ରବୃତ୍ତି ସବୁର କ୍ରମପ୍ରସ୍ଫୁଟନ ପାଇଁ ଲୋଡ଼ା ହେଉଛି ସୃଜନାତ୍ମକ ସଂରକ୍ଷଣ। ଅର୍ଥାତ୍ ଏହି ମାନବୀୟ ଭାବାବେଗ କ୍ରମଶଃ ଗଭୀରରୁ ଗଭୀରତର ହୋଇଥା'ନ୍ତି ପୂର୍ବର ସକଳ ସ୍ମୃତି, ସକଳ ଆବେଗକୁ ଅତୁଟ ରଖି। ପ୍ରଥମ ପ୍ରେମାନୁଭୂତିର ମଧୁଆବେଶକୁ ସଂପୂର୍ଣ୍ଣ ନିଶ୍ଚିହ୍ନ କରି ପ୍ରେମ ତା'ର ସାର୍ଥକତା ସାଉଁଟି ନଥାଏ, ପୂର୍ଣ୍ଣତା ପ୍ରାପ୍ତ ହୋଇ ନ ଥାଏ। ମା'ର ବାତ୍ସଲ୍ୟ ପ୍ରେମ ସର୍ବଦା ହିଁ ରହିଥାଏ ଜାଜ୍ୱଲ୍ୟମାନ। ବୟସ୍କ ସନ୍ତାନ ପ୍ରତି ମା'ର ପ୍ରେମ ହେଉଛି ସ୍ମୃତି ଓ ଅଭିଜ୍ଞତାର ଆଧାରରେ ବିବର୍ଦ୍ଧିତ, ପରିପକ୍ୱ ହୋଇଥିବା ସେହି ବାତ୍ସଲ୍ୟ ପ୍ରେମ ମାତ୍ର। ବାତ୍ସଲ୍ୟ ପ୍ରେମ ଅନୁରୂପ ବି ଘନ ଆବେଗଦୀପ୍ତ ରୋମାଣ୍ଟିକ୍ ପ୍ରେମ, ଯା'ର ପ୍ରବାହ ଅବିଚ୍ଛିନ୍ନ ରହିଥାଏ ଅତୀତରୁ ବର୍ତ୍ତମାନ ଏବଂ ଯା'ର ଦୀପ୍ତି ସଂଚରିତ ହୋଇଚାଲିଥାଏ ପାହାନ୍ତା ପ୍ରହରର କୋମଳ ସୂର୍ଯ୍ୟାଲୋକର ଅବିଚ୍ଛିନ୍ନ କ୍ରମସଂଚରଣ ପରି। ପ୍ରେମ, ମମତା ଓ ଅନୁରାଗର ଅଙ୍ଗନ ହେଉଛି ହୃଦୟ ଏବଂ ହୃଦୟ ଜାଣେ ନାହିଁ 'ସୃଜନାତ୍ମକ ବିନାଶ'ର ଭାଷା। ହୃଦୟ କେବଳ ଜାଣେ 'ସୃଜନାତ୍ମକ ସଂରକ୍ଷଣ'ର ଭାଷା। ଏହା କେବଳ ବିଶ୍ୱାସ କରେ 'ସୃଜନାତ୍ମକ ବିକାଶ', 'ବିବର୍ତ୍ତନ' ଓ 'ସୃଜନାତ୍ମକ ପରିବର୍ଦ୍ଧନ'ରେ। ଫିନିକ୍ସ ପକ୍ଷୀ ପରି ପୁନର୍ଜନ୍ମ ନେବାକୁ, ପୁନଃ ସତେଜ ବା ଜୀବନ୍ତ ହେବାକୁ ମାନବୀୟ ପ୍ରେମ, ମମତା ଓ ଅନୁରାଗ କେବେହେଲେ ଲୋଡ଼ି ନ ଥା'ନ୍ତି ଆପଣା ଆପଣାର ଭସ୍ମ ପାଉଁଶ। ଏକ ଗୂଢ଼, ଗଭୀର ଦୃଷ୍ଟିରୁ ବିଚାର କଲେ ଆମେ ନିଶ୍ଚୟ ଉପଲବ୍ଧି କରିପାରିବା ଯେ ଆମ ଜୀବନର ମହାର୍ଘ ଭାବକ୍ଷେତ୍ର ପାଇଁ ସୃଜନଶୀଳ ବା ସୃଜନାତ୍ମକ ବିକାଶର ତତ୍ତ୍ୱଟି ପୂରାପୂରି ନିରାଧାର।

ଖାଲି ପ୍ରେମ ବା ମମତାର କ୍ଷେତ୍ର ନୁହେଁ, ମୈତ୍ରୀ, କରୁଣା, ସମ୍ବେଦନା ଓ ନୈତିକତା ପରି ଶ୍ରେଷ୍ଠତମ ମାନବୀୟ ମୂଲ୍ୟବୋଧ ସବୁର ବିକାଶ ବା ଯୁଗୋପଯୋଗୀ ରୂପାନ୍ତରଣ ପାଇଁ ଆବଶ୍ୟକ ହୋଇନଥାଏ କୌଣସି ପ୍ରକାର ବିନାଶର ପ୍ରକ୍ରିୟା। ଏ ସମସ୍ତ ମୂଲ୍ୟବୋଧର ଉତ୍ସ ହେଉଛି ମାନବର ଅନ୍ତର୍ମନ ବା ଚେତନା। ମାନବୀୟ ଚେତନାର କ୍ରମବିକାଶ ସହ ତାଳ ଦେଇ ବିବର୍ତ୍ତିତ ବା ବିକଶିତ ହୋଇଥାଏ ମୂଲ୍ୟବୋଧଭିତ୍ତିକ ମାନବଜୀବନ। ପ୍ରସ୍ତର ଯୁଗର ଅନ୍ଧାରି ବଳୟରୁ ଧୀରେ ଧୀରେ ସଚେତନତାର ଆଲୋକକୁ ଆସୁଥିବା ମଣିଷ ପ୍ରଥମେ କେବଳ ଆପଣାର ସୁରକ୍ଷା, ନିରାପତ୍ତା ନିଶ୍ଚିତ କରିବା ପାଇଁ କେତୋଟି ନୀତି, ନିୟମ ମାନିବାକୁ ଚାହିଁଥିବ ଏବଂ ପରେ ସେ ସବୁର ଉପଯୋଗିତା ତା' ପାଖରେ ସ୍ପଷ୍ଟ ହୋଇଯିବା ପରେ ସେ ବୁଝିଯାଇଥିବ ଯେ ସେ ନୀତି, ନିୟମ ବା ଲକ୍ଷ୍ମଣରେଖାମାନଙ୍କର ଉଲ୍ଲଙ୍ଘନ ତା'ର ଅସ୍ତିତ୍ୱ ପାଇଁ ବିପଜ୍ଜନକ। ମଣିଷ ତା'ର ସଭ୍ୟତାର ବ୍ରାହ୍ମ ମୁହୂର୍ତ୍ତରୁ ଏ ପର୍ଯ୍ୟନ୍ତ ମୈତ୍ରୀ, ପ୍ରୀତି, କରୁଣା ଓ ନୈତିକତା ଆଦି ମହନୀୟ ମାନବୀୟ ଭାବ, ନୀତି ବା ଆଦର୍ଶର ପରିପୁଷ୍ଟି କରିଆସିଛି ବିନା ସୃଜନାତ୍ମକ ବିନାଶ ତତ୍ତ୍ୱର ସଚେତନ ପ୍ରୟୋଗରେ। ପୁରାତନ ଆତ୍ମିକ ଭାବସଂପଦ, ପୁରାତନ ମୂଲ୍ୟବୋଧର ଧ୍ୱଂସସାଧନ ନୁହେଁ, ସଚେତନ ଅଙ୍ଗୀକାର ସଚେତନ ସଂରକ୍ଷଣ ମାଧ୍ୟମରେ ସେ ସବୁର ଦୃଢ଼ୀକରଣ ଓ ପରିବର୍ଦ୍ଧନ ହୋଇଥାଏ। ନ୍ୟାୟପ୍ରଦାନର ଦାୟରେ ଦୟା, କ୍ଷମା ବା କରୁଣାର ବିନାଶ କାମ୍ୟ ନୁହେଁ, ସାହସ ପ୍ରଦର୍ଶନ ପାଇଁ ନମ୍ରତା ବା ସଂବେଦନାର ବିନାଶ କାମ୍ୟ ନୁହେଁ କି ନିରପେକ୍ଷ ସତ୍ୟର ପ୍ରତିଷ୍ଠା ପାଇଁ ପ୍ରେମଭାବର ବିନାଶ କାମ୍ୟ ନୁହେଁ।

ଉତ୍ତରୋତ୍ତର ଭୌତିକ ତଥା ଅର୍ଥନୈତିକ ପ୍ରଗତିର ଧାରାରେ ସୃଜନାତ୍ମକ ଧ୍ୱଂସ ବା ବିନାଶ (କ୍ରିଏଟିଭ ଡେଷ୍ଟ୍ରକସନ୍)ର ପ୍ରାସଙ୍ଗିକତା ଅବଶ୍ୟ ଅନସ୍ୱୀକାର୍ଯ୍ୟ। ଅତ୍ୟାଧୁନିକ ପ୍ରଯୁକ୍ତିର ପ୍ରୟୋଗ, ଅତ୍ୟାଧୁନିକ ପ୍ରବିଧିମାନଙ୍କ ନିର୍ମାଣ, ବିନିର୍ମାଣ କ୍ରମରେ ଲିପ୍ତ ବିଶାରଦ, ବିଶେଷଜ୍ଞମାନେ ସୃଜନାତ୍ମକ ବିନାଶର ମନ୍ତ୍ରଟି ଉଚ୍ଚାରଣ କରି ପୁରୁଣାର ଯଜ୍ଞାନଳରେ ଆହୂତି ପ୍ରଦାନ କରୁଥା'ନ୍ତୁ। ନୂଆର ଧରାବତରଣ କରାଇ ଚାଲିଥା'ନ୍ତୁ, ନବପ୍ରବର୍ତ୍ତନ ମାଧ୍ୟମରେ। କିନ୍ତୁ ସକଳ ପ୍ରକାରର ବିକାଶ, ପରିବର୍ତ୍ତନ ବା ପରିବର୍ଦ୍ଧନ ପାଇଁ ପୁରାତନର ସମୂଳ ଉତ୍ପାଟନ, ସମୂଳ ବିସର୍ଜନ ଯେ ଅପରିହାର୍ଯ୍ୟ-ଏହା ଆଦୌ ଏକ ନିର୍ବିବାଦୀୟ ସତ୍ୟ ନୁହେଁ। ଆମେ ଯଦି ଏପରି ଭାବିବସିବା ଆମେ ମତାନ୍ଧ ହୋଇଯିବା, ଏକପ୍ରକାର ରୂଢ଼ିବାଦୀ ଧାରଣାର ଅନ୍ଧଭକ୍ତ ହୋଇଯିବା ଏବଂ ଜୀବନ ଓ ଜଗତ ପାଇଁ ଅତି ଶ୍ରେୟସ୍କର ଅନେକ ମହାର୍ଘ ଭାବସଂପଦ, ଅନେକ ମହାର୍ଘ ଗୁଣରାଜିର ବିନାଶପର୍ବର ପୁରୋଧା ହୋଇଯିବା, ଯେମିତି ହୋଇଚାଲିଛେ ଏବେ।

(ଅବସରପ୍ରାପ୍ତ ଇଂରାଜୀ ପ୍ରାଧ୍ୟାପକ)
କୋଡିଆଁ ବାରଙ୍ଗ, ମୋ: ୯୮୫୩୩୫୫୦୭

# ଶିକ୍ଷା, ଶିକ୍ଷକ ଓ ଶିକ୍ଷାୟତନ

ଡ. ଅଭିମନ୍ୟୁ ବରାଳ

ଆମ ଜନ୍ମଭୂମି ଭାରତବର୍ଷ ପ୍ରାଚୀନ ସଂସ୍କୃତିସମ୍ପନ୍ନ ସଭ୍ୟ ଦେଶ। ଏ ଦେଶର ବେଦ, ବେଦାନ୍ତ, ଉପନିଷଦ, ପୁରାଣ, ଜ୍ୟୋତିଷ, ସାହିତ୍ୟ, ବ୍ୟାକରଣ, ନ୍ୟାୟ, ମୀମାଂସା, ଅର୍ଥନୀତି ଓ ରାଜନୀତି ଆଦି ଥିଲା ଉନ୍ନତତର। ନାଳନ୍ଦା, ତକ୍ଷଶିଳା, ପୁଷ୍ପଗିରି ପ୍ରଭୃତି ବିଶ୍ୱବିଦ୍ୟାଳୟଗୁଡ଼ିକରେ ଦେଶବିଦେଶରୁ ଛାତ୍ରଛାତ୍ରୀମାନେ ଜ୍ଞାନ ଆହରଣ କରୁଥିଲେ। ଇଂରେଜମାନେ ଭାରତବର୍ଷକୁ ଅଧିକାର କରିବା ପରେ ଦେଖିଲେ ଯେ ଏ ଦେଶର ଶିକ୍ଷାଦାନ ପଦ୍ଧତି ଅତ୍ୟନ୍ତ ଉନ୍ନତ। ବେଦ, ବେଦାନ୍ତ ଓ ସଂସ୍କୃତ ଭାଷା ଏ ଜାତିକୁ ଉନ୍ନତ କରି ରଖିଛି। ତେଣୁ ଏ ଶିକ୍ଷା ବ୍ୟବସ୍ଥାକୁ ଯଦି ବିଭ୍ରାଟ କରିଦିଆଯାଏ ତେବେ ଭାରତୀୟମାନେ ଆମର ପଦାଙ୍କ ଅନୁସରଣ କରିବେ। ବେଶପୋଷାକ, ଚାଲିଚଳଣି ସବୁ ପରିବର୍ତ୍ତନ ହୋଇଯିବ। ଏମାନେ ସଂସ୍କୃତ ନ ପଢ଼ି ଇଂରାଜୀ ପଢ଼ିବେ। ବେଦ ବେଦାନ୍ତ ନ ପଢ଼ି ଇଂରାଜୀ ଉପନ୍ୟାସ (ନଭେଲ) ଓ ଗଳ୍ପାଦିକୁ ପଢ଼ିବାକୁ ଆଗ୍ରହ ପ୍ରକାଶ କରିବେ।

ତେଣୁ ଇଂରେଜମାନେ ଯେଉଁ ଶିକ୍ଷାର ପ୍ରବର୍ତ୍ତନ କଲେ ସେଥିରେ ନଥିଲା ନୈତିକତାର ଲେଶମାତ୍ର ସୂଚନା। ତାହା ଥିଲା କେବଳ ଚାକିରି କୈନ୍ଦ୍ରିକ ବିଦ୍ୟା। ନାଳନ୍ଦା, ତକ୍ଷଶିଳା ପ୍ରଭୃତି ବିଶ୍ୱବିଦ୍ୟାଳୟରେ ଯେଉଁ ଶିକ୍ଷା ଦିଆଯାଉଥିଲା, ତାହା ନୈତିକତା ତଥା ବୌଦ୍ଧିକ ବିକାଶର ଶିକ୍ଷା। ଚୀନ ପରିବ୍ରାଜକ ହୁଏନ୍ ସାଂ ସ୍ୱୀୟ ବିବରଣୀରେ ଆମ ଶିକ୍ଷା ବ୍ୟବସ୍ଥାର ଭୂୟସୀ ପ୍ରଶଂସା କରିଛନ୍ତି। ତେଣୁ ସ୍ୱାର୍ଥପର ଇଂରେଜମାନେ ନିଜ ସ୍ୱାର୍ଥ ସିଦ୍ଧି ପାଇଁ ବିଶ୍ୱବିଦ୍ୟାଳୟକୁ ପ୍ରାୟ ଅଚଳ କରିଦେଲେ। ସେଥିରେ ଥିବା ବିଶାଳ ପାଠାଗାରକୁ ଅନଳ ଲଗାଇ ଭସ୍ମୀଭୂତ କରିଦେଲେ। ଶୁଣାଯାଏ ଉକ୍ତ ପାଠାଗାର ଦୀର୍ଘ ୬ ମାସ ପର୍ଯ୍ୟନ୍ତ ଜଳିଲା। ଫଳରେ ଅନେକ ଦୁଷ୍ପ୍ରାପ୍ୟ ଗ୍ରନ୍ଥ, ତାଳପତ୍ର ପୋଥି ଜଳିପୋଡ଼ି ପାଉଁଶ ହୋଇଗଲା। ଭାରତର ଶିକ୍ଷାଗତ ମେରୁଦଣ୍ଡକୁ ଭାଙ୍ଗିଦେବାରେ ଏହା ଥିଲା ଇଂରେଜମାନଙ୍କର ପ୍ରଥମ ଅଭିନବ କୌଶଳ। ଫଳରେ ଭାରତୀୟମାନେ ପାଶ୍ଚାତ୍ୟାଭିମୁଖୀ ତଥା ପରମୁଖାପେକ୍ଷୀ ହୋଇଗଲେ। ସେମାନଙ୍କର ସ୍ୱାଧୀନ ଚିନ୍ତା ଓ ଚେତନା ବିଲୁପ୍ତ ହୋଇଗଲା। ତେଣୁ ଇଂରେଜମାନେ ଦୀର୍ଘଦିନ ଧରି ଏ ଦେଶକୁ ଶାସନ କରିବାର ସୁଯୋଗ ପାଇଗଲେ। ବ୍ୟାସକବି ଫକୀରମୋହନ ଯଥାର୍ଥରେ କହିଛନ୍ତି,

'ହିଷ୍ଟ୍ରି, ଫିଲୋସୋଫି, ବଟାନୀ ବିଦେଶୁ ହୋଇଛି ଏ ଆମଦାନୀ / ପିଲାଏ ଖାଆନ୍ତି ଏ ସବୁ ଫଳ ପାପ ଟଙ୍କା ଗଣିଦିଏ କେବଳ / ଏ ସବୁ ଫଳର ଗୁଣ ଓଲଟା ହୁଏ ଦେହ ସରୁ ବୁଦ୍ଧିଟା ମୋଟା / ମାତ୍ରକ ହଜମ ଯେପରି ଜାଣି ଜଗତ ଜିଣେ ସେ ଆପଣା ଜ୍ଞାନେ।'(ମୁଁ ହାଟ ବାହୁଡ଼ା)

ପ୍ରାଚୀନ ଭାରତରେ ଋଷିମୁନିମାନେ ଗୁରୁକୁଳ ଆଶ୍ରମରେ ଛାତ୍ରଛାତ୍ରୀମାନଙ୍କୁ ଶିକ୍ଷାଦାନ କରୁଥିଲେ। ସେମାନେ ଶିଷ୍ୟମାନଙ୍କୁ ପୁତ୍ରବତ୍ ଜ୍ଞାନ ପ୍ରଦାନ କରୁଥିଲେ। ଶିକ୍ଷାଦାନର ପଦ୍ଧତି ଭିନ୍ନ ଥିଲା। ଶିକ୍ଷା ଶେଷରେ ଏକ ଆଦର୍ଶ ମଣିଷ ଭାବରେ ଛାତ୍ରଟି ସମାଜର ମୁଖ୍ୟ ସ୍ରୋତରେ ମିଶି ନିଜ ଜୀବନଯାତ୍ରା ପଥରେ ଅଗ୍ରସର ହେଉଥିଲା। ସେଠାରେ ବେଦ ବେଦାନ୍ତଠାରୁ ଆରମ୍ଭ କରି କୃଷି ଏବଂ ବ୍ରହ୍ମଚର୍ଯ୍ୟ ପାଳନର ଶିକ୍ଷା ଦିଆଯାଉଥିଲା। ଏଥିପାଇଁ ଶିଷ୍ୟକୁ କୌଣସି ମୂଲ୍ୟ ଦେବାକୁ ପଡୁ ନ ଥିଲା। ଶିକ୍ଷା ସମାପ୍ତି ପରେ ଗୁରୁ ନିଜ ଇଚ୍ଛାରେ ଗୋଟିଏ ଦକ୍ଷିଣା ମାଗୁଥିଲେ। ଠିକ୍ ସେହିପରି ଥିଲା ଉତ୍କଳମଣି ଗୋପବନ୍ଧୁଙ୍କ ପ୍ରତିଷ୍ଠିତ ବକୁଳ ଛୁରିଅନା କୁଞ୍ଜର ବନ ବିଦ୍ୟାଳୟ। ବକୁଳ, ତମାଳ ତରୁ ବ୍ରତତୀର ସ୍ନିଗ୍ଧ ଛାୟାରେ ବସି ଛାତ୍ରମାନେ ଗୁରୁଙ୍କ ମୁଖରୁ ଶିକ୍ଷା ଗ୍ରହଣ କରୁଥିଲେ। ବନ ବିଦ୍ୟାଳୟର ଗୁରୁମାନେ ମଧ୍ୟ ଋଷି ପ୍ରତିମ ଥିଲେ। ପରବର୍ତ୍ତୀ କାଳରେ ଜନପଦମାନଙ୍କରେ ମାଟିବଂଶର ଅବଧାନମାନେ ଶିକ୍ଷାଦାନ କଲେ। ଧନୀ ଜମିଦାରଙ୍କ ବ୍ୟତୀତ ଖୁବ କମ୍ ପିଲା ଅଧ୍ୟୟନର ସୁଯୋଗ ପାଇଲେ। ପରେ ଗ୍ରାମ୍ୟ ଚାଟଶାଳୀରେ ସମସ୍ତ ବର୍ଗର ଛାତ୍ର ଅଧ୍ୟୟନ କରିବାର ସୁଯୋଗ ପାଇଲେ। ଛାନ୍ଦ, ପ୍ରବନ୍ଧ, ପଣିକିଆ ପ୍ରଭୃତି ସେଠାରେ ଅବଧାନେ ଶିକ୍ଷାଦାନ କଲେ। କିନ୍ତୁ ତାହା ମଧ୍ୟ ସାର୍ବଜନୀନ ହୋଇପାରିଲା ନାହିଁ।

ସ୍ୱାଧୀନତା ପରେ ସରକାରୀ ପ୍ରାଥମିକ ବିଦ୍ୟାଳୟମାନ ପ୍ରତିଷ୍ଠା କରାଗଲା। ଆଧୁନିକ ପ୍ରାଥମିକ ବିଦ୍ୟାଳୟଗୁଡ଼ିକରେ ଛାତ୍ରଛାତ୍ରୀମାନେ ସ୍ୱଚ୍ଛନ୍ଦରେ ଅଧ୍ୟୟନ କରିପାରିଲେ। ଗାଁରେ ଥିବା ସରକାରୀ ଜମିରେ ବିଦ୍ୟାଳୟ ଖୋଲାଗଲା। ଅନେକ ସ୍ଥଳରେ ଧନିକ ଶ୍ରେଣୀର ଲୋକମାନେ ଜମି ଦେଇ ଘରଦ୍ୱାର ମଧ୍ୟ ତୋଳାଇ ଦେଲେ। ଗ୍ରାମବାସୀମାନେ ବିଦ୍ୟାଳୟର ରକ୍ଷଣାବେକ୍ଷଣ ତଥା ପରିଚାଳନା ଦାୟିତ୍ୱ ନେଲେ। କ୍ରମଶଃ ଝିଅମାନେ ବିଦ୍ୟାଳୟକୁ ଆସିଲେ। ଏହାପୂର୍ବରୁ ତତ୍କାଳୀନ ସମାଜରେ ଝିଅମାନେ ବାହାରକୁ ଯାଇ ପାଠ ପଢ଼ିବା ଏକ ଦୁରୂହ କାର୍ଯ୍ୟ ଥିଲା। ବ୍ୟାସକବି ଫକୀରମୋହନଙ୍କ ରେବତୀ ଗଳ୍ପ ଏହାର ଏକ ପ୍ରତିଫଳନ। ଛାତ୍ର-ଶିକ୍ଷକଙ୍କ ମଧ୍ୟରେ ସୁସମ୍ପର୍କ ସ୍ଥାପିତ ହେଲା। ଅଭିଭାବକମାନେ ମଧ୍ୟ ବିଦ୍ୟାଳୟ ସହିତ ସମ୍ପର୍କ ରକ୍ଷା କରୁଥିଲେ। କୌଣସି ଛାତ୍ର ବିଦ୍ୟାଳୟକୁ ନ ଆସିଲେ ଶିକ୍ଷକ ତା' ଘରକୁ ଯାଇ ଭଲମନ୍ଦ ବୁଝିବା ସହିତ ତାକୁ ଡାକି ଆଣୁଥିଲେ। 'ସମସ୍ତେ ପଢ଼ିବେ ସମସ୍ତେ ବଢ଼ିବେ', 'ଶିକ୍ଷା ହେଉଛି ମଣିଷର ମୌଳିକ ଅଧିକାର।' ସମ୍ବିଧାନର ଧାରା ୨୧ (ଏ)ରେ ଏହା ନିଶ୍ଚିତ କରାଯାଇଛି। ଗାଁ ଗହଳିରେ ଶିକ୍ଷକମାନେ ସମ୍ମାନିତ ବ୍ୟକ୍ତି ଭାବରେ ପ୍ରତିଷ୍ଠା ପାଇଲେ। ବିଦ୍ୟାଳୟର ଶୈକ୍ଷିକ ବାତାବରଣ ବେଶ୍ ମନୋରମ ହୋଇପାରିଲା।

ଶିକ୍ଷାଳୟ ଜ୍ଞାନର ମନ୍ଦିର। ଏହା ଅତ୍ୟନ୍ତ ପବିତ୍ର ସ୍ଥାନ। ସେହିପରି ଅଧ୍ୟୟନ ଏକ ମହାଯଜ୍ଞ। ଏଥିରେ ଛାତ୍ର ଜଜମାନ, ଶିକ୍ଷକ ପୁରୋହିତ। ଶିକ୍ଷାୟତନ ଏକ ଯଜ୍ଞଶାଳା। ସତ୍ୟବାଦୀ ବନ ବିଦ୍ୟାଳୟ ଏବଂ ସ୍ୱାଧୀନତା ପରେ ସରକାରଙ୍କ ଦ୍ୱାରା ପ୍ରତିଷ୍ଠିତ ମୌଳିକ ଶିକ୍ଷା ଏବଂ ମୌଳିକ ବିଦ୍ୟାଳୟମାନଙ୍କରେ ନ୍ୟୂନାଧିକେ ଏ ସବୁ ଦେଖିବାକୁ ମିଳୁଥିଲା। ସମୟକ୍ରମେ ଆଧୁନିକତାର ଦୁହାଇ ଦେଇ ଏହାର ପବିତ୍ରତା ନଷ୍ଟ ହୋଇଚାଲିଛି। ଏବେ ଆଉ ପ୍ରାଥମିକ ବିଦ୍ୟାଳୟରେ ସେ ଗୌରବ ନାହିଁ କି ସେ ଶୈକ୍ଷିକ ବାତାବରଣ ଆଉ ନାହିଁ। ଶିକ୍ଷକମାନେ ଚାକିରି କରି ଅର୍ଥ ଉପାର୍ଜନ ପାଇଁ ଆସୁଛନ୍ତି। ମାତ୍ର ପିଲାଟିର ଉନ୍ନତି ବିଷୟରେ ସେମାନେ ଚିନ୍ତା କରୁନାହାନ୍ତି। ବିଦ୍ୟାଳୟର ଝାଟିମାଟି ଚାଳଘର ଏବେ କୋଠାରେ ପରିଣତ ହୋଇଯାଇଛି। ସେହି ଅଞ୍ଚଳକୁ ଦଣ୍ଡମୁକ୍ତ ଅଞ୍ଚଳ କରି ଦିଆଯାଇଛି। କେତେକ ଛାତ୍ର ଖାଲି ମଧ୍ୟାହ୍ନଭୋଜନ ପାଇଁ ସ୍କୁଲକୁ ଆସୁଛନ୍ତି କହିଲେ ଅତ୍ୟୁକ୍ତି ହେବ ନାହିଁ।

ପାଶ୍ଚାତ୍ୟ ଦେଶକୁ 'ମ୍ଳେଚ୍ଛ ଦେଶ' ବୋଲି 'ମନୁ ସଂହିତା'ରେ କୁହାଯାଇଛି। କିନ୍ତୁ ପରିବର୍ତ୍ତିତ ପରିସ୍ଥିତିରେ ଆଜି ସବୁକିଛି ବଦଳିଯାଇଛି। ଆଜି ଭାରତୀୟମାନେ ବିଦେଶରୁ ଶିକ୍ଷାଲାଭ କରି ଆସିବା ପରେ ତାଙ୍କୁ ଏଠାରେ ସମ୍ମାନ ଦିଆଯାଉଛି ଏବଂ ସେମାନେ ଗର୍ବ ଅନୁଭବ କରୁଛନ୍ତି। ଏ ସବୁକୁ ଦେଖିଲେ ମନରେ ସ୍ୱତଃ ପ୍ରଶ୍ନଟିଏ ଉଠୁଛି - ଏ କ'ଣ ସେହି ଭାରତବର୍ଷ, ଯିଏ ଦିନେ ଶିକ୍ଷା କ୍ଷେତ୍ରରେ ଅପୂର୍ବ ଗୌରବର ଅଧିକାରୀ ହୋଇ ବିଶ୍ୱଗୁରୁର ସମ୍ମାନ ଲାଭ କରିଥିଲା? ତା'ଠାରୁ ବଡ଼ ପ୍ରଶ୍ନ ହେଉଛି ବିଶ୍ୱଗୁରୁ ଭାରତର ସେ ହୃତଗୌରବ ସତରେ କ'ଣ ଆଉ ଫେରିବନି?

ସାକ୍ଷୀଗୋପାଳ(ପୁରୀ), ମୋ: ୯୯୩୭୮୩୫୨୩୦

# ଧାତବ ଜୈବିକ ଆଧାରକୁ ନୋବେଲ ସ୍ୱୀକୃତି

ବିଜ୍ଞାନ ବାର୍ତ୍ତା

ଶ୍ରୀନନ

ଚଳିତ ବର୍ଷ (୨୦୨୫) ରସାୟନ ବିଜ୍ଞାନରେ ନୋବେଲ ପୁରସ୍କାର ପ୍ରଦାନ କରାଯାଉଛି ଜାପାନର କିଓଟୋ ବିଶ୍ୱବିଦ୍ୟାଳୟ ସୁଷୁମୁ କିଟାଗାୱା, ମେଲବୋର୍ଣ୍ଣ ବିଶ୍ୱବିଦ୍ୟାଳୟର ରିଚାର୍ଡ ରୋବ୍‌ସନ ଏବଂ କାଲିଫର୍ଣ୍ଣିଆ ବିଶ୍ୱବିଦ୍ୟାଳୟର ଓମାର ଯାଘିଙ୍କୁ। ସେମାନଙ୍କର ଗୁରୁତ୍ୱପୂର୍ଣ୍ଣ ଉଦଭାବନ 'ଧାତବ-ଜୈବିକ ଆଧାର' (ମେଟାଲ-ଅର୍ଗାନିକ ନେଟୱାର୍କ୍ ବା ସଂକ୍ଷେପରେ ଏମ୍‌ଓଏଫ୍) ଲାଗି। ଏହି ପଦାର୍ଥଗୁଡ଼ିକରେ ଧାତବ ଆୟନ୍‌ଗୁଡ଼ିକ ଜୈବିକ ଅଣୁମାନଙ୍କ ଦ୍ୱାରା ଏକ ନିୟମିତ ପୁନରାବୃତ୍ତି ଘଟୁଥିବା ଢଙ୍ଗରେ ସଂଯୁକ୍ତ ହୋଇ ତ୍ରିପରିସରୀୟ ସଂରଚନାଟିଏ ସୃଷ୍ଟି କରିଥା'ନ୍ତି। ଏହା ବିଷୟରେ ଗୁରୁତ୍ୱପୂର୍ଣ୍ଣ କଥା ହେଲା ଯେ ଏଥିରେ ଥିବା ଧାତବ ଆୟନ ଏବଂ ଜୈବିକ ଅଣୁ ମଧ୍ୟରେ ଶୂନ୍ୟସ୍ଥାନ ବିଶାଳକାୟ ରନ୍ଧ୍ର ରୂପେ କାର୍ଯ୍ୟ କରି ଏହାକୁ ଅତ୍ୟନ୍ତ ସଚ୍ଛିଦ୍ର କରିଥା'ନ୍ତି। ଯାଘିଙ୍କ କହିବା ଅନୁସାରେ ଏକ ଗ୍ରାମ ଏମ୍‌ଓଏଫ୍‌ର ଆଭ୍ୟନ୍ତରୀଣ ପୃଷ୍ଠଭୂମିର ଆକାର ପ୍ରାୟ ଏକ କ୍ଷୁଦ୍ର ଫୁଟବଲ ପଡ଼ିଆ ସହିତ ସମାନ। ଏହି କାରଣରୁ ଏଗୁଡ଼ିକ ଜେଓଲାଇଟ୍ ଏବଂ ମେସୋପୋରୋସ୍ ସିଲିକା ଭଳି ଅନ୍ୟାନ୍ୟ ସଚ୍ଛିଦ୍ର ପଦାର୍ଥ ତୁଳନାରେ ବହୁଗୁଣ ଅଧିକ ଶୋଷଣକାରୀ ରୂପେ କାର୍ଯ୍ୟ କରେ।

ବିଭିନ୍ନ ଧାତୁ ବ୍ୟବହାର କରି ଏବଂ ଜୈବିକ ସଂଯୋଗକାରୀ ଅଣୁ ଦ୍ୱାରା ଏମ୍‌ଓଏଫ୍‌ର ରନ୍ଧ୍ରଗୁଡ଼ିକୁ ସାନ କିମ୍ବା ବଡ଼ କରାଯାଇ ପାରିବା ସହିତ ତାହାକୁ ଅଧିକ ସକ୍ରିୟ କରିହେବ। ଅତଏବ, ତାହାକୁ ବାଷ୍ପ ସଂଚୟ କିମ୍ବା ବିଭିନ୍ନ ପ୍ରକାର ପରିସ୍ରବଣ କିମ୍ବା ଅଙ୍ଗାରକାମ୍ଳ ଶୋଷଣ ଆଦି କାର୍ଯ୍ୟରେ ନିୟୋଜିତ କରାଯାଇପାରିବ। ପୁନଶ୍ଚ ଏହାର ରାସାୟନିକ ଧର୍ମ ବଦଳାଇ ଏହାକୁ ଉତ୍ପ୍ରେରଣ, ବିଦ୍ୟୁତ୍ ରସାୟନ ବିଜ୍ଞାନ ଏବଂ ଫ୍ଲୋରେସେନସ୍‌ଭିତ୍ତିକ ଚିତ୍ର ଉତ୍ତୋଳନ ଆଦିରେ ବ୍ୟବହାର କରିହେବ।

ରୋବସନ୍ ୧୯୮୦ ଦଶକରେ ହୀରାର ସଂରଚନା ଅନୁକରଣରେ ତମ୍ବା ଧାତୁର ଆୟନ ସହିତ ଏକ ଜୈବିକ ଅଣୁ (ଲିଜେଣ୍ଡ) ଯୋଡ଼ି ଏହା ପ୍ରସ୍ତୁତ କରିବାକୁ ଉଦ୍ୟମ ଚଳାଥିଲେ। ଏଥିରେ ତାଙ୍କୁ ସଫଳତା ମିଳିଲା ୧୯୮୯ ମସିହାରେ। ତତ୍ପରେ ଯାଘି ଏବଂ କିଟାଗାୱା ବିଭିନ୍ନ ଧାତବ ଆୟନ ଏବଂ ସଂଯୋଗକାରୀ ଜୈବିକ ଅଣୁ (ଲିଜେଣ୍ଡ) ବ୍ୟବହାର କରି ଏକ୍ଷେତ୍ରକୁ ବିକଶିତ କରିବାକୁ ଲାଗିଲେ। ଫଳରେ ପରବର୍ତ୍ତୀ ବର୍ଷମାନଙ୍କରେ ତାହା ଅଧିକରୁ ଅଧିକ ପ୍ରସ୍ତୁତ କରିବା ସମ୍ଭବ ହେଲା ଏବଂ ୨୦୦୦-ଦଶକ ବେଳକୁ ଏଥିରୁ ମାତ୍ର କେତେ ଡଜନ୍ ତିଆରି ହୋଇ ପାରିଥିବା ସ୍ଥଳେ ବିଗତ ବର୍ଷ (୨୦୨୪) ଏହା ପ୍ରାୟ ୧୦ ହଜାର ପର୍ଯ୍ୟନ୍ତ ହୋଇପାରିଛି। ଅତଏବ ଆଜି ସୁଦ୍ଧା ଏଗୁଡ଼ିକର ସଂଖ୍ୟା ଏକ ଲକ୍ଷ ଅତିକ୍ରମ କରିଗଲା, ଯାହାକି ଅତ୍ୟନ୍ତ ସୁଦୃଢ଼ ଏବଂ ୩୦୦ ରୁ ୩୫୦ ଡିଗ୍ରୀ ସେଲ୍ସିୟସ୍ ତାପ ସହ୍ୟ କରିପାରୁଛି।

ଇତିମଧ୍ୟରେ ବିଭିନ୍ନ ଦେଶର କମ୍ପାନୀମାନେ ଏହାକୁ ବ୍ୟବସାୟିକ ଭିତ୍ତିରେ ଉତ୍ପନ୍ନ କରି ନାନାଦି କାର୍ଯ୍ୟରେ ଲଗାଇବା ପାଇଁ ଅର୍ଥ ବିନିଯୋଗ କରିବା ଆରମ୍ଭ କରିଦେଲେଣି। ଉଦାହରଣ ସ୍ୱରୂପ ଇଂଲଣ୍ଡର 'ନୂଆଡା' ନାମକ କମ୍ପାନୀ ସତେଜ ଫଳ ଓ ପନିପରିବା ଆଦିକୁ ଦୀର୍ଘକାଳ ଧରି ଗଚ୍ଛିତ ରଖିବାରେ ଏହାକୁ ଉପଯୋଗ କରୁଛି। ଏଥିରେ ବ୍ୟବହୃତ ଏମ୍‌ଏଫ୍‌ଓରେ ରହୁଛି ଏକ ରାସାୟନିକ ପଦାର୍ଥ, ଯାହାକି ସେଗୁଡ଼ିକୁ ନଷ୍ଟ ହେବାକୁ ଦେଉନାହିଁ। ସେହିପରି ଆମେରିକାର 'ନୂମାଟ୍' କମ୍ପାନୀ ତିଆରି କରିଥିବା ଏହି ଜାତୀୟ ଏକ ନୂତନ ପଦାର୍ଥ ଶିଳ୍ପରୁ ନିର୍ଗତ ପ୍ରଦୂଷଣକାରୀ ବାଷ୍ପରୁ ଅଙ୍ଗାରକାମ୍ଳ ଏବଂ ଅଲଗା ଅଲଗା ଭାବେ ଅନ୍ୟାନ୍ୟ ବାଷ୍ପଗୁଡ଼ିକୁ ଶୋଷଣ କରି ଧରିରଖୁଛି। ସେଗୁଡ଼ିକୁ ବିଭିନ୍ନ ଶିଳ୍ପ କ୍ଷେତ୍ରରେ ବ୍ୟବହାର କରାଯାଉଛି। ଅନ୍ୟପକ୍ଷରେ ଜଳାଭାବର ସମ୍ମୁଖୀନ ହେଉଥିବା ଉପସାଗରୀୟ ଦେଶମାନଙ୍କରେ ବ୍ୟବହାର ଏହାର 'ମେଟ୍' ନାମକ କମ୍ପାନୀ କେତେ ପ୍ରକାର ଏମ୍‌ଓଏଫ୍ ତିଆରି କରି ବ୍ୟବସାୟିକ ଭିତ୍ତରେ ବାୟୁରୁ ଜାତୀୟ ବାଷ୍ପ ଶୋଷଣ କରି ତାହାକୁ ତରଳ ଜଳରେ ପରିଣତ କରିବା କାର୍ଯ୍ୟକ୍ରମ ଆରମ୍ଭ କରିଛି। ଏହା ସେଠାରେ ପାନୀୟ ଜଳସଂକଟକୁ କିଛିମାତ୍ରାରେ ଦୂର କରିପାରିବ। ବୈଜ୍ଞାନିକମାନେ ଆଶା କରନ୍ତି ଯେ ଆଗାମୀ ଦିନମାନଙ୍କରେ ଏହାର ବିଭିନ୍ନ କିସମ ଅଧିକରୁ ଅଧିକ ସଂଖ୍ୟାରେ ପ୍ରସ୍ତୁତ ହେବ। ତାହା ମାନବଜାତିର ବିବିଧ କଲ୍ୟାଣକାର କ୍ଷେତ୍ରରେ ବିନିଯୋଗ ହୋଇ ପାରିବ।

ଯମପଡ଼ା(କେନ୍ଦ୍ରାପଡ଼ା), ମୋ: ୯୯୩୭୩୦୧୪୬୦

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ବିଜେପିରେ ଯୋଗ ଦେଲେ ଅମର ପଟ୍ଟନାୟକ

ଭୁବନେଶ୍ୱର,୩।୧୧(ସମିସ): ପୂର୍ବତନ ରାଜ୍ୟସଭା ସାଂସଦ ଅମର ପଟ୍ଟନାୟକ ଆଜି ବିଜେପିରେ ସାମିଲ ହୋଇଛନ୍ତି। ରାଜ୍ୟ କାର୍ଯ୍ୟାଳୟରେ ଅନୁଷ୍ଠିତ ଏହି ମିଶ୍ରଣ ପର୍ବରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ରାଜ୍ୟ ସଭାପତି ମନମୋହନ ସାମଲ, ରାଜ୍ୟ ପ୍ରଭାରୀ ବିଜୟପାଲ ସିଂ ତୋମାର, ପୂର୍ବତନ ରାଜ୍ୟ ସଭାପତି ତଥା ରାଷ୍ଟ୍ରୀୟ କାର୍ଯ୍ୟକାରିଣୀ ସଦସ୍ୟ ସମୀର ମହାନ୍ତି ପ୍ରମୁଖ ଉପସ୍ଥିତ ରହି ଅମରଙ୍କୁ ଦଳୀୟ ଟୋପି ଓ ଉତ୍ତରୀୟ ପିନ୍ଧାଇ ଦଳକୁ ସ୍ୱାଗତ କରିଛନ୍ତି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ନେତୃତ୍ୱ ଓ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ବିକାଶମୂଳକ କାର୍ଯ୍ୟରେ ଅନୁପ୍ରାଣିତ ହୋଇ ସେ ବିଜେପିରେ ଯୋଗ ଦେଇଥିବା ଅମର କହିଛନ୍ତି।

# ସୁବିଧାବାଦୀ ରାଜନୀତିର ଉତ୍କୃଷ୍ଟ ଉଦାହରଣ : ବିଜେଡି

ଭୁବନେଶ୍ୱର,୩।୧୧(ସମିସ): ପୂର୍ବତନ ରାଜ୍ୟସଭା ସାଂସଦ ଅମର ପଟ୍ଟନାୟକ ବିଜେପିରେ ଯୋଗଦାନକୁ କଡ଼ା ସମାଲୋଚନା କରିଛି ବିଜେଡି । ତାଙ୍କର

- ■ ବିଜେଡି ଅମର ପଟ୍ଟନାୟକଙ୍କୁ ଦେଇଥିଲା ରାଜନୈତିକ ପରିଚୟ
- ■ ଅମର ସ୍ପଷ୍ଟ କରନ୍ତୁ ଭୋଟ ଚୋରି ସଂପର୍କରେ ନିଜ ଆଭିମୁଖ୍ୟ

ବିଜେପି ଯୋଗଦାନ ସୁବିଧାବାଦୀ ରାଜନୀତିର ଉତ୍କୃଷ୍ଟ ଉଦାହରଣ ଓ ଏହାଦ୍ୱାରା ବିଜେଡିରେ ସାମାନ୍ୟ ପ୍ରଭାବ ପଡ଼ିବ ନାହିଁ ବୋଲି କହିଛି ବିଜେଡି।

ଶଙ୍ଖ ଭବନଠାରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଦଳର ସାଧାରଣ ସମ୍ପାଦିକା ତଥା ରାଜ୍ୟସଭା ସାଂସଦ ସୁଲତା ଦେଓ, ମୁଖପାତ୍ର ଡ. ଲେନିନ୍ ମହାନ୍ତି, ସାଧାରଣ ସମ୍ପାଦିକା ରଞ୍ଜିତା ସାହୁ ଓ ରୀତାଞ୍ଜଳି ପ୍ରଧାନ ପ୍ରମୁଖ ଅମର ପଟ୍ଟନାୟକଙ୍କ ଏପରି କାର୍ଯ୍ୟକୁ



ତୀବ୍ର ସମାଲୋଚନା କରିଛନ୍ତି। ସୁଲତା କହିଛନ୍ତିଯେବିଜେଡିସଭାପତିତଥାପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଅମର ପଟ୍ଟନାୟକଙ୍କୁ ରାଜ୍ୟସଭା ପଠାଇଥିଲେ। ତାଙ୍କୁ ଦଳର ବିଭିନ୍ନ ଗୁରୁତ୍ୱପୂର୍ଣ୍ଣ ଦାୟିତ୍ୱ ସହ ରାଜନୈତିକ ପରିଚୟ ଦେଇଥିଲେ । ଗତ ସାଧାରଣ ନିର୍ବାଚନରେ ବିଜେପିର ଭୋଟ ଚୋରି ବାବଦରେ ସମସ୍ତ ତଥ୍ୟ ସହ ନିର୍ବାଚନ କମିଶନ ନିକଟରେ ବିଜୁ ଜନତା ଦଳ ପକ୍ଷରୁ ଅଭିଯୋଗ ଦାୟର ହୋଇଥିଲା। ଯେଉଁଥିରେଅମର ପଟ୍ଟନାୟକ ପ୍ରମୁଖ ଭୂମିକା ନେଇଥିଲେ। ବର୍ତ୍ତମାନ ବିଜେପିରେ ସାମିଲ ହେଲା ପରେଭୋଟ ଚୋରି ସଂପର୍କରେଅମର ପଟ୍ଟନାୟକ ନିଜର ଆଭିମୁଖ୍ୟ ସ୍ପଷ୍ଟ କରନ୍ତୁ ।

ସେହିପରି ଲେନିନ୍ କହିଛନ୍ତି ଯେ ଅବସର ଗ୍ରହଣ କରିବା ପରେ ବିଜୁ ଜନତା ଦଳର ଆଦର୍ଶ ତଥା ନବୀନ ବାବୁଙ୍କ ନେତୃତ୍ୱକୁ ସର୍ବଦା ପ୍ରଶଂସା କରିଆସୁଥିବା ଅମର ପଟ୍ଟନାୟକ ବର୍ତ୍ତମାନ ରାଷ୍ଟ୍ର ନିର୍ମାଣ କରିବା ପାଇଁ ବିଜେପିରେ ଯୋଗ ଦେଇଥିବା କହିବା ହାସ୍ୟାସ୍ପଦ। ସାମାଜିକ ଗଣମାଧ୍ୟମରେ ପ୍ରତ୍ୟେକ ଦିନ ବିଜେପିର ଶୀର୍ଷ ନେତୃତ୍ୱ ତଥା ରାଜ୍ୟ ସରକାରଙ୍କ ଦୋଷ ଦୁର୍ବଳତା ଓ ଅପାରଗତାକୁ ଲୋକଲୋଚନକୁ ଆଣୁଥିବା ଶ୍ରୀ ପଟ୍ଟନାୟକ ଆଜି ହଠାତ ୟୁ ଟର୍ଣ୍ଣ ନେଇ ବିଜେପି ୱାସିଙ୍ଗ ମେସିନରେ ପଶିବା ସୁବିଧାବାଦ ରାଜନୀତିର ଶ୍ରେଷ୍ଠ ଉଦାହରଣ। ଉପନିର୍ବାଚନ ପ୍ରଚାର ପାଇଁ ନବୀନ ପଟ୍ଟନାୟକ ନୂଆପଡାରେ ଥିବା ସମୟରେ ବିଜେପି ଅମର ପଟ୍ଟନାୟକଙ୍କୁ ନିଜ ଦଳରେ ସାମିଲ କରିବା ପାଇଁ ସମୟ ଧାର୍ଯ୍ୟ କରିବା, ରାଜନୈତିକ ଉଦ୍ଦେଶ୍ୟ ପ୍ରଣୋଦିତ। ଯେଉଁଭଳି ଭାବେ ନୂଆପଡାବାସୀ ଆଜି ନବୀନ ପଟ୍ଟନାୟକଙ୍କୁ ସ୍ୱାଗତ କରିଛନ୍ତି, ଏହାଦ୍ୱାରା ବିଜେପିର ଯୋଜନାବଦ୍ଧ ମିଶ୍ରଣ ଉଦ୍ୟମ ଫସର ଫାଟିଛି ଓ ଉପନିର୍ବାଚନରେ ଏହାର କୌଣସି ପ୍ରଭାବ ପଡିବ ନାହିଁ ବୋଲି ଡ. ମହାନ୍ତି କହିଛନ୍ତି।

# ଗାଁକୁ ଫେରିଲା ଦାଦନ ଶ୍ରମିକର ଶବ

ଥୁଆମୂଳରାମପୁର, ୩।୧୧(ସମିସ): କଳାହାଣ୍ଡି ଜିଲ୍ଲା ଥୁଆମୁଳରାମପୁର ବ୍ଲକ୍ କର୍ଲାପାଟ ଥାନା ଅଧୀନ ଜୁବାଙ୍ଗ ଗ୍ରାମର ଉଦୟ ମାଝୀ(୨୫) କାମଧନ୍ଦା ଅନ୍ୱେଷଣରେ ସୁଦୂର କେରଳ ଯାଇ କୋଝିକୋଡିର କାକ୍କୋଡିରେ ଏକ ଠିକା ସଂସ୍ଥାରେ କାମ କରୁଥିଲା। ଗତ ୧ ତାରିଖ ଶନିବାର ସେଠାରେ କାମ କରୁଥିବା ବେଳେ ଘରର କାନ୍ଥ ଭୁଶୁଡ଼ି ପଡ଼ିଥିଲା। ସ୍ଲାବ ତଳେ ଉଦୟ ଚାପି ହୋଇ ଗୁରୁତର ହୋଇଥିଲେ। ତାଙ୍କୁ ସେଠାକାର ଏକ ଡାକ୍ତରଖାନାରେ ଭର୍ତ୍ତି କରାଯାଇଥିଲେ ହେଁ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ସୋମବାର ସକାଳେ ଗାଁରେ ଶବ ପହଞ୍ଚିବା ପରେ ଶୋକାକୁଳ ପରିବେଶ ସୃଷ୍ଟି ହୋଇଥିଲା। ପରିବାର ଏବଂ ସମ୍ପର୍କୀୟଙ୍କ କାନ୍ଦବୋବାଳିରେ ଗାଁ ଦାଣ୍ଡ ଫାଟି ପଡ଼ିଥିଲା। ଶୋକାକୁଳ ପରିବେଶରେ ଗାଁ ଶ୍ମଶାନକୁ ଦାହ ସଂସ୍କାର ପାଇଁ ନିଆଯାଇଥିଲା।

## ମନ୍ତ୍ରୀଙ୍କ ସତ୍ୟପାଠରେ ଅସତ୍ୟ ତଥ୍ୟ

# କୃଷ୍ଣ ପାତ୍ରଙ୍କ ବିଧାୟକ ପଦ ରଦ୍ଦ ଦାବି କଲା କଂଗ୍ରେସ

ଭୁବନେଶ୍ୱର,୩।୧୧(ସମିସ): ୨୦୨୪ ରାଜ୍ୟ ବିଧାନସଭା ନିର୍ବାଚନରେ ଢେଙ୍କାନାଳ ବିଧାନସଭା ଆସନରୁ ବିଜୟୀ ହୋଇ ରାଜ୍ୟରେ ଯୋଗାଣ ମନ୍ତ୍ରୀ ପଦ ପାଇଥିବା ବିଜେପି ପ୍ରାର୍ଥୀ କୃଷ୍ଣଚନ୍ଦ୍ର ପାତ୍ର ତାଙ୍କ ସତ୍ୟପାଠରେ ଅସତ୍ୟ ତଥ୍ୟ ଦେଇଛନ୍ତି । ମିଥ୍ୟା ସତ୍ୟପାଠ ଦାଖଲ କରିଥିବାରୁ ଶ୍ରୀ ପାତ୍ରଙ୍କ ବିଧାୟକପଦରଦ୍ଦକରିବାକୁ ଦାବିକରିଛି କଂଗ୍ରେସ।

ଦଳପକ୍ଷରୁ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ କୁହାଯାଇଛି ଯେ କୃଷ୍ଣଚନ୍ଦ୍ର ପାତ୍ର ତାଙ୍କ ନାମାଙ୍କନ ପତ୍ର ଦାଖଲ କଲାବେଳେ ସତ୍ୟପାଠରେ ଉଲ୍ଲେଖ କରିଥିବା ପାନ ନମ୍ବରଟି ହେଉଛି ଏକେକେପିପି୩୪୨ଆର୍। ମାତ୍ର ଏହି ପାନ୍ ନମ୍ବର ସମ୍ପୂର୍ଣ୍ଣ ତ୍ରୁଟିପୂର୍ଣ୍ଣ ଓ ଭୁଲ। ତାଙ୍କ ପତ୍ନୀଙ୍କ ପାନ ନମ୍ବର ଠିକ ଥିଲା ବେଳେ କୃଷ୍ଣଚନ୍ଦ୍ର ପାତ୍ରଙ୍କ ପାନକାର୍ଡ ସଂପୂର୍ଣ୍ଣ ବେନାମୀ। ଆୟକର ବିଭାଗର କର୍ତ୍ତୃପକ୍ଷଙ୍କ ପାଖରୁ ଏହି ପାନକାର୍ଡର ସତ୍ୟାସତ୍ୟ ବାବଦରେ ଖବର ନେବାପରେ ଏହି ପାନକାର୍ଡଟି ଏକ ଅବୈଧ ବୋଲି ତଥ୍ୟ ମିଳିଛି। ଏପରି ପାନକାଡର୍



କାହାରିକୁ ଦିଆଯାଇନାହିଁ ବୋଲି ଆୟକର ବିଭାଗ କହିଛି।

ଜନପ୍ରତିନିଧି ଅଧିନିୟମ ୧୯୫୧ ଧାରା ୪(ଏ)ଅନୁସାରେ ଜଣେ ପ୍ରାର୍ଥୀ ନାମାଙ୍କନ ଦାଖଲ କରିବା ସମୟରେ ଫର୍ମ-୨୬ ସହିତ ଏକ ସତ୍ୟପାଠ ବା ଶପଥପତ୍ର ମଧ୍ୟ ଦାଖଲ କରିଥାନ୍ତି। ତାଙ୍କ ଦ୍ୱାରା ଦିଆଯାଇଥିବା ସମସ୍ତ ତଥ୍ୟ ସଂପୂର୍ଣ୍ଣଭାବେ ଠିକ ଓ ନିର୍ଭୁଲ ବୋଲି ଉଲ୍ଲେଖ କରିଥାଆନ୍ତି। ତେଣୁ ଫର୍ମ- ୨୬ ରେ ମିଛ ତଥ୍ୟ ଦେଇଥିବା ହେତୁ ତାଙ୍କ ନାମାଙ୍କନ ପତ୍ର ଖାରଜ ହେବା ପରିବର୍ତ୍ତେ କିପରି ଯାଞ୍ଚ ପ୍ରକ୍ରିୟାରେ କାଏମ ରହିଲା ଏହାକୁ ନେଇ କଂଗ୍ରେସର ବରିଷ୍ଠ ମୁଖପାତ୍ର ରଜନୀ କୁମାର ମହାନ୍ତି ପ୍ରଶ୍ନ କରିଛନ୍ତି। ଯଦି ଏହି ପାନ ନମ୍ବର ମନ୍ତ୍ରୀଙ୍କର ନୁହେଁ ତେବେ ଏହା କାହାର ସେକଥା ମନ୍ତ୍ରୀ ସ୍ପଷ୍ଟ କରନ୍ତୁ ବୋଲି କଂଗ୍ରେସ ଦାବି କରିଛି।

ଅନ୍ୟପକ୍ଷରେ ମନ୍ତ୍ରୀ ଶ୍ରୀ ପାତ୍ର ନିଜ ସତ୍ୟପାଠରେ ଯେଉଁ ୫ ବର୍ଷର ଆୟକର ଦାଖଲ କରିଥିବାର ତଥ୍ୟ ପ୍ରଦାନ କରିଛନ୍ତି ତାହା କେଉଁ ପାନ ନମ୍ବର ଅନୁସାରେ ଦେଇଛନ୍ତି ଏହା ନିର୍ବାଚନ ଆୟୋଗ ଯାଞ୍ଚ କରୁ ବୋଲି କଂଗ୍ରେସ ଦାବି କରିଛି। ବିଧାୟକ ତଥା ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ଦୁଇଟି ପାନକାର୍ଡ ରଖିଛନ୍ତି କି ବୋଲି କଂଗ୍ରେସ ପ୍ରଶ୍ନ କରିବା ସହ ଯଦି ଏହା ହୋଇଥାଏ ଏହାମଧ୍ୟ ଏକ ଧର୍ତ୍ତବ୍ୟ ଅପରାଧ। ମିଛ ତଥ୍ୟ ପ୍ରଦାନ ଜନପ୍ରତିନିଧି ଆଇନ-୧୯୫୧ର ୪ଏର ସଂପୂର୍ଣ୍ଣ ଉଲ୍ଲଙ୍ଘନ। ନିର୍ବାଚନ ଆୟୋଗ ଏ ଖବର ଜାଣିଲାପରେ ସେତେବେଳର ରିଟର୍ଣ୍ଣିଂ ଅଫିସରଙ୍କ ଦୃଢ଼ କାର୍ଯ୍ୟାନୁଷ୍ଠାନ ନେବା ଜରୁରୀ ବୋଲି କଂଗ୍ରେସ ଦାବି କରିଛି। ନିର୍ବାଚନ ଆୟୋଗ ନିର୍ବାଚନ ପ୍ରକ୍ରିୟାର ସ୍ୱଚ୍ଛତା ଓ ଗଣତନ୍ତ୍ରର ସୁସ୍ଥ ପରମ୍ପରାକୁ ବଜାୟ ରଖନ୍ତୁ ବୋଲି ସେ କହିବା ସହିତ ବିଧାୟକ ତଥା ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ରଙ୍କ ବିଧାୟକ ପଦକୁ ତୁରନ୍ତ ରଦ୍ଦ କରାଯାଉ ବୋଲି ରାଜ୍ୟ କଂଗ୍ରେସ ପକ୍ଷରୁ ଦାବି କରାଯାଇଛି। ଏହି ସାମ୍ବାଦିକ ସମ୍ମିଳନୀରେ ଅନ୍ୟମାନଙ୍କ ମଧ୍ୟରେ ନଳିନୀ କାନ୍ତ ନାୟକ ଓ ଡଃ ମନିଷାଦାସ ପଟ୍ଟନାୟକ ଉପସ୍ଥିତ ଥିଲେ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ମୋ ପ୍ରତି ବିଶ୍ୱାସଘାତକତା...

ନବୀନ କହିଥିଲେ ଯେ ବିଜୁ ଜନତା ଦଳ ସରକାର ସମୟରେ ନୂଆପଡ଼ା ଜିଲ୍ଲାରେ ଅନେକ ଉନ୍ନତିମୂଳକ କାର୍ଯ୍ୟ ହୋଇଛି। ଗମନାଗମନ ପାଇଁ ବିଜୁ ଏକ୍ସପ୍ରେସ ୱେ' ନିର୍ମାଣ, ବିଶୁଦ୍ଧ ପାନୀୟ ଜଳ ଯୋଗାଣ, ୧୦ ହଜାର ହେକ୍ଟରରୁ ଅଧିକ କ୍ଷେତକୁ ଜଳସେଚନ କରାଯାଇଛି। ଆମ ସରକାର ସମୟରେ ସୁନାବେଡ଼ା ଅଭୟାରଣ୍ୟର ଲୋକଙ୍କ କଲ୍ୟାଣ ପାଇଁ ଅନେକ ପଦକ୍ଷେପ ନିଆଯାଇଥିଲା; କିନ୍ତୁ ବିଜେପି ସରକାର ଆସିବା ପରେ ରାଜ୍ୟରେ ପରିସ୍ଥିତି ପୂରା ବଦଳି ଯାଇଛି ବୋଲି ସେ କ୍ଷୋଭ ପ୍ରକାଶ କରିଥିଲେ।

ନବୀନ କହିଥିଲେ ଯେ ଏବେ ସାରା ରାଜ୍ୟରେ ବିକାଶ କାମ ପୂରା ବନ୍ଦ ହୋଇଯାଇଛି। ଆଇନଶୃଙ୍ଖଳା ଭୁଶୁଡି ପଡ଼ିଛି, ନାରୀ ଅତ୍ୟାଚାର ସବୁ ସୀମା ଟପିଛି। ଭାଇଚାରାର ରାଜ୍ୟ ଓଡ଼ିଶାର ସୁନାମ ଆଜି ନଷ୍ଟ ହୋଇଛି ବୋଲି ନବୀନ କହିଥିଲେ।

ଶ୍ରୀ ପଟ୍ଟନାୟକ ଆହୁରି କହିଥିଲେ ଯେ ମିଶନ ଶକ୍ତି ମା'ମାନେ ରାଜ୍ୟରେ ଏକ ନୀରବ ଆନ୍ଦୋଳନ ଆଣିଥିଲେ। କିନ୍ତୁ ଏ ସରକାରରେ ମିଶନ ଶକ୍ତି ମା'ମାନେ ଆଜି ଋଣ ପାଉନାହାନ୍ତି, ମିଶନ ଶକ୍ତି ସହଯୋଗୀ ମା'ମାନେ ୮ ମାସ ହେଲା ଦରମା ପାଇ ନାହାନ୍ତି। ଏ ସରକାର କେବଳ ମିଛ ପ୍ରଚାରରେ ମାତିଛି। ରାଜ୍ୟ ସରକାର କେବଳ ରଙ୍ଗମରା ସରକାରରେ ପରିଣତ ହୋଇଛି ବୋଲି ଉଲ୍ଲେଖ କରି ନିର୍ବାଚନ ପୂର୍ବରୁ ବିଜେପି ଦେଇଥିବା ଗୋଟିଗୋଟି ପ୍ରତିଶ୍ରୁତି ଓ ଏହାର ଫଳଶ୍ରୁତି ସମ୍ପର୍କରେ ଲୋକଙ୍କୁ ପ୍ରଶ୍ନ କରିଥିଲେ। ମାଗଣା ବିଜୁଳି, ୩୫୦୦ ଟଙ୍କା ଭତ୍ତା, ଚାଷୀଙ୍କୁ ୟୁରିଆ ସାର ମିଳିଛି କି, କଟ୍‌ନୀଛଟ୍‌ନୀ ବନ୍ଦ ହୋଇଛି କି, ବିଏସ୍‌କେୱାଇ ଭଲ ନା ଆୟୁଷ୍ମାନ କାର୍ଡ ଭଲ ବୋଲି ଉପସ୍ଥିତ ଜନସାଧାରଣଙ୍କୁ ପଚାରିବା ସହ ରାଜ୍ୟ ସରକାରଙ୍କୁ କଟୁ ସମାଲୋଚନା କରିଥିଲେ।

ସମାବେଶରେ ବିଜେଡିର ବରିଷ୍ଠ ଉପସଭାପତି ଦେବୀ ପ୍ରସାଦ ମିଶ୍ର ସଭାପତିତ୍ୱ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଦଳୀୟ ପ୍ରାର୍ଥୀ ସ୍ନେହାଙ୍ଗିନୀ ଛୁରିଆଙ୍କ ସମେତ ଦଳର ବରିଷ୍ଠ ନେତା ପ୍ରସନ୍ନ ଆଚାର୍ଯ୍ୟ, ପ୍ରଣବ ପ୍ରକାଶ ଦାସ, ନିରଞ୍ଜନ ପୂଜାରୀ, ପ୍ରମିଳା ମଲ୍ଲିକ, ଟୁକୁନୀ ସାହୁ, ଅବନୀ ଯୋଷୀ, ମନୋଜ ମିଶ୍ର, ଅଧିରାଜ ପାଣିଗ୍ରାହୀ, ପ୍ରତାପ କେଶରୀ ଦେବ, ସୁଦାମ ମାରାଣ୍ଡି, ପୁଷ୍ପେନ୍ଦ୍ର ସିଂଦେଓ, ନିରଞ୍ଜନ ବିଶି, ଶୁଭାଶିଷ ଖୁଣ୍ଟିଆ, ମୁନ୍ନା ଖାନ୍, ଶର୍ମିଷ୍ଠା ସେଠୀ, ଡଲି ମାଝୀ, ଦୀପିକା ଦୀପ, କ୍ଷମାନିଧି ନିଆଲ, ବ୍ୟୋମକେଶ ରାୟ, ପ୍ରଣବ ବଳବନ୍ତରାୟ, ଚିନ୍ମୟ ସାହୁ, ଇପ୍ସିତା ସାହୁ, ସୁଶାନ୍ତ କୁମାର ରାଉତ, ବିଶ୍ୱରଞ୍ଜନ ମଲ୍ଲିକ, ନଳିନୀକାନ୍ତ ପ୍ରଧାନ, ଯୋଗେଶ ସିଂ, ପ୍ରଦୀପ ମାଝୀ, ସଞ୍ଜୀବ ମଲ୍ଲିକ, କଳିକେଶ ସିଂହଦେଓ, ରୂପେଶ ପାଣିଗ୍ରାହୀ, ମାଧବ ଧଡ଼ା, ଉମାକାନ୍ତ ସାମନ୍ତରାୟ, ରବି ନାରାୟଣ ନନ୍ଦ, ଜଗନ୍ନାଥ ସାରକା, ରମେଶ ମାଝୀ, ସୁବାସ ସିଂ, ଡଃ. ଲେଖାଶ୍ରୀ ସାମନ୍ତସିଂହାର, ଭୃଗୁ ବକ୍ସିପାତ୍ର, ଦୁଷ୍ମନ୍ତ ନାୟକ, ଗିରିଜା ସିଂ ମାଝୀ, ଈଶ୍ୱର ପାଣିଗ୍ରାହୀ, ହେମନ୍ତ ସାମନ୍ତରାୟ, ସରୋଜ ମେହେର, ମୁନା ମହାନ୍ତି, ଅବିନାଶ ସାମଲ ପ୍ରମୁଖ ଦଳୀୟ ପ୍ରାର୍ଥୀଙ୍କୁ ଭୋଟ ଦେବାକୁ ଅନୁରୋଧ କରିଥିଲେ।

### ଅନିଲ ଅମ୍ବାନୀଙ୍କ ବିଳାସପୂର୍ଣ୍ଣ...

ରିଲାଏନ୍ସ ହୋମ୍ ଫାଇନାନ୍ସ (ଆରଏଚଏଫଏଲ) ଏବଂ ରିଲାଏନ୍ସ କମର୍ସିଆଲ ଫାଇନାନ୍ସ (ଆରସିଏଫଏଲ)କୁ ଦିଆଯାଇଥିବା ପାଣ୍ଠିର ଅପବ୍ୟବହାର ହୋଇଛି ।୨୦୧୭ରୁ ୨୦୧୯ ମଧ୍ୟରେ ୟେସ ବ୍ୟାଙ୍କ ପକ୍ଷରୁ ଆରଏଚଏଫଏଲକୁ ୨୯୬୫ କୋଟି ଏବଂ ଆରସିଏଫଏଲକୁ ୨୦୪୫ କୋଟି ଟଙ୍କାର ଋଣ ଦେଇଥିଲା । କିନ୍ତୁ ୨୦୧୯ ଡିସେମ୍ବର ସୁଦ୍ଧା ଏହି ଟଙ୍କା ନନ୍-ପରଫର୍ମିଂ ଆସେଟ (ଏନପିଏ) ପାଲଟି ଯାଇଥିଲା। ଏବେ ସୁଦ୍ଧା ଆରଏଚଏଫଏଲର ୧୩୫୩ କୋଟି ଏବଂ ଆରସିଏଫଏଲର ୧୯୮୪ କୋଟି ଟଙ୍କା ବକେୟା ଅଛି। ୟେସ ବ୍ୟାଙ୍କର ମୋଟ ୨୭୦୦ କୋଟିରୁ ଅଧିକ କ୍ଷତି ହୋଇଛି।

ଇଡି ଅନୁଯାୟୀ, ଏହି କମ୍ପାନୀଙ୍କୁ ଦିଆଯାଇଥିବା ଟଙ୍କାକୁ ରିଲାଏନ୍ସ ଅନ୍ୟତ୍ର ସ୍ଥାନାନ୍ତର କରି ଦେଇଥିଲା। ଋଣ ପ୍ରଦାନ ବ୍ୟବସ୍ଥାରେ ମଧ୍ୟ ଜାଲିଆତି କରାଯାଇଥିଲା। ଦିନକରେ ଋଣ ଆବେଦନ, ଅନୁମୋଦନ ଏବଂ ପ୍ରଦାନ କରାଯାଇଥିଲା। କ୍ଷେତ୍ର ପର୍ଯ୍ୟବେକ୍ଷଣ ଏବଂ ବୈଠକ କରାଯାଇ ନ ଥିଲା। ଦାଖଲ କାଗଜପତ୍ର ଖାଲି ଥିଲା। ଇଡି ଏହାକୁ 'ଜାଣିଶୁଣି କରାଯାଇଥିବା ଠକେଇ' କହିଛି।

### ୨୦ଟି ଗାଡ଼ି ଉପରେ...

କାହର ପେଟ୍ କଟିଯାଇଛି ତ ଆଉ କାହାର ହାତ କଟିଯାଇଛି।

ଏହି ଦୁର୍ଘଟଣା ସୋମବାର ଦ୍ୱିପହରରେ ହରମାଡାର ଲୋହା ମଣ୍ଡିଠାରେ ଘଟିଛି। ଅପରାହ୍ଣ ୧ଟାରେ ଏହି ଡମ୍ପର ଲୋହା ମଣ୍ଡି ପେଟ୍ରୋଲ ପମ୍ପଠାରୁ ରୋଡ୍ ନଂ-୧୪ରୁ ହାଇୱେ ଉପରକୁ ଉଠିଥିଲା। ଏହାପ।।ରେ ରାସ୍ତାରେ ଥିବା ଗାଡ଼ିଗୁଡିକୁ ଧକ୍କା ଦେଇ ସେଗୁଡିକ ଉପରେ ଚଢ଼ିଯାଇଥିଲା। ଡମ୍ପର ଡ୍ରାଇଭର କଲ୍ୟାଣ ମିନାକୁ ଲୋ।।କେ ଧରି ପୁଲିସ ଜିମା ଦେଇଛନ୍ତି।

### ସୁଦାନରେ ଓଡ଼ିଆ...

ଶ୍ରୀ ବେହେରା ସୁଦାନରେ ଏକ ପ୍ଲାଷ୍ଟିକ କାଖାନାରେ ୨୦୨୨ରୁ କାମ କରୁଥିଲେ। ବିଭିନ୍ନ ଜାତୀୟ ଗଣମାଧ୍ୟମ ସୂତ୍ରରୁ ମିଳିଥିବା ସୂଚନା ଅନୁଯାୟୀ ୩୬ ବର୍ଷୀୟ ଆଦର୍ଶ ବେହେରାଙ୍କୁ ଅଲ-ଫସିର ନାମକ ଏକ ସହରରୁ ରାପିଡ୍ ସପୋର୍ଟ ଫୋର୍ସ ନାମକ ବିଦ୍ରୋହୀ ସଂଗଠନ ଅପହରଣ କରିନେଇଛି। ରାଜଧାନୀ ଖାର୍ତୁମ୍‌ଠାରୁ ଏକ ହଜାର କିଲୋମିଟର ଦୂରରେ ରହିଛି ଅଲ-ଫସିର। ବିଦ୍ରୋହୀମାନେ ଆଦର୍ଶଙ୍କୁ ନୟାଲା ନେଉଥିବା ଜଣାପଡ଼ିଛି। ଏହି ସହର ଏବେ ବିଦ୍ରୋହୀଙ୍କ କବଜାରେ ରହିଛି। ତେବେ ସେମାନେ ବେହେରାଙ୍କୁ କାହିଁକି ଅପହରଣ କରିଛନ୍ତି ଏବଂ ସେମାନଙ୍କର ଦାବି କଣ ରହିଛି, ତାହା ଜଣାପଡ଼ିନାହିଁ। ଆଦର୍ଶ ବେହେରାଙ୍କର ଏକ ଭିଡିଓ ଜାରି କରିଛନ୍ତି ବିଦ୍ରୋହୀ। ସେମାନେ ତାଙ୍କୁ ଶାହରୁଖ ଖାନଙ୍କ ବିଷୟରେ ପଚାରୁଥିବା ଶୁଣାଯାଉଛି।

ତାଙ୍କୁ ଉଦ୍ଧାର କରିବା ଲାଗି ଭାରତ ସରକାର ଉଦ୍ୟମ ଆରମ୍ଭ କରିଛନ୍ତି। ଏସଂପର୍କରେ ଦିଲ୍ଲୀରେ ଅବସ୍ଥାପିତ ସୁଦାନର ରାଷ୍ଟ୍ରଦୂତଙ୍କୁ ଯୋଗାଯୋଗ କରାଯାଇଥିଲା। ସେ କହିଛନ୍ତି ଯେ ବେହେରାଙ୍କର ସୁରକ୍ଷିତ ଉଦ୍ଧାର ପାଇଁ ସବୁ ପ୍ରକାର ସହାୟତା ଯୋଗାଇ ଦିଆଯିବ। ବିଦ୍ରୋହୀମାନେ ତାଙ୍କର କୌଣସି କ୍ଷତି କରିବେ ନାହିଁ ଏବଂ ସେ ସୁରକ୍ଷିତ ଫେରିଆସିବେ ବୋଲି ରାଷ୍ଟ୍ରଦୂତ ଆଶା ପ୍ରକାଶ କରିଛନ୍ତି। ସୂଚନାଯୋଗ୍ୟ ଯେ ସୁଦାନରେ ଏବେ ବଡ଼ ଧରଣର ଗୃହଯୁଦ୍ଧ ଚାଲିଛି ଏବଂ ଏଥିରେ ଲକ୍ଷ ଲକ୍ଷ ଲୋକ ବାସଚ୍ୟୁତ ହୋଇଥିବା ବେଳେ ୪ ଲକ୍ଷରୁ ଅଧିକ ଲୋକ ଅନାହାରରେ ରହିଛନ୍ତି।

### ବିଚାରଧୀନ କଏଦୀଙ୍କ...

କୁଖ୍ୟାତ ଅପରାଧୀ ଜେଲ୍‌ର କଡ଼ା ସୁରକ୍ଷାବଳୟ ଭେଦ କରି ପାଚେରି ଡେଇଁ ଫେରାର୍ ହୋଇଯାଇଥିଲେ। ଏ ପର୍ଯ୍ୟନ୍ତ ସେମାନଙ୍କୁ ଗିରଫ କରାଯାଇପାରିନାହିଁ। ସେହିପରି, ଅନ୍ୟ ଏକ ଘଟଣାରେ ଜଣେ କଏଦୀର ପଥର ମାଡ଼ରେ ଅନ୍ୟ ଜଣେ କଏଦୀ ଗୁରୁତର ଆହତ ହୋଇଥିବା ଭଳି ଘଟଣା ଘଟିଛି। ୧୧୬୫ କ୍ଷମତା ବିଶିଷ୍ଟ ଏହି ଜେଲରେ ଏବେ ୯୦୦ଜଣ କଏଦୀ ରହୁଛନ୍ତି। ଜେଲ ସୁପରିଟେଣ୍ଡେଣ୍ଟଙ୍କ ସମେତ ଜଣେ ଜେଲର୍, ୫ଜଣ ସବ୍-ଆସିଷ୍ଟାଣ୍ଟ ଜେଲର୍, ୪ଜଣ ଆସିଷ୍ଟାଣ୍ଟ ଜେଲର ଓ ୬୦ଜଣ ମହିଳା ଓ ପୁରୁଷ ୱାର୍ଡର୍ ନିୟୋଜିତ ରହିଛନ୍ତି।

### ପାଇଖାନା ଟାଙ୍କିରେ...

ଶିବୁ ନାଏକ (୫)। ସେମାନେ ମାମୁଘର ରଗଡ଼ିପଡ଼ା ଗାଁକୁ ବୁଲିବାକୁ ଆସିଥିଲେ। ଆଜି ସେମାନେ ଏକାଠି ଖେଳିବା ବେଳେ ଏହି ଅଘଟଣ ଘଟିଛି। ଏହି ଦୁଃଖଦ ଘଟଣା ଗ୍ରାମରେ ଶୋକାକୁଳ ପରିବେଶ ସୃଷ୍ଟି କରିଛି।

ସୂଚନାନୁଯାୟୀ, ଶୁଭମ, ଶିବାନୀ ଓ ଶିବୁ ପରିବାର ସଦସ୍ୟଙ୍କ ସହ ମାମୁଘରକୁ ବୁଲିବାକୁ ଆସିଥିଲେ। ଆଜି ସେମାନେ ହସଖୁସିରେ ଖେଳୁଥିବା ବେଳେ ଦୁର୍ଘଟଣାର ଶିକାର ହୋଇଥିଲେ। ଖେଳନିଶାରେ ସେମାନେ ନିକଟରେ ଥିବା ସେପ୍ଟିକ ଟାଙ୍କି ଉପରେ ଚଢ଼ି ଯାଇଥିଲେ। ଟାଙ୍କିର ଘୋଡ଼ଣୀଟି ଭାଙ୍ଗିଯିବାରୁ ୩ଜଣ ଯାକ ଟାଙ୍କି ଭିତରେ ଗଳିପଡ଼ିଥିଲେ। ସେହି ସମୟରେ ଆଖପାଖରେ କେହି ନଥିବାରୁ ଘଟଣା ଜଣାପଡ଼ିନଥିଲା। ତେବେ ଦୀର୍ଘ ସମୟ ପରେ ବି ପିଲାମାନେ ଘରକୁ ନଫେରିବାରୁ ପରିବାରଲୋକଙ୍କ ସନ୍ଦେହ ହୋଇଥିଲା। ସେମାନେ ବହୁ ଖୋଜାଖୋଜି କରିବା ପରେ ବାରିପଟେ ଥିବା ପାଇଖାନା ଟାଙ୍କି ଘୋଡ଼ଣୀ ଭାଙ୍ଗି ଯାଇଥିବା ଦେଖିବାକୁ ପାଇଥିଲେ। ସନ୍ଦେହ ହେବାରୁ ଗାଁ ଲୋକଙ୍କ ସହାୟତାରେ ଟାଙ୍କି ଭିତରେ ଖୋଜାଖୋଜି କରି ଅଚେତ ଅବସ୍ଥାରେ ସମସ୍ତଙ୍କୁ ଉଦ୍ଧାର କରିଥିଲେ। ସେମାନଙ୍କୁ ତୁରନ୍ତ ବଡ଼ମ୍ବା ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। କିନ୍ତୁ ସମସ୍ତଙ୍କୁ ଡାକ୍ତର ମୃତ ଘୋଷଣା କରିଥିଲେ।

ଖବର ପାଇ ବଡ଼ମ୍ବା ଥାନା ଅଧିକାରୀ ଅନିରୁଦ୍ଧ ମୁଦୁଲି, ଆଠଗଡ଼ ଉପଖଣ୍ଡ ଆରକ୍ଷୀ ଅଧିକାରୀ ବିଶ୍ୱଜିତ ମହାନ୍ତି ପ୍ରମୁଖ ପହଞ୍ଚି ତଦନ୍ତ କରିଥିଲେ। ବଡ଼ମ୍ବା ଥାନାରେ ଏ ସଂକ୍ରାନ୍ତରେ ପୃଥକ୍ ପୃଥକ୍ ଅପମୃତ୍ୟୁ ମାମଲା ରୁଜୁ ହୋଇଛି। ଜିଲ୍ଲା ରେଡ଼କ୍ରସ୍ ସହାୟତା ପାଣ୍ଠି ପକ୍ଷରୁ ସମସ୍ତ ମୃତକଙ୍କ ପରିବାରଙ୍କୁ ୨୦ ହଜାର ଟଙ୍କାର ଅନୁକମ୍ପା ସହାୟତା ରାଶି ପ୍ରଦାନ କରାଯିବା ପାଇଁ ପ୍ରଶାସନ ତରଫରୁ ପ୍ରତିଶ୍ରୁତି ଦିଆଯାଇଛି। ବ୍ୟବଚ୍ଛେଦ ପରେ ମୃତଦେହ ସେମାନଙ୍କ ପରିବାରବର୍ଗଙ୍କୁ ହସ୍ତାନ୍ତର କରାଯାଇଛି।

### ସିଲିକନ୍ ଟେକ୍...

କୁହାଯାଇଛି। କ୍ରାଇମ୍‌ବ୍ରାଞ୍ଚ ପକ୍ଷରୁ ମିଳିଥିବା ସୂଚନା ଅନୁସାରେ ଏସ୍‌ଆଇ ପରୀକ୍ଷା ପରିଚାଳନା ପାଇଁ ଓପିଆର୍‌ବି ପକ୍ଷରୁ କେନ୍ଦ୍ରୀୟ ପିଏସ୍‌ୟୁ ଆଇଟିଆଇକୁ ଦାୟିତ୍ୱ ଦିଆଯାଇଥିଲା। ପରେ ଆଇଟିଆଇ ଏହି ଦାୟିତ୍ୱ ସିଲିକନ୍‌କୁ ଦେଇଥିଲା। ସିଲିକନ୍ ଏହି ଦାୟିତ୍ୱ ଶଙ୍କର ପୃଷ୍ଟିଙ୍କ ଦ୍ୱାରା ପରିଚାଳିତ ପଞ୍ଚସଫ୍ଟକୁ ଦେଇଥିଲା। ତେବେ କେଉଁ ଆଧାରରେ ଏତେ ବଡ ଗୁରୁଦାୟିତ୍ୱ ଏକ ଅନଭିଜ୍ଞ ସଂସ୍ଥାକୁ ସିଲିକନ୍ ପ୍ରଦାନ କରିଥିଲା, ତାହାକୁ ନେଇ ପ୍ରଶ୍ନ ଉଠିଥିଲା। ଜେରା ବେଳେ ସିଲିକନ୍ ହାତରେ ପରୀକ୍ଷା ସଂକ୍ରାନ୍ତ ସମସ୍ତ ଗୁପ୍ତ ସୂଚନା ରହିଥିବା ଜଣାପଡ଼ିଥିଲା। ପ୍ରଶ୍ନପତ୍ର ଠାରୁ ଆରମ୍ଭ କରି ସବୁକିଛିର ତଥ୍ୟ ସିଲିକନ୍‌ର ମାଲିକ ସୁରେଶ ଜାଣିଥିଲେ। ପରୀକ୍ଷା ପରିଚାଳନା ଆଳରେ ଚାକିରି ବିକ୍ରି କରି ଟଙ୍କା କମାଇବା ପାଇଁ ସେ ଏକ ଭଲ ସ୍କାମ୍ ନେଟ୍‌ୱର୍କ ଅପରେଟ୍ କରୁଥିବା ବ୍ୟକ୍ତିଙ୍କୁ ଖୋଜୁଥିଲେ। ବହୁ ଖୋଜାଖୋଜି ପରେ ଶଙ୍କର ତାଙ୍କ ହାବୁଡରେ ପଡ଼ିଥିଲେ। ବିନା କୌଣସି ବାଛବିଚାରରେ ତତ୍‌କ୍ଷଣାତ୍ ପଞ୍ଚସଫ୍ଟକୁ ଦାୟିତ୍ୱ ଦେବା ସହ ପରୀକ୍ଷା ସଂକ୍ରାନ୍ତ ସମସ୍ତ ଗୁପ୍ତ ତଥ୍ୟ ଶଙ୍କରଙ୍କ ହାତରେ ଟେକି ଦେଇଥିଲେ। ଶଙ୍କର ତାଙ୍କ ନେଟ୍‌ୱର୍କରେ ଥିବା ସହଯୋଗୀଙ୍କୁ ବ୍ୟବହାର କରି ମାର୍କେଟ୍‌ରୁ କୋଟି କୋଟି ଟଙ୍କା ଉଠାଇଥିଲେ।

ଶଙ୍କରଙ୍କୁ ପରୀକ୍ଷା ସଂକ୍ରାନ୍ତ ବହୁ ଗୁରୁତ୍ୱପୂର୍ଣ୍ଣ ତଥ୍ୟ ସୁରେଶ ମେଲ୍ ଏବଂ ହ୍ୱାଟ୍ସଆପ୍ ଯୋଗେ ଯୋଗାଇଥିଲେ। ହେଲେ ଏସ୍‌ଆଇ ପରୀକ୍ଷା କେଳେଙ୍କାରୀ ସାମ୍ନାକୁ ଆସିବା ପରେ ଉଭୟ ନିଜ ନିଜର ମେଲ୍ ଏବଂ ହ୍ୱାଟ୍ସଆପ୍ ଚାଟ୍ ଡିଲିଟ୍ କରିଦେଇଛନ୍ତି। ଏଣୁ କ୍ରାଇମ୍‌ବ୍ରାଞ୍ଚ ପାଇଁ ପ୍ରମାଣ ଯେଗାଡ କରିବା ଏକ ବଡ ଚାଲେଞ୍ଜ ପାଲଟି ଯାଇଛି।

ସୁରେଶଙ୍କୁ ଜେରା ବେଳେ ମିଳିଥିବା ତଥ୍ୟ ସମ୍ପର୍କରେ କ୍ରାଇମ୍‌ବ୍ରାଞ୍ଚ ପକ୍ଷରୁ ଏକ ପ୍ରେସ୍ ବିବୃତିରେ କୁହାଯାଇଛି ଯେ ସିଲିକନ୍ ଟେକ୍‌ର ସିଇଓ ସୁରେଶ ନାୟକ ଏସ୍‌ଆଇ ପରୀକ୍ଷା ପ୍ରଶ୍ନପତ୍ର ପ୍ରସ୍ତୁତି, ପ୍ରିଣ୍ଟିଂ ଏବଂ ପରିବହନ ଦାୟିତ୍ୱରେ ରହିଥିଲେ। ସେ ପଞ୍ଚସଫ୍ଟର ମାଲିକ ଶଙ୍କର ପୃଷ୍ଟିଙ୍କ ସହ ଅଙ୍ଗାଙ୍ଗୀଭାବେ ଜଡ଼ିତ ଥିଲେ। ସେ ତାଙ୍କୁ ଲୁଚାଇବାକୁ ସବୁ ପ୍ରକାର ଚେଷ୍ଟା କରିଥିଲେ। ଉଭୟ ଲଗାତାର ଯୋଗାଯୋଗରେ ରହୁଥିଲେ। ଶଙ୍କର କିପରି ଫେରାର ହେବେ ଆଉ ପୁଲିସ ହାତରେ ଧରା ନ ପଡ଼ିବେ, ସୁରେଶ ଏଥିପାଇଁ ମାଷ୍ଟରପ୍ଲାନ୍ ପ୍ରସ୍ତୁତ କରିଥିଲେ। ଏପରିକି ଶଙ୍କର ଯେତେବେଳେ ଫେରାର ଥିଲେ, ସେ ତାଙ୍କୁ ଦିଲ୍ଲୀରେ ରହିବା ପାଇଁ ଘର ଦେଇଥିଲେ। ତାଙ୍କୁ କମ୍ପାନୀର ନୂଆଦିଲ୍ଲୀ କାଲ୍‌କାଜୀସ୍ଥିତ ଗେଷ୍ଟ ହାଉସ୍ ଯୋଗାଇ ଦେଇଥିଲେ। ଏଠାରେ ଶଙ୍କର କିଛିଦିନ ଧରି ଗୁପ୍ତ ଭାବେ ରହିଥିଲେ। ପୁଲିସ ହାତରେ ଧରା ନ ପଡ଼ିବା ପାଇଁ ଶଙ୍କର ତାଙ୍କ ନିର୍ଦ୍ଦେଶରେ ବାରମ୍ବାର ଠିକଣା ବଦଳାଉଥିଲେ। ଏ ସମ୍ପର୍କିତ ସମସ୍ତ ପ୍ରମାଣ କ୍ରାଇମ୍‌ବ୍ରାଞ୍ଚକୁ ମିଳି ସାରିଛି। କଲ୍ ରେକର୍ଡ ଠାରୁ ଆରମ୍ଭ କରି ଲୋକେସନ୍ ସବୁକିଛି କ୍ରାଇମ୍‌ବ୍ରାଞ୍ଚ ପାଇ ସାରିଛି। ଶଙ୍କରଙ୍କ ମୋବାଇଲ୍ ଫୋନ୍ ଏବଂ ସୁରେଶଙ୍କ ଲାପଟପ୍‌କୁ ଫରେନ୍‌ସିକ୍ ଯାଞ୍ଚ ପାଇଁ ପଠାଯାଇଛି।

ଅନ୍ୟପକ୍ଷରେ କ୍ରାଇମ୍‌ବ୍ରାଞ୍ଚ ରିମାଣ୍ଡରେ ଥିବା ମୁନ୍ନା, ଲୋକନାଥ ଓ ସୌମ୍ୟା ପ୍ରିୟଦର୍ଶନୀଙ୍କୁ କ୍ରାଇମବ୍ରାଞ୍ଚ ସୋମବାର ମଧ୍ୟ ଜେରା କରିଥିଲା। ଏମାନେ ବିଭିନ୍ନ ଶିକ୍ଷାନୁଷ୍ଠାନ ଏବଂ ପରୀକ୍ଷା ପାଇଁ ପ୍ରସ୍ତୁତି କରୁଥିବା ବଡ଼ ବଡ଼ ଲୋକଙ୍କୁ ଯୋଗଯୋଗ କରିଥିବା ଏବଂ ଟଙ୍କା ନେଣଦେଣ କରିଥିବା ନେଇ କ୍ରାଇମ୍‌ବ୍ରାଞ୍ଚ ଜାଣିବାକୁ ପାଇଛି। ଗିରଫ ଶଙ୍କର ଏବଂ ସୁରେଶଙ୍କୁ କୋର୍ଟ ଚାଲାଣ କରାଯାଇଛି।

### ବ୍ରହ୍ମପୁର ଜେଲ୍‌ରେ...

ଜେରା ପାଇଁ କ୍ରାଇମବ୍ରାଞ୍ଚ ପକ୍ଷରୁ କୋର୍ଟରେ ୭ଦିନିଆ ରିମାଣ୍ଡ ପାଇଁ ଆବେଦନ କରାଯାଇଥିଲା। କୋର୍ଟ ଜାମିନ ଆବେଦନକୁ ଖାରଜ କରିଦେବା ପରେ ଉଭୟଙ୍କୁ ବ୍ରହ୍ମପୁର ମଣ୍ଡଳ କାରାଗାରକୁ ପଠାଇ ଦିଆଯାଇଛି। କ୍ରାଇମବ୍ରାଞ୍ଚ ପକ୍ଷରୁ ହୋଇଥିବା ରିମାଣ୍ଡ ସମ୍ପର୍କିତ ଶୁଣାଣି ମଙ୍ଗଳବାର ହେବ ବୋଲି ଜଣାପଡ଼ିଛି। ଉଭୟ ଶଙ୍କର ଓ ସୁରେଶଙ୍କୁ ବ୍ରହ୍ମପୁର କୋର୍ଟରେ ହାଜର ବେଳେ ପ୍ରବଳ ଭିଡ଼ ପରିଲକ୍ଷିତ ହୋଇଥିଲା। ପୂର୍ବରୁ ଘଟଣାରେ ଗିରଫ ପରୀକ୍ଷା ଆଶାୟୀ ଓ ଦଲାଲଙ୍କୁ ପୁଲିସ ମୁହଁ ଘୋଡ଼ାଇ ନେଇଥିବା ବେଳେ ଘଟଣାର ମୁଖ୍ୟ ଅଭିଯୁକ୍ତ ଉଭୟ ଶଙ୍କର ପୃଷ୍ଟି ଓ ସୁରେଶ ନାୟକଙ୍କୁ ମୁହଁ ନ ଘୋଡ଼ାଇ ଏପରିକି ଗଣମାଧ୍ୟମକୁ ପ୍ରତିକ୍ରିୟା ଦେବାକୁ ମଧ୍ୟ ସୁଯୋଗ ଦେଇଥିବା ଦେଖିବାକୁ ମିଳିଥିଲା।

### ପୁଲିସ କବ୍‌ଜାରେ...

ଇଲାକାରେ ଏକ ଗୁପ୍ତ ସ୍ଥାନରେ ରଖାଯାଇଛି। ସେମାନଙ୍କୁ ବ୍ରହ୍ମପୁର ଏସପି ଡା ସର୍ବଣା ବିବେକ ଏମଙ୍କ ସମେତ ଅନ୍ୟ ବରିଷ୍ଠ ଅଧିକାରୀମାନେ ପଚରାଉଚରା କରୁଥିବା ଜଣାପଡ଼ିଛି। ଜେରା ସମୟରେ ପୁଲିସ ସେମାନଙ୍କଠାରୁ କିଛି ଗୁରୁତ୍ୱପୂର୍ଣ୍ଣ ତଥ୍ୟ ଓଗାଳିଥିବା ମଧ୍ୟ ସୂଚନା ମିଳିଛି। ଜେରା ସମୟରେ ପୁଲିସ ଅନ୍ୟ ଦୁଇଜଣଙ୍କୁ ମଧ୍ୟ ଅଟକ ରଖି ପଚରାଉଚରା କରିଥିବା କୁହାଯାଉଛି।

ହତ୍ୟାକାଣ୍ଡ ପରେ ପୁରୀରୁ ଚିଣ୍ଟୁ ପ୍ରଧାନ ବେଙ୍ଗାଲୁରୁ ଫେରିଯାଇଥିବା ବେଳେ କୁରୁପତି ଜୟପୁର ଯାଇ ଉମା ବିଶୋୟୀ ସହ ମିଶିଥିଲା। ସେଠାରେ ସ୍ୱଳ୍ପ ଦିନର ରହଣି ପରେ ଉଭୟ ରାୟପୁର ଓ ରାଞ୍ଚି ଦେଇ ଅନ୍ୟତ୍ର ଫେରାର ହୋଇଯାଇଥିଲେ। ଅଟକ ଉମା ଓ କୁରୁପତିଙ୍କୁ ଆସନ୍ତାକାଲି ଗିରଫ ଦେଖାଇ ପୁଲିସ କୋର୍ଟ ଚାଲାଣ କରିପାରେ ବୋଲି କୁହାଯାଉଛି।


**AFFIDAVIT**

I, Sagupta Zari W/o MD Shahud Pervez, Resident of Latumia Lane, Panposh Town, PO-Rourkela-4, PS-Raghunathpali, Dist-Sundargarh, Odisha, PIN-769004, declared by this affidavit No A/08 Dated 01.11.2025 that now onwards I shall be known as **SHAGUFTA PERVEZ** for all future purposes.

**PUJA OFFER SALE**

Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
**9437015112**

**NOTICE (FOR MINOR)**

Gangadhar Sahu, aged about 44 years, S/o-Late Sambaru Sahu, resident of AT: Plot No. 322, Raghunath Nagar, Dumuduma Housing Board Colony, Ps-Khandagiri, Bhubaneswar, Dist-Khordha, Pin-751019, declare that I have changed the name of my son from Priyanshu Pritam to Priyanshu Pritam Sahu henceforth he shall be known as **Priyanshu Pritam Sahu** for all purposes.
**Sd/- Gangadhar Sahu**

**AFFIDAVIT**

By virtue of an affidavit No. 572, dtd. 01.08.2025 in the court of the Executive Magistrate, Koraput, I, Cahnini Bibi resident of Tudukuthuba, Po- T. Thuba, Ps.- Nandapur, Dist.-Koraput-764037 have changed my name from Chandini Bagama to Chandi Bibi. Henceforth I shall be known as **Chandini Bibi** for all purposes.
**Sd/- Chandini Bibi**

**NOTICE**

By the virtue of an Natatory partnership deed sworn before the notary public Bhubaneswar dated 29.10.2025 . I Premanand Nath bearing Aadhar no.2609 2268 8325 S/o late Dharanidhar Nath from the Organization M/s Jaleswar Packaging is no more interested to continue as Partner with effect from 18.10.2025. The Partners have agreed to reconstitute the business as per the reconstitute Deed for all the purpose.

**AFFIDAVIT**

I, TAUHID MOHAMMED, age-67, S/o- Nabu Mian, Adress: D/29, Sector-16, Rourkela, Dist.: Sundargarh, PIN-769003, Odisha, declared by this Affidavit No.1342/2025, Dated: 01.11.2025. That now onwards I shall be known as MD TAUHEED for all future Purposes.

**AFFIDAVIT**

By virtue of an affidavit sworn before The Executive Magistrate, G.Udayagiri, Kandhamal, date- 16/10/2025. I, **N Dirghika Saumya Deepti,** D/o Situ Kumar Nayak, permanent resident of Village-Lebaguda, PO- Rudangia, PS-G.Udayagiri, Dist- Kandhamal, PIN-762100, Odisha declare that I have changed my name from **N.Dirghika Soumya Dipty** to **N Dirghika Saumya Deepti.** Henceforth, I shall be known as **N Dirghika Saumya Deepti** (new name) for all future purposes.
**N Dirghika Saumya Deepti**

**AFFIDAVIT**

By virtue of an affidavit no 5274 sworn before the Executive Magistrate, Tirtol dated- 31/10/2025, I **Namita Das,** resident of At-Bakharpur, Po- Malanda, Ps-Tirtol, Dist- Jagatsinghpur, Pin- 754136, Odisha declare that I have changed my name from **Ruksar Parwin** (old name) to **Namita Das** (new name). Henceforth, I shall be known as **Namita Das** for all future purposes.
**Namita Das**

**AFFIDAVIT**

By virtue of an affidavit before the Notary Public, Titilagarh, on dated-30/10/2025. I, **Nilakantha Bagarty** (applicant name), S/o Dharanidhar Bagarty, permanent & current resident of AT/PO- Bijepur, PS-Titilagarh, Dist- Balangir, (Odisha), PIN Code: 767033 declare that I have changed my minor son's name from **Meet Bagarty** (old name) to **Jeet Bagarty** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion he shall be known as **Jeet Bagarty** (new name) for all purposes.
**Nilakantha Bagarty**

**AFFIDAVIT**

I, Elakiya Sabapathi, W/o-P. Sabapathi, Resident of Qtr No. C-31, CMPDI COLONY, Post- Sainik School, Bhubaneswar, Dist.- Khorda, Pin-751005, Odisha declare by this Affidavit No. 76AA 943695, Dated 03.07.2025, that now onwards I shall be known as **U. ELAKIYA** for all future purposes.

**AFFIDAVIT**

By virtue of an affidavit no 5855, sworn before the Executive Magistrate, Champua on dtd- 16/10/2025, I **Puja Naik,** W/o- Akash Mallick, resident of At/Po/Ps-Champua, Dist- Keonjhar, Pin-758041, Odisha, I have changed name from **Puja Mallick** (old name) to **Puja Naik** (new name). Henceforth both the name **Puja Mallick** and **Puja Naik** is one & same person, I will be known as **Puja Naik** for all future purposes.
**Puja Naik**

**AFFIDAVIT**

I, Shahina Bano Suriya, aged about 45 years, W/o-Mohammad Irfan, resident of Ward No 05, Dasarapada, Bhanjamandap, Po-Umarkote, Ps- Umarkote, Dist- Nabarangapur, Odisha, PIN- 764073 declare by this affidavit No. 2251, dtd- 03/11/2025, that now onwards I shall be known as **SAHINA BANU SURIYA** for all future purposes.

Government of India
**Income Tax Department**
Bhubaneswar

**ସାର୍ବଜନୀନ ସୂଚନା**

F.No. Nodal Officer/Odisha Elections/2025-26/ Date: 31.10.2025

71-ନୂଆପଡା ବିଧାନସଭା ନିର୍ବାଚନ ମଧ୍ୟବର୍ତ୍ତୀ ଭୋଟ, 2025 ଘୋଷଣା କରାଯାଇଛି ଭାରତର ନିର୍ବାଚନ ଆୟୋଗ ଦ୍ୱାରା । ନିର୍ବାଚନ ପ୍ରକ୍ରିୟା ସମୟରେ କଳା ଟଙ୍କା ବ୍ୟବହାର ରୋକିବା ପାଇଁ ଆୟକର ବିଭାଗ ନିୟମ କଡାକଡି ରଖିବା ପାଇଁ ଦାୟିତ୍ୱ ପାଇଛି ।

ଅଘୋଷିତ ଅର୍ଥ ଓ ଅନ୍ୟ ଅଘୋଷିତ ମୂଲ୍ୟବାନ ସାମଗ୍ରୀର ସୂଚନା ଓ ଅଭିଯୋଗ ପ୍ରାପ୍ତ କରିବାପାଇଁ ଆୟକର ବିଭାଗ, ଓଡ଼ିଶା ଦ୍ୱାରା ୨୪×୭ କଲ୍ ସେଣ୍ଟର୍ ସୁବିଧା ସହିତ ନିମ୍ନଲିଖିତ ଯୋଗାଯୋଗ ନମ୍ବର ସହିତ ଭୁବନେଶ୍ୱରରେ ଏକ କେନ୍ଦ୍ରୀୟ ନିୟନ୍ତ୍ରଣ କକ୍ଷ ସହିତ ସୂଚନା ଅଭିଯୋଗ ପ୍ରକୋଷ୍ଠ ସ୍ଥାପିତ ହୋଇଛି ।

**ନିର୍ବାଚନ ନିୟନ୍ତ୍ରଣ ପ୍ରକୋଷ୍ଠ ସହ ଅଭିଯୋଗ ପରିଚାଳନା ପ୍ରକୋଷ୍ଠ**
**ଟୋଲ୍ ଫ୍ରି ନମ୍ବର: 1800-345-7921**
**ହ୍ୱାଟ୍ସଆପ୍ ନମ୍ବର : 9438917442**
**ଇ ମେଲ କରନ୍ତୁ: Bhubaneswar.addidit.inv2@incometax.gov.in**

ନିର୍ବାଚନ ସମ୍ବନ୍ଧୀୟ କୌଣସି ପ୍ରକାର ଅନୁଚିତ ନଗଦ ରାଶିର ଲେଣଦେଣ କିମ୍ବା ଅଘୋଷିତ ନଗଦ ରାଶି ଓ ମୂଲ୍ୟବାନ ସାମଗ୍ରୀର ସୂଚନା ବିଷୟରେ ଦସ୍ତାକରି ଉପରୋକ୍ତ ନମ୍ବରରେ ସୂଚନା ଦିଆଯାଇ ପାରିବ ।

ସ୍ୱା/- ବିମଲେନ୍ଦୁ ଦୁଡୁ
ଯୁକ୍ତ ନିର୍ଦ୍ଦେଶକ, ଆୟକର (ଅନ୍ୱେଷଣ)
ୟୁନିଟ୍ -୨ ସହ ନୋଡାଲ ଅଧିକାରୀ (ଇ.ଇ.ଏମ.), ଭୁବନେଶ୍ୱର

# ଶୈବ ପୀଠରେ ଭକ୍ତଙ୍କ ଭିଡ଼



ଜି.ଉଦୟଗିରି,୩।୧୧(ସମିସ): କାର୍ତ୍ତିକ ଶେଷ ସୋମବାରରେ ସ୍ଥାନୀୟ ଶୈବ ପୀଠରେ ଶ୍ରଦ୍ଧାଳୁଙ୍କ ପ୍ରବଳ ଭିଡ଼ ହୋଇଥିଲା। ପଞ୍ଚୁକ ବ୍ରତ ପାଳନ ସହିତ ଶେଷ ସୋମବାର କରୁଥିବା ଶ୍ରଦ୍ଧାଳୁ ପ୍ରତିଦିନ ଭୋରରୁ ଯାଇ ଶୈବ ପୀଠରେ ପୂଜାର୍ଚ୍ଚନା କରୁଥିବା ଦେଖିବାକୁ ମିଳିଛି। ଆଜି ସ୍ଥାନୀୟ ଧବଳେଶ୍ୱର, ଆନନ୍ଦେଶ୍ୱର, କଳିଙ୍ଗା ଆଦି ମନ୍ଦିରରେ ଶତାଧିକ ଶ୍ରଦ୍ଧାଳୁଙ୍କ ଲମ୍ବା ଧାଡ଼ି ଲାଗିଥିଲା। ଠାକୁରଙ୍କ ସମସ୍ତ ନୀତିକାନ୍ତି ସକାଳ ପରେ ମନ୍ଦିର ଦ୍ୱାର ଠାରୁ ଶ୍ରଦ୍ଧାଳୁଙ୍କ ଭିଡ ପରିଲକ୍ଷିତ ହୋଇଥିଲା। ମନ୍ଦିର ପରିଚାଳନା କମିଟି ତରଫରୁ ଶୃଙ୍ଖଳିତ ଦର୍ଶନ କରିବା ପାଇଁ ବ୍ୟାପକ ବ୍ୟବସ୍ଥା କରାଯାଇଥିଲା।

# ଦାରିଙ୍ଗବାଡ଼ିରେ ବିଜେଡିର ଜନସମ୍ପର୍କ ପଦଯାତ୍ରା






ଦାରିଙ୍ଗବାଡ଼ି,୩।୧୧(ସମିସ): କନ୍ଧମାଳ ଜିଲ୍ଲା ଦାରିଙ୍ଗବାଡ଼ି ବିଜେଡି ପକ୍ଷରୁ ଆଜି ଜନସମ୍ପର୍କ ପଦଯାତ୍ରା ଅନୁଷ୍ଠିତ ହୋଇଥିଲା। କାର୍ଯ୍ୟକାରୀ ସଭାପତି ଦିଲ୍ଲୀପ କୁମାର ପ୍ରଧାନଙ୍କ ଅଧ୍ୟକ୍ଷତାରେ ହୋଇଥିବା କାର୍ଯ୍ୟକ୍ରମରେ ପୂର୍ବତନ ଉପବାଚସ୍ପତି ସାଲୁଗା ପ୍ରଧାନ ମୁଖ୍ୟଅତିଥି ଭାବେ ଯୋଗ ଦେଇଥଲେ। ସମ୍ମାନିତ ଅତିଥି ଭାବେ ବ୍ଲକ ଅଧ୍ୟକ୍ଷ ସୁଶାନ୍ତ କୁମାର ପ୍ରଧାନ, ବରିଷ୍ଠ ବିଜେଡି ନେତା କାଳୀପ୍ରସାଦ ମଲ୍ଲିକ, ସଭାପତି ଜ୍ୟୋତିରାଜ ପ୍ରଧାନ, ଶ୍ରୀନିକେତା ସରପଞ୍ଚ ଗଙ୍ଗା ପ୍ରଧାନ, ବୁଢ଼ାଗୁଡା ସରପଞ୍ଚ ତାତୁରା ପ୍ରଧାନ, ଦନେକବାଡ଼ି ସରପଞ୍ଚ ନଞ୍ଜୟ ପ୍ରଧାନ, ଦାସିଙ୍ଗବାଡ଼ି ସମିତିସଭ୍ୟା ପ୍ରମିଳା ପ୍ରଧାନ, ତାଜୁଙ୍ଗିଆ ସମିତିସଭ୍ୟ ଅକ୍ଷୟ ନାୟକ, ବୁଢ଼ାଗୁଡା ସମିତିସଭ୍ୟ ଶ୍ରୀକାନ୍ତ ପ୍ରଧାନ ଓ ଜିଲ୍ଲା ଯୁବ ସମ୍ପାଦକ ଦୀପକ କୁମାର ସାହୁ ଉପସ୍ଥିତ ରହି ରାଜ୍ୟ ବିଜେପି ସରକାରର ସମସ୍ତ ମିଛ ପ୍ରତିଶ୍ରୁତିକୁ ନେଇ ନିଜ ନିଜର ବକ୍ତବ୍ୟରେ ପ୍ରାଞ୍ଜଳ ଭାବେ ଉପସ୍ଥାପନ କରିଥିଲେ। ପ୍ରଥମେ ଦାରିଙ୍ଗବାଡି ସ୍ଥିତ ସାରିଙ୍ଗିଇର୍ପି ଆମ୍ବ ତୋଟାରେ ସମସ୍ତ ଦଳୀୟ କର୍ମୀ ଏକତ୍ର ହୋଇ ସେଠାରୁ ଜନସମ୍ପର୍କ ପଦଯାତ୍ରାରେ ବାହାରି ଚାରିଛକ ଦେଇ ତିନିଛକ ଏବଂ ବଜାର ଦେଇ ମିଶ୍ର କଲ୍ୟାଣ ମଣ୍ଡପରେ ପଦଯାତ୍ରା ପହଞ୍ଚିଥିଲା। ସେଠାରେ ଏକ ସଭା ହୋଇଥିଲା। ଏଥିରେ ମୁଖ୍ୟଅତିଥି ଭାବେ ପୂର୍ବତନ ଉପବାଚସ୍ପତି ସାଲୁଗା ପ୍ରଧାନ ବକ୍ତବ୍ୟ ରଖିଥିଲେ। ବିଜେପି ସରକାରର ନିର୍ବାଚନ ପ୍ରତିଶ୍ରୁତି ଆଜି ମିଛ ପ୍ରମାଣିତ ହୋଇଥିବା ବିଜେଡି ଅଭିଯୋଗ କରିଥିଲା। ବିଜେଡି ସରକାର ତଥା ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ସମସ୍ତଙ୍କୁ ଏକ ଶହ ୟୁନିଟ ପର୍ଯ୍ୟନ୍ତ ମାଗଣା ବିଦ୍ୟୁତ୍ ଯୋଗାଇ ଦିଆଯିବ ବୋଲି କୁହାଯାଇଥିଲା। କିନ୍ତୁ ସେତେବେଳେ ବିଜେପି ପକ୍ଷରୁ ୩ ଶହ ୟୁନିଟ ବିଦ୍ୟୁତ୍ ମାଗଣା ଦିଆଯିବ କହି ଲୋକଙ୍କୁ ଠକିଥିବା ବିଜେଡି ଅଭିଯୋଗ କରିଛି। ସେହିପରି ୨ଟି କିସ୍ତିରେ ମହିଳାଙ୍କୁ ସ୍ୱାବଲମ୍ବୀ କରିବା ପାଇଁ ସୁଭଦ୍ରା ଯୋଜନାରେ ୫୦ ହଜାର ଦିଆଯିବ ବୋଲି କୁହାଯାଇଥିଲା। କିନ୍ତୁ ତାହା ପୂରଣ ନ କରି ବହୁ ମହିଳାଙ୍କୁ ଏଥିରୁ ବାଦ୍ ଦିଆଯାଇଥିବା ବିଜେଡି ଲୋକଙ୍କୁ କହଛି। ବିଜେପି ସରକାର ଆସିବା ପରେ ବହୁ ନିରୀହ ଲୋକ ଚାକିରି ପାଇଁ ଠକାମିର ଶିକାର ହେଉଥିବା ବେଳେ ଆକ୍ରୋଶ ରଖି ମିଥ୍ୟା ମାମଲାରେ ନେତା ଲୋକଙ୍କୁ ଜେଲ୍‌ରେ ପୁରାଇ ଦେଉଥିବା ପୂର୍ବତନ ଉପବାଚସ୍ପତି ସାଲୁଗା ପ୍ରଧାନ କହିଥିଲେ। ଏହି ସରକାର ଆସିବା ପରେ ଆରଆଇ ଚାକିରି ଏବଂ ପୁଲିସ ଏଏସ୍ଆଇ ଚାକିରି ପାଇଁ ଦୁର୍ନୀତି ହେଉଥିବା ଅଭିଯୋଗ କରାଯାଇଛି। ଏହି ପଦଯାତ୍ରାରେ ବ୍ଲକର ପ୍ରତ୍ୟେକ ପଞ୍ଚାୟତରୁ ଶହ ଶହ ଦଳୀୟ କର୍ମୀ ଓ ସମର୍ଥକ ଯୋଗ ଦେଇଥିଲେ। କାର୍ଯ୍ୟକ୍ରମକୁ ଜିଲ୍ଲା ପରିଷଦ ସଭ୍ୟ ରଞ୍ଜନ କୁମାର ପ୍ରଧାନ ପରିଚାଳନ କରିଥିବା ବେଳେ କାର୍ଯ୍ୟକାରୀ ସଭାପତି ଦିଲୀପ ପ୍ରଧାନ ଧନ୍ୟବାଦ ଅର୍ପଣ କରିଥିଲେ।

# ଦୁର୍ନୀତି ନିବାରଣ ସଚେତନତା କାର୍ଯ୍ୟକ୍ରମ

ବେଲଗୁଣ୍ଠା,୩।୧୧(ସମିସ): ବେଲଗୁଣ୍ଠା ବିଜ୍ଞାନ କଲେଜର ଜାତୀୟ ସେବା ଯୋଜନା ୟୁନିଟ୍ ତରଫରୁ ଦୁର୍ନୀତି ନିବାରଣ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟଅତିଥି ରୂପେ ଅଧ୍ୟକ୍ଷ ଅଜିତ କୁମାର ପଟ୍ଟନାୟକ ଯୋଗଦେଇ ଦୁର୍ନୀତି ନିବାରଣ ସଂପର୍କରେ ମତ ରଖିଥିଲେ। ପ୍ରୋଗ୍ରାମ ଅଫିସର ପିଙ୍କି ପାତ୍ରଙ୍କ ତତ୍ତ୍ୱାବଧାନରେ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ସମ୍ମାନୀତ ଅତିଥିଭାବେ ଅଧ୍ୟାପକ ସନ୍ତୋଷ କୁମାର ପାଣିଗ୍ରାହୀ, ଅଜୟ କୁମାର ବିଶାଳ, ସପନ କୁମାର ପ୍ରଧାନ, ଲକ୍ଷ୍ମୀ ଗୌଡ଼, ବିଶ୍ୱରଞ୍ଜନ ସ୍ୱାଇଁ ଯୋଗ ଦେଇଥିଲେ। ଅଧ୍ୟାପକ ଅଶୋକ କୁମାର ସ୍ୱାଇଁ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ବହୁ ଛାତ୍ରଛାତ୍ରୀ ଏହି କାର୍ଯ୍ୟକ୍ରମରେ ଯୋଗଦେଇ ଦୁର୍ନୀତି ନିବାରଣର ଶପଥ ପାଠ କରିଥିଲେ। ପିଙ୍କି ପାତ୍ର ଧନ୍ୟବାଦ ଅର୍ପଣ କରିଥିଲେ।

# କାର୍ତ୍ତିକ ବ୍ରତ; କମ୍ପିଲା ଶୈବକ୍ଷେତ୍ର



କୋଦଳା,୩।୧୧(ସମିସ): କାର୍ତ୍ତିକ ଶେଷ ସୋମବାରରେ ବେଗୁନିଆପଡା ବ୍ଲକ୍ ଓ କୋଦଳା ଏନ୍ଏସିର ସମସ୍ତ ଶୈବ ପୀଠରେ ଭକ୍ତଙ୍କ ଭିଡ଼ ଦେଖିବାକୁ ମିଳିଥିଲା। ସାଲୁଗ୍ରା ଧବଳେଶ୍ୱରଙ୍କ ପୀଠରେ ହଜାର ହଜାର ଭକ୍ତ ଦର୍ଶନ ପାଇଁ ଆସିଥିବା ବେଳେ କେ ବରିଡ଼ା ଅମରେଶ୍ୱର, ବେଗୁନିଆପଡ଼ା ଓ ଶାଳକଣ ସିଦ୍ଧେଶ୍ୱର, ଫାଶୀ ମାଣିକେଶ୍ୱର, ଖଣ୍ଡମୁଳ ତୁମ୍ବେଶ୍ୱର ସହିତ ପ୍ରତ୍ୟେକ ଶିବ ମନ୍ଦିର ଭକ୍ତଙ୍କ ଗହଳି ଲାଗିରହିଥିଲା। ସେହିପରି କୋଦଳା ଅଞ୍ଚଳର ଆରାଧ୍ୟ ଦେବତା ବାବା ଶ୍ରୀଦଣ୍ଡେଶ୍ୱର ମହାଦେବଙ୍କ ମନ୍ଦିରରେ ଭକ୍ତଙ୍କ ଗହଳି ମିଳିଥିଲା ଭକ୍ତଙ୍କ ପ୍ରବଳ ଭିଡ଼। ପ୍ରାତଃରୁ ଭକ୍ତ ମାନେ ମନ୍ଦିରକୁ ଆସି ମହାଦେବଙ୍କ ମଙ୍ଗଳ ଆଳତୀ ଦର୍ଶନ କରି ଥିବା ବେଳେ ଦିନସାରା ମନ୍ଦିର ପରିସର ଲୋକାରଣ୍ୟ ଥିଲା। ଅପରାହ୍ନରେ ମହାପ୍ରଭୁଙ୍କ ବେଢା ପରିକ୍ରମା ପରେ ଧୀରେ ଧୀରେ ଭକ୍ତଙ୍କ ଗହଳି କମିଥିଲା।

# ବିଜ୍ଞାନ ଟିଏଲ୍ଏମ୍ କର୍ମଶାଳା ଉଦ୍‌ଯାପିତ

ଜି.ଉଦୟଗିରି,୩।୧୧(ସମିସ): କନ୍ଧମାଳ ଜିଲ୍ଲା ଜି.ଉଦୟଗିରି ନିକଟସ୍ଥ କଳିଙ୍ଗା ସରକାରୀ ବିଏଡି କଲେଜରେ ଚାଲିଥିବା ୩ ଦିନିଆ ବିଜ୍ଞାନ ଶିକ୍ଷଣ ଉପକରଣ ପ୍ରସ୍ତୁତି (ଟିଏଲଏମ) କର୍ମଶାଳା ଉଦଯାପିତ ହୋଇଛି। ଶିକ୍ଷାନୁଷ୍ଠାନ ଅଧ୍ୟକ୍ଷ ଦୀପକ କୁମାର ମହାନ୍ତିଙ୍କ ଅଧ୍ୟକ୍ଷତାରେ ଆୟୋଜିତ କର୍ମଶାଳାରେ ରିସୋର୍ସ ପର୍ସନ ଭାବେ ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ବଳରାମ ସାହୁ ଯୋଗ ଦେଇ ବିଜ୍ଞାନକୁ କିପରି ସହଜରେ ମନେ ରଖିହେବ ତାହା ପରୀକ୍ଷା କରି ଦେଖାଇଥିଲେ। କର୍ମଶାଳାକୁ ଅଧ୍ୟାପକ ବିଚିତ୍ର କୁମାର ବେହେରା ପରିଚାଳନା କରିଥିବା ବେଳେ ଅନ୍ୟମାନେ ସହଯୋଗ କରିଥିଲେ।

# ୨ ବାଇକ୍ ମୁହାଁମୁହିଁ; ଜଣେ ଗୁରୁତର

ଦାରିଙ୍ଗବାଡି,୩।୧୧(ସମିସ): କନ୍ଧମାଳ ଜିଲ୍ଲା ଦାରିଙ୍ଗବାଡ଼ି ବ୍ଲକ ସରକାରୀ ମାଧ୍ୟମିକ ବିଦ୍ୟାଳୟ ନିକଟ ଗ୍ରୀନବାଡ଼ି ମଶାଣି ଛକ ବୁଲାଣିରେ ଦୁଇ ବାଇକ ମୁହାଁମୁହିଁ ଧକ୍କା ହୋଇ ଦୁର୍ଘଟଣା ହେବାରୁ ଦୁଇ ବାଇକ ରେ ବସିଥିବା ଚାରି ଜଣଙ୍କ ମଧ୍ୟରୁ ଦୁଇ ଜଣ ଆହତ ହୋଇଥିବା ବେଳେ ଜଣେ ଗୁରୁତର ଆହତ ହୋଇଛନ୍ତି। ଗୁରୁତର ଆହତ ଜଣକ ହେଲେ ସିପ୍ରିୟାନସୁ ପ୍ରଧାନ (୨୫)। ସିପ୍ରିୟାନସୁ ବଜାର କାମ ସାରି ତାଙ୍କ ସ୍ତ୍ରୀ ସହିତ ନିଜ ଗାଁ ଦାସିକେତାକୁ ଯାଉଥିବା ବେଳେ ବିପରୀତ ଦିଗରୁ ପକାରୀ ଗ୍ରାମର ଦୁଇ ଜଣ ଏକ ବାଇକରେ ଦାରିଙ୍ଗବାଡ଼ି ଆସୁଥିଲେ। ହେଲେ ଭାରସାମ୍ୟ ହରାଇ ଦୁଇ ବାଇକ ମୁହାଁମୁହିଁ ଧକ୍କା ହୋଇଥିଲା। ଦୁର୍ଘଟଣା ପରେ ରାସ୍ତା ଉପରେ ପଡିରହିଥିବା ଦେଖି ଶିବପ୍ରସାଦ ଦିଗାଳ (ବୁଲୁ) ଅଗ୍ନିଶମ ବିଭାଗକୁ ଜଣାଇ ଆହତଙ୍କୁ ସ୍ୱାସ୍ଥ୍ୟକେନ୍ଦ୍ରକୁ ନେଇଥିଲେ। ଅକ୍ଷୟ ପରିଛା ଓ ଅନ୍ୟମାନଙ୍କ ସହଯୋଗରେ ଦୁର୍ଘଟଣାରେ ଆହତଙ୍କୁ ସ୍ଥାନାନ୍ତର କରିବାରେ ସାହାଯ୍ୟ କରିଥିଲେ। ପ୍ରାଥମିକ ଚିକିତ୍ସା ପରେ ଡାକ୍ତର ଗୁରୁତରଙ୍କୁ ବ୍ରହ୍ମପୁର ବଡ଼ ମେଡ଼ିକାଲକୁ ରେଫର କରିଥିବା ସୂଚନା ମିଳିଛି। ଦୁଇ ଆହତଙ୍କ ପରିଚୟ ମିଳିନାହିଁ।

# ଦିଗିପଡ଼ି ପ୍ରାଥମିକ ବିଦ୍ୟାଳୟରୁ ଚୋରି

## ■ ଅଣ୍ଡା, ଚାଉଳ ବି ଛାଡ଼ିଲାନି ଦୁର୍ବୃତ୍ତ

ବାଲିଗୁଡା,୩।୧୧(ସମିସ): କନ୍ଧମାଳ ଜିଲ୍ଲା ବାଲିଗୁଡ଼ା ବ୍ଲକ ବାରଖମା ଅନ୍ତର୍ଗତ ଦିଗିପଡ଼ି ପ୍ରାଥମିକ ବିଦ୍ୟାଳୟରୁ ଚୋରି ହୋଇଥିବା ଅଭିଯୋଗ ହୋଇଛି। ସୂଚନା ଅନୁସାରେ ରବିବାର ରାତିରେ କିଛି ଦୁର୍ବୃତ୍ତ ବିଦ୍ୟାଳୟ ଭିତରେ ପଶି ରୋଷେଇ ଘର କବାଟ ଭାଙ୍ଗି ଗ୍ୟାସ ହାଣ୍ଡି, ସମସ୍ତ ରୋଷେଇ ଆସବାବପତ୍ର ସହ ଡାଲି, ଚାଉଳ ଓ ଅଣ୍ଡା ମଧ୍ୟ ଚୋରି କରିଥିବା ଅଭିଯୋଗ ହୋଇଛି। ପ୍ରଧାନଶିକ୍ଷୟିତ୍ରୀ ଜ୍ୟୋସ୍ନା ପ୍ରଧାନ ଓ ସହକାରୀ ଶିକ୍ଷକ ସୁଶାନ୍ତ ପ୍ରଧାନ ସୋମବାର ସକାଳ ୧୦ ଟା ରେ ସ୍କୁଲ ପହଞ୍ଚିଲା ପରେ ରୋଷେଇ ଘର କବାଟ ଭାଙ୍ଗିଥିବା ଦେଖିବାକୁ ପାଇଥିଲେ। ରୋଷେଇ ଘର ଯାଇ ଦେଖିବା ପରେ ସମସ୍ତ ଜିନିଷ ଚୋରି ହୋଇଥିବା ଜାଣିବାକୁ ପାଇଥିଲେ। ବିଦ୍ୟାଳୟର ପ୍ରଧାନଶିକ୍ଷୟିତ୍ରୀ ସଙ୍ଗେ ସଙ୍ଗେ ସହକାରୀ ବ୍ଲକ ଶିକ୍ଷା ଅଧିକାରୀଙ୍କୁ ଜଣାଇବା ପରେ ଏକ ଲିଖିତ ଅଭିଯୋଗ ବାରଖମା ଥାନାରେ ଦେଇଥିବା ସୂଚନା ମିଳିଛି।



# ପ୍ରଧାନଶିକ୍ଷକ ନିଲମ୍ବିତ

ବାଲିଗୁଡା,୩।୧୧(ସମିସ): କୋଟଗଡ ସରକାରୀ ଉଚ୍ଚ ଏସ୍ଏସ୍ଡି ମାଧ୍ୟମିକ ବିଦ୍ୟାଳୟର ପ୍ରଧାନଶିକ୍ଷକ ଗୋପାଳ ଜଗତଙ୍କ ଅଡୁଆ ବଢ଼ିବାରେ ଲାଗିଛି। ଏକାଧିକ ଅଭିଯୋଗକୁ ଭିତ୍ତି କରି ପ୍ରଧାନଶିକ୍ଷକ କିଛିଦିନ ହେବ ବିଭିନ୍ନ ସମସ୍ୟାକୁ ସାମ୍ନାକରି ଆସୁଥିଲେ। ବିଗତ ଦିନରେ ବାଲିଗୁଡା ଉପଜିଲ୍ଲାପାଳ ପ୍ରଣତି ଦାସ ଏକ ସ୍ୱତନ୍ତ୍ର ଟିମ ସହ ପିଆଇଏ କୃପାସିନ୍ଧୁ ବେହେରା ଓ ଉପଖଣ୍ଡ ମଙ୍ଗଳ ଅଧିକାରୀ ଉମେଶ ଚନ୍ଦ୍ର ପ୍ରଧାନ ଆସି କୋଟଗଡ ସରକାରୀ ଉଚ୍ଚ ଏସ୍ଏସ୍ଡି ମାଧ୍ୟମିକ ବିଦ୍ୟାଳୟରେ ସରଜମିନ ତଦନ୍ତ କରିଥିଲେ। ହୋଇଥିବା ଅଭିଯୋଗ ବୁଝିବା ସହ ତଦନ୍ତ ଜାରି ରଖିଥିଲେ। ଶେଷରେ ଗୋପାଳ ଜଗତଙ୍କୁ ନିଲମ୍ବନ କରାଯାଇଥିବା ନେଇ ସୂଚନା ଦେଇଛନ୍ତି ଜିଲ୍ଲା ମଙ୍ଗଳ ଅଧିକାରୀ ରବି ନାରାୟଣ ମିଶ୍ର। ଏ ନେଇ ପ୍ରଧାନଶିକ୍ଷକ ଗୋପାଳ ଜଗତଙ୍କ ତରଫରୁ କୌଣସି ପ୍ରତିକ୍ରିୟା ମିଳିପାରିନି।

# ଗୁରାଣ୍ଡି ଗ୍ରାମରେ ଅଷ୍ଟପ୍ରହର

ପାରଳାଖେମୁଣ୍ଡି,୩।୧୧(ସମିସ): ଗଜପତି ଜିଲ୍ଲା ଗୋଷାଣି ବ୍ଲକ ଗୁରାଣ୍ଡି ଗ୍ରାମରେ ଅନୁଷ୍ଠିତ ଅଷ୍ଟପ୍ରହରୀ ଉଦଯାପିତ ହୋଇଛି। ଗତକାଲି ତଥା ରବିବାର ଆରମ୍ଭ ହୋଇଥିବା ଅଷ୍ଟପ୍ରହରୀ ଆଜି ଉଦ୍‌ଯାପିତ ହୋଇଯାଇଛି। ଅଷ୍ଟପ୍ରହରୀରେ ଅଷ୍ଟ ଯଜ୍ଞ ଅନୁଷ୍ଠିତ ହୋଇଥିଲା। ଆଜି ଗ୍ରାମ ପରିକ୍ରମା ସଂକୀର୍ତ୍ତନ ମଣ୍ଡଳୀଙ୍କ ହୋଇଥିବା ବେଳେ ଦହିହାଣ୍ଡି ଭଙ୍ଗା, ଅଖଣ୍ଡ ଦୀପ ଓ କୁମ୍ଭ ବିସର୍ଜନ ଅନୁଷ୍ଠିତ ହୋଇଥିଲା। କୃଷକ ପାଠାଗାର କମିଟି ବଡସାହି ପକ୍ଷରୁ ପ୍ରତ୍ୟେକ ବର୍ଷ ଭଳି ଚଳିତ ବର୍ଷ ମଧ୍ୟ ଆୟୋଜନ କରାଯାଇଥିଲା। କାର୍ଯ୍ୟକ୍ରମରେ ବହୁ ମାନ୍ୟଗନ୍ୟ ବ୍ୟକ୍ତି ବିଶେଷ ଜିଲ୍ଲା ଓ ଜିଲ୍ଲା ବାହାରୁ ଯୋଗ ଦେଇଥିଲେ। ଉକ୍ତ କାର୍ଯ୍ୟକ୍ରମକୁ କମିଟି ସଭାପତି ନିର ପାତ୍ର, ସମ୍ପାଦକ ସୁମନ କୁମାର ପାତ୍ର ଓ କୋଷାଧ୍ୟକ୍ଷ ରଞ୍ଜି ସାମଲଙ୍କ ସମେତ କମିଟିର ସମସ୍ତ ସଦସ୍ୟ ପରିଚାଳନା କରିଥିବା ବେଳେ ଗ୍ରାମବାସୀ ସହଯୋଗ କରିଥିଲେ।



# ଏସ୍ଏଚ୍‌ଜି ମହିଳାଙ୍କ ନେତୃତ୍ୱରେ ସଂଗ୍ରହ ହେଉଛି ବିଦ୍ୟୁତ୍ ବିଲ୍

ବ୍ରହ୍ମପୁର,୩।୧୧(ସମିସ): ଦକ୍ଷିଣ ଓଡ଼ିଶାର ଦୁର୍ଗମ ଅଞ୍ଚଳରେ ତଥା ଯେଉଁଠାରେ ପାହାଡ଼, ନଦୀ, ଧାନକ୍ଷେତ ଏବଂ ଅପହଞ୍ଚ ଗାଁରେ ବିଜୁଳି ତାର ସଂଯୋଗ ହୋଇଛି ସେଠାରେ ଏବେ ଏକ ନୂଆ ଶକ୍ତି ନେତୃତ୍ୱ ନେଉଛି। ଆଉ ତାହା ହେଉଛି ମହିଳା ଶକ୍ତି। ମେସିନ୍ ନୁହେଁ ସ୍ମାର୍ଟ ଫୋନ୍, ରସିଦ ବହି ଏବଂ ଦୃଢ଼ ସଂକଳ୍ପକୁ ପାଥେୟ କରି ଏବେ ତୃଣମୂଳ ସ୍ତରରୁ ଶତାଧିକ ଗ୍ରାମୀଣ ମହିଳା ଓଡ଼ିଶାର ବିଦ୍ୟୁତ ନେଟୱାର୍କକୁ ସଶକ୍ତ କରିବାରେ ଏକ ପ୍ରମୁଖ ଭୂମିକା ନିର୍ବାହ କରୁଛନ୍ତି। ଟିପି ସଦର୍ଣ୍ଣ ଓଡ଼ିଶା ଡିଷ୍ଟ୍ରିବ୍ୟୁସନ ଲିମିଟେଡ (ଟିପିଏସ୍ଓଡିଏଲ୍)ର ଅଭିନବ ପ୍ରୟାସ ଯୋଗୁଁ ଏବେ ଦକ୍ଷିଣ ଓଡ଼ିଶାର ପାଞ୍ଚଟି ଜିଲ୍ଲାର ବିଦ୍ୟୁତ ବିଲ୍ ଆଦାୟ କ୍ଷେତ୍ରରେ ପ୍ରାୟ ୩୭୯ଟି ସ୍ୱୟଂ ସହାୟିକା ଗୋଷ୍ଠୀ (ଏସ୍ଏଚଜି)ର ମହିଳାମାନେ ନିଜକୁ ନିୟୋଜିତ କରିପାରିଛନ୍ତି। ଏକ କ୍ଷୁଦ୍ର ପାଇଲଟ୍ ପ୍ରୋଜେକ୍ଟ ଭଳି ଆରମ୍ଭ ହୋଇଥିବା ଏହି ଅଭିନବ ପ୍ରୟାସ ଏବେ ଗ୍ରାମୀଣ ଭାଗିଦାରୀ କ୍ଷେତ୍ରରେ ଏକ ବିଶେଷ ମଡେଲ ଭାବରେ ପରିଣତ ହୋଇଛି। ୩୭୯ଜଣ ମହିଳା ୩୭୯ଟି ଏସ୍ଏଚଜି ଗ୍ରୁପର ପ୍ରତିନିଧିତ୍ୱ କରୁଛନ୍ତି। ଯେଉଁମାନେ କି ଦକ୍ଷିଣ ଓଡ଼ିଶାର



ଗଞ୍ଜାମ, ଗଜପତି, ରାୟଗଡ଼ା, ବୌଦ୍ଧ ଏବଂ କନ୍ଧମାଳ ଜିଲ୍ଲାରେ ସକ୍ରିୟ ହୋଇ କାର୍ଯ୍ୟ ସମ୍ପାଦନ କରୁଛନ୍ତି। କେବଳ ଗଞ୍ଜାମ ଜିଲ୍ଲାରେ ୨୯୧ଏସ୍ଏଚଜି ମହିଳା ଗୋଷ୍ଠୀ ବିଲ୍ ଆଦାୟ କାର୍ଯ୍ୟରେ ନିୟୋଜିତ ଥିବାବେଳେ ଗଜପତିରେ ୬୩, ରାୟଗଡ଼ାରେ ୧୫, ବୌଦ୍ଧରେ ୮ ଏବଂ କନ୍ଧମାଳରେ ୨ଟି ଗୋଷ୍ଠୀ ଏଥିରେ ସାମିଲ ଅଛନ୍ତି। ଗତ ତିନି ବର୍ଷ ମଧ୍ୟରେ ଗ୍ରାମାଞ୍ଚଳରେ ବିଦ୍ୟୁତ ବିଲ୍ ଆଦାୟର କଭରେଜ ୬୭ପ୍ରତିଶତରୁ ବଢ଼ି ୮୦ପ୍ରତିଶତରେ ପହଞ୍ଚିଛି। ଯାହା ଯୋଗୁଁ ବିଦ୍ୟୁତ ବିଲ୍ ଆଦାୟର ଦକ୍ଷତା ୮୨ପ୍ରତିଶତରୁ ବୃଦ୍ଧି ପାଇ ୧୦୫ପ୍ରତିଶତରେ ପହଞ୍ଚିପାରିଛି। ସେହିଭଳି ଏହି ମହିଳାମାନଙ୍କ ଯୋଗଦାନ ଡିଜିଟାଲ ପେମେଣ୍ଟ କ୍ଷେତ୍ରରେ ମଧ୍ୟ ଏକ ପରିବର୍ତ୍ତନ ଆଣିଛି। ତିନିବର୍ଷ ପୂର୍ବେ ଯେଉଁଠାରେ ମାତ୍ର ୨୦୦୦ଉପଭୋକ୍ତା ଡିଜିଟାଲ ମାଧ୍ୟମରେ ବିଲ୍ ପୈଠ କରୁଥିଲେ ଏବେ ସେ କ୍ଷେତ୍ରରେ ପରିବର୍ତ୍ତନ ହୋଇଛି। ପ୍ରତି ମାସ ପ୍ରାୟ ୧୫ହଜାର ଉପଭୋକ୍ତା ଡିଜିଟାଲ ମାଧ୍ୟମରେ ଏସ୍ଏଚଜି ମହିଳାଙ୍କ ସହାୟତାରେ ବିଲ୍ ପୈଠ କରୁଛନ୍ତି। ଟିପିଏସ୍ଓଡିଏଲ୍ ତରଫରୁ ଡିଜିଟାଲ ସାକ୍ଷରତା କ୍ଷେତ୍ରରେ ଦିଆଯାଉଥିବା ପ୍ରଶିକ୍ଷଣ ଯୋଗୁଁ ବିଲ୍ ଆଦାୟରେ ସାମିଲ ହୋଇଥିବା ମହିଳାମାନେ ଡିଜିଟାଲ ନେଣଦେଣ ବାବଦରେ ଜାଣି ପାରିଛନ୍ତି। ଯାହା ଗ୍ରାମାଞ୍ଚଳକୁ ଆର୍ଥିକ ଭାବରେ ସଂଯୋଗ କରୁଥିବାବେଳେ ପ୍ରଯୁକ୍ତିଗତ ଭାବେ ସଚେତନ ହେବାରେ ସହାୟକ ହୋଇ ପାରୁଛି। ଏସ୍ଏଚଜି ମହିଳାଙ୍କ ଯୋଗଦାନ କେବଳ ବିଦ୍ୟୁତ ବିଲ୍ ସଂଗ୍ରହରେ ସୀମିତ ନୁହେଁ। ସମୁଦାୟର ସେବାରେ ନିଜେ ଏହି ମହିଳାମାନେ ନିୟୋଜିତ କରିପାରିଛନ୍ତି। ସେମାନେ ନୂଆ ଗ୍ରାହକଙ୍କୁ ଚିହ୍ନଟ କରିବା, ବିଦ୍ୟୁତ ସଂଯୋଗଗୁଡ଼ିକୁ ନିୟମିତ କରିବାରେ ସହାୟତା କରିବା, ଓ ଟିପିଏସ୍ଓଡିଏଲକୁ ନୂଆ ମିଟର ସ୍ଥାପନ, ମିଟର ବଦଳାଇବା ଓ ଲୋଡ୍ ବୃଦ୍ଧି ଭଳି କାର୍ଯ୍ୟରେ ସହାୟତା କରୁଛନ୍ତି। ଅନ୍ୟପକ୍ଷରେ ଏହି କାର୍ଯ୍ୟ ମହିଳାଙ୍କୁ ଆର୍ଥିକ ସ୍ତରରେ ମଧ୍ୟ ସଶକ୍ତ କରୁଛି।

# ଚକାପାଦ ଓ ଲାଇନପଡ଼ା ଶୈବ ପୀଠରେ ଭକ୍ତଙ୍କ ଭିଡ଼

ଚକାପାଦ,୩।୧୧(ସମିସ): କନ୍ଧମାଳ ଜିଲ୍ଲା ଚକାପାଦ ବ୍ଲକ୍ ଚକାପାଦରେ ଥିବା ତ୍ରିଶମ୍ଭୁ ଠାକୁର ବାବା ବିରୁପାକ୍ଷ, ବାବା ଆନନ୍ଦେଶ୍ୱର, ବାବା ଯୋଗେଶ୍ୱର ଏବଂ ଲାଇନପଡ଼ା ନିକଟରେ ଥିବା ବାବା ବରଡ଼ା ବାଲୁଙ୍କେଶ୍ୱର ମନ୍ଦିରରେ କାର୍ତ୍ତିକ ମାସ ଭକ୍ତଙ୍କ ପ୍ରବଳ ଜନସମାଗମ ଦେଖିବାକୁ ମିଳିଥିଲା। ଆଜି କାର୍ତ୍ତିକ ମାସ ଶେଷ ସୋମବାର ହୋଇଥିବାରୁ ହଜାର ହଜାର ଭକ୍ତ ଶାନ୍ତିଶୃଙ୍ଖଳାର ସହିତ ଧାଡ଼ି ବାନ୍ଧି ଠିଆ ହୋଇ ଜଣକ ପରେ ଜଣେ ପ୍ରଭୁଙ୍କର ଦର୍ଶକ କରିବା ସହିତ ଆଶୀର୍ବାଦ କୃପା ଲାଭ କରିଥିଲେ। ପ୍ରସିଦ୍ଧ ଶୈବ ପୀଠ ଚକାପାଦରେ ଅପରାହ୍ନ ଚାରିଟା ପର୍ଯ୍ୟନ୍ତ ଭକ୍ତଙ୍କର ଭିଡ଼ ଦେଖିବାକୁ ମିଳିଥିଲା। ଏହି ଭକ୍ତଙ୍କ ଭିଡକ ଆଖି ଆଗରେ ରଖି ଚକାପାଦ ଏବଂ ଲାଇନପଡ଼ା ପୁଲିସ ପକ୍ଷରୁ ଶାନ୍ତିଶୃଙ୍ଖଳା ରକ୍ଷା କରାଯାଇଥିଲା।



# ସିବିଏସଇ ଆଞ୍ଚଳିକ ବିଜ୍ଞାନ ମେଳା




ଛତ୍ରପୁର,୩।୧୧(ସମିସ): ଭୁବନେଶ୍ୱର ଠାରେ କିଟସ ବିଶ୍ୱବିଦ୍ୟାଳୟ ପକ୍ଷରୁ ଆୟୋଜିତ ସିବିଏସ୍ଇ ଆଞ୍ଚଳିକ ବିଜ୍ଞାନ ମେଳାରେ ଛତ୍ରପୁରର ଅଗ୍ରଣୀ ଶିକ୍ଷାନୁଷ୍ଠାନ "ଦି ନ୍ୟୁ ଏଜ୍ ୟୁରୋ' ସ୍କୁଲ୍‌ର ଯୁକ୍ତଦୁଇ ବିଜ୍ଞାନ ଛାତ୍ରଛାତ୍ରୀ ଉତ୍ତମ ପ୍ରକଳ୍ପ ପ୍ରଦର୍ଶନ କରି ଉଚ୍ଚ ପ୍ରଂଶସିତ ହୋଇଛନ୍ତି। ଅନୁଷ୍ଠାନର ବିଜ୍ଞାନ ଶିକ୍ଷକ ନିହାଲ ନାୟକ ଓ ଶିକ୍ଷୟିତ୍ରୀ କେ. ସ୍ୱପ୍ନାଙ୍କ ତତ୍ତ୍ୱାବଧାନରେ ଯୁକ୍ତଦୁଇ ଛାତ୍ରଛାତ୍ରୀମାନେ ଏହି ବିଜ୍ଞାନ ମେଳାରେ ଭାଗ ନେଇ "ସବୁଜ ଶକ୍ତି ଏବଂ ସୌର ଉଦଜାନ ଦୀପମୁଖୀ' ଓ ସେହିପରି 'ବର୍ଜ୍ୟବସ୍ତୁ ଉପରେ ଉଦୀୟମାନ ପ୍ରଯୁକ୍ତିବିଦ୍ୟା' ଭଳି ୨ଟି ପ୍ରକଳ୍ପ ପ୍ରଦର୍ଶନ କରି ଛାତ୍ରଛାତ୍ରୀ ବେଶ ସୁନାମ ଅର୍ଜନ କରିଥିଲେ। ଛାତ୍ରଛାତ୍ରୀଙ୍କ ଏହି ସଫଳତାକୁ ଅନୁଷ୍ଠାନର ଅଧ୍ୟକ୍ଷ ତଥା ଆଇନଜୀବୀ ରଞ୍ଜନ ମହାପାତ୍ର, ପୃଷ୍ଠପୋଷକ ସସ୍ମିତା ମହାପାତ୍ର, ପ୍ରିନ୍ସପାଲ ତପସ୍ୱିନୀ ସାହୁ ଏବଂ ଅନ୍ୟାନ୍ୟ ଶିକ୍ଷକ ଓ ଶିକ୍ଷୟିତ୍ରୀ ଶୁଭେଚ୍ଛା ଜଣାଇଛନ୍ତି।

# ସୀମାଞ୍ଚଳମ ପୀଠରେ ଦାସୁଡୁ କୋହଲା ନୃତ୍ୟ



ଛତ୍ରପୁର,୩।୧୧(ସମିସ): ଛତ୍ରପୁର ବ୍ଲକ୍ ଅନ୍ତର୍ଗତ ଶ୍ରୀରାମଚନ୍ଦ୍ରପୁର ପଞ୍ଚାୟତର ଘଡ଼ଘଡ଼ାପଲ୍ଲୀ ଗ୍ରାମର ଲକ୍ଷ୍ମୀ ନୃସିଂହ କାମିନୀ ଦାସୁଡୁ (ସତ୍ୟମ୍) ସେବା ନୃତ୍ୟ କଳା କେନ୍ଦ୍ର (ଭାଗବତ ଗାଦି) ପକ୍ଷରୁ ଡକ୍ଟରେଟ୍ ଉପାଧିରେ ଭୂଷିତ ବଡ଼ ଦାସୁଡୁ ଗୁରୁ ଆର୍. ସତ୍ୟମ୍ ରେଡ୍ଡୀଙ୍କ ନେତୃତ୍ୱରେ ଅନୁଷ୍ଠାନର ସେବାୟତ ମାନେ ସୀମାଞ୍ଚଳମ ପୀଠରେ କୋହଲା ନୃତ୍ୟ ପ୍ରଦର୍ଶନ କରିଛନ୍ତି। କାର୍ତ୍ତିକ ମାସ ଅବସରରେ ସେବାୟତ ମାନେ ସୀମାଞ୍ଚଳମ କ୍ଷେତ୍ର ପରିଦର୍ଶନ କରି ଶ୍ରୀହରିଙ୍କ ନାମ ଧରି ପାହାଡ଼ରେ କୋହଲା ନୃତ୍ୟ ପରିବେଷଣ କରିଥିଲେ। ଡକ୍ଟରେଟ୍ ଉପାଧିରେ ଭୂଷିତ ବଡ଼ ଦାସୁଡୁ ଗୁରୁ ଆର୍. ସତ୍ୟମ୍ ରେଡ୍ଡୀଙ୍କ ନେତୃତ୍ୱରେ ଅନୁଷ୍ଠାନର ସେବାୟତ ମାନେ ସୀମାଞ୍ଚଳମ ପୀଠରେ ଆଜକୁ ୧୬ ବର୍ଷ ହେଲା କୋହଲା ନୃତ୍ୟ ପରିବେଷଣ କରି ଆଧ୍ୟାତ୍ମିକ ବାର୍ତ୍ତା ଦେଇ ଆସିଛନ୍ତି। ଶ୍ରୀଶ୍ରୀ ଲକ୍ଷ୍ମୀ ନୃସିଂହ କାମିନୀ ଦାସୁଡୁ (ସତ୍ୟମ୍) ସେବା ନୃତ୍ୟ କଳା କେନ୍ଦ୍ର (ଭାଗବତ ଗାଦି) ପକ୍ଷରୁ ବଡ଼ ଦାସୁଡୁ ଗୁରୁ ଆର୍. ସତ୍ୟମ୍ ରେଡ୍ଡୀଙ୍କୁ ବିଭିନ୍ନ ସଂଗଠନ ପକ୍ଷରୁ କଳାରତ୍ନ, ସେବାରତ୍ନ ଠାରୁ ଆରମ୍ଭ କରି ଜାତୀୟ ଏବଂ ରାଜ୍ୟସ୍ତରରେ ପୁରସ୍କାରର ପ୍ରଦାନ କରାଯାଇଛି।

# ଜିଲ୍ଲାସ୍ତରୀୟ ବିଦ୍ୟାଳୟ ସମୂହ କ୍ରୀଡ଼ା ପ୍ରତିଯୋଗିତା ଉଦ୍‌ଯାପିତ



ରାୟଗଡ,୩।୧୧(ସମିସ): ଗଜପତି ଜିଲ୍ଲା ରାୟଗଡ଼ ବ୍ଲକ ସଦରମହକୁମାସ୍ଥିତ ସରକାରୀ ଏସ୍ଏସ୍ଡି ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ଚାଲିଥିବା ଜିଲ୍ଲାସ୍ତରୀୟ ବିଦ୍ୟାଳୟ ସମୂହ କ୍ରୀଡ଼ା ପ୍ରତିଯୋଗିତା ସୋମବାର ଉଦଯାପିତ ହୋଇଛି। ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଜିଲ୍ଲା ଶିକ୍ଷା ଅଧିକାରୀ ମାୟାଧର ସାହୁ, ସମ୍ମାନିତ ଅତିଥି ଭାବେ ଅତିରିକ୍ତ ଶିକ୍ଷା ଅଧିକାରୀ ଯୁଧିଷ୍ଠିର ବେହେରା, ଜିଲ୍ଲା ଶାରୀରିକ ଶିକ୍ଷା ଅଧିକାରୀ ସୁରେନ୍ଦ୍ର କୁମାର ପାତ୍ର, ଗୋଷ୍ଠୀ ଶିକ୍ଷାଧିକାରୀ ଟି. କିଶୋର, ସ୍ଥାନୀୟ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ସୁରେଶ କୁମାର ସାହୁକାର, ରାୟଗଡ଼ ପିଏମଶ୍ରୀ ଉଚ୍ଚ ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନ ଶିକ୍ଷକ ମନୋଜ କୁମାର ବେହେରା ଓ ନିଳମଣୀ ଉଚ୍ଚ ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନ ଶିକ୍ଷକ ମେନକା ରାଓ ମଞ୍ଚାସୀନ ଥିଲେ। ଏହା ପରେ ବିଭିନ୍ନ ପ୍ରତିଯୋଗିତାରେ କୃତିତ୍ୱ ହାସଲ କରିଥିବା ଛାତଛାତ୍ରୀଙ୍କୁ ପୁରସ୍କାର ପ୍ରଦାନ କରାଯାଇଥିଲା। ଦୌଡ଼କୁଦ ଓ ୧୪ବର୍ଷରୁ କମ ବାଳକ ଖୋଖୋ ପ୍ରତିଯୋଗିତାରେ ଗୋଷାଣୀ ଚାମ୍ପିଅନ ହୋଇଥିବାବେଳେ ରାୟଗଡ଼ ଉପ ବିଜେତା ହୋଇଥିଲା। ସେହିପରି କବାଡ଼ିରେ ମଧ ପୁରସ୍କାର ଦିଆଯାଇଥିଲା। ଶେଷରେ ବ୍ଲକର ବିଭିନ୍ନ ନୋଡାଲ କ୍ରୀଡ଼ା ଶିକ୍ଷକଙ୍କୁ ଉକ୍ତ କାର୍ଯ୍ୟକ୍ରମକୁ ଭବ୍ୟ ଆୟୋଜନ କରି ପରିଚାଳନାରେ ଅଂଶଗ୍ରହଣ କରିଥିବାରୁ ସମ୍ମାନିତ କରାଯାଇଥିଲା। ଆୟୋଜକ ଏସ୍ ଏସ୍ ଡି ବିଦ୍ୟାଳୟର କ୍ରୀଡ଼ା ଶିକ୍ଷକ ସନ୍ତୋଷ କୁମାର ପଣ୍ଡା ଏବଂ ପ୍ରଧାନ ଶିକ୍ଷକଙ୍କୁ ସମ୍ମାନିତ କରାଯାଇଥିଲା।

# ଗଞ୍ଜାମ ଜିଲ୍ଲା ବିଦ୍ୟାଳୟସମୂହ ପ୍ରତିଯୋଗିତା

ଛତ୍ରପୁର, ୩।୧୧(ସମିସ): ଗଞ୍ଜାମ ଜିଲ୍ଲା ବିଦ୍ୟାଳୟ କ୍ରୀଡ଼ା ସଂଗଠନ ପକ୍ଷରୁ ଛତ୍ରପୁରସ୍ଥିତ ଅନସ୍ଲୋ ହାଇସ୍କୁଲ୍ ଖେଳ ପଡ଼ିଆରେ ୬୯ତମ ଜିଲ୍ଲା ବିଦ୍ୟାଳୟ ସମୁହ ଦୌଡ଼ କୁଦ ଓ ଯୋଗାସନ ପ୍ରତିଯୋଗିତା-୨୦୨୫ ପ୍ରତିଯୋଗିତା ଉଦ୍‌ଘାଟିତ ହୋଇଯାଇଛି। ଛତ୍ରପୁର ବିଇଓ ସୁଜିତ କୁମାର ପାଢ଼ୀଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଉଦଘାଟନ ଉତ୍ସବରେ ଛତ୍ରପୁର ଏନଏସି ଅଧ୍ୟକ୍ଷା ଶର୍ମିଷ୍ଠା ପ୍ରଧାନ ମୁଖ୍ୟ ଅତିଥି ଭାବରେ ଯୋଗଦେଇ ଏହି ପ୍ରତିଯୋଗିତାକୁ ଉଦ୍‌ଘାଟନ କରିଥିଲେ। ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ଡ଼ଃ ପ୍ରଭାତୀ ପରିଡା ସ୍ୱାଗତ ଭାଷଣ ଦେଇଥିଲେ। ଜିଲ୍ଲା ଶାରୀରିକ ଶିକ୍ଷା ଅଧିକାରୀ ଭାଗିରଥି ସ୍ୱାଇଁ କ୍ରୀଡ଼ା ବିବରଣୀ ପାଠ କରିଥିଲେ। ସମ୍ମାନିତ ଅତିଥି ଭାବରେ ଛତ୍ରପୁର ସବଡ଼ିଭିଜନ କ୍ରୀଡା ସଂଘ କାର୍ଯ୍ୟକାରୀ ସଭାପତି ପ୍ରଫୁଲ କୁମାର ପଟ୍ଟନାୟକ, ଅନସ୍ଲୋ ହାଇସ୍କୁଲର ପ୍ରଧାନ ଶିକ୍ଷୟିତ୍ରୀ ସୁଚିତ୍ରା ପାଣିଗ୍ରାହୀ, ବିଦ୍ୟାଳୟ ସମୂହ କ୍ରୀଡା ସଂଗଠନର ଛତ୍ରପୁର ବ୍ଲକ ସମ୍ପାଦକ ପ୍ରକାଶ ଚନ୍ଦ୍ର ପାଣିଗ୍ରାହୀ ଓ ଭୀଷ୍ମଗିରି ହାଇସ୍କୁଲର ପ୍ରଧାନ ଶିକ୍ଷକ ରାମହରି ନାୟକ ଯୋଗଦେଇଥିଲେ। ୧୭ ଓ ୧୪ ବର୍ଷରୁ କମ୍ ବାଳକ ତଥା ବାଳିକା ବର୍ଗର ୮ରୁ ଅଧିକ ପ୍ରତିଯୋଗୀ ବିଭିନ୍ନ କ୍ରୀଡାରେ ଅଂଶଗ୍ରହଣ କରିଥିଲେ। ଏହା ସହିତ ଯୋଗାସନ ମଧ୍ୟ କରିଥିଲେ। ଯେଉଁ କ୍ରୀଡ଼ାବିତ ମାନେ ଜିଲ୍ଲା ସ୍ତରରେ ଉନ୍ନତ କ୍ରୀଡ଼ା ପ୍ରଦର୍ଶନ କରିବେ ସେହି ପ୍ରତିଯୋଗୀ ରାଜ୍ୟସ୍ତରୀୟ ପ୍ରତିଯୋଗିତା ପାଇଁ ମନୋନୀତ ହେବେ। ଜିଲ୍ଲାର ଦୁଇ ଶହରୁ ଅଧିକ କ୍ରୀଡା ଶିକ୍ଷକ ଯୋଗଦେଇ ପ୍ରତିଯୋଗିତା ପରିଚାଳନାରେ ସହଯୋଗ କରୁଛନ୍ତି।



## ଜିଲ୍ଲାପାଳ, ଏସ୍‌ପିଙ୍କ ମୋଟୁ ଅଞ୍ଚଳ ଗସ୍ତ

# ସୀମାନ୍ତରେ ପର୍ଯ୍ୟଟନ ବିକାଶ ନେଇ ସମୀକ୍ଷା

ମୋଟୁ,୩।୧୧(ସମିସ):ମାଲକାନଗିରି ଜିଲ୍ଲାପାଳ ଶୋମେଶ ଉପାଧ୍ୟାୟ, ଏସପି ବିନୋଦ ପାଟିଲ ଓଡିଶାର ଶେଷ ସୀମାନ୍ତ ମୋଟୁ ତହସିଲ ଅଞ୍ଚଳ ଗସ୍ତ କରିଛନ୍ତି। ଆନ୍ଧ୍ରପ୍ରଦେଶ, ଛତିଶଗଡ଼, ଓଡିଶା ତିନୋଟି ରାଜ୍ୟ ସୀମାନ୍ତରେ ମାଲକାନଗିରି ଜିଲ୍ଲା ର ମୋଟୁ ତହସିଲ ଅବସ୍ଥିତ, ଏଠାରେ ସାବେରୀ, ସିଲେରୁ ଦୁଇଟି ନଦୀ ମିଶ୍ରଣ ହୋଇ ଆନ୍ଧ୍ର ପ୍ରଦେଶର ଚିନାଗୋଦାବରୀ ସୃଷ୍ଟି ହୋଇ ହୋଇଛି। ତ୍ରୀ ନଦୀ ସଙ୍ଗମ ସ୍ଥଳରେ ତିନିରାଜ୍ୟ ସୀମାନ୍ତ ପ୍ରତିକ ପିଲାର ମୁଗିପଏଣ୍ଟ, ମଧୁସୂଦନ ପାର୍କ ଅବସ୍ଥିତ। ଏହା ଧିରେ ଧିରେ ତ୍ରୀନଦୀରେ ଲୀନ ହେବାକୁ



ଯାଉଥିବାରୁ ଜିଲ୍ଲାପାଳ, ଏସ୍‌ପି ମୁଗିପଏଣ୍ଟ, ମଧୁସୂଦନ ପାର୍କ ପରିଦର୍ଶନ କରି ଏହାର ଉନ୍ନତିକରଣ ସହିତ ସୀମାନ୍ତରେ ପର୍ଯ୍ୟଟନ ବିକାଶ ନେଇ ସମୀକ୍ଷା କରିଛନ୍ତି। ଏହା ବ୍ୟତିତ କାଲିମେଲା ବ୍ଲକସ ମାନ୍ୟମକୋଣ୍ଡା ପଞ୍ଚାୟତର ଟାଗୋରକୋଟା ପାହାଡ଼ ଶିଖରେ ନିର୍ମାଣଧୀନ ଶିବ ସ୍ତମ୍ଭ, ମାନ୍ୟମକୋଣ୍ଡା ବଡ଼ଯାତ୍ରା ଠାକୁରଙ୍କ ଜନ୍ମବେଦୀ ଗୁମ୍ଫା ପରିଦର୍ଶନ କରିଛନ୍ତି। ଏହି ଗସ୍ତ ସମୟରେ ମାନ୍ୟମକୋଣ୍ଡାଠାରେ ଥିବା ଗୁମ୍ଫା, ଟାଗୋରକୋଟାଠାରେ ଥିବା ଶିବ ମନ୍ଦିର ଓ ମୋଟୁର 'ମୁଗି ' ପଏଣ୍ଟର ଭିତ୍ତଭୂମିର ଉନ୍ନତିକରଣ ଉପରେ ଗୁରୁତ୍ୱ ଦେବା ପାଇଁ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ଏହା ସହିତ ଏହି ପର୍ଯ୍ୟଟନ ସ୍ଥଳୀ ଗୁଡ଼ିକର ବିକାଶ ଏବଂ ସେଗୁଡ଼ିକୁ ଆକର୍ଷଣୀୟ କରିବା ପାଇଁ ଯୋଜନା କରିବାକୁ କହିଛନ୍ତି। ମାଲକାନଗିରିରେ ଅନୁଷ୍ଠିତ ବଡ଼ ଯାତ୍ରାରେ ପୂଜା ପାଉଥିବା ତିନି ଠାକୁର କାନାମରାଜୁ, ବାଲାରାଜ୍ ଏବଂ ପୋତରାଜ୍ ମାନ୍ୟମକୋଣ୍ଡା ନିକଟ ପାଲକୋଣ୍ଡା ପର୍ବତର ବିରାଟ ପଥର ଗୁମ୍ଫା ହେଉଛି ଠାକୁରଙ୍କ ଆବିର୍ଭାବ ସ୍ଥଳ। ଗୁମ୍ଫା ମଧ୍ୟରେ ପ୍ରବେଶ କରି ବଡ଼ ଠାକୁରଙ୍କୁ ଦର୍ଶନ କରି ଏହି ପ୍ରାକୃତିକ ସ୍ଥାନ ଗୁଡିକର ବିକାଶ ସହିତ ପର୍ଯ୍ୟଟନ କ୍ଷେତ୍ର ପ୍ରତି ଗୁରୁତ୍ୱ ଦେବା ପାଇଁ କାଲିମେଲା ବିଡିଓ ଓ ତହସିଲଦାରଙ୍କ ସହିତ ଆଲୋଚନା କରିଥିଲେ ଜିଲ୍ଲାପାଳ।

## ସାଇବର୍ ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ



ଏମ୍‌ଭି ୭ ୯ , ୩।୧୧(ସମିସ) : ମାଲକାନଗିରି ଜିଲ୍ଲା କାଲିମେଲା ଅନ୍ତର୍ଗତ ଡକ୍ଟର ଶ୍ୟାମାପ୍ରସାଦ ଯୁକ୍ତ ଦୁଇ କନିଷ୍ଠ ମହାବିଦ୍ୟାଳୟ ପରିସରରେ ସାଇବର୍ ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏମ୍‌ଭି ୭ ୯ ଥାନା ଅଧିକାରୀ ଚନ୍ଦ୍ରକାନ୍ତ ତାଣ୍ଡିଙ୍କ ପରିଚାଳନାରେ ସାଇବର ର୍‌ୟାଲି କରାଯାଇଥିଲା ଯୁକ୍ତ ଦୁଇ ଓ ଯୁକ୍ତ ତିନିର ଛାତ୍ରଛାତ୍ରୀମାନେ ଏଥିରେ ଯୋଗ ଦେଇଥିଲେ। କାର୍ଯ୍ୟକ୍ରମରେ ସାଇବର୍ ଅପରାଧୀଙ୍କ ବିଭିନ୍ନ କୌଶଳ ସମ୍ପର୍କରେ ଆଲୋଚନା ହୋଇଥିଲା। ସୋସିଆଲ୍ ମିଡିଆ ଅପବ୍ୟବହାର, ଅନ୍‌ଲାଇନ୍ ଠକେଇ, କେୱାଇସି ଅପଡେଟ୍, ଡିଜିଟାଲ୍ ଆରେଷ୍ଟ, ଅନ୍‌ଲାଇନ୍ ରୋଜଗାର ପ୍ରତିଶ୍ରୁତି ଆଦି ମାଧ୍ୟମରେ ଜନସାଧାରଣ ଲୁଟ୍ ହେଉଥିବା ବିଷୟରେ ସଚେତନ କରାଯାଇଥିଲା। ଛାତ୍ରଛାତ୍ରୀମାନଙ୍କ ଦ୍ୱାରା "ଭିକାରୀ କରିଦେଲେ ସାଇବର୍ ଠକ୍' ଶୀର୍ଷକ ପଥପ୍ରାନ୍ତ ନାଟକ ପ୍ରଦର୍ଶନ ହୋଇଥିଲା। ସାଇବର୍ ସୁରକ୍ଷା ଅଭିଯାନ, ଓଡ଼ିଶା ୨୦୨୫ ପକ୍ଷରୁ ପ୍ରାମାଣିକ ଭିଡ଼ିଓ ପ୍ରଦର୍ଶିତ ହୋଇଥିଲା। ଏହି କାର୍ଯ୍ୟକ୍ରମ ଡିଜିଟାଲ୍ ସୁରକ୍ଷା ବୃଦ୍ଧିରେ ସହାୟକ ହେବ ବୋଲି ଆଶା କରାଯାଉଛି। କାର୍ଯ୍ୟକ୍ରମ ଶେଷରେ ସମସ୍ତଙ୍କୁ ସାଇବର ସୁରକ୍ଷା ପାଇଁ ସଂକଳ୍ପ ନେଇ ଅଭିଯାନକୁ ସଫଳ କରିବାକୁ ଆହ୍ୱାନ ଦିଆଯାଇଥିଲା। ଏମ୍‌ଭି ୭ ୯ ଥାନା ଆଇଆଇସି ଚନ୍ଦ୍ରକାନ୍ତି ତାଣ୍ଡି ଛାତ୍ରଛାତ୍ରୀ ମାନଙ୍କୁ ବୁଝାଇଥିଲେ। ସାଇବର ହେଲ୍ପ ଲାଇନ ନମ୍ବର ୧୯୩୦କୁ ଫୋନକଲ କରି ପାରିବେ ବୋଲି କହିଥିଲେ। ଚନ୍ଦନ କୁମାର ବେହେରା ଓ ପୂର୍ଣ୍ଣିମା ଟେଟେ ଧନ୍ୟବାଦ ଅର୍ପଣ କରିଥିଲେ।

## ସାଂସଦ ସପ୍ତଗିରି ପରାମର୍ଶଦାତା ଭାବେ ନିଯୁକ୍ତ



ରାୟଗଡ଼ା,୩।୧୧(ସମିସ): କୋରାପୁଟ ସାଂସଦ ସପ୍ତଗିରି ଶଙ୍କର ଉଲାକା ସର୍ବ ଭାରତୀୟ ଆଦିବାସୀ କଂଗ୍ରେସ ଓ ଟ୍ରାଇବାଲ ଆଡଭାଇଜରୀ କାଉନସିଲ, ଉତ୍ତର ପୂର୍ବ ରାଜ୍ୟ ପାଇଁ ସଭ୍ୟ ରୂପେ ନିଯୁକ୍ତି ପାଇଛନ୍ତି। ଏଆଇସିସି ସଭାପତିଙ୍କ ଅନୁମୋଦନ ପରେ ସେ ଏହି ନିଯୁକ୍ତି ପାଇଥିବା ଜଣାପଡିଛି। ଏନେଇ ସର୍ବ ଭାରତୀୟ ଆଦିବାସୀ କଂଗ୍ରେସ ସଂଗଠନର ଅଧ୍ୟକ୍ଷ ଡ ବିକ୍ରାନ୍ତ ଭୂରିଆ ଏକ ଚିଠି ମାଧ୍ୟମରେ ଓଡିଶାରୁ ସପ୍ତଗିରି ଶଙ୍କର ଉଲାକାଙ୍କ ନାମ ସମେତ ରାମଚନ୍ଦ୍ର କାଡାମ, ସୁଶିଳା ତିରିଆ, ନାଗାର୍ଜୁନ ପ୍ରାଧାନ ଓ ପରମା ପୂଜାରୀଙ୍କ ନାମ ମଧ୍ୟ ଉଲ୍ଲେଖ କରିଛନ୍ତି । ତାଙ୍କ ନାମ ଘୋଷଣା ହେଲା ପରେ ରାୟଗଡା ବିଧାୟକ ଆପଲାସ୍ୱାମି କାଡ୍ରାକା, ଗୁଣପୁର ବିଧାୟକ ସତ୍ୟଜୀତ ଗମାଙ୍ଗ, ବିଷମକଟକ ବିଧାୟକ ନୀଳମାଧବ ହିକକା, କଂଗ୍ରେସର ବରିଷ୍ଠ ନେତା ଦୁର୍ଗା ପ୍ରସାଦ ପଣ୍ଡା, ସଂକର୍ଷଣ ମଙ୍ଗରାଜ ଓ ଅନ୍ୟମାନେ ତାଙ୍କୁ ଶୁଭେଛା ଜଣାଇଛନ୍ତି।

## ରାଧାକୃଷ୍ଣ ମନ୍ଦିରରେ ୨୪ ପ୍ରହର ନାମଯଜ୍ଞ

କୋରୁକୋଣ୍ଡା,୩ ।୧୧(ସମିସ) : ମାଲକାନଗରୀ ଜିଲ୍ଲା କୋରୁକୋଣ୍ଡା ଗ୍ରାମ ରାଧାକୃଷ୍ଣ ମନ୍ଦିର ନିକଟରେ ୨୪ ପ୍ରହାର ନାମଯଜ୍ଞ ଅନୁଷ୍ଠିତ ହେଉଛି। ଏହି ସଙ୍କୀର୍ତ୍ତନ ତିନିଦିନ ଚାଲିବାକୁ ଥିବା ବେଳେ ଗତକାଲି ସନ୍ଧ୍ୟାରେ ଜଳକଳସ ସ୍ଥାପନା ସହିତ ଅଧିବାସ କରାଯାଇଥିଲା। ଆଜି ସକାଳ ୬ଟା ଠାରୁ ନାମ ସଙ୍କୀର୍ତ୍ତନ ଆରମ୍ଭ ହୋଇଥିଲା। ଗୁରୁବାର ସକାଳ ପର୍ଯ୍ୟନ୍ତ ଏହି ନାମସଙ୍କୀର୍ତ୍ତନ ଚାଲିବାକୁ ଥିବା ବେଳେ ଶେଷରେ ଠାକୁରଙ୍କୁ ନଗର କୀର୍ତ୍ତନରେ ନଗର ଭ୍ରମଣ କରାଇ ଏହା ସମ୍ପନ୍ନ କରାଯିବ। ଏହି ଅବସରରେ ଭିଭିନ୍ନ ଅଞ୍ଚଳର ପ୍ରାୟ ୭ ରୁ ଅଧିକ ସଙ୍କୀର୍ତ୍ତନ ମଣ୍ଡଳୀ ଏଥିରେ ନିମନ୍ତ୍ରିତ ଭାବେ ଅଂଶଗ୍ରହଣ ଗ୍ରହଣ କରିଥିବା ବେଳେ ଗ୍ରାମରେ ଭକ୍ତିମୟ ପରିବେଶ ସୃଷ୍ଟି ହୋଇଛି। ବିଗତ ବର୍ଷ ମାନଙ୍କରେ ଗ୍ରାମବାସୀଙ୍କ ତରଫରୁ ଅଷ୍ଟପ୍ରହାର ନାମ ସଂକୀର୍ତ୍ତନ କରାଯାଉଥିବା ବେଳେ ଚଳିତ ବର୍ଷ ଏହାକୁ ଚବିଶ ପ୍ରହାର କରାଯାଉଛି। ଏହି ଅବସରରେ ଅଞ୍ଚଳର ବହୁ ଶ୍ରଦ୍ଧାଳୁ ଆସି ନାମ ସଂକୀର୍ତ୍ତନରେ ଅଂଶ ଗ୍ରହଣ କରିଛନ୍ତି। ଏହି ଅବସରରେ ଆସୁଥିବା ଭକ୍ତମାନଙ୍କ ନିମନ୍ତେ ଅର୍ଣ୍ଣ ପ୍ରସାଦର ବ୍ୟବସ୍ଥା ମଧ୍ୟ କରାଯାଇଛି।

## ଶ୍ରୀ ଶ୍ରୀ ଠାକୁର ଅନୁକୂଳ ଚନ୍ଦ୍ରଙ୍କ ଜନ୍ମଉତ୍ସବ

ଏମ୍‌ଭି ୭ ୯ , ୩ ।୧୧ ( ସମିସ ) : ମାଲକାନଗିରି ଜିଲ୍ଲାର କାଲିମେଲା ବ୍ଲକ୍ ଅନ୍ତର୍ଗତ ଏମ୍‌ପିଭି-୮୩ (କୃଷ୍ଣନଗର) ଗ୍ରାମରେ ପରମ ପ୍ରେମମୟ ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ରଙ୍କ ୧୩୮ତମ ଜନ୍ମତିଥି ଉପଲକ୍ଷେ ସତ୍‌ସଙ୍ଗ ମହୋତ୍ସବର ଆୟୋଜନ କରାଯାଇଛି। କୃଷ୍ଣନଗର ସତ୍‌ସଙ୍ଗୀ ବୃନ୍ଦଙ୍କ ପକ୍ଷରୁ ଆୟୋଜିତ ଏହି କାର୍ଯ୍ୟକ୍ରମ ଅପରାହ୍ନରୁ ଆରମ୍ଭ ହୋଇ ରାତ୍ରି ପର୍ଯ୍ୟନ୍ତ ଚାଲିଥିଲା, ଯେଉଁଥିରେ ପ୍ରାୟ ୧୦ ହଜାରରୁ ଅଧିକ ସତ୍‌ସଙ୍ଗୀ ଓ ଭକ୍ତଗଣ ଯୋଗ ଦେଇଥିଲେ। କାର୍ଯ୍ୟକ୍ରମର ଆରମ୍ଭ ମାତୃ ସମ୍ମିଳନୀରେ ହୋଇଥିବା ବେଳେ ପରବର୍ତ୍ତୀରେ ନଗର କୀର୍ତ୍ତନ, ବିନତୀ ପ୍ରାର୍ଥନା, ସଙ୍ଗୀତ ଅଞ୍ଜଳି ଏବଂ ସାଧାରଣ ସତ୍‌ସଙ୍ଗ ଆୟୋଜିତ ହୋଇଥିଲା। ଶେଷରେ ଭଜନ ସମାରୋହ ସହିତ ଆନନ୍ଦ ବଜାରର ଆୟୋଜନ କରାଯାଇ ସମଗ୍ର କାର୍ଯ୍ୟକ୍ରମ ସମାପ୍ତ ହୋଇଥିଲା। ଏହି ମହୋତ୍ସବରେ ହାଇଦ୍ରାବାଦ୍, ପଶ୍ଚିମବଙ୍ଗ ଓ ଦେଓଘରରୁ ଆସିଥିବା ଋତ୍ୱିକ୍ ଗୁରୁଭାଇମାନେ ଯୋଗ ଦେଇ ନିଜ ନିଜର ବାଣୀ ପ୍ରଚାର କରିଥିଲେ। କାର୍ଯ୍ୟକ୍ରମର ପରିଚାଳନା ଦାୟିତ୍?ରେ ଥିଲେ ଋତିକ୍ ପରିମଳ ମଣ୍ଡଳ ଓ ଋତିକ୍ ଧୀରଜ ସାନା। ଯଜକ ଭାବେ ସମୀର କୁମାର ଗୋପ ଏବଂ ଋତିକ୍ ହର୍ଷିତ ମଣ୍ଡଳ ଦାୟିତ୍ୱ ନିର୍ବାହ କରିଥିଲେ। ମୁଖ୍ୟ ଅତିଥି ଭାବେ ସୁଦ୍ଧା ବିହାରରୁ ଆସିଥିବା ଋତିକ୍ ଚିତ୍ତରଞ୍ଜନ ପ୍ରସାଦ ଯୋଗ ଦେଇଥିଲେ। ଏହି ସତ୍‌ସଙ୍ଗ ମହୋତ୍ସବ ଏମ୍‌ପିଭି-୮୩ ଗ୍ରାମରେ ବିଗତ ୧୨ ବର୍ଷ ଧରି ଆୟୋଜିତ ହେଉଛି।

## ବ୍ଲକସ୍ତରୀୟ ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର

ମାଥିଲି,୩ ।୧୧(ସମିସ): ମାଲକାନଗିରି ଜିଲ୍ଲା ମାଥିଲିର ଗୋପବନ୍ଧୁ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ଠାରେ ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତିକରଣ ବିଭାଗ ଏବଂ ବ୍ଲକ ପ୍ରଶାସନର ମିଳିତ ଉଦ୍ୟମରେ ଭୀମଭୋଇ ସାମର୍ଥ୍ୟ ଶିବିର ଅଭିଯାନ ଅନୁଷ୍ଠିତ ହୋଇଥିଲା। ଗୋଷ୍ଠୀ ଉନ୍ନୟନ ଅଧିକାରୀ ପ୍ରମୋଦ କୁମାର ବେହେରାଙ୍କ ଅଧ୍ୟକ୍ଷତାରେ ଏହା ଅନୁଷ୍ଠିତ ହୋଇଥିଲା। ଶିବିରରେ ବ୍ଲକ ସାମାଜିକ ସୁରକ୍ଷା ଅଧିକାରୀ ସଞ୍ଜୟ କୁମାର ସାମଲଙ୍କ ପରିଚାଳନା କ୍ରମେ ମାଥିଲି ବ୍ଲକର ୨୦ ପଞ୍ଚାୟତର କୋଣ ଅନୁକୋଣରୁ ଭିନ୍ନକ୍ଷମ ମାନେ ଆସିଥିଲେ। ଶିବିରରେ ମୋଟ ୫୦୨ଜଣ ଦିବ୍ୟାଙ୍ଗ ପଞ୍ଜୀକୃତ କରିଥିଲେ। ସେମାନଙ୍କ ମଧ୍ୟରୁ ଲୋକୋମୋଟର ୧୯୫, ମୂକ ଏବଂ ବଧିର -୧୦୪, ଦୃଷ୍ଟିଶକ୍ତି ବାଧିତ -୭୮, ମେଣ୍ଟାଲ -୭୧, ଏବଂ ବହୁବିଧ ଅକ୍ଷମତା/ସିକିଲସେଲ୍ -୫୪। ଶିବିରରେ ଭିନ୍ନକ୍ଷମ ମାନଙ୍କୁ ବିଭିନ୍ନ ଅସୁବିଧାକୁ ପରୀକ୍ଷା ନିରୀକ୍ଷା କରିବା ପାଇଁ ଡାକ୍ତର ହବିବ ହୁସେନ ଉପସ୍ଥିତି ରହି ରୋଗୀ ଚିକିତ୍ସା କରିଥିଲେ। ତହସିଲଦାର ମାନସୀ ଭୋଇ ଏବଂ ଯୁବନେତା ବାଲରାଜୁ କୋପେ ଓ ପୂର୍ବତନ ବ୍ଲକ ଅଧ୍ୟକ୍ଷ ସ୍ମୃତି ରଞ୍ଜନ ଉପସ୍ଥିତି ରହି ଦିବ୍ୟାଙ୍ଗ ମାନଙ୍କୁ ଆବଶ୍ୟକ ଉପକରଣ ଯୋଗାଇ ଦେଇଥିଲେ।

# ଜିଲ୍ଲାପାଳଙ୍କ ଯୁଗ୍ମ ଅଭିଯୋଗ ଶୁଣାଣି



ରାୟଗଡ଼ା,୩।୧୧(ସମିସ): ରାୟଗଡ଼ା ଜିଲ୍ଲା ପ୍ରଶାସନ ତରଫରୁ ଜିଲ୍ଲା ସଦର ମହକୁମା ସ୍ଥିତ ଜିଲ୍ଲା ପରିଷଦ ସଦ୍‌ଭାବନା ସଭାଗୃହ ଠାରେ ଆଜି ଜିଲ୍ଲାପାଳ ଓ ଏସ୍‌ପିଙ୍କ ଯୁଗ୍ମ ଅଭିଯୋଗ ଶୁଣାଣି ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାପାଳ ଆଶୁତୋଷ କୁଲକର୍ଣ୍ଣିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଶୁଣାଣି ଶିବିରରେ ଜିଲ୍ଲା ଆରକ୍ଷୀ ଅଧିକ୍ଷକ ସ୍ୱାତୀ ଏସ କୁମାର, ଜିଲ୍ଲା ମୁଖ୍ୟ ଉନ୍ନୟନ ତଥା ନିର୍ବାହୀ ଅଧିକାରୀ ଅକ୍ଷୟ କୁମାର ଖେମୁଣ୍ଡୁ, ଉପ ଜିଲ୍ଲାପାଳ ରମେଶ କୁମାର ଜେନା, ଜିଲ୍ଲା ମୁଖ୍ୟ ଚିକିତ୍ସା ତଥା ଜନସ୍ୱାସ୍ଥ୍ୟ ଅଧିକାରୀ ଡାକ୍ତର ଭି. ସରୋଜିନୀ ଦେବୀ, ପ୍ରକଳ୍ପ ପ୍ରଶାସକ ଆଇଟିଡ଼ିଏ ଚନ୍ଦ୍ରକାନ୍ତ ମାଝୀ, ସଂରକ୍ଷିତ ଖଣ୍ଡିୟ ବନ ଅଧିକାରୀ ଅଶୋକ କୁମାର ପ୍ରଧାନ ଓ ଅନ୍ୟ ମାନେ ଉପସ୍ଥିତ ରହି ଜନସାଧାରଣଙ୍କୁ ବିଭିନ୍ନ ଅଭିଯୋଗ ଶୁଣାଣି କରିଥିଲେ। ଆଜି ମୋଟ ୬୬ଟି ଅଭିଯୋଗର ଶୁଣାଣି କରିଥିଲେ ଜିଲ୍ଲାପାଳ। ସେଥି ମଧ୍ୟରୁ ୪୭ ଟି ବ୍ୟକ୍ତିଗତ ଓ ୯ ଗୋଟି ଗ୍ରାମବାସୀଙ୍କର ସାମୂହିକ ଅଭିଯୋଗ ରହିଥିଲା। ୧୦ ଜଣଙ୍କ ସ୍ୱାସ୍ଥ୍ୟ ସମସ୍ୟା ଅଭିଯୋଗ ମଧ୍ୟରେ ଜିଲ୍ଲାପାଳ ୯୫ ହଜାର ଟଙ୍କା ଜିଲ୍ଲା ରେଡକ୍ରସ ଫଣ୍ଡରୁ ଆର୍ଥିକ ସାହାଯ୍ୟ ପ୍ରଦାନ କରିଥିଲେ। ଜିଲ୍ଲାପାଳ ଆଜିର ଅଭିଯୋଗ ଗୁଡିକୁ ପାଇଲା ପରେ ବିଭାଗୀୟ ଅଧିକାରୀ ମାନଙ୍କୁ ତୁରନ୍ତ ଫଇସଲା ନିମନ୍ତେ ନିର୍ଦ୍ଦେଶ ଦେଇଥିଲେ। ଏହି ଶିବିରରେ ଅନ୍ୟ ଅଧିକାରୀଙ୍କ ମଧ୍ୟରେ ଜିଲ୍ଲା ମଙ୍ଗଳ ଅଧିକାରୀ ଆସିମା ରାଓ, ବିଡ଼ିଓ, ତହସିଲଦାର ପ୍ରିୟଦର୍ଶିନୀ ସ୍ୱାଇଁ, ରାୟଗଡା ସୁଜିତ ମିଶ୍ର, ଜିଲ୍ଲା ସମାଜ କଲ୍ୟାଣ ଅଧିକାରୀ ମିନତି ଦେଓ, ପୌର ନିର୍ବାହୀ ଅଧିକାରୀ କୁମାର କୁଲଦୀପ, ଅବକାରୀ ଅଧିକ୍ଷକ ସନ୍ତୋଷ କୁମାର ଧଳସାମନ୍ତ, ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ଭଜନ ଲାଲ ମାଝୀ, ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ଶ୍ରୀକାନ୍ତ ପାଣିଗ୍ରାହୀ, ଗ୍ରାମ୍ୟ ନିର୍ମାଣ ବିଭାଗ ନିର୍ବାହୀ ଯନ୍ତ୍ରୀ, ଗ୍ରାମ୍ୟ ଜଳ ଯୋଗାଣ ନିର୍ବାହୀ ଯନ୍ତ୍ରୀ, ଜିଲ୍ଲା ମୁଖ୍ୟ କୃଷି ଅଧିକାରୀ ଓ ଅନ୍ୟାନ୍ୟ ଜିଲ୍ଲାସ୍ତରୀୟ ବିଭିନ୍ନ ବିଭାଗୀୟ ଅଧିକାରୀ ଯୋଗଦାନ କରିଥିଲେ।

● ଦୁଷ୍କର୍ମ ପୀଡ଼ିତାଙ୍କୁ ମିଳୁନି ନ୍ୟାୟ!

# ଜିଲ୍ଲାପାଳ ଓ ଏସ୍‌ପିଙ୍କ ଦ୍ୱାରସ୍ଥ ହୋଇ ନ୍ୟାୟ ଭିକ୍ଷା କଲେ



ରାୟଗଡ଼ା,୩।୧୧(ସମିସ): ରାଜ୍ୟରେ ଦିନକୁ ଦିନ ନାରୀ ନିର୍ଯ୍ୟାତନା ଭଳି ଅପରାଧିକ ମାମଲା ଗୁଡିକ ବୃଦ୍ଧି ପାଉଛି । ଆଦିବାସୀ ଅଧ୍ୟୁଷିତ ରାୟଗଡ଼ା ଜିଲ୍ଲାରେ ଜଣେ ଆଦିବାସୀ ଯୁବତୀ ଦୁର୍ଷ୍କମର ଶୀକାର ହେବାର ଦୁଇ ମାସ ବିତିଯାଇଥିଲେ ସୁଦ୍ଧା ନ୍ୟାୟ ପାଇ ନ ଥିବା ଭଳି ଘଟଣା ଆଜି ପଦାକୁ ଆସିଛି। ରାୟଗଡ଼ା ଜିଲ୍ଲା କୋଲନରା ବ୍ଲକ ଚାନ୍ଦିଲି ଥାନା ଅନ୍ତର୍ଗତ ଦଣ୍ଡସେନା ସିକାବାଡି ଗ୍ରାମର ଜଣେ ୨୧ବର୍ଷିୟ ଯୁବତୀ ଦୁର୍ଷ୍କମର ଶୀକାର ହୋଇଥିବା ବେଳେ ଥାନାରେ ଏତଲା ପରେ ମଧ୍ୟ ଅଭିଯୁକ୍ତ ବିରୁଦ୍ଧରେ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ନ ଥିବାରୁ ନ୍ୟାୟ ପାଇବା ଆଶା ନେଇ ଆଜି ରାୟଗଡ଼ା ଜିଲ୍ଲାପାଳଙ୍କ ଅଭିଯୋଗ ଶୁଣାଣୀରେ ଜିଲ୍ଲାପାଳ ଓ ଏସ୍‌ପିଙ୍କୁ ଭେଟି ନ୍ୟାୟ ଭିକ୍ଷା କରିଛନ୍ତି ପୀଡିତା ଯୁବତୀ। ଏସ୍‌ପି ପୀଡିତାଙ୍କ ଠାରୁ ଅଭିଯୋଗ ଶୁଣିବା ପରେ ତଦନ୍ତ ରିପୋର୍ଟ ଅନୁଯାୟୀ ପଦକ୍ଷେପ ଗ୍ରହଣ କରାଯିବ ବୋଲି କହିଥିବା ପୀଡିତା ପ୍ରକାଶ କରିଛନ୍ତି। ସୂଚନା ପ୍ରକାରେ, କୋଲନରା ବ୍ଲକ ମୁକୁନ୍ଦପୁର ଗ୍ରାମପଞ୍ଚାୟତ ଅନ୍ତର୍ଗତ ଡି.ସିକାବାଡି ଗ୍ରାମର ୨୧ବର୍ଷିୟ ଜଣେ ଆଦିବାସୀ ଯୁବତୀ ଗତ ସେପ୍ଟେମ୍ବର ମାସ ୨ ତାରିଖରେ ନିଜ ଘର ପାଖରେ ଥିବା ଏକ କୁଡିଆକୁ ତାଙ୍କ ଛେଳିଗୁଡିକ ଫେରିଲେ କି ନାହିଁ ବୋଲି ଅପରାହ୍ନ ପ୍ରାୟ ୫ଟା ସମୟରେ ଦେଖିବାକୁ ଯାଇଥିଲେ। ଏହି ସମୟରେ ଗ୍ରାମର ଜଣେ ଯୁବକ ତାଙ୍କୁ ପଛପଟୁ ଧରି ତଳେ ପକାଇ ଦେଇ ଦୁଷ୍କର୍ମ କରିଥିଲେ। ଏହି ଘଟଣା ସମ୍ପର୍କରେ କାହାରିକୁ କହିଲେ ଜୀବନରେ ମାରିଦେବାର ଧମକ ଦେଇଥିଲେ। ଦୁଷ୍କର୍ମ ସମୟରେ ପୀଡିତାର ଭାଉଜ ପହଞ୍ଚି ତାକୁ ବିରୋଧ କରିବାରୁ ସେ ତାଙ୍କୁ ମଧ୍ୟ ଅସଦାଚରଣ କରି ଘଟଣାସ୍ଥଳରୁ ଫେରାର ହୋଇଯାଇଥିଲେ ବୋଲି ପୀଡିତା କହିଛନ୍ତି। ଏନେଇ ଚାନ୍ଦିଲି ଥାନାରେ ପୀଡିତା ଏକ ଲିଖିତ ଅଭିଯୋଗ କରିବା ପରେ ଅଭିଯୋଗକୁ ଭିତ୍ତି କରି ପୋଲିସ ତଦନ୍ତ ଆରମ୍ଭ କରିବା ସହ ପୀଡିତାର ଡାକ୍ତରୀ ମାଇନା କରିଥିଲେ। କିନ୍ତୁ ଘଟଣାକୁ ଦୁଇ ମାସ ବିତି ଯାଇଥିଲେ ମଧ୍ୟ ପୋଲିସ ପକ୍ଷରୁ ଦୁର୍ଷ୍କମକାରୀ ବିରୁଦ୍ଧରେ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉନାହିଁ। ଘଟଣାକୁ ନେଇ ଅନେକ ସମୟରେ ଗାଁରେ ପୀଡିତାଙ୍କୁ ଦୁଷ୍କର୍ମକାରୀଙ୍କ ପରିବାର ପକ୍ଷରୁ ଟାହିଟାପରା ଶୁଣିବାକୁ ପଡୁଛି ବୋଲି ପୀଡିତା କହିଛନ୍ତି। ଯଦି ନ୍ୟାୟ ନ ମିଳେ ତେବେ ସେ ଆତ୍ମହତ୍ୟା କରିବେ ବୋଲି ଗଣମାଧ୍ୟମ ଆଗରେ ପ୍ରକାଶ କରିଛନ୍ତି। ଏ ନେଇ ଚାନ୍ଦିଲି ଥାନା ଆରକ୍ଷୀ ନିରୀକ୍ଷକ ଉତ୍ତମ କୁମାର ସାହୁଙ୍କ ପ୍ରତିକ୍ରିୟା ନେବାରୁ ପୁଲିସ ତଦନ୍ତ ପ୍ରକ୍ରିୟା ଅନୁଯାୟୀ ସମସ୍ତ ପଦକ୍ଷେପ ଗ୍ରହଣ କରିଛି। ଡାକ୍ତରୀ ମାଇନାରେ କୌଣସି ଦୁର୍ଷ୍କମ ହୋଇଥିବା ରିପୋର୍ଟ ନ ଥିବାରୁ ଅଭିଯୁକ୍ତକୁ ଗିରଫ କରାଯାଇ ନ ଥିବା ବେଳେ ଉକ୍ତ ମାମଲରେ ତଦନ୍ତ ଜାରି ରହିଥିବା କହିଛନ୍ତି।

# ଭାଗବତ ସପ୍ତାହ ପାରାୟଣ ପାଳିତ

ରାମନାଗୁଡ଼ା/ରାୟଗଡା,୩।୧୧(ସମିସ): ରାୟଗଡ଼ା ଜିଲ୍ଲା ରାମନାଗୁଡା ବ୍ଲକ ଲିମାପଦର ଗାଁରେ ଆଜି ବି ବଞ୍ଚି ରହିଛି ପ୍ରାଚୀନ କାଳର କଳା ସଂସ୍କୃତି ଓ ପରମ୍ପରା। ଓଡ଼ିଆ ଜାତିର ପବିତ୍ର ଗ୍ରନ୍ଥ ଭାଗବତ ପାରାୟଣ ଓ ଭାଗବତ ଟୁଙ୍ଗୀ ପରମ୍ପରା ଆଜି ବି ବଞ୍ଚି ରହିଛି ଲିମାପଦର ଗାଁରେ। ଏହି ଭାଗବତ ପାରାୟଣ ଉତ୍ସବ ଦୀର୍ଘ ବର୍ଷ ଧରି କାର୍ତ୍ତିକ ମାସ ଶୁକ୍ଳ ଷଷ୍ଠୀରୁ ଆରମ୍ଭ ହୋଇ ଦ୍ୱାଦଶୀ ତିଥି ପର୍ଯ୍ୟନ୍ତ ଗାଁ ରେ ଥିବା ସୀତାରାମ ମନ୍ଦିର ପ୍ରାଙ୍ଗଣରେ ଆୟୋଜନ ହୁଏ। ସପ୍ତାହ ବ୍ୟାପୀ ପ୍ରତ୍ୟହ ସକାଳ ରୁ ଅପରାହ୍ନ ଯାଏଁ ପାରାୟଣ ହୋଇଥାଏ। ଏହି ପାରାୟଣ କାର୍ଯ୍ୟକ୍ରମ ର ମୁଖ୍ୟ ଆକର୍ଷଣ ତଥା କେନ୍ଦ୍ର ବିନ୍ଦୁ ହେଲା ପବିତ୍ର ବଡ଼ ଏକାଦଶୀ ତିଥିରେ ରାତ୍ରି ଉଜାଗର ରହି ସପ୍ତର୍ଷିଙ୍କ ଉଦ୍ଦେଶ ରେ ମାନସିକଧାରୀଙ୍କ ସପ୍ତଦ୍ୱୀପ ଧାରଣ ଓ ପରଦିନ ଗାଁର ସ୍ତ୍ରୀଲୋକଙ୍କ ସହ ବଂଶଧାରାରେ ସମବେତ ବୁଡ଼ ପକେଇବାର ଅନନ୍ୟ ଓ ଭିନ୍ନ ଏକ ପରମ୍ପରା। ଏହି ସପ୍ତଦୀପ ଧାରଣ ପରମ୍ପରା କେବଳ ଏହି ଗାଁରେ ଦେଖିବାକୁ ମିଳେ। ଏଥିସହ ଭାଗବତର ବିଭିନ୍ନ ଅଧ୍ୟାୟ ଅନୁସାରେ କୃଷ୍ଣଜନ୍ମ ଓ ନନ୍ଦ ଉତ୍ସବ ପାଳନ ଗାଁ ପରିବେଶକୁ ଋଦ୍ଧିମନ୍ତ କରିଥାଏ। ପ୍ରପନ୍ନ ତ୍ରିପାଠୀଙ୍କ ପୌରହିତ୍ୟରେ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିବା ବେଳେ ଅଗାଧୁ ପଣ୍ଡା, ସୁବାସ ପଣ୍ଡା, ପ୍ରମୋଦ ତ୍ରିପାଠୀ, ଅଶ୍ୱନୀ ତ୍ରିପାଠୀ, ଅରବିନ୍ଦ ତ୍ରିପାଠୀ ପ୍ରମୁଖ ସପ୍ତାହ ବ୍ୟାପୀ ଭାଗବତ ପଠନ କରିଥିଲେ। ସୀତାରାମ ମନ୍ଦିର ପୂଜକ ସୁନିଲ ଶତପଥୀ ପୂଜା କାର୍ଯ୍ୟରେ ସହଯୋଗ କରିଥିଲେ। କାର୍ଯ୍ୟକ୍ରମକୁ ପ୍ରତାପ ପଣ୍ଡା, ଚିନ୍ମୟ ପଣ୍ଡା, ଦୈତାରି ପଣ୍ଡା, ଋଷିକେଶ ତ୍ରିପାଠୀ, ଚକ୍ରପାଣି ତ୍ରିପାଠୀ, ଅକ୍ଷୟ କୁମାର ପଣ୍ଡା ପ୍ରମୁଖ ପରିଚାଳନା କରିଥିଲେ।

## ନିଳିଗୁଡ଼ା କ୍ଲଷ୍ଟରସ୍ତରୀୟ ବୈଠକ



ମାଲକାନଗିରି, ୩।୧୧(ସମିସ): ମାଲକାନଗିରି ବ୍ଲକ ଅନ୍ତର୍ଗତ ନିଳିଗୁଡା କ୍ଲଷ୍ଟର ସ୍ତରରେ ପଞ୍ଚମ ମାସିକ ବୈଠକ ନିଳିଗୁଡା ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ସିଆରସିସି ଗୋବିନ୍ଦ ଚନ୍ଦ୍ର ସାହୁଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ହୋଇଥିଲା। ବୈଠକର ପ୍ରଥମ ଅଧିବେଶନରେ ବାଲବାଟିକା, ପ୍ରଥମ, ଦ୍ୱିତୀୟ, ତୃତୀୟ ଶ୍ରେଣୀ ଛାତ୍ର ଛାତ୍ରୀଙ୍କ ନିମନ୍ତେ ଭାଷା ଓ ଗଣିତ ନିମନ୍ତେ କ୍ଲଷ୍ଟରର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ୪ଦଳରେ ଭାଗ ହୋଇ ବହୁ ଶ୍ରେଣୀ ପାଠ ଯୋଜନା ପ୍ରସ୍ତୁତ କରି ଉପସ୍ଥାପନ କରିଥିଲେ । ଉକ୍ତ କାର୍ଯ୍ୟକ୍ରମରେ ବିଦ୍ୟାଳୟର ପ୍ରଧାନଶିକ୍ଷକ ଗଦାଧର ସେଠୀ ବିଦ୍ୟାଳୟ ତଥା ଶିକ୍ଷାର୍ଥୀ ମାନଙ୍କର ସକାରାତ୍ମକ ମନୋଭାବ ଆବଶ୍ୟକତା ଅଛି ବୋଲି ଦର୍ଶାଇଥିଲେ। ସହକାରୀ ଶିକ୍ଷକ ଦିଲ୍ଲୀପ ମଲ ଯୁକ୍ତାକ୍ଷର ଓ ଫଳା, ପାର୍ଥ୍ୟକ ସମନ୍ଧରେ ଆଲୋକପାତ କରିଥିଲେ। ଏହାପରେ ଦ୍ୱିତୀୟ ଅଧିବେଶନରେ ବିଭାଗୀୟର ବିଭିନ୍ନ ବିଷୟରେ ଆଲୋଚନା ହୋଇଥିଲା। ଏହି ବୈଠକରେ ଦଶଟି ବିଦ୍ୟାଳୟର ଅଠର ଜଣ ଶିକ୍ଷକ ଯଥା - ଗଦାଧର ସେଠି, ଦିଲ୍ଲୀପ ମଲ, ପ୍ରଫୁଲ୍ଲ ପଡିଆମି, ରାଜା ବେଟି, ଇରମା ସାର, ଅର୍ଜୁନ, ବିଜୟର ଦୁଆରି, ହରି ସାର, ଦୀପକ ସାର ତଥା ଅନ୍ୟମାନେ ଉପସ୍ଥିତ ହୋଇ କାର୍ଯ୍ୟକ୍ରମରେ ଅଂଶ ଗ୍ରହଣ କରିଥିଲେ। ପରିଶେଷରେ ବିଦ୍ୟାଳୟରେ ସହକାରୀ ଶିକ୍ଷକ ଦିଲ୍ଲୀପ ମଲ୍ଲ ଧନ୍ୟବାଦ ଦେଇଥିଲେ।

## ଶିବ ମନ୍ଦିରରେ ଶ୍ରଦ୍ଧାଳୁଙ୍କ ଭିଡ଼



ବିଷମ କଟକ,୩।୧୧(ସମିସ) : ର କର୍ତ୍ତିକ ମାସ ଶେଷ ସୋମବାରରେ ରାୟଗଡ଼ା ଜିଲ୍ଲା ବିଷମ କଟକ ସହରର ବିଭିନ୍ନ ମହାଦେବ ପୀଠରେ ଶ୍ରଦ୍ଧାଳୁଙ୍କ ପ୍ରବଳ ଭିଡ ଦେଖିବା ପାଇଁ ମିଳିଛି। ଧର୍ମର ମାସ କାର୍ତ୍ତିକ ମାସ ହୋଇଥିବାରୁ ସକାଳୁ ସକାଳୁ ବିଭିନ୍ନ ମହାଦେବ ମନ୍ଦିରରେ ଭକ୍ତ ଓ ଶ୍ରଦ୍ଧାଳୁ ପୂଜାର୍ଚ୍ଚନା ଆରମ୍ଭ କରିଥିଲେ। ବିଷମ କଟକ ସହରର ନାଗେଶ୍ୱର, ପାତାଳେଶ୍ୱର, ନୀଳ କଣ୍ଠେଶ୍ୱର, ତୁମ୍ବେଶ୍ୱର ମହାଦେବ ମନ୍ଦିରରେ ପୂଜା ପାଇ ଶ୍ରଦ୍ଧାଳୁ ଙ୍କ ଭିଡ଼ ଜମିଥିବା ବେଳେ ଜଗନ୍ନାଥପୁରର ନାଗେଶ୍ୱର ମନ୍ଦିର, ଗଜ ବାହାଲର ନୀଳ କଣ୍ଠେଶ୍ୱର ଏବଂ ପଣଷପଦରର ସ୍ୱର୍ଣ୍ଣଗିରି ମହାଦେବ ମନ୍ଦିର ଏବଂ ଚାଟିକୋଣାର ପର୍ଯ୍ୟଟନସ୍ଥଳି ପାତାଳେଶ୍ୱର ମହାଦେବ ମନ୍ଦିରରେ ମଧ୍ୟ ଶ୍ରଦ୍ଧାଳୁଙ୍କ ପ୍ରବଳ ଭିଡ଼ ଦେଖିବା ପାଇଁ ମିଳିଛି। କାର୍ତ୍ତିକ ମାସ ଶେଷ ସୋମବାର ହୋଇଥିବାରୁ ବିଷମ କଟକ ବ୍ଲକ ଅନ୍ତର୍ଗତ ଚାଟିକୋଣା ସଦର ପଞ୍ଚାୟତରେ ରହିଥିବା ପର୍ଯ୍ୟଟନ ସ୍ଥଳୀରେ ରହିଥିବା ପାତାଳେଶ୍ୱର ମହାଦେବ ମନ୍ଦିରକୁ ଦର୍ଶନ କରିବା ପାଇଁ ଜିଲ୍ଲା ତଥା ରାଜ୍ୟ ବାହାରୁ ଶ୍ରଦ୍ଧାଳୁଙ୍କ ପ୍ରବଳ ଭିଡ଼ ଜମିଥିଲା। ଶ୍‌ରଦ୍ଧାଳୁ ମାନେ ସକାଳୁ ସକାଳୁ ମହାଦେବଙ୍କୁ ଦର୍ଶନ କରିବା ପାଇଁ ମନ୍ଦିର ପରିସରେ ଲମ୍ବା ଲାଇନ ଲାଗିଥିବା ଦେଖିବା ପାଇଁ ମିଳିଥିଲା। ମନ୍ଦିର ପରିସର ରହିଥିବା ଜଳପ୍ରପାତ ଏବଂ ନିୟମଗିର ପାହାଡ଼ ଉପର ମନୋରମ ଦୃଶ୍ୟକୁ ଉପଭୋଗ କରିବା ସହ ଭୋଜିଭାତର ଆସର ଜମାଇଥିଲେ। ଭକ୍ତଙ୍କ ପ୍ରବଳ ସମାଗମକୁ ଦୃଷ୍ଟିରେ ରଖି ଚାଟିକୋଣା ମନ୍ଦିରର ପୂଜା କମିଟି ପକ୍ଷରୁ ଶ୍ରଦ୍ଧାଳୁଙ୍କ ପାଇଁ ପାନୀୟ ଜଳର ସୁବିଧା ସାଙ୍ଗକୁ ଅନ୍ନପ୍ରସାଦର ବ୍ୟବସ୍ଥା କରାଯାଇଥିଲା। ବିଭିନ୍ନ ମହାଦେବ ମନ୍ଦିରରେ ଭକ୍ତଙ୍କ ପ୍ରବଳ ଭିଡ଼କୁ ଦୃଷ୍ଟିରେ ରଖି ବିଷମ କଟକ ପୁଲିସ ପକ୍ଷରୁ ଟ୍ରାଫିକ ବ୍ୟବସ୍ଥା ସାଙ୍ଗକୁ ବ୍ୟାପକ ସୁରକ୍ଷା ବ୍ୟବସ୍ଥା କଡାକଡି କରାଯାଇଥିଲା।

## ମା' ଜଗଦ୍ଧାତ୍ରୀଙ୍କ ପୂଜା



ମାଲକାନଗିରି,୩ ।୧୧(ସମିସ): ମାଲକାନଗିରି ଜିଲ୍ଲା କୋରୁକୋଣ୍ଡା ବ୍ଲକ ଅନ୍ତର୍ଗତ ତୁଡାମେଟା ପଞ୍ଚାୟତ ଏମଭି-୨୩ ଏବଂ ଏମଭି -୨୭ ଗ୍ରାମରେ ମା' ଜଗଦ୍ଧାତ୍ରୀଙ୍କ ପୂଜା ଧୁମ୍‌ଧାମରେ ପାଳିତ ହେଉଛି। ଏହି ଦୁଇ ଗ୍ରାମର ବାସିନ୍ଦାମାନେ ଗତ ମା'ଙ୍କର ପୂଜା ନିମନ୍ତେ ଏକ ଶୋଭାଯାତ୍ରାରେ କଳସ ଯାତ୍ରା କରି ଗତ ଗୁରୁବାର ଦିନ ବିଧିବଦ୍ଧ ଭାବେ ଦଶମୀ ପୂଜା ହୋଇଥିଲା। ପୂଜା ମଣ୍ଡପ ନିକଟରେ ବିଭିନ୍ନ ପ୍ରକାର ଶତାଧିକ ଦୋକାନ ଖୋଲାଯାଇଛି। ଦୁଇଟି ପୂଜା ମଣ୍ଡପ ନିକଟରେ ବିଭିନ୍ନ ପ୍ରକାର ତୋରଣ ସାଙ୍ଗକୁ ରଙ୍ଗବେରଙ୍ଗ ଆଲୋକ ମାଳାରେ ସଜାଯାଇଛି। ପୂଜା ମଣ୍ଡପ ପାଖରେ ୩/୪ ଦିନ ସନ୍ଧ୍ୟାରେ ଲୋକ ମାନଙ୍କର ମନୋରଞ୍ଜନ ପାଇଁ ବିଭିନ୍ନ ପ୍ରକାର ସଂସ୍କୃତିକ କାର୍ଯ୍ୟକ୍ରମ କରାଯାଉଛି। ପୂଜା ଓ ମନୋରଞ୍ଜନ କାର୍ଯ୍ୟକ୍ରମ ଦେଖିବା ନିମନ୍ତେ ଜିଲ୍ଲର ବିଭିନ୍ନ ଅଞ୍ଚଳରୁ ପ୍ରତ୍ୟକ ଦିନ ହଜାର ହଜାର ଲୋକଙ୍କ ଭିଡ ଜମୁଥିବା ଦେଖିବାକୁ ମିଳିଛି। ଦଶହରା ଓ କାଳୀପୂଜା ପରେ ମାଲକାନଗିରି ଜିଲ୍ଲାର କେବଳ ଏହି ଦୁଇ ଗ୍ରାମରେ ଜଗଦ୍ଧାତ୍ରୀଙ୍କ ପୂଜା ବହୁ ଆଡମ୍ବର ସହିତ ପାଳିତ ହୋଇଥାଏ।

# ଦବିଗଲା ଚିତାପାରି - ବାଲିମେଳା ପୋଲ ଆପ୍ରୋଚ୍ ରାସ୍ତା

କୋରୁକୋଣ୍ଡା,୩ ।୧୧(ସମିସ): ମାଲକାନଗିରି ଜିଲ୍ଲା ବାଲିମେଳା-ଚିତାପାରି ପୋଲ ଉଭୟ ପାର୍ଶ୍ୱକୁ ସଂଯୋଗ କରୁଥିବା ସିମେଣ୍ଟ କଂକ୍ରିଟ ରାସ୍ତା ଦବି ଗଲାଣି। ବାଲିମେଳା ସହର ଏବଂ ପୋଟ୍ରେଲ ପଞ୍ଚାୟତକୁ ଯୋଗାଯୋଗ କରବା ପାଇଁ କିଛି ବର୍ଷ ପୂର୍ବେ ଏହି ପୋଲ ନିର୍ମାଣ କରାଯାଇଛି। ବିଜୁ ସେତୁ ଯୋଜନାରେ ପ୍ରାୟ ୬ କୋଟି ୫୦ ଲକ୍ଷ ଟଙ୍କାରୁ ଅଧିକ ଟଙ୍କାରେ ପ୍ରାୟ ୪/୫ ବର୍ଷ ପୂର୍ବେ ପୋଲ ନିର୍ମାଣ ହୋଇଥିଲା। ଦୀର୍ଘ ବର୍ଷ ବିତିଯାଇଥିଲେ ମଧ୍ୟ ଏହା ଏ ପର୍ଯ୍ୟନ୍ତ ଉଦ୍‌ଘାଟନ ନହୋଇ ପଡିରହିଛି। ନିମ୍ନମାନର କାର୍ଯ୍ୟ ହୋଇଥିବାରୁ ବାରମ୍ବାର ଉକ୍ତ ପୋଲର ଉଭୟ ପାର୍ଶ୍ୱକୁ ସଂଯୋଗ କରୁଥିବା ସିମେଣ୍ଟ କଂକ୍ରିଟ ରାସ୍ତା ଫାଟି ଆଁ କରିଛି।



ତେବେ ମାଟି ପକାଇ ଉଭୟ ପାଶ୍ୱର୍ରେ କଙ୍କ୍ରିଟ୍ ରାସ୍ତା ତିଆରି ହୋଇଛି । ହେଲେ ଉକ୍ତ ମାଟିର ଦୁଇ ପାଶ୍ୱର୍ରେ ପଥର ପ୍ୟାକିଙ୍ଗ ହୋଇ ନଥିବାରୁ ବର୍ଷା ଦିନେ ମାଟି ଧୋଇ ହୋଇଯାଉଛି। ଫଳରେ ଉକ୍ତ ରାସ୍ତା ବାରମ୍ବାର ଦବିବା ସହ ବିଭିନ୍ନ ସ୍ଥାନରେ ଫାଟ ସୃଷ୍ଟି ହୋଇଛି। ପୂର୍ବରୁ ଏନେଇ ବହୁବାର ସ୍ଥାନୀୟ ଲୋକେ ବିଭାଗୀୟ କତୃପକ୍ଷ ନିକଟରେ ଅଭିଯୋଗ କରିବା ପରେ ଆରଡି ବିଭାଗ ପକ୍ଷରୁ ଗତ ବର୍ଷ ଦବିଥିବା ରାସ୍ତାକୁ ମରାମତି କରାଯାଇଥିଲା। ଏବେ ସେହିଭଳି ସମାନ ସ୍ଥିତି ଉପୁଜିଲାଣି। ଖାଲି ଏତିକିରେ ସରିନି ସମସ୍ୟା। ପୋଲର ଉଭୟ ପାର୍ଶ୍ୱର୍ରେ ଥିବା ଲୁହା ସୁରକ୍ଷା ପାଚେରୀ ନିକଟରେ ଅନା ବନା ଗଛ ଘାସ ବଢ଼ି ଏକ ପ୍ରକାର କୃତ୍ରିମ ଜଙ୍ଗଲ ସୃଷ୍ଟି ହୋଇ ସୁରକ୍ଷା ପାଚେରୀ ଆଉ ଦେଖା ଯାଉନାହିଁ। ଫଳରେ ଏହି କାରଣରୁ ଏଠାରେ ଅନେକ ସମୟରେ ଦୁର୍ଘଟଣା ଘଟି ଲୋକଙ୍କର ଧନ ଜୀବନ ନଷ୍ଟ ହେଉଥିବା ନେଇ ଅଭିଯୋଗ ହେଉଛି ଏଥିସହ ସେତୁରେ ଏପର୍ଯ୍ୟନ୍ତ ଆଲୋକୀକରଣ ହୋଇପାରିନାହିଁ। ଏଠାରେ ଷ୍ଟ୍ରିଟ ଲାଇଟ ନଥିବାର ରାତିରେ କେତେଜଣ ବ୍ୟକ୍ତି ବିଭିନ୍ନ ପ୍ରକାର ଅସାମାଜିକ କାର୍ଯ୍ୟରେ ଲିପ୍ତ ରହୁଥିବା ଅଭିଯୋଗ ହେଉଛି। ତେବେ ଏହି ସେତୁ ହେବା ଦ୍ୱାରା ଅଞ୍ଚଳବାସୀ ବହୁ ଉପକୃତ ହେଲେ ସତ, କିନ୍ତୁ ଉଦଘାଟନ ନହେବାରୁ ଏବଂ ବିଭାଗ ପକ୍ଷରୁ ଏହାର ଉଚିତ ରକ୍ଷଣାବେକ୍ଷଣ କରାଯାଉନଥିବାରୁ ଯାତ୍ରୀ ତଥା ପଥିକ ଯାତାୟତ କରିବାରେ ବହୁ ଅସୁବିଧାର ସମ୍ମୁଖୀନ ହେଉଥିବା ଅଞ୍ଚଳବାସୀ ଅଭିଯୋଗ କରିଛନ୍ତି । ତେବେ ତୁରନ୍ତ ସେତୁ ଉଦ୍‌ଘାଟନ କରିବା ସହ ଦବି ଯାଇଥିବା ରାସ୍ତା ପୁନଃ ମରାମତି ଏବଂ ଆଲୋକୀକରଣ ଓ ପୋଲର ରକ୍ଷଣାବେକ୍ଷଣ କରିବାକୁ ଜନସାଧାରଣ ଦାବି କରିଛନ୍ତି।

# ବିଜେପି ସରକାର ଭୋଗିବ 'ଅନାହାର ମୃତ୍ୟୁ'ର ପାପ: କଂଗ୍ରେସ



■ ରିସା ମାଙ୍କଡ଼ିଆ ଅନାହାର ମୃତ୍ୟୁ ସତ୍ତ୍ୱେ ପ୍ରଶାସନ ନିଦାବିଷ୍ଟ
■ ଇ-କେୱାଇସି ଯୋଗୁଁ କଟିଥିବା ହିତାଧିକାରୀଙ୍କ ତାଲିକା ଜାରି ଦାବି

ଭୁବନେଶ୍ୱର,୩।୧୧(ସମିସ): ଦେଶରେ ମାଙ୍କଡ଼ିଆ ଆଦିବାସୀ ଏକ ବିରଳ ଅନୁସୂଚିତ ଜନଜାତି ରୂପେ ଚିହ୍ନଟ କରାଯାଇଛି। ୨୦୧୧ ଜନଗଣନା ଅନୁସାରେ ଏମାନଙ୍କ ସଂଖ୍ୟା କେବଳ ୨୨୦୦ ମାତ୍ର। ସୁକିନ୍ଦା ବ୍ଲକ ଅନ୍ତର୍ଗତ ମଲାର ସାହିରେ ୮୭ ପରିବାର ରହୁଥିଲେ ଯାହା ବୃଦ୍ଧି ପାଇ ଏବେ ୧୫୦ ପରିବାର ହୋଇଛନ୍ତି। ଅକ୍ଟୋବର ୨୫ ତାରିଖରେ ମଲାର ସାହିର ରିସା ମାଙ୍କଡ଼ିଆଙ୍କ ମୃତ୍ୟୁ ହୋଇଛି। ପିସିସି ତଥ୍ୟ ଅନୁଧ୍ୟାନ ଟିମ୍ ଏହି ଘଟଣାର ଯାଞ୍ଚ କରିବା ପରେ ରିସାଙ୍କ ମୃତ୍ୟୁ ଅନାହାରଜନିତ ବୋଲି ଜାଣିବାକୁ ପାଇଛି । ଏହା ସତ୍ତ୍ୱେ ରାଜ୍ୟ ସରକାର ସମ୍ପୂର୍ଣ୍ଣ ଚୁପ୍ ଓ ପ୍ରଶାସନ ସମ୍ପୂର୍ଣ୍ଣ ନିରବ । ତେଣୁ ରିସା ମାଙ୍କଡ଼ିଆର ଅନାହାର ମୃତ୍ୟୁ ପାପ ପ୍ରଶାସନକୁ ଲାଗିବ ଓ ଏହାର ପରିଣାମ ସରକାର ଭୋଗିବ ବୋଲି କହିଛି କଂଗ୍ରେସ।

ସୋମବାର କଂଗ୍ରେସ ଭବନରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ଏଆଇସିସି ସମ୍ପାଦକ ତଥା ପୂର୍ବତନ ମନ୍ତ୍ରୀ ଶରତ ରାଉତ କହିଛନ୍ତି, ଗତ ଜୁନ ମାସରୁ ରିସା ମାଙ୍କଡ଼ିଆକୁ ଅନ୍ତ୍ୟୋଦୟ ଚାଉଳ ମିଳୁ ନଥିଲା। ଇ-କେୱାଇସି ହୋଇ ନ ଥିବାରୁ ତାକୁ ଚାଉଳ ଯୋଗାଣ ବନ୍ଦ ଥିଲା। ଫଳରେ ସେ ଭିକ୍ଷାବୃତ୍ତି କରି ଖାଉଥିଲା; କିନ୍ତୁ ଅସୁସ୍ଥ ହେବାରୁ କୁଆଡେ ଯାଇ ନ ପାରି ଖାଦ୍ୟ ଅଭାବରେ ମୃତ୍ୟୁ ବରଣ କରିଥିବା ତା'ର ଦୂର ସମ୍ପର୍କୀୟ ଏବଂ ସମ୍ପ୍ରଦାୟର ଲୋକେ ପ୍ରକାଶ କରିଛନ୍ତି। ଅନାହାର ମୃତ୍ୟୁ ଭଳି ଏକ ଲଜ୍ଜାଜନକ ଘଟଣା ଘଟିଥିଲେ ମଧ୍ୟ ଯାଜପୁର ଜିଲ୍ଲାପାଳ ଏବଂ କୌଣସି ପ୍ରଶାସନିକ ଅଧିକାରୀ ଏହି ଅନାହାର ମୃତ୍ୟୁକୁ ନେଇ ତତ୍ପରତା ପ୍ରକାଶ କରି ନାହାନ୍ତି। ଏହି ଘଟଣାରେ କଂଗ୍ରେସ ଦଳ ରାଜ୍ୟପାଳଙ୍କୁ ଭେଟି ମାଙ୍କଡ଼ିଆ ଆଦିବାସୀଙ୍କ କରୁଣ କାହାଣୀ କହିବା ସହ ରିସା ମାଙ୍କଡ଼ିଆଙ୍କ ଅନାହାର ମୃତ୍ୟୁ ବିଷୟ ଉପସ୍ଥାପନ କରିଛନ୍ତି। ରାଜ୍ୟପାଳ ଏହାକୁ ଗମ୍ଭୀରତାର ସହିତ ଗ୍ରହଣ କରି ଉଚିତ କାର୍ଯ୍ୟାନୁଷ୍ଠାନର ପ୍ରତିଶୃତି ଦେଇଛନ୍ତି।

ଗୋଟିଏ ପଟେ ରତ୍ନଗର୍ଭା ସୁକିନ୍ଦା ଖଣି ଅଞ୍ଚଳରେ କ୍ରୋମାଇଟ ଖନନ କରି କମ୍ପାନୀ ଏବଂ ସରକାର ହଜାର ହଜାର କୋଟି ଟଙ୍କା ଆୟ କରୁଛନ୍ତି। କିନ୍ତୁ ଅନ୍ୟ ପଟେ ସେଇ ଖଣି ଜଙ୍ଗଲ ଜମିର ଆଦିମ ଅଧିବାସୀ ଆଜି ବାସଚ୍ୟୁତ, ଦରିଦ୍ର ଓ ନିଷ୍ପେସିତ ହେଉଛନ୍ତି। ଏକବିଂଶ ଶତାବ୍ଦୀରେ ଆଧୁନିକ ଯୁଗରେ ପ୍ରାଚୁର୍ଯ୍ୟରେ ଭରା ଅଞ୍ଚଳରେ ଜଣଙ୍କ ଅନାହାରରେ ମୃତ୍ୟୁ ହେଉଛି ଅଥଚ ଗଣମାଧ୍ୟମ ଏହି ବିଷୟକୁ ଗୌଣ ବିଚାର କରୁଛନ୍ତି। ଯେତିକି ପ୍ରାଧାନ୍ୟ ଦେବା କଥା ଦେଉ ନାହାନ୍ତି। ଇ-କେୱାଇସି ନାମରେ ଲକ୍ଷ ଲକ୍ଷ ହିତାଧିକାରୀଙ୍କ ନାମ କଟି ଯାଇଛି। ଗରିବ ନିରକ୍ଷର ଲୋକଟିଏ କେମିତି ଏସବୁ କରିପାରିବ ଚିନ୍ତା କଲେନାହିଁ। ପୁଣି କେମିତି ଏମାନେ ଇ-କେୱାଇସି କରି ପାରିବେ ବ୍ୟବସ୍ଥା କରାଯାଇ ନାହିଁ। ଏହା ଫଳରେ ଲକ୍ଷ ଲକ୍ଷ ଆଦିବାସୀ ଓ ଜନଜାତି ତାଙ୍କ ମୌଳିକ ଅଧିକାରରୁ ବଞ୍ଚିତ ହୋଇଛନ୍ତି୍ୟ ଯଦି ଅଯୋଗ୍ୟ ହିତାଧିକାରୀ ବୋଲି ନାମ କାଟିଛନ୍ତି ତେବେ ସେମାନଙ୍କ ତାଲିକା ସାର୍ବଜନୀନ କରିବାକୁ କଂଗ୍ରେସ ଆହ୍ୱାନ ଦେଇଛି।

ଐତିହାସିକ ବାଲିଯାତ୍ରା-୨୦୨୫

# ଆନାମୋର୍ଫିକ ସ୍କ୍ରିନ୍‌ରେ ଐତିହ୍ୟର ଝଲକ

କଟକ,୩।୧୧(ସମିସ): ଆଉ ମାତ୍ର ଦିନକ ପରେ ଐତିହାସିକ ବାଲିଯାତ୍ରା କଟକ-୨୦୨୫ ଆରମ୍ଭ ହେବ। ତେବେ ଏଥରର ପ୍ରମୁଖ ଆକର୍ଷଣ ରହିବ ଆନାମୋର୍ଫିକ ସ୍କ୍ରିନ୍ ଓ ବୈଦ୍ୟୁତିକ ଢୋଲରେ ଶବ୍ଦାଲୋକ। ବାଲିଯାତ୍ରାର ମଝି ପଡିଆରେ ପ୍ରଥମ ଥର ପାଇଁ ଆନାମୋର୍ଫିକ ସ୍କ୍ରିନ୍ ଓ ବୈଦ୍ୟୁତିକ ଢୋଲରେ ଶବ୍ଦାଲୋକ ମୁଖ୍ୟ ଆକର୍ଷଣ ପାଲଟିବ। ଏଥିରେ ନୌବାଣିଜ୍ୟରର ପରମ୍ପରା, ଐତିହ୍ୟ ଓ ସଂସ୍କୃତିର ଝଲକ ଦେଖିବାକୁ ମିଳିବ। ଇଣ୍ଡୋନେସିଆର ସହଭାଗିତାରେ ଏହା ଆୟୋଜନ କରାଯାଉଥିବାବେଳେ ମଞ୍ଚ ଓ ଯାତ୍ରା ସଂକ୍ରାନ୍ତରେ ଆକର୍ଷଣୀୟ ଝଲକ ଦର୍ଶକମାନେ ଏଥିରେ ଦେଖି ପାରିବେ। ସେହିପରି ବୈଦ୍ୟୁତିକ ଢୋଲ ବାଜିବା ଦ୍ୱାରା ଯେଉଁ ଆଲୋକ ଓ ଶବ୍ଦର ଫ୍ୟୁଜନ୍ ସୃଷ୍ଟି ହେବ, ତାହା ଆଗନ୍ତୁକଙ୍କ ମନ କିଣିବ ବୋଲି ଆଶା କରାଯାଉଛି। ଏହି ବୈଦ୍ୟୁତିକ ଢୋଲ ମାଧ୍ୟମରେ ସୂର୍ଯ୍ୟୋଦୟର ଭ୍ରମ ସୃଷ୍ଟି ହେବ। ଅନ୍ୟପଟେ ଆଜି ବାଲିଯାତ୍ରାର ଉଦ୍‌ଘାଟନ ପୂର୍ବରୁ ପୁଲିସ କମିଶନର ଏସ୍. ଦେବଦତ୍ତ ସିଂ ସୁରକ୍ଷା ସ୍ଥିତି ସମୀକ୍ଷା କରିଛନ୍ତି। ଅପରାହ୍ଣରେ ବାଲିଯାତ୍ରା ତଳପଡିଆ



ବୁଲି ଦେଖିଥିଲେ। ତାଙ୍କ ସହ କଟକ ଇନ୍ କଟକ ପରିସରରେ କଟକ ଡିସିପି ଖିଲାରୀ ଋଷିକେଶ ଦ୍ୟାନଦେଓ, କଟକ ଜିଲାପାଳ ଦତ୍ତାତ୍ରୟ ଭାଉସାହେବ ସିନ୍ଦେ, ସିଏମସି କମିଶନର କିରନଦୀପ କୌର ସହୋତା ଓ ଅନ୍ୟାନ୍ୟ ବିଭାଗୀୟ ଅଧିକାରୀଙ୍କ ସହ ଏକ ବୈଠକରେ ବିଭିନ୍ନ ଦିଗ ଉପରେ ଆଲୋଚନା କରିଛନ୍ତି। ଏନେଇ କମିଶନର ଶ୍ରୀ ସିଂ କହିଛନ୍ତି ଯେ, ବାଲିଯାତ୍ରାର ସମସ୍ତ ସ୍ଥିତିକୁ ଭଲ ଭାବେ ଯାଞ୍ଚ କରାଯାଇଛି। ଯେପରି ଶୃଙ୍ଖଳିତ ଭାବେ ଯାତ୍ରା ସମାପନ ହେବ ତାହାକୁ ବିଶେଷ ଗୁରୁତ୍ୱ ଦିଆଯାଉଛି। ଲୋକଙ୍କ ସମାଗମକୁ ନଜରରେ ରଖି ବ୍ୟାପକ ପ୍ରସ୍ତୁତି କରାଯାଉଛି। ଆବଶ୍ୟକ ମୁତାବକ ପାର୍କିଂ ସ୍ଥାନ କରାଯାଇଛି। ସମସ୍ତେ ଟ୍ରାଫିକ ନିୟମକୁ ପାଳନ କରିବାକୁ ଅନୁରୋଧ କରାଯାଉଥିବା ସିଂ କହିଛନ୍ତି। ଗତ ୩ଦିନ ହେବ ବାଲିଯାତ୍ରା ପାଇଁ ଉଠା ଦୋକାନୀ ପରିବାର ସହ ଆସି ରହିଲେଣି। ବାଲିଯାତ୍ରାରେ ଭଲ ବେପାର ଆଶାରେ ଦୂରଦୂରାନ୍ତର ଯଥା ଜାମ୍‌ସେଦପୁର, ରାଜସ୍ଥାନ ଭଳି ବିଭିନ୍ନ ରାଜ୍ୟ ବାହାର ଅଞ୍ଚଳରୁ ଏହି ଉଠା ବ୍ୟବସାୟୀ ଆସି ବାଲିଯାତ୍ରାରେ ଡେରା ପକାଇଲେଣି। ଚଳିତବର୍ଷ ବାଲିଯାତ୍ରା ତଳପଡିଆରେ ପ୍ରସ୍ତୁତି କାର୍ଯ୍ୟ ଜାରି ରହିଥିବାବେଳେ ଏବେ ଠାରୁ ଭିଡ ଜମିବାର ଆରମ୍ଭ ହେଲାଣି।

# ନଭେମ୍ବର ୨୧ରୁ କଳିଙ୍ଗ ପୁସ୍ତକମେଳା

## କମିଟି ଘୋଷଣା କଲା ପୁରସ୍କାର ପାଇଁ ମନୋନୀତ ପୁସ୍ତକର ନାମ

ଭୁବନେଶ୍ୱର,୩।୧୧(ସମିସ): ନଭେମ୍ବର ୨୧ ତାରିଖରୁ ଆରମ୍ଭ ହେବ ୨୮ ତମ କଳିଙ୍ଗ ପୁସ୍ତକ ମେଳା। ଏହି ଅବସରରେ ୧୦ ଗୋଟି ବିଭାଗରେ ଶ୍ରେଷ୍ଠ ବିବେଚିତ ପୁସ୍ତକର ଲେଖକଲେଖିକଙ୍କୁ ସମ୍ମାନିତ କରାଯିବ। ନଭେମ୍ବର ୨୯ ତାରିଖ ସନ୍ଧ୍ୟାରେ ରାଜୀବ ପାଣିଙ୍କ ପୁସ୍ତକ 'ଭାରତୀୟ ଦର୍ଶନ ଓ ଗୁରୁକୁଳ', ଅନୁପମା ସାମନ୍ତରାୟଙ୍କ 'ଜୀବନର ଜଉଘର', ଗଣେଶ ମହାନ୍ତିଙ୍କ ପୁସ୍ତକ 'ସିନ୍ଦୂରା ଫାଟିଲାଣି ', କାହ୍ନୁଚରଣ ପାଣିଗ୍ରାହୀଙ୍କ ପୁସ୍ତକ 'ଅମୃତ ଇଙ୍ଗିତ', ରାଜଲକ୍ଷ୍ମୀ ତ୍ରିପାଠୀଙ୍କ ପୁସ୍ତକ 'ଆସ ଆମେ ଭଲପିଲା ହେବା', ଅଜୟ କୁମାର ପାତ୍ରଙ୍କ ପୁସ୍ତକ 'ପ୍ରଳୟର ପୋଷ୍ଟମର୍ଟମ' ଏବଂଡ. ଅଞ୍ଜଳି ତ୍ରିପାଠୀଙ୍କ 'ଦିଗନ୍ତ'କୁ ଚଳିତ ବର୍ଷର ପୁସ୍ତକମେଳା ସମ୍ମାନ ପ୍ରଦାନ କରାଯିବ।

ଏହା ସହିତ ପ୍ରଦ୍ୟୁମ୍ନ ପଟ୍ଟନାୟକଙ୍କ ପୁସ୍ତକ 'ଶୁଚିସ୍ମିତାର କାହାଣୀ', ଅନନ୍ତ କୁମାର ଜେନାଙ୍କ ପୁସ୍ତକ 'ଅନ୍ତା ଉବାଚ', ନଗେନ୍ଦ୍ର ନାଥ ପଟ୍ଟନାୟକଙ୍କ ପୁସ୍ତକ 'ବିଟଟୋ ଓ ଅନ୍ୟାନ୍ୟ ଭାରତୀୟ ଗଳ୍ପ', ଅଭିଜ୍ଞାନ ସାହୁଙ୍କ ପୁସ୍ତକ 'ବୁଝିବାର ଅନୁବାଦ ବୁଝେଇବା' ଆଦି କଳିଙ୍ଗ ପୁସ୍ତକ ମେଳା ସାରସ୍ୱତ ସମ୍ମାନ ପାଇବାକୁ ଯୋଗ୍ୟ ବିବେଚିତ ହୋଇଛନ୍ତି। ଅନୁରୂପ ଭାବରେ ବିଭିନ୍ନ କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ପାଇଁ ବିଶିଷ୍ଟ ବ୍ୟକ୍ତିମାନଙ୍କୁକଳିଙ୍ଗ ପୁସ୍ତକ ମେଳାର ଦିବଂଗତ ପ୍ରତିଷ୍ଠାତା ସଭାପତି ଗୀତା ହୋତା ସ୍ମୃତି ସ୍ମାରକୀ ସମ୍ମାନ ପ୍ରଦାନ କରାଯିବ ବୋଲି କଳିଙ୍ଗ ପୁସ୍ତକ ମେଳା କମିଟି ପକ୍ଷରୁ ସୂଚନା ଦିଆଯାଇଛି।

# ବୁଡ଼ ପକାଇବା ବେଳେ ଅଘଟଣ | ଘୋଡ଼ାହାଡ଼ ନଦୀରେ ଭାସିଗଲେ ଦୁଇ ମହିଳା





ଦିଗପହଣ୍ଡି, ୩।୧୧(ସମିସ): ଦିଗପହଣ୍ଡି ବ୍ଲକ୍ ଖମାରୀ ପଞ୍ଚାୟତ ସେବକଟିକରପଡ଼ା ଗ୍ରାମ ନିକଟ ଘୋଡ଼ାହାଡ଼ ନଦୀରେ ଆଜି ଏକ ଅଘଟଣ ୨ ମହିଳାଙ୍କ ଜୀବନ ନେଇଛି। ମୃତ ମହିଳାଦ୍ୱୟ ହେଲେ, ଗାଁର ସୀମାଞ୍ଚଳ ପାଢ଼ୀଙ୍କ ସ୍ତ୍ରୀ ଲଳିତା ପାଢ଼ୀ(୭୦) ଏବଂ ଧନୁ ଗୌଡ଼ଙ୍କ ସ୍ତ୍ରୀ ସବିତା ଗୌଡ଼(୪୨)। ଆଜି ଭୋର୍ ପ୍ରାୟ ୪ଟାରେ ପଞ୍ଝୁକ ପାଇଁ ବୁଡ଼ ପକାଇବା ବେଳେ ନଦୀରେ ଭାସି ଦୁହେଁ ପ୍ରାଣ ହରାଇଛନ୍ତି।

ଲଳିତା ବୁଡ଼ ପକାଉଥିବା ବେଳେ ତାଙ୍କ ଗୋଡ଼ ଖସି ଯାଇଥିଲା ଏବଂ ନଦୀର ପ୍ରଖର ସ୍ରୋତରେ ସେ କିଛି ଦୂରକୁ ଭାସି ଯାଇଥିଲେ। ତାଙ୍କ ଚିତ୍କାର ଶୁଣି ପାଖରେ ଗାଧୋଉଥିବା ସବିତା ତାଙ୍କୁ ଉଦ୍ଧାର କରିବା ପାଇଁ ଚେଷ୍ଟା କରିଥିଲେ। କିନ୍ତୁ ସେ ମଧ୍ୟ ନଦୀ ସୁଅରେ ଭାସି ଯାଇଥିଲେ। ପାଖରେ ଗାଧୋଉଥିବା ଅନ୍ୟ ମହିଳାମାନେ ଏ ସଂପର୍କରେ ଗ୍ରାମବାସୀଙ୍କୁ ଖବର ଦେଇଥିଲେ। ଦିଗପହଣ୍ଡି ଦମକଳବାହିନୀ ଘଟଣାସ୍ଥଳଠାରୁ ପ୍ରାୟ ୧କିମି ଦୂର ଗୋଲଣ୍ଡା ଗ୍ରାମ ନଦୀପଠାରେ ପହଞ୍ଚି କିଛି ଗ୍ରାମବାସୀଙ୍କ ସହାୟତାରେ ନଦୀରୁ ଉଭୟଙ୍କୁ ଅଚେତ ଅବସ୍ଥାରେ ଉଦ୍ଧାର କରିଥିଲେ। ସେମାନଙ୍କୁ ତୁରନ୍ତ ଦିଗପହଣ୍ଡି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। କିନ୍ତୁ, ସେଠାରେ ଡାକ୍ତର ଉଭୟଙ୍କୁ ମୃତ ଘୋଷଣା କରିଥିଲେ। ପୁଲିସ ଶବଦ୍ୱୟକୁ ଜବତ କରି ବ୍ୟବଚ୍ଛେଦ ନିମନ୍ତେ ବ୍ରହ୍ମପୁର ବଡ଼ ଡାକ୍ତରଖାନାକୁ ପଠାଇବା ସହ ଏକ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ବ୍ୟବଚ୍ଛେଦ ପରେ ପରିବାରଲୋକଙ୍କୁ ଶବ ହସ୍ତାନ୍ତର କରାଯାଇଥିଲା। ଶୋକାକୁଳ ପରିବେଶ ମଧ୍ୟରେ ଗାଁ ଶ୍ମଶାନରେ ଉଭୟଙ୍କ ଅନ୍ତିମ ସଂସ୍କାର କରାଯାଇଛି।

# ଏକତରଫା ପ୍ରେମରୁ ଯୁବତୀଙ୍କ ବେକ କାଟିଲା

ବାଲେଶ୍ୱର, ୩।୧୧(ସମିସ): ଏକତରଫା ପ୍ରେମକୁ କେନ୍ଦ୍ର କରି ଜଣେ ଯୁବତୀଙ୍କ ବେକ କାଟିଛି ଯୁବକ। ବାଲେଶ୍ୱର ଷ୍ଟେସନ୍ ଛକଠାରେ ଏହି ଘଟଣା ଘଟିଛି। ଗୁରୁତର ଯୁବତୀଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଛି। ଏହି ଘଟଣାରେ ସହଦେବଖୁଣ୍ଟା ପୁଲିସ ସଂପୃକ୍ତ ଯୁବକକୁ ଅଟକ ରଖି ତଦନ୍ତ ଚଳାଇଛି। ସେ ହେଲା, କୋଲକାତା ବେଲଦା ଅଞ୍ଚଳର ସଞ୍ଜୟ ରଣା। ସେ ବାହାନଗା ଅଞ୍ଚଳର ଜଣେ ଯୁବତୀଙ୍କୁ ଏକତରଫା ପ୍ରେମ କରୁଥିଲା। ଆଜି ରାତିରେ ଯୁବତୀଜଣଙ୍କ ଷ୍ଟେସନ୍ ଛକରେ ଥିବା ବେଳେ ସଞ୍ଜୟ ଏକ ବ୍ଲେଡ୍‌ରେ ତାଙ୍କ ବେକକୁ କାଟି ଦେଇଥିଲା।

# ମହାନଦୀରେ ଭାସିବ ୨୦ ହଜାର ଶାଳପତ୍ର ଡଙ୍ଗା



କଟକ, ୩।୧୧ (ସମିସ): ଚଳିତବର୍ଷ ଐତିହାସିକ ବାଲିଯାତ୍ରା ଅବସରରେ ଜିଲ୍ଲା ପ୍ରଶାସନ ତରଫରୁ ଏକ ନିଆରା ପ୍ରୟାସ ହାତକୁ ନିଆଯାଇଛି। ବିଶେଷକରି କାର୍ତ୍ତିକ ପୂର୍ଣ୍ଣିମା ଅବସରରେ ଲୋକେ ଥର୍ମୋକୁଲ ତଥା ସୋଲ ତିଆରି ଡଙ୍ଗା ଭସାଉଥିବା କାରଣରୁ ନଦୀଜଳ ପ୍ରଦୂଷିତ ହୋଇଥାଏ। ଏଣୁ ପରିବେଶକୁ ଦୃଷ୍ଟିରେ ରଖି ଜିଲ୍ଲା ପ୍ରଶାସନ ପକ୍ଷରୁ ଏକ ଅଭିନବ ପ୍ରୟାସ ପୂର୍ବକ ଶାଳପତ୍ରରେ ତିଆରି ଡଙ୍ଗା ଭସାଯିବ ବୋଲି ଜଣାପଡ଼ିଛି। ଓରମାସ୍‌ର ବିଭିନ୍ନ ସ୍ୱେଚ୍ଛାସେବୀ ତଥା ଉତ୍ପାଦକ ଗୋଷ୍ଠୀମାନଙ୍କ ଦ୍ୱାରା ଶାଳପତ୍ରରେ ୨୦ହଜାରରୁ ଊର୍ଦ୍ଧ୍ୱ ଡଙ୍ଗା ତିଆରି କରାଯାଇଛି। କାର୍ତ୍ତିକ ପୂର୍ଣ୍ଣିମା ଦିନ ସକାଳେ ମହାନଦୀ ଆଳତି, କୀର୍ତ୍ତନ ସହ ବୋଇତ ବନ୍ଦାଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇ ଏହି ଶାଳପତ୍ରରେ ନିର୍ମିତ ଡଙ୍ଗା ଭସାଇବା ପାଇଁ ଜିଲ୍ଲା ପ୍ରଶାସନ ପକ୍ଷରୁ ସହରବାସୀଙ୍କୁ ଅନୁରୋଧ କରାଯାଇଛି।

# ପଞ୍ଚଭୂତରେ ଲୀନ 'ରୁଚି' ପ୍ରତିଷ୍ଠାତା ଶରତ ସାହୁ

## ଶୋଭାଯାତ୍ରାରେ ସାମିଲ ହେଲେ ସହସ୍ରାଧିକ ଶୁଭେଚ୍ଛୁ





କଟକ, ୩।୧୧(ସମିସ): ବିଶିଷ୍ଟ ଉଦ୍ୟୋଗପତି ତଥା ରୁଚି ଫୁଡ୍‌ଲାଇନ୍‌ର ପରିଚାଳନା ନିର୍ଦ୍ଦେଶକ ଡ. ଶରତ କୁମାର ସାହୁଙ୍କ ଶେଷକୃତ୍ୟ ଆଜି ଅପରାହ୍‌ରେ କଟକ କାଳିଆବୋଦାସ୍ଥିତ ଶ୍ମଶାନରେ ସଂପନ୍ନ ହୋଇଯାଇଛି। ଶ୍ମଶାନରେ ମରଶରୀର ପହଞ୍ଚିବା ପରେ ସହସ୍ରାଧିକ ଲୋକ ସେଠାରେ ଶେଷ ଦର୍ଶନ କରି ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। ଶଶ୍ମାନରେ ଏକ ଶୋକାକୁଳ ପରିବେଶ ସୃଷ୍ଟି ହୋଇଥିଲା। ଡ. ସାହୁଙ୍କ ପୁତ୍ର ଅରବିନ୍ଦ ସାହୁ ମୁଖାଗ୍ନି ଦେଇଥିଲେ।

ଆଜି ସକାଳେ ବିମାନ ଯୋଗେ ଶରତଙ୍କ ପାର୍ଥିବ ଶରୀର ମୁମ୍ବାଇରୁ ଆସି ଭୁବନେଶ୍ୱରରେ ପହଞ୍ଚିବା ପରେ ଏକ ଶୋଭାଯାତ୍ରାରେ କାଜିଡ଼ିହସ୍ଥିତ ତାଙ୍କ ବାସଭବନକୁ ନିଆଯାଇଥିଲା। ସେଠାରେ ବହୁ ମାନ୍ୟଗଣ୍ୟ ବ୍ୟକ୍ତି ତାଙ୍କର ଶେଷ ଦର୍ଶନ କରିବା ସହ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। ପରେ ମରଶରୀରକୁ 'ରୁଚି' ଶିକ୍ଷାନୁଷ୍ଠାନ ପରିସର, ଲକ୍ଷେଶ୍ୱର ମନ୍ଦିର, ଗୁଣ୍ଡି ମନ୍ଦିର ଦେଇ ପାସ୍ତା ଭିଲେଜ ପ୍ରାଙ୍ଗଣରେ ରଖାଯାଇଥିଲା। ପୂର୍ବତନ ବିଧାୟକ ମହମ୍ମଦ ମୋକିମ୍, ପୂର୍ବତନ ବିଧାୟକ ପ୍ରଭାତ ରଞ୍ଜନ ବିଶ୍ୱାଳ, ଚୌଦ୍ୱାର-କଟକ ବିଧାୟକ ସୌଭିକ୍ ବିଶ୍ୱାଳ, ବାରବାଟୀ କଟକ ବିଧାୟକ ସୋଫିଆ ଫିର୍ଦ୍ଦୋସ ଓ କଟକ ଜିଲ୍ଲାପାଳ ଦତ୍ତାତ୍ରୟଭାଉସାହେବ ଶିନ୍ଦେ, ସକାଳର ସିଇଓ ସୁବ୍ରତ ଦାସ ପ୍ରମୁଖ ଶେଷ ଦର୍ଶନ କରିବା ସହ ଶ୍ରଦ୍ଧାଞ୍ଜଳି ଦେଇଥିଲେ। ପରେ ରୁଚି ପରିସରରୁ ନାମ ସଂକୀର୍ତ୍ତନ ସହିତ ଶୋଭାଯାତ୍ରା ତାଙ୍କ ଜନ୍ମସ୍ଥାନ ରାଣୀହାଟର ତେଲିସାହି, ସେକେଣ୍ଡାରୀ ବୋଡର୍ ହାଇସ୍କୁଲ, ସମାଜ କାର୍ଯ୍ୟାଳୟ, ଓଡ଼ିଶା ଅଲମ୍ପିକ ଆସୋସିଏସନ୍ ଏବଂ ଓଡ଼ିଶା କବାଡ଼ି ଆସୋସିଏସନ୍‌ଠାରେ ପହଞ୍ଚିଥିଲା। ସେଠାରେ ଭାରତ ମସଲାର ଅଧ୍ୟକ୍ଷ ସୁରେନ୍ଦ୍ର ନାଥ ପଣ୍ଡା, ଡ୍ରିମସ୍‌ର ଅଧ୍ୟକ୍ଷ ଡ. ପ୍ରମୋଦ ଚନ୍ଦ୍ର ରଥଙ୍କ ପକ୍ଷରୁ ନିରାକାର ସାହୁ ଓ ସୁଧାଂଶୁ ଭୂଷଣ କରଙ୍କ ସମେତ ବିଭିନ୍ନ ବର୍ଗର ବ୍ୟକ୍ତି ବିଶେଷ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। ଡ. ସାହୁଙ୍କ ଧର୍ମପତ୍ନୀ ସଙ୍ଗୀତା ସାହୁ, କନ୍ୟା ରଶ୍ମି ସାହୁ, ଜାମାତା ପ୍ରକାଶ ସାହୁ, ଭଗ୍ନୀପତି ପ୍ରଫୁଲ୍ଲ ଚୌଧୁରୀ, ପୁତ୍ରବଧୂ ସଲିନା ସାହୁ ଓ ପରିବାରବର୍ଗ ଶ୍ରଦ୍ଧାଞ୍ଜଳି ଅର୍ପଣ ସହିତ ଶେଷ ଦର୍ଶନ କରିଥିଲେ। 'ରୁଚି' ପରିବାର ପକ୍ଷରୁ ମୁଖ୍ୟ ମହାପ୍ରବନ୍ଧକ ମହେନ୍ଦ୍ର ଷଡ଼ଙ୍ଗୀଙ୍କ ସମେତ ସହସ୍ରାଧିକ କର୍ମଚାରୀ ତାଙ୍କର ପ୍ରିୟ ପ୍ରତିଷ୍ଠାତା ଡ. ସାହୁଙ୍କ ପ୍ରତି ଶ୍ରଦ୍ଧାସୁମନ ଅର୍ପଣ କରିବା ସହିତ ଅଶ୍ରୁଳ ବିଦାୟ ଜଣାଇଥିଲେ।

ସେହିପରି ଶିଳ୍ପୋଦ୍ୟୋଗୀ ଶରତ ସାହୁଙ୍କ ପରଲୋକ ଖବର ପାଇ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ, କେନ୍ଦ୍ରାପଡ଼ା ସାଂସଦ ବୈଜୟନ୍ତ ପଣ୍ଡା, ବିଶିଷ୍ଟ କ୍ରୀଡ଼ାବିତ୍ ଦିଲ୍ଲୀପ ତିର୍କୀ, ବିଶିଷ୍ଟ ଶିକ୍ଷାବିତ୍ ଅଚ୍ୟୁତ ସାମନ୍ତ, କଟକ ମେୟର ସୁବାସ ସିଂହ, ପୂର୍ବତନ ଆରଡିସି ଅନିଲ କୁମାର ସାମଲ, ଭଦ୍ରକ ଜିଲ୍ଲାପାଳ ଦିଲ୍ଲୀପ କୁମାର ରାଉତରାୟ, ପୂର୍ବତନ ମେୟର ସୌମେନ୍ଦ୍ର ଘୋଷ, ଓଡ଼ିଶା ଶିଳ୍ପସଂଘ ଅଧ୍ୟକ୍ଷ ଅବନୀ କାନୁନ୍‌ଗୋ, ଶିଳ୍ପୋଦ୍ୟୋଗୀ ସୁଶାନ୍ତ ପଣ୍ଡା, କ୍ୟାପେଟନ୍ ରାମେଶ୍ୱର ମହାପାତ୍ର, ମୃତ୍ୟୁଞ୍ଜୟ ସାମଲ, ବିପିନ ବିହାରୀ ରାଉତ, ଡ. ଅରୁନ୍ଧତୀ ଦେବୀ, ପ୍ରଶାସକ ମିହିର ପ୍ରସାଦ ମହାନ୍ତି, ବେଦବିତ୍ ବୀରେନ୍ଦ୍ର ପଣ୍ଡା, ଶିଳ୍ପୋଦ୍ୟୋଗୀ ସଂପାଦକ ଡ. ଶିବବ୍ରତ ରାଉତ, ବିଶିଷ୍ଟ ଉଦ୍ୟୋଗୀ ପ୍ରଶାନ୍ତ କର ପ୍ରମୁଖ ଶୋକସନ୍ତପ୍ତ ପରିବାର ପ୍ରତି ସମବେଦନା ଜଣାଇଛନ୍ତି।

ପ୍ରକାଶଥାଉ କି, ଗତକାଲି ମୁମ୍ବାଇର ଲୀଳାବତୀ ହସ୍ପିଟାଲରେ ଦିନ ୧୨ଟାରେ ୭୬ ବର୍ଷ ବୟସରେ ଡ. ସାହୁଙ୍କର ପରଲୋକ ଘଟିଥିଲା।

# କାର୍ଯ୍ୟକାରୀ ହେଉନି ଆଇନ; ଭିନ୍ନକ୍ଷମ ଉପେକ୍ଷିତ

■ ସାମାଜିକ ସଶକ୍ତିକରଣ ବିଭାଗର କ୍ଷୋଭ
■ ଆଇନର ଯଥାବିଧି କାର୍ଯ୍ୟକାରୀ ପାଇଁ ଚିଠି

ଭୁବନେଶ୍ୱର,୩।୧୧(ସମିସ): ଦିବ୍ୟାଙ୍ଗଙ୍କ ସଶକ୍ତିକରଣ ପାଇଁ ରାଜ୍ୟ ସରକାର ଗୁଡ଼ିଏ ଯୋଜନା ଓ କାର୍ଯ୍ୟକ୍ରମ ପ୍ରଣୟନ କରୁଛନ୍ତି। ପ୍ରତିଟି ବିଭାଗରେ ଦିବ୍ୟାଙ୍ଗଙ୍କ କଲ୍ୟାଣ ପାଇଁ ବ୍ୟାପକ ଯୋଜନା କାର୍ଯ୍ୟକାରୀ କରାଯାଉଛି। ମାତ୍ର ବିଭିନ୍ନ ବିଭାଗରେ ଏହାର ସଠିକ୍ ଭାବେ ଅନୁପାଳନ କରାଯାଉ ନାହିଁ। ଯାହାଫଳରେ ଦିବ୍ୟାଙ୍ଗ କଲ୍ୟାଣ ପାଇଁ ସରକାରଙ୍କର ପ୍ରକୃତ ଉଦ୍ଦେଶ୍ୟ ସାଧିତ ହୋଇପାରୁ ନାହିଁ। ବିଶେଷକରି ଦିବ୍ୟାଙ୍ଗଙ୍କ ପାଇଁ ଉଦ୍ଦିଷ୍ଟ ବିଭାଗୀୟ ସ୍ତରରେ ଭିନ୍ନକ୍ଷମ ଅଧିକାର ଆଇନ ୨୦୧୬ର ଧାରା ୩୭କୁ କେତେକ ବିଭାଗ କାର୍ଯ୍ୟକାରୀ କରାଯାଉନଥିବା ଏବେ ସାମ୍ନାକୁ ଆସିଛି। ଯାହାକୁ ନେଇ କ୍ଷୋଭ ପ୍ରକାଶ କରିଛି ସାମାଜିକ ଭିନ୍ନକ୍ଷମ ସଶକ୍ତିକରଣ ବିଭାଗ।

ଭିନ୍ନକ୍ଷମ ଅଧିକାର ଆଇନ ୨୦୧୬ର ଧାରା ୩୭ ଅଧିନରେ ଦିବ୍ୟାଙ୍ଗଙ୍କ କଲ୍ୟାଣ ପାଇଁ ଏକାଧିକ ବ୍ୟବସ୍ଥା ଉପଲବ୍ଧ ରହିଛି। ବିଭିନ୍ନ ଯୋଜନା ଏବଂ ଉନ୍ନୟନମୂଳକ କାର୍ଯ୍ୟକ୍ରମ ଅଧିନରେ ଦିବ୍ୟାଙ୍ଗଙ୍କ ପାଇଁ ୫ ପ୍ରତିଶତ ସଂରକ୍ଷଣ ବ୍ୟବସ୍ଥା ରହିଛି। ବିଶେଷକରି ନିର୍ଦ୍ଦିଷ୍ଟ ଅକ୍ଷମତା ପ୍ରତିଶତ ମହିଳାଙ୍କ ପାଇଁ ବିଶେଷଭାବେ ଏହି ସଂରକ୍ଷଣ ପ୍ରଦାନ କରିବାକୁ ଆଇନ ପ୍ରଣୟନ କରାଯାଇଛି। ମାତ୍ର ଯୋଜନା କାର୍ଯ୍ୟକାରୀ ବେଳେ ବିଭିନ୍ ବିଭାଗ ଏହାକୁ କାର୍ଯ୍ୟକାରୀ କରୁ ନ ଥିବା ସାମ୍ନାକୁ ଆସିଛି। ସେହିପରି ଦାରିଦ୍ର୍ୟ ଦୂରୀକରଣ କାର୍ଯ୍ୟକ୍ରମ ଓ ଏ ସମ୍ପର୍କିତ ବିଭିନ୍ନ ଯୋଜନା କ୍ଷେତ୍ରରେ ମଧ୍ୟ ଦିବ୍ୟାଙ୍ଗ ବିଶେଷକରି ମହିଳାମାନଙ୍କ ପାଇଁ ୨୦୧୬ ଆଇନ ଅନୁଯାୟୀ ୫ ପ୍ରତିଶତ ସଂରକ୍ଷଣ ବ୍ୟବସ୍ଥା ରହିଛି। ଅପରପକ୍ଷେ ଉପରୋକ୍ତ ଆଇନ ଅଧିନରେ ଦିବ୍ୟାଙ୍ଗ ପାଇଁ ସରକାରୀ ଜମି ରିଆତି ଦରରେ ପ୍ରଦାନ ପାଇଁ ମଧ୍ୟ ବ୍ୟବସ୍ଥା କରାଯାଇଛି। ବାସଗୃହ ନିର୍ମାଣ, କୌଣସି ବ୍ୟବସାୟିକ କିମ୍ବା ଉଦ୍ୟୋଗ ପ୍ରତିଷ୍ଠା ପାଇଁ ମଧ୍ୟ ଦିବ୍ୟାଙ୍ଗମାନଙ୍କୁ ଜମି ସୁଲଭ ମୂଲ୍ୟରେ ଦିଆଯାଇପାରିବ। ମାତ୍ର ଉପରୋକ୍ତ ସୁବିଧା ସୁଯୋଗ ଗୁଡ଼ିକୁ ଦିବ୍ୟାଙ୍ଗଙ୍କ ପାଇଁ କାର୍ଯ୍ୟକାରୀ କରିବାକୁ ବିଭାଗ ଗୁଡ଼ିକ ପଛଘୁଞ୍ଚା ଦେଉଛନ୍ତି। ଯାହାକୁ ନେଇ କ୍ଷୋଭ ପ୍ରକାଶ କରିଛି ସାମାଜିକ ସଶକ୍ତିକରଣ ବିଭାଗ। କୌଣସି ଯୋଜନା କାର୍ଯ୍ୟକାରୀ କରିବା ବେଳେ ବିଭାଗ ଗୁଡ଼ିକ ଭିନ୍ନକ୍ଷମ ଅଧିକାର ଆଇନ ୨୦୧୬ର ଧାରା ୩୭କୁ କଡ଼ାକଡ଼ି ଭାବେ ଅନୁପାଳନ କରିବା ପାଇଁ ବିଭାଗ ପକ୍ଷରୁ ସମସ୍ତ ବିଭାଗର ଅତିରିକ୍ତ ମୁଖ୍ୟ ସଚିବ, ପ୍ରମୁଖ ସଚିବ ଓ ସଚିବଙ୍କମାନଙ୍କୁ ଚିଠି ଲେଖାଯାଇଛି।

# କୋମାରେ ଏମ୍‌କେସିଜି ରକ୍ତଭଣ୍ଡାର

■ ଜରୁରି ସମୟରେ ମିଳିଲାନି ରକ୍ତ
■ ଆନ୍ଧ୍ର ପଲାସାରୁ ଆଣି ଚିକିତ୍ସା କରାଇଲେ

ବ୍ରହ୍ମପୁର, ୩।୧୧(ସମିସ): ଏମ୍‌କେସିଜି ମେଡିକାଲ ପରିସରରେ ଥିବା ରକ୍ତଭଣ୍ଡାର ପରିଚାଳନାକୁ ନେଇ ରୋଗୀଙ୍କ ସମ୍ପର୍କୀୟଙ୍କ ମଧ୍ୟରେ ଅସନ୍ତୋଷ ଦେଖାଦେଇଛି। ଆବଶ୍ୟକ ବେଳେ ସଙ୍କଟାପନ୍ନ ରୋଗୀଙ୍କୁ ରକ୍ତ ଯୋଗାଇବାରେ ରକ୍ତଭଣ୍ଡାର ବିଫଳ ହୋଇଥିବା ଅଭିଯୋଗ ହୋଇଛି। ଅନେକ ସମୟରେ ଏଠାରେ କାର୍ଯ୍ୟରତ କର୍ମଚାରୀ ଓ ଡାକ୍ତର କାର୍ଯ୍ୟ ସମୟରେ ଅନୁପସ୍ଥିତ ରହୁଥିବାରୁ ପରିଚାଳନାରେ ତ୍ରୁଟି ରହିଥିବା ଅଭିଯୋଗ ହୋଇଛି।


ସୂଚନାଯୋଗ୍ୟ ଯେ ଲୋଚାପଡ଼ାସ୍ଥିତ ସୀମାନଗର ପଞ୍ଚମ ଲାଇନ ନିବାସୀ ରୋଜାଲିନ ପଟ୍ଟନାୟକ(୧୮)ଙ୍କ ବାମ ହାତର କଚି ନିକଟରେ ଏକ ମାଂସପିଣ୍ଡୁଳା ବଢ଼ିଥିଲା। ରୋଜାଲିନଙ୍କୁ ଏମ୍‌କେସିଜି ମେଡିକାଲରେ ଭର୍ତ୍ତି କରାଯାଇଥିଲା। ତାଙ୍କ ହାତରେ ବଢ଼ିଥିବା ମାଂସପିଣ୍ଡୁଳା ଏକ ବୋନ୍-ଟ୍ୟୁମର୍ ବୋଲି ଜଣାପଡ଼ିଥିଲା। ଚିକିତ୍ସାଧୀନ ସମୟରେ ଏମ୍‌କେସିଜି ମେଡିକାଲରେ ତାଙ୍କ ସ୍ୱାସ୍ଥ୍ୟାବସ୍ଥାରେ କୌଣସି ପରିବର୍ତ୍ତନ ଆସୁ ନଥିବାରୁ ପରିବାରବର୍ଗ ତାଙ୍କୁ ଘରୋଇ ହସ୍ପିଟାଲରେ ଚିକିତ୍ସା କରାଇବା ସହ ସେଠାରେ ଅସ୍ତ୍ରୋପଚାର କରିଥିଲେ। କିନ୍ତୁ କିଛି ଦିନ ପରେ ପୁଣି ସେହି ସ୍ଥାନଟି ଫୁଲିଥିଲା। ପରେ ପରିବାର ପକ୍ଷରୁ ବିଭିନ୍ନ ସ୍ଥାନରେ ଆୟୁର୍ବେଦିକ ଏବଂ ହୋମିଓପାଥିକ ଚିକିତ୍ସା ଲାଗିଥିଲା। କିନ୍ତୁ ଏହା ପରେ ମଧ୍ୟ ସେ ସୁସ୍ଥ ହୋଇନଥିଲେ। ରବିବାର ମଧ୍ୟାହ୍ନରେ ରୋଜାଲିନ୍‌ଙ୍କ ସ୍ଥିତି ସଙ୍କଟାପନ୍ନ ହେବାରୁ ତାଙ୍କୁ ଏମକେସିଜି ମେଡିକାଲର ଆଶୁ




ଚିକିତ୍ସା ବିଭାଗରେ ଭର୍ତ୍ତି କରାଇଥିଲେ। ସ୍ଥିତି ଗମ୍ଭୀର ଥିବା ଡାକ୍ତରମାନେ ଦର୍ଶାଇ ଅସ୍ତ୍ରୋପଚାର କରିବାକୁ ପରାମର୍ଶ ଦେଇଥିଲେ। କିନ୍ତୁ ହିମଗ୍ଲୋବିନ ଅତ୍ୟନ୍ତ କମ୍ ଥିବାରୁ ରକ୍ତଯୋଗାଡ଼ କରିବାକୁ କହିଥିଲେ। କିନ୍ତୁ ରୋଜାଲିନଙ୍କ ରକ୍ତ ଗ୍ରୁପ 'ଏ' ନେଗେଟିଭ ଆବଶ୍ୟକ ଥିବା ବେଳେ ମେଡିକାଲ ରକ୍ତ ଭଣ୍ଡାରରେ ମାତ୍ର ଏକ ୟୁନିଟ୍ ରକ୍ତ ଉପଲବ୍ଧ ଥିଲା। ଡାକ୍ତରଙ୍କ ପରାମର୍ଶ ଅନୁସାରେ ରୋଗୀଙ୍କୁ ୩ ୟୁନିଟରୁ ଅଧିକ ରକ୍ତ ଆବଶ୍ୟକତା ରହିଥିଲା। ରକ୍ତଭଣ୍ଡାର ପକ୍ଷରୁ ଗୋଟିଏ ୟୁନିଟ୍ ରକ୍ତ ପ୍ରଦାନ କରି କର୍ମଚାରୀମାନେ ନିଜ ଦାୟିତ୍ୱ ସାରିଦେଇଥିଲେ। ପରିବାରବର୍ଗ ବହୁ ଚେଷ୍ଟା ପରେ ମଧ୍ୟ 'ଏ' ନେଗେଟିଭ୍ ରକ୍ତ ଯୋଗାଡ଼ କରିପାରି ନଥିଲେ। ଆନ୍ଧ୍ରପ୍ରଦେଶ ପଲାସାସ୍ଥିତ ରକ୍ତ ଭଣ୍ଡାରରେ 'ଏ' ନେଗେଟିଭ ରହିଥିବା ଜାଣିବା ପରେ ଶେଷରେ ପରିବାରବର୍ଗ ବାଧ ହୋଇ ସେଠାରୁ ରକ୍ତ ଆଣିଥିବା ପିତା ରବିଶଙ୍କର ପଟ୍ଟନାୟକ ସୂଚନା ଦେଇଛନ୍ତି। ପରେ ରୋଗୀଙ୍କ ଅସ୍ତ୍ରୋପଚାର କରାଯାଇଥିଲା।

ଏମ୍‌କେସିଜି ମେଡିକାଲ ପରିସରରେ ଥିବା ରକ୍ତ ଭଣ୍ଡାର ଉପରେ ପ୍ରତ୍ୟେକ ଦିନ ହଜାର ହଜାର ରୋଗୀ ରକ୍ତ ନିମନ୍ତେ ନିର୍ଭର କରୁଥିବା ବେଳେ ଅନେକ ସମୟରେ ବହୁ ରୋଗୀ ନିରାଶ ହେଉଥିବା ଦେଖିବାକୁ ମିଳୁଛି। ଜରୁରୀକାଳୀନ ପରିସ୍ଥିତିରେ ରୋଗୀଙ୍କ ନିମନ୍ତେ ଆବଶ୍ୟକ ରକ୍ତର ବିକଳ୍ପ ବ୍ୟବସ୍ଥା କରାଯାଉନଥିବା ଅଭିଯୋଗ ହୋଇଛି।

ଅନ୍ୟପକ୍ଷରେ ବିଭିନ୍ନ ସମୟରେ ରକ୍ତ ଭଣ୍ଡାର ପକ୍ଷରୁ ବିଭିନ୍ନ ସ୍ୱେଚ୍ଛାକୃତ ରକ୍ତଦାନ ଶିବିର କରାଯାଉଛି। ଏହି ସମୟରେ ଯେଉଁ ବ୍ୟକ୍ତିଙ୍କ ରକ୍ତ ନେଗେଟିଭ ଗ୍ରୁପ ରହିଛି। ସେମାନଙ୍କ ତାଲିକା ପ୍ରସ୍ତୁତି କରିବା ସହ ଆବଶ୍ୟକତା ସ୍ଥଳେ ସେମାନଙ୍କୁ ଯୋଗାଯୋଗ କରି ରୋଗୀଙ୍କୁ ରକ୍ତ ଯୋଗାଇବାକୁ କୁହାଯାଇଥିବା ଏମକେସିଜି ମେଡିକାଲ ଅଧୀକ୍ଷକ ପ୍ରଫେସର ଡା. ଦୁର୍ଗା ମାଧବ ଶତପଥୀ କହିଛନ୍ତି। କିନ୍ତୁ ଏହି କାର୍ଯ୍ୟ ଧିମେଇ ଯାଇଛି। ରକ୍ତ ଭଣ୍ଡାର କର୍ତ୍ତୃପକ୍ଷ ରୋଗୀଙ୍କ ସମ୍ପର୍କୀୟଙ୍କ ସହଯୋଗ କରିବା ପରିବର୍ତ୍ତେ ଅଣଦେଖା କରୁଥିବା ଅଭିଯୋଗ ହୋଇଛି।



## ଆଜିର ରାଶିଫଳ

**ମେଷ:** ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। ଆର୍ଥିକ ସ୍ଥିତି ଭଲ ରହିବ। ବନ୍ଧୁଙ୍କ ସହାୟତା ମିଳିବ। ବ୍ୟବସାୟ ପାଇଁ ନୂଆ ଯୋଜନା ପ୍ରସ୍ତୁତ କରିବେ। ମହିଳାମାନେ ଘରକାମରେ ସମୟ ବିତାଇବେ।

**ବୃଷ:** ଦୂରଯାତ୍ରା ଯୋଗ ଅଛି। ଜୀବନସାଥୀଙ୍କ ସହ ସୁଖମୟ ସମୟ ଅତିବାହିତ କରିବେ। ନିବେଶରୁ ଦୂରେଇ ରୁହନ୍ତୁ। କୌଣସି ଶୁଭ ଖବର ମିଳିପାରେ। ବନ୍ଧୁଙ୍କ ସହ ମନୋମାଳିନ୍ୟ ଦେଖା ଦେବ।

**ମିଥୁନ:** ଯାନବାହନ କିଣିପାରନ୍ତି। ଧାର୍ମିକ ପୁସ୍ତକ ପ୍ରତି ଆଗ୍ରହ ବଢ଼ିବ। ମନ ପ୍ରସନ୍ନ ରହିବ। ପ୍ରେମିକ-ପ୍ରେମିକାଙ୍କ ପାଇଁ ଦିନଟି ଭଲ। ପରୋପକାର କାର୍ଯ୍ୟରେ ନିଜକୁ ନିୟୋଜିତ କରିବେ।

**କର୍କଟ:** ଅଫିସ୍‌ରେ କାର୍ଯ୍ୟଭାର ବଢ଼ିବ। ବିବାହରେ ସମସ୍ୟା ଆସିପାରେ। ବ୍ୟବସାୟରେ ଉନ୍ନତି ପରିଲକ୍ଷିତ ହେବ। ପ୍ରତିଯୋଗିତାମୂଳକ ପରୀକ୍ଷାରେ ବିଦ୍ୟାର୍ଥୀ କୃତକାର୍ଯ୍ୟ ହେବେ।

**ସିଂହ:** ବ୍ୟବସାୟରେ ଆଶାଜନକ ପରିଣାମ ମିଳିବ ନାହିଁ। ଜୀବନସାଥୀଙ୍କ ସହଯୋଗ ମିଳିବ। ବାପାଙ୍କ ସ୍ୱାସ୍ଥ୍ୟ ସମସ୍ୟାକୁ ନେଇ ଚିନ୍ତାରେ ରହିବେ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**କନ୍ୟା:** ଚାକିରିକୁ ନେଇ କୌଣସି ସମସ୍ୟା ଦେଖା ଦେବ। ଘରେ ପୂଜାପାଠ ଆୟୋଜନ କରିବେ। ଅଟକିଥିବା କାର୍ଯ୍ୟ ପୂରା ହେବ। ଆୟର ନୂଆ ଅବସର ପ୍ରାପ୍ତ ହେବ। ମାନସମ୍ମାନ ବୃଦ୍ଧି ପାଇବ।

**ତୁଳା:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ଆର୍ଥିକ ସ୍ଥିତି ମଜଭୁତ୍ ହେବ। ବିବାହ ପ୍ରସ୍ତାବ ଆସିପାରେ। ରାଜନୀତିରେ ସଫଳତା ମିଳିବ। ଛାତ୍ରଛାତ୍ରୀ କ୍ୟାରିୟର ପାଇଁ ନୂଆ ଯୋଜନା କରିବେ।

**ବିଛା:** ଆଇଟି ଓ ବ୍ୟାଙ୍କ କ୍ଷେତ୍ରରେ ସଫଳତା ମିଳିବ। ଅଫିସ୍‌ରେ ବରିଷ୍ଠ ଅଧିକାରୀଙ୍କ ସହଯୋଗ ମିଳିବ। ବୈବାହିକ ଜୀବନ ସୁଖଶାନ୍ତିରେ କଟିବ। ବିଦ୍ୟାର୍ଥୀ ପଢ଼ାରେ ମନୋନିବେଶ କରିବେ।

**ଧନୁ:** ପରିବାର ଲୋକଙ୍କ ସହଯୋଗ ମିଳିବ। ସ୍ୱାସ୍ଥ୍ୟରେ ସୁଧାର ଆସିବ। ଆୟ ତୁଳନାରେ ବ୍ୟୟ ଅଧିକ ହେବ। କଥାରେ ମଧୁରତା ରକ୍ଷା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖା ଦେବ।


**ମକର:** ଦିନଟିରେ କର୍ମଚଞ୍ଚଳ ରହିବେ। ବ୍ୟବସାୟରେ ଲାଭ ମିଳିବ। ଛାତ୍ରଛାତ୍ରୀ କଠିନ ପରିଶ୍ରମ କରିବେ। ପୈତୃକ ସମ୍ପତ୍ତିରୁ ଲାଭ ମିଳିବ। ପ୍ରେମ ସମ୍ବନ୍ଧ ସୁଖମୟ ହେବ।

**କୁମ୍ଭ:** ବ୍ୟବସାୟକୁ ନେଇ ଦୂରସ୍ଥାନକୁ ଯାତ୍ରା କରିବେ। ନିବେଶରୁ ଦୂରେଇ ରୁହନ୍ତୁ। ଘରେ ପୂଜାପାଠ ଆୟୋଜନ ହେବ। ବିବାହ ସମସ୍ୟା ସମାଧାନ ହେବ। ଯାନବାହନ କ୍ରୟର ଯୋଗ ଅଛି।

**ମୀନ:** ଚାକିରିରେ ବନ୍ଧୁଙ୍କ ସହାୟତା ମିଳିବ। ଅଫିସ୍‌ରେ ସହକର୍ମୀଙ୍କ ସହ ମତାନ୍ତର ଦେଖା ଦେବ। ନୂଆ କାର୍ଯ୍ୟ ଆରମ୍ଭ କରିବାର ଉତ୍ତମ ସମୟ। ସ୍ୱାମୀ-ସ୍ତ୍ରୀ ମଧ୍ୟରେ ଉତ୍ତମ ବୁଝାମଣା ରହିବ।

## ଆଜିର ଇତିହାସ

- ୧୯୨୯ - ମାନବ କମ୍ପ୍ୟୁଟର ଶକୁନ୍ତଳା ଦେବୀଙ୍କ ଜନ୍ମ।
- ୧୯୪୭ - ମେଜର ସୋମନାଥ ଶର୍ମାଙ୍କୁ ମରଣୋତ୍ତର ପରମବୀର ଚକ୍ର ପ୍ରଦାନ କରାଗଲା।
- ୧୯୫୪ - ଦାର୍ଜିଲିଂରେ ହିମାଳୟ ପର୍ବତାରୋହଣ ସଂସ୍ଥାନର ସ୍ଥାପନା।
- ୨୦୦୮ - ଆମେରିକାର ରାଷ୍ଟ୍ରପତି ହେଲେ ବାରାକ୍ ଓବାମା।
- ୨୦୧୫ - ପାକିସ୍ତାନର ଲାହୋରରେ ଏକ କୋଠା ଭୁଶୁଡ଼ି ୪୫ ଜଣଙ୍କ ମୃତ୍ୟୁ ଓ ପାଖାପାଖି ୧୦୦ ଜଣ ଆହତ ହୋଇଥିଲେ।



## 'ରାମାୟଣ' ବିଭୀଷଣ ଭୂମିକାରେ ବିବେକ

ବଲିଉଡ୍‌ରେ ଏବେ ଫିଲ୍ମର କାହାଣୀ ଅପେକ୍ଷା ଏହାର ବଜେଟ୍‌କୁ ଅଧିକ ଗୁରୁତ୍ୱ ଦିଆଯାଉଛି। ଏହି କ୍ରମରେ ନୀତେଶ ତିୱାରୀଙ୍କ ଫିଲ୍ମ 'ରାମାୟଣ' ସମସ୍ତଙ୍କୁ ପଛରେ ପକାଇ ଦେଇଛି। ୪୦୦୦ କୋଟି ବ୍ୟୟରେ ନିର୍ମିତ ଏହି ଫିଲ୍ମ ଦୁଇଟି ପାର୍ଟରେ ଆସିବ। ଫିଲ୍ମର ବଜେଟ୍ ସହ ଏହାର କଳାକାରଙ୍କୁ ନେଇ ମଧ୍ୟ ଚର୍ଚ୍ଚା ହେଉଛି। ରଣବୀର କପୁର, ସାଇପଲ୍ଲବୀ ଓ ଯଶ୍‌ଙ୍କ ବ୍ୟତୀତ ଏଥିରେ କାମ କରୁଥିବା ଅନ୍ୟ ଜଣେ କଳାକାରଙ୍କୁ ନେଇ ଚର୍ଚ୍ଚା ହେଉଛି। ଏହି ଫିଲ୍ମରେ ବିବେକ ଓବରୟ ବିଭୀଷଣ ଭୂମିକାରେ ନଜର ଆସିବେ। ସବୁଠୁ ବଡ଼ କଥା ହେଉଛି, ବିବେକ ଏହି ଫିଲ୍ମ ପାଇଁ ଟଙ୍କାଟିଏ ମଧ୍ୟ ନେବେ ନାହିଁ। ନିକଟରେ ଗଣମାଧ୍ୟମକୁ ଦେଇଥିବା ସାକ୍ଷାତକାରରେ ବିବେକ କହିଛନ୍ତି ଯେ, 'ରାମାୟଣ'ର ପ୍ରଯୋଜକ ନମିତ ମଲହୋତ୍ରାଙ୍କୁ ସେ କୌଣସି ପାରିଶ୍ରମିକ ନେବେ ନାହିଁ ବୋଲି କହିଥିଲେ। ଏହାସହ ସେ ତାଙ୍କର ପାରିଶ୍ରମିକ ବାବଦରେ ମିଳିବାକୁ ଥିବା ସମସ୍ତ ଅର୍ଥ କ୍ୟାନ୍ସର ପୀଡ଼ିତ ପିଲାଙ୍କ ପାଇଁ ଦାନ କରିବାକୁ ନମିତଙ୍କୁ କହିଛନ୍ତି। ବିବେକ ଆହୁରି ମଧ୍ୟ କହିଛନ୍ତି, ''ରାମାୟଣ' ଭାରତୀୟ ସିନେମାକୁ ଅନ୍ତର୍ଜାତୀୟ ସ୍ତରକୁ ନେଇଯିବ। ଏଥିରେ କାମ କରି ବେଶ୍ ଭଲ ଲାଗିଲା।' 'ରାମାୟଣ' ର ଦୁଇଟି ପାର୍ଟ ୨୦୨୬ ଓ ୨୦୨୭ ଦୀପାବଳିରେ ଆସିବ।



## ସର୍ଫିଂରେ ବିଶ୍ୱ ରେକର୍ଡ

ସର୍ଫିଂ ଏକ ଦୁଃସାହିକ କ୍ରୀଡ଼ା ଭାବେ ଜଣାଯାଏ। ଏଥିରେ ଏକ ବୋର୍ଡ ଉପରେ ଛିଡ଼ା ହୋଇ ଲହଡ଼ିକୁ ଅତିକ୍ରମ କରିବାକୁ ହୋଇଥାଏ। ଏହା ହେଉଛି ଏକ ଆନନ୍ଦଦାୟକ ଜଳକ୍ରୀଡ଼ା। ଏଥିପାଇଁ ଜଳ ସହିତ ପବନର ମଧ୍ୟ ଆବଶ୍ୟକତା ରହିଛି। ପାଣି ଭିତରେ ପବନର ବେଗ ଯେତେ ବୃଦ୍ଧି ପାଇବ ସର୍ଫିଂ କରିବାର ମଜା ସେତେ ବଢ଼ିଥାଏ। ଅବଶ୍ୟ ସର୍ଫିଂ ନିର୍ଦ୍ଦିଷ୍ଟ କେତେ ସମୟ ପାଇଁ ହିଁ କରାଯାଇଥାଏ। କାରଣ ଏଥିରେ ବିପଦ ମଧ୍ୟ ଥାଏ। ନିକଟରେ ଅଷ୍ଟ୍ରିଆର ଜଣେ ବ୍ୟକ୍ତି ଅବିରତ ଆଠ ଘଣ୍ଟା ଧରି ସର୍ଫିଂ କରି ବିଶ୍ୱ ରେକର୍ଡ କରିଛନ୍ତି। ମ୍ୟାକ୍ସିମିଲିୟନ ନ୍ୟୁବକ୍ ନାମକ ବ୍ୟକ୍ତି ଏପରି ଦୁଃସାହିକ କାର୍ଯ୍ୟ କରି ଦେଖାଇଛନ୍ତି। ନ୍ୟୁବକ୍ ୮ ଘଣ୍ଟା ୫ ମିନିଟ୍ ୪୪ ସେକେଣ୍ଡ ପର୍ଯ୍ୟନ୍ତ ସର୍ଫିଂ କରିଥିଲେ। ଅଧିକ ସମୟ ଧରି ସର୍ଫିଂ କରିଥିବା ପୁରୁଷ ହିସାବରେ ତାଙ୍କ ନାମ ଗିନିଜ୍ ବୁକ୍ ଅଫ୍ ରେକର୍ଡସ୍‌ରେ ସ୍ଥାନ ପାଇଛି। ଅତ୍ୟଧିକ ଥଣ୍ଡା ପରିବେଶରେ ବି ସେ ତାଙ୍କର ସର୍ଫିଂ ଜାରି ରଖିଥିଲେ। ଆଠଘଣ୍ଟା ପରେ ସେ କୂଳକୁ ଫେରିଥିଲେ।

## ସମୁଦ୍ରରୁ ପ୍ଲାଷ୍ଟିକ୍ କଣିକା ସଫା କରିବ ମାଛ

ପ୍ଲାଷ୍ଟିକ୍ ପ୍ରଦୂଷଣ ଏବେ ବୈଶ୍ୱିକସ୍ତରରେ ଚିନ୍ତା ବଢ଼ାଉଛି। ସମୁଦ୍ରରେ ଲୋକେ ପ୍ରତିଦିନ କୁଢ଼ କୁଢ଼ ପ୍ଲାଷ୍ଟିକ୍ ଫିଙ୍ଗୁଛନ୍ତି। ସମୁଦ୍ରର ପ୍ଲାଷ୍ଟିକ୍ ଆବର୍ଜନାକୁ ମୁକ୍ତ କରିବାକୁ ଚୀନ୍, ସିଚୁଆନ୍ ବିଶ୍ୱବିଦ୍ୟାଳୟର ବୈଜ୍ଞାନିକମାନେ ଏକ ସ୍ୱତନ୍ତ୍ର ମାଛ ବିକଶିତ କରିଛନ୍ତି। ଏହି ମାଛଟି ପ୍ରକୃତରେ ଏକ ରୋବଟ୍ ମାଛ। ସ୍ୱୟଂଚାଳିତ ଏହି ରୋବଟ୍ ମାଛଟି ସମୁଦ୍ର ପାଣିରେ ଭାସି ଭାସି ତା'ର ଶରୀରରେ କ୍ଷୁଦ୍ର ପ୍ଲାଷ୍ଟିକ୍ କଣିକାକୁ ଶୋଷିନେବ। ମାଛଟି ମାତ୍ର ୧୩ ମିଲିମିଟର ଲମ୍ବା। ଏହା ତା'ର ଲାଞ୍ଜରେ ଲଗାଯାଇଥିବା ଲେଜର ପ୍ରଣାଳୀ ସାହାଯ୍ୟରେ ପାଖାପାଖି ୩୦ ମିଲିମିଟର ପ୍ରତି ସେକେଣ୍ଡ ଗତିରେ ପହଁରିପାରେ। ରୋବୋଟ୍ ମାଛକୁ ଏପରି ତିଆରି କରାଯାଇଛି ଯେ, ଏହା ୫ କେଜି ଓଜନର ଜିନିଷକୁ ବି ଟାଣିପାରେ। ବୈଜ୍ଞାନିକଙ୍କ କହିବାନୁସାରେ, ଏହି ମାଛଟି ଭବିଷ୍ୟତରେ ସମୁଦ୍ରଗୁଡ଼ିକରୁ ମାଇକ୍ରୋପ୍ଲାଷ୍ଟିକ୍‌କୁ ସହଜରେ ସଫା କରିପାରିବ। ଯଦି ପାଣି ଭିତରେ ଏହି ରୋବଟ୍ ମାଛଟି କୌଣସି କାରଣବଶତଃ କ୍ଷତିଗ୍ରସ୍ତ ହୁଏ ତାହେଲେ ଏହା ନିଜକୁ ଠିକ୍ ମଧ୍ୟ କରିପାରିବ। ବର୍ତ୍ତମାନ ଏହା ପ୍ରାରମ୍ଭିକ ସ୍ତରରେ ଅଛି। ଏହା ପ୍ରସ୍ତୁତ ହେବା ପରେ ରୋବଟ୍ ମାଛକୁ ସାଗର ଓ ମହାସାଗରରୁ ମାଇକ୍ରୋପ୍ଲାଷ୍ଟିକ୍ ସଫା କରିବାକୁ ବ୍ୟବହାର କରାଯାଇପାରିବ।



## ଲ୍ୟାଣ୍ଡରୋଭର ଗାଁ

ପ୍ରତ୍ୟେକ ଗାଁର ପରମ୍ପରା ଓ ସଂସ୍କୃତି ଭିନ୍ନ ଭିନ୍ନ ହୋଇଥାଏ। ତନ୍ମଧ୍ୟରୁ କିଛି ଗାଁ ନିଜର ସ୍ୱତନ୍ତ୍ରତା ପାଇଁ ପ୍ରସିଦ୍ଧି ଲାଭ କରିଥାଏ। ଏମିତି ଏକ ଗାଁ ହେଉଛି ପଶ୍ଚିମବଙ୍ଗର ମାନେଭଞ୍ଜ୍ୟାଙ୍ଗ। ଏହି ଗାଁଟି ଭାରତ ଓ ନେପାଳ ସୀମାବର୍ତ୍ତୀ ଅଞ୍ଚଳରେ ଅବସ୍ଥିତ। ଏହା ଦାର୍ଜିଲିଂରୁ ୨୦ କିଲୋମିଟର ଦୂରରେ ଅବସ୍ଥିତ। ମାନେଭଞ୍ଜ୍ୟାଙ୍ଗ ଗାଁର ସ୍ୱତନ୍ତ୍ରତା ହେଉଛି ଦୀର୍ଘ ୬୦ ବର୍ଷରୁ ଅଧିକ ସମୟ ହେବ ଏଠାକାର ଲୋକଙ୍କ ଜୀବନରେ ଲ୍ୟାଣ୍ଡରୋଭର ଏକ ଅଂଶ ପାଲଟିଯାଇଛି। ଏଠାକାର ଲୋକେ ଟ୍ୟାକ୍ସି ଭଳି ଏହାକୁ ବ୍ୟବହାର କରନ୍ତି। ଗାଁର ପ୍ରତ୍ୟେକ ଘର ସମ୍ମୁଖରେ ଏହି ଗାଡ଼ି ଠିଆ ହୋଇଥିବାର ଦେଖିବାକୁ ମିଳିବ। ବ୍ରିଟିଶ ଶାସନ ସମୟରେ ଇଂରେଜମାନେ ଏହି ଗାଡ଼ି ଏଠାକୁ ଆଣିଥିଲେ। ଦେଶ ସ୍ୱାଧୀନ ହେବା ପରେ ଇଂରେଜମାନେ ଏହି ଗାଡ଼ିଗୁଡ଼ିକୁ ସ୍ଥାନୀୟ ଲୋକଙ୍କୁ ଦେଇ ଯାଇଥିଲେ। ଅପରପକ୍ଷରେ ଏହି ଅଞ୍ଚଳ ପାହାଡ଼ିଆ ହୋଇଥିବାରୁ ଏଠାରେ ଆଧୁନିକ ଯାନବାହନ ଚଳାଚଳ ସମ୍ଭବ ନୁହେଁ। ତେଣୁ ପାହାଡ଼ିଆ ରାସ୍ତା ପାଇଁ ଲ୍ୟାଣ୍ଡରୋଭର ବାହନ ଏକ ସାଧନ। ଯଦି ଏବେ ଏହି ଗାଡ଼ିଗୁଡ଼ିକୁ ନିଲାମ କରାଯାଏ ଏହା ଲକ୍ଷାଧିକ ଟଙ୍କାରେ ବିକ୍ରି କରାଯାଇପାରିବ। ଏହା ଆଜି ବି ସ୍ଥାନୀୟ ଲୋକଙ୍କର ସଂସ୍କୃତି ଏବଂ ଅର୍ଥବ୍ୟବସ୍ଥାର ଏକ ମହତ୍ତ୍ୱପୂର୍ଣ୍ଣ ଅଂଶବିଶେଷ।






## ଆଳୁର ସହଫସଲ

**ଓଡ଼ିଶା ଏକ କୃଷି ପ୍ରଧାନ ରାଜ୍ୟ। ଗ୍ରାମାଞ୍ଚଳର ଅଧିକାଂଶ ଲୋକ ଧାନ ଚାଷ ସହିତ ପନିପରିବା ଯଥା ଆଳୁ ଚାଷ କରୁଛନ୍ତି। ଆଳୁ ଚାଷ ପାଇଁ ବର୍ତ୍ତମାନ ଉପଯୁକ୍ତ ସମୟ। ଅଧିକ ଉର୍ବରଯୁକ୍ତ ମାଟିରେ ଏହି ଚାଷ ଭଲ ହୋଇଥାଏ। ଅଧୁନା ଚାଷୀଭାଇମାନେ ଆଳୁ ଫସଲ ସହିତ ସହଫସଲ କରିବାକୁ ଗୁରୁତ୍ୱ ଦେଉଛନ୍ତି। ଏହାଦ୍ୱାରା ସେମାନଙ୍କ ଆୟ ଦ୍ୱିଗୁଣିତ ହୋଇ ପାରୁଛି।**



ଚାଷୀମାନେ ଆଳୁ ସହିତ ମୂଳା, ଗାଜର, ଶାଗ, ଶାଲଗମ ଆଦି ଚାଷ କରୁଛନ୍ତି। ଏଥିପାଇଁ ପ୍ରଥମେ ଜମିକୁ ତିନିରୁ ଚାରିଥର ଗଭୀର ଚାଷ କରାଯାଏ। ଏହାପରେ ସିଆର କରି ଖତ ଓ ରାସାୟନିକ ସାର ଦେଇ ଆଳୁ ଲଗାଯାଏ। ସମାନ ସମୟରେ ସଠିକ ଦୂରତ୍ୱ ଏବଂ ଗଭୀର ଅବଲମ୍ବନ କରି ମୂଳା, ଗାଜର ଓ ଶାଗ ଆଦି ଲଗାଇ ପାରିବେ। ଏହି ଫସଲ ଆଳୁ ଫସଲକୁ ପ୍ରଭାବିତ କରେ ନାହିଁ।

**ଆଳୁ ପଟାଳିରେ ଧନିଆ ଚାଷ:** ଆଳୁ ପଟାଳି ଚାରିପାଖରେ ଧନିଆ ଲଗାଇବା ଉତ୍ତମ ବିକଳ୍ପ। ଧନିଆ ପତ୍ର ଓ ମଞ୍ଜି ବିକ୍ରି କରି ଚାଷୀ ଲାଭ ପାଆନ୍ତି। ପଟାଳିରେ ଧନିଆ ଲଗାଇଲେ ଏହାର ସୁଗନ୍ଧରେ ବୁଲା ପ୍ରାଣୀଙ୍କ କବଳରୁ ଫସଲକୁ ସୁରକ୍ଷା ମିଳିପାରେ। ଏହା ପ୍ରାକୃତିକ ବାଡ଼ ପରି କାମ କରେ। ଶ୍ରମ ଲାଘବ ସହିତ ଖର୍ଚ୍ଚ କମ୍ ହୁଏ।

ଏହି ପଦ୍ଧତିରେ ଚାଷ କରିବା ଦ୍ୱାରା ମାଟିର ଉର୍ବରଶକ୍ତି ବଢ଼େ। ମୂଳା, ଗାଜର ଏବଂ ଶାଗ ଚାଷ ଦ୍ୱାରା ମାଟିରେ ବାୟୁଚଳାଚଳ ସହଜ ହୋଇପାରେ। ଧନିଆଗଛ ମାଟିର ପୋଷକତତ୍ତ୍ୱ ଉପଯୋଗରେ ବିବିଧତା ଆଣେ। ମାଟିର ଉର୍ବରତା ବଜାୟ ରହେ। ସହଫସଲ ଫସଲ ବୀମା ପରି ସାହାଯ୍ୟ କରେ। କୌଣସି କାରଣବଶତଃ ଆଳୁ ଫସଲ ନଷ୍ଟ ହେଲେ, ଚାଷୀ ମୂଳା, ଗାଜର ଏବଂ ଧଣିଆ ବିକ୍ରି କରି ଲାଭ ପାଇପାରନ୍ତି।

## ଜୈବିକ ଚାଷ ବିଦେଶ ଚାକିରି ଛାଡ଼ି ଗାଁରେ ଚାଷ

**ଆମେରିକା, କାର୍ଲିଫର୍ଣ୍ଣିଆର ସିଲିକନ୍ ଭ୍ୟାଲିରେ ସେମାନେ ଚାକିରି କରୁଥିଲେ। ମାସକୁ ଲକ୍ଷାଧିକ ଟଙ୍କା ଥିଲା ତାଙ୍କର ଦରମା। ନିଜ ଭିଟାମାଟିରେ ଜୈବିକ ଚାଷ କରିବାକୁ ସେମାନେ ଭାରତ ଫେରି ଆସିଲେ। ଗୁଜୁରାଟ, ନଡ଼ିୟାଦ ସହରର ବିବେକ ଶାହ ଏବଂ ତାଙ୍କ ପତ୍ନୀ ବୃନ୍ଦା ଶାହ ଏବେ ବିଭିନ୍ନ ଚାଷ ସହିତ ଲୋକଙ୍କୁ ଚାଷ ସମ୍ପର୍କିତ ଗୁରୁତ୍ୱପୂର୍ଣ୍ଣ ଜ୍ଞାନ ବାଣ୍ଟି ଉଦାହରଣ ସୃଷ୍ଟି କରିଛନ୍ତି।**

ଏହି ଦମ୍ପତିଙ୍କର ୧୦ ଏକର ଜମି ରହିଛି। ଜୈବିକ ଚାଷ କରିବାକୁ ଚିନ୍ତା କରି ପ୍ରଥମେ ସେମାନେ କୃଷି ସମ୍ପର୍କିତ କୋର୍ସ କରିଲେ। କୋର୍ସ ଶେଷ କରି ଜମିରେ ବାଜରା, ଗହମ, ଆଳୁ, କଦଳୀ, ଅମୃତଭଣ୍ଡା, ଜାମୁକୋଳି, ଧଣିଆ ଚାଷ ଆରମ୍ଭ କରିଥିଲେ। ଫସଲରେ ପାଣିର ଅଭାବ ଦୂର କରିବାକୁ ଜମିରେ ପୋଖରୀ ଖୋଳିଛନ୍ତି। ପୋଖରୀ ହୁଡାରେ ମଧ୍ୟ ସେମାନେ କିଛି ଗଛ ଲଗାଇଛନ୍ତି। ୨୦ ହଜାର ଲିଟରର ଜଳ ଅମଳ ପ୍ରଣାଳୀ ରହିଛି। ଫଳରେ ଜମିରେ ଦୀର୍ଘ ସମୟ ଧରି ଜଳ ଯୋଗାଣର ସମସ୍ୟା ରହୁନାହିଁ। ଫସଲରେ ରୋଗପୋକ ଦୂର ପାଇଁ ଅନ୍ତଃଫସଲ ଏବଂ ବିବିଧ ଫସଲ କୌଶଳକୁ ଆପଣାଇଛନ୍ତି। ଚାଷରେ ଜୈବିକ ଖତ ବ୍ୟବହାର କରନ୍ତି। ତୁଳସୀ ଏବଂ ଲେମନଗ୍ରାସ୍ ଚାଷରୁ ମଧ୍ୟ ସେମାନେ ଲାଭ ପାଉଛନ୍ତି। ମିଶ୍ରିତ ଚାଷରୁ ସେମାନଙ୍କ ଆୟ କେବଳ ବୃଦ୍ଧି ପାଇଛି ତାହା ନୁହେଁ, ସେମାନେ ଲୋକଙ୍କୁ ରୋଷେଇଶାଳା ବଗିଚା ବିଷୟରେ ଜ୍ଞାନ ମଧ୍ୟ ବାଣ୍ଟୁଛନ୍ତି।



## ବାଦାମ ଅମଳଯନ୍ତ୍ର



ବାଦାମ ଏକ ଅର୍ଥକରୀ ଫସଲ। ଅଧିକାଂଶ ଚାଷୀ ପନିପରିବା ସହିତ ବାଦାମ ଚାଷ କରିଥାନ୍ତି। ଯେଉଁମାନେ ଖରିଫ ଋତୁରେ ବାଦାମ ଚାଷ କରିଥିଲେ, ଏବେ ବାଦାମର ଅମଳ ସମୟ। ତେବେ ବାଦାମ ଚାଷରେ ସବୁଠୁ କଠିନ କାମ ହେଉଛି, ଗଛରୁ ମଞ୍ଜିକୁ ଅଲଗା କରିବା। ଏହି କାମ ମୁଖ୍ୟତଃ ଚାଷୀମାନେ ହାତରେ କରିଥାନ୍ତି। ଏଥିରେ ଅଧିକ ଶ୍ରମ ଦରକାର ପଡ଼େ। ଆଙ୍ଗୁଠି ଉପରେ ଚାପ ପଡ଼େ। ତେଣୁ କମ୍ ସମୟ ଓ ସୁବିଧାରେ ଅଧିକ ଅମଳ କରିବାକୁ ଏବେ ବାଦାମର ଅମଳ ଯନ୍ତ୍ର (ଥ୍ରେସର), ଉପଲବ୍ଧ ରହିଛି। ଏହା ବିଦ୍ୟୁତ, ଟ୍ରାକ୍ଟର କିମ୍ବା ପାୱାରଟିଲର ଦ୍ୱାରା ପରିଚାଳିତ ହୋଇଥାଏ। ଏହି ବାଦାମ ଅମଳ ଯନ୍ତ୍ରଟିରେ ଗୋଟିଏ କଣ୍ଟାଯୁକ୍ତ ଅବତଳ ରହିଥାଏ। ଅବତଳଟି ଘୂରିବା ସମୟରେ ବାଦାମର ଗଛରୁ ବାଦାମକୁ ଅଲଗା କରିଥାଏ। ତା ସହିତ ବାଦାମକୁ ସଫା କରି ସଂଗ୍ରହ କରାଯାଇଥାଏ। ତେବେ ଖୁସିର କଥା, ଓୟୁଏଟିରେ ଧାନ ଓ ବାଦାମ ଅମଳ ପାଇଁ ସୌରଚାଳିତ ଅମଳଯନ୍ତ୍ର ଉଦ୍ଭାବନ କରାଯାଇଛି। ଚାଷୀମାନେ ପ୍ରତି ବ୍ଲକ୍‌ରେ କୃଷି ଅଧିକାରୀଙ୍କୁ ଯୋଗାଯୋଗ କରି ଏହି ଯନ୍ତ୍ର ବିଷୟରେ ସବିଶେଷ ଜ୍ଞାନ ପାଇପାରିବେ। ଏହାସହ ସେମାନେ ସବସିଡ୍ ମୂଲ୍ୟରେ ଯନ୍ତ୍ରଟି କିଣି ପାରିବେ।

## କୃଷି ପାଣିପାଗ

### ଏ ସପ୍ତାହ ପାଇଁ କେତେକ ପରାମର୍ଶ

- ଅମଳ ଉପଯୋଗୀ ଫସଲ ଯଥା ପନିପରିବା ଏବଂ ଶସ୍ୟଜାତୀୟ ଫସଲକୁ ଅମଳ କରି ସୁରକ୍ଷିତ ସ୍ଥାନରେ ରଖନ୍ତୁ।
- ଫସଲରେ ପତ୍ର ପୋଡ଼ା, ଝାଉଁଳା ଓ ମୂଳ ସଢ଼ା ଦେଖା ଦେବାର ସମ୍ଭାବନା ଅଛି ତେଣୁ ଶୃଙ୍ଖଳା ପାଗ ଦେଖି ପ୍ରତି ୧ ଲିଟର ପାଣିରେ ୨ ଗ୍ରାମ୍ ମେଟାଲାକ୍ସିଲ + ମାଙ୍କୋଜେବ ଓ ପ୍ଲାଣ୍ଟୋମାଇସିନ୍‌କୁ ମିଶାଇ ଫସଲ ମୂଳକୁ ସିଞ୍ଚନ କରନ୍ତୁ।
- ଉଚ୍ଚ –ମଧ୍ୟମ ଜମିରେ ମାଟିରେ ବତର ଦେଖି ରବି ଫସଲ ଯଥା ମୁଗ, ବିରି, ଝୁଡ଼ଙ୍ଗ, ମଟର, ଚିନାବାଦାମ, ରାଶି ଏବଂ ସୂର୍ଯ୍ୟମୁଖୀ ଚାଷ କରନ୍ତୁ।
- ମକାର ଉପର ଚୋପା ହଳଦିଆରୁ ବାଦାମି ରଙ୍ଗର ହୋଇ ଶୁଖିବା ପରେ ଅମଳ କରନ୍ତୁ।
- ଆଖୁରେ ନାଲିଶଢ଼ା ରୋଗର ପରିଚାଳନା ପାଇଁ ଏକର ପ୍ରତି ୪୦୦ ଗ୍ରାମ୍ କାର୍ବେଣ୍ଡାଜିମ୍ ଏବଂ ମାଙ୍କୋଜେବର ମିଳିତ ଫିମ୍ପିନାଶକ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ।

## କୁକୁଡ଼ାଙ୍କୁ ମାରେକ୍ସ ରୋଗ



ଆମ ରାଜ୍ୟର ଅଧିକାଂଶ ଲୋକ କୁକୁଡ଼ା ପାଳନ କରୁଛନ୍ତି। କୁକୁଡା ପାଳନରେ ସେମାନଙ୍କର ଯତ୍ନ ନେବାର ଆବଶ୍ୟକତା ଅଧିକ ରହିଥାଏ। କାରଣ ବିଭିନ୍ନ ସମୟରେ କୁକୁଡ଼ାଙ୍କୁ ହେଉଥିବା ରୋଗ ଦ୍ୱାରା ଚାଷୀଭାଇଙ୍କୁ କ୍ଷତି ସହିବାକୁ ପଡ଼ିପାରେ। ତେବେ କୁକୁଡ଼ାଙ୍କୁ ମାରେକ୍ସ ରୋଗ ହେଲେ, ସେମାନଙ୍କଠାରେ ପକ୍ଷାଘାତ ଭଳି ଲକ୍ଷଣ ଦେଖାଯାଏ। କୁକୁଡ଼ା ଡେଣା, ଗୋଡ ମେଲାଇ ପଡ଼ିଯାଆନ୍ତି। ସେମାନେ ମୃତ୍ୟୁ ବରଣ କରନ୍ତି। ଏହା ଏକ ଭୂତାଣୁ ଜନିତ ରୋଗ। ରୋଗାକ୍ରାନ୍ତ କୁକୁଡାଠାରୁ ଅନ୍ୟ କୁକୁଡ଼ାଙ୍କୁ ଏହା ସହଜରେ ବ୍ୟାପିପାରେ। ବିଶେଷ କରି ଏହି ରୋଗର ନିର୍ଦ୍ଦିଷ୍ଟ ଉପଚାର ନାହିଁ। କେବଳ ଟିକାକରଣ ସୁବିଧା ରହିଛି। ତେଣୁ ଫାର୍ମରେ ଦିନିକିଆ ଚିଆଁଙ୍କୁ ସକାଳେ କିମ୍ବା ସନ୍ଧ୍ୟାରେ ଟିକା ଦିଆଯାଇଥାଏ। ଏହାକୁ ଚିଆଁଟିର ମୁଣ୍ଡର ଚର୍ମତଳେ ୦.୨ ମିଲି ମାତ୍ରାରେ ଦିଆଯାଇଥାଏ। ସାଧାରଣତଃ ଏହି ଟିକା ଫାର୍ମରେ ଦିଆଯାଇଥାଏ। ଯଦି ଫାର୍ମରେ ଟିକା ଦିଆଯାଇନଥାଏ, ଚାଷୀଭାଇ ନିଜେ ଟିକାକରଣ କରିପାରିବେ। କୁକୁଡାଙ୍କୁ ଏହା ଜୀବନବ୍ୟାପି ରୋଗ ପ୍ରତିରୋଧକ ଶକ୍ତି ଯୋଗାଇଥାଏ।

# ବିଶ୍ୱବିଜୟିନୀଙ୍କୁ ୫୧ କୋଟି ପୁରସ୍କାର

ନୂଆଦିଲ୍ଲୀ,୩ା୧୧(ଏଜେନ୍ସି)

ଦକ୍ଷିଣ ଆଫ୍ରିକାକୁ ୫୨ ରନ୍‌ରେ ହରାଇ ଭାରତୀୟ ମହିଳା କ୍ରିକେଟ ଦଳ ଦିନିକିଆ ବିଶ୍ୱକପ୍ କ୍ରିକେଟ ଚାମ୍ପିଅନ ହୋଇଛି। ମହିଳା କ୍ରିକେଟର ଯେ କୌଣସି ଫର୍ମାଟ କିମ୍ବା ଆଇସିସି ଦ୍ୱାରା ଖେଳାଯାଉଥିବା ଯେ କୌଣସି ଟୁର୍ଣ୍ଣାମେଣ୍ଟରେ ଏହା ଭାରତର ପ୍ରଥମ ଟାଇଟଲ। ଏହି ଟାଇଟଲ ଜିତିବାରେ କେବଳ ଭାରତୀୟ କ୍ରିକେଟ ଖେଳାଳି କିମ୍ବା କର୍ମକର୍ତ୍ତା ନୁହଁନ୍ତି, ବରଂ କ୍ରୀଡ଼ାପ୍ରେମୀ ଭାରତୀୟ ଖୁସି ହେବା ସହ ଗର୍ବ ଅନୁଭବ କରୁଛନ୍ତି। ଖେଳାଳିମାନେ ଯେପରି ଦେଶକୁ ଗର୍ବିତ କରିଛନ୍ତି, ଠିକ୍ ସେହିପରି ଦେଶବାସୀ ସେମାନଙ୍କୁ ଅଭିନନ୍ଦନ ଓ ଶୁଭେଚ୍ଛା ଜଣାଇଛନ୍ତି। ରାଷ୍ଟ୍ରପତି ଓ ପ୍ରଧାନମନ୍ତ୍ରୀଙ୍କଠାରୁ ଆରମ୍ଭ କରି ସାଧାରଣ ଜନତା ଯାଏ ଭାରତୀୟ ମହିଳାଙ୍କ ଏହି ଉତ୍ଥାନରେ ଆନନ୍ଦ ପ୍ରକାଶ କରିଛନ୍ତି। ଏହି ଐତିହାସିକ, ଯୁଗାନ୍ତକାରୀ, ସୁଦୂରପ୍ରସାରୀ ଓ ସ୍ମରଣୀୟ ସଫଳତା ଲାଗି ଭାରତୀୟ କ୍ରିକେଟ ଦଳକୁ ବିଶ୍ୱର ବିତ୍ତଶାଳୀ କ୍ରିକେଟ ସଂଗଠନ ବିସିସିଆଇ (ବୋର୍ଡ ଅଫ୍ କଣ୍ଟ୍ରୋଲ ଫର କ୍ରିକେଟ ଇନ୍ ଇଣ୍ଡିଆ) ପକ୍ଷରୁ ୫୧ କୋଟି ଟଙ୍କା ପ୍ରୋତ୍ସାହନ ରାଶି ପ୍ରଦାନ କରିବାକୁ ଘୋଷଣା କରିଛି। ବିସିସିଆଇ ସମ୍ପାଦକ ଦେବଜିତ ସାଇକିଆ ଏ ସମ୍ପର୍କରେ ଘୋଷଣା କରି କହନ୍ତି, ଏହି ପୁରସ୍କାର ରାଶି ସମସ୍ତ ଖେଳାଳି, ସପୋର୍ଟ ଷ୍ଟାଫ୍ ଓ ସିଲେକ୍ଟରଙ୍କୁ ଦିଆଯିବ। କିଏ କେତେ ଟଙ୍କା ପାଇବେ ତାହା ଘୋଷଣା କରାଯାଇ ନ ଥିଲେ ମଧ୍ୟ ଜଣେ ଖେଳାଳି ୨.୫ରୁ ୩ କୋଟି ଓ ସପୋର୍ଟ ଷ୍ଟାଫ୍ ୨୫ରୁ ୩୦ ଲକ୍ଷ ଲେଖାଏଁ ଟଙ୍କା ପାଇବେ ବୋଲି ଆକଳନ କରାଯାଉଛି। କ୍ରିକେଟ ଖେଳର ଉନ୍ନତି ଲାଗି ବିସିସିଆଇ ସମସ୍ତ ପ୍ରକାର ସହଯୋଗ କରିବ ବୋଲି ସେ କହିଛନ୍ତି। ପୂର୍ବରୁ ପୁରୁଷଙ୍କ ଭଳି ମହିଳାଙ୍କୁ ସମାନ ମ୍ୟାଚ୍ ଫି ଦେବାକୁ ପୂର୍ବତନ ସମ୍ପାଦକ ତଥା ବର୍ତ୍ତମାନର ଆଇସିସି ଅଧ୍ୟକ୍ଷ ଘୋଷଣା କରିଥିଲେ ମଧ୍ୟ ତାହା କାର୍ଯ୍ୟକାରୀ ହୋଇନାହିଁ। କିନ୍ତୁ ଆଇସିସି ଦ୍ୱାରା ଆୟୋଜିତ ଟୁର୍ଣ୍ଣାମେଣ୍ଟରେ ପୁରୁଷଙ୍କ ଭଳି ମହିଳାଙ୍କୁ ସମାନ ପୁରସ୍କାର ଦେବାକୁ ସେ ଯେଉଁ ଘୋଷଣା କରିଥିଲେ ତାହା ଏହି ଟୁର୍ଣ୍ଣାମେଣ୍ଟରେ ପ୍ରତିଫଳିତ ହୋଇଛି।

ମହିଳା ଦିନିକିଆ ବିଶ୍ୱକପ୍‌ରେ ଏଥର ପୁରସ୍କାର ରାଶିକୁ ୧୩.୮୮ ନିୟୁତ ଡଲାର ବା ପାଖାପାଖି ୧୨୩ କୋଟିକୁ ବୃଦ୍ଧି କରାଯାଇଛି। ଯାହାକି ନ୍ୟୁଜିଲାଣ୍ଡରେ ଖେଳାଯାଇଥିବା ୨୦୨୨ ବିଶ୍ୱକପ୍‌ଠାରୁ ପାଖାପାଖି ୪ ଗୁଣା ଅଧିକ। ଏହି ରାଶି ମଧ୍ୟ ୨୦୨୩ ପୁରୁଷ ବିଶ୍ୱକପ୍ ରାଶିଠାରୁ ଅଧିକ। ୨୦୨୩ ପୁରୁଷ ବିଶ୍ୱକପ୍‌ରେ ୧୦ ନିୟୁତ ଡଲାର ବା ପାଖାପାଖି ୮୯ କୋଟି ପୁରସ୍କାର ପ୍ରଦାନ କରାଯାଇଥିଲା। ପୁରସ୍କାର ରାଶି ବୃଦ୍ଧି ହେବା ଫଳରେ ଏଥର ଚାମ୍ପିଅନ ଭାରତକୁ ପାଖାପାଖି ୪୦ କୋଟି ଓ ରନର୍ସଅପ୍ ଦକ୍ଷିଣ ଆଫ୍ରିକାକୁ ୨୦ କୋଟି ଟଙ୍କାର ପୁରସ୍କାର ଦିଆଯାଇଛି। ଏଥର ସେମିଫାଇନାଲରେ ପରାଜିତ ଦୁଇ ଦଳକୁ ପାଖାପାଖି ୧୦ କୋଟି ଲେଖାଏଁ ଟଙ୍କା ମିଳିଛି। ୨୦୨୨ରେ ଚାମ୍ପିଅନ ଅଷ୍ଟ୍ରେଲିଆକୁ ୧୨ କୋଟି ଟଙ୍କା ମିଳିଥିଲା। ଏଣୁ ଏଥର ପୁରସ୍କାର ରାଶି କେତେ ପରିମାଣରେ ବୃଦ୍ଧି ପାଇଛି ତାହା ଏଥିରୁ ସ୍ପଷ୍ଟ ହେଉଛି। ସୂଚନାଯୋଗ୍ୟ ଗତକାଲି ବା ରବିବାର ଖେଳାଯାଇଥିବା ମ୍ୟାଚ୍‌ରେ ଭାରତ ୫୨ ରନ୍‌ରେ ଦକ୍ଷିଣ ଆଫ୍ରିକାକୁ ପରାସ୍ତ କରି ପ୍ରଥମ ଚାମ୍ପିଅନ ହୋଇଥିଲା। ୧୩ତମ ସଂସ୍କରଣ ପରେ ଭାରତ ତୃତୀୟଥର ଫାଇନାଲରେ ପ୍ରବେଶ କରି ପ୍ରଥମଥର ଟାଇଟଲ ଜିତିଥିଲା। ଫାଇନାଲରେ ଶେଫାଳି ବର୍ମା ୮୭ ରନ୍ କରିବା ସହ ୨ଟି ୱିକେଟ ନେଇ ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ। ଅନ୍ୟତମ ଖେଳାଳି ଦୀପ୍ତି ଶର୍ମା ୫୮ ରନ୍ କରିବା ସହ ୫ଟି ୱିକେଟ ନେଇ ଦଳର ବିଜୟରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିଥିଲେ। ଏହି ଟୁର୍ଣ୍ଣାମେଣ୍ଟରେ ମୋଟ ୨୧୫ ରନ୍ କରିବା ସହ ୨୨ଟି ୱିକେଟ ନେଇଥିବା ଦୀପ୍ତି ଶର୍ମାଙ୍କୁ ଟୁର୍ଣ୍ଣାମେଣ୍ଟର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଥିଲା।

ଆଇସିସି ଓ ବିସିସିଆଇ ବ୍ୟତୀତ ବିଭିନ୍ନ ରାଜ୍ୟରୁ ପ୍ରତିନିଧିତ୍ୱ କରୁଥିବା ଖେଳାଳିମାନଙ୍କୁ ସମ୍ପୃକ୍ତ ରାଜ୍ୟ ସରକାରଙ୍କ ପକ୍ଷରୁ ପୁରସ୍କୃତ କରାଯିବାକୁ ଘୋଷଣା କରାଯାଇଛି। ଦଳର ଫାଷ୍ଟ ବୋଲର ରେଣୁକା ସିଂଙ୍କୁ ତାଙ୍କ ରାଜ୍ୟ ସରକାରଙ୍କ ପକ୍ଷରୁ ଏକ କୋଟି ଟଙ୍କା ପୁରସ୍କାର ଦେବାକୁ ମଧ୍ୟ ଘୋଷଣା କରାଯାଇଛି। ହିମାଚଳ ପ୍ରଦେଶ ମୁଖ୍ୟମନ୍ତ୍ରୀ ସୁଖବିନ୍ଦର ସିଂ ସୁଖୁ ରେଣୁକାଙ୍କୁ ଏକ କୋଟି ଟଙ୍କା ପୁରସ୍କାର ଦେବାକୁ ଘୋଷଣା କରିଛନ୍ତି। ସେହିପରି ମଧ୍ୟ ପ୍ରଦେଶ ମୁଖ୍ୟମନ୍ତ୍ରୀ ମୋହନ ଯାଦବ ନିଜ ରାଜ୍ୟର ଖେଳାଳି ତଥା ଅନ୍ୟତମ ଫାଷ୍ଟ ବୋଲର କ୍ରାନ୍ତି ଗୌଡାଙ୍କୁ ଏକ କୋଟି ଟଙ୍କା ପୁରସ୍କାର ଦେବାକୁ ଘୋଷଣା କରିଛନ୍ତି।




## ବୁଧବାର ପ୍ରଧାନମନ୍ତ୍ରୀଙ୍କୁ ଭେଟିବେ ଖେଳାଳି

ବିଶ୍ୱବିଜୟିନୀ ଭାରତୀୟ ମହିଳା କ୍ରିକେଟ ଦଳର ଖେଳାଳିମାନେ ବୁଧବାର ବା ନଭେମ୍ବର ୫ରେ ପ୍ରଧାନମନ୍ତ୍ରୀଙ୍କୁ ଭେଟିବେ ବୋଲି ଜଣାଯାଇଛି। ଏ ସମ୍ପର୍କରେ ପିଏମ୍‌ଓ ବା ପ୍ରଧାନମନ୍ତ୍ରୀଙ୍କ ଅଫିସ ପକ୍ଷରୁ ବିସିସିଆଇକୁ ନିମନ୍ତ୍ରଣ କରାଯାଇଛି। ବିଶ୍ୱକପ୍ ଜିତିବା ପରେ ଖେଳାଳିମାନେ ଏବେ ମୁମ୍ବଇରେ ଅବସ୍ଥାନ କରୁଛନ୍ତି। ସେମାନେ ଆସନ୍ତାକାଲି ବା ମଙ୍ଗଳବାର ସନ୍ଧ୍ୟା ସୁଦ୍ଧା ନୂଆଦିଲ୍ଲୀରେ ପହଞ୍ଚିବେ ବୋଲି ଆଶା କରାଯାଇଛି। ମଙ୍ଗଳବାର ସେମାନେ ଦିଲ୍ଲୀରେ ରହିବେ ଓ ବୁଧବାର ପ୍ରଧାନମନ୍ତ୍ରୀଙ୍କୁ ଭେଟିବେ ବୋଲି ସ୍ଥିର ହୋଇଛି। ଏହା ପରେ ଖେଳାଳିମାନେ ନିଜ ନିଜ ରାଜ୍ୟକୁ ଫେରିଯିବେ। ଏହା ମଧ୍ୟରେ ଉପଅଧିନାୟିକା ସ୍ମୃତି ମନ୍ଧାନାଙ୍କ ବିବାହ ଏହା ମଧ୍ୟରେ ଅନୁଷ୍ଠିତ ହେବ। ସେ ନଭେମ୍ବର ୨୦ରେ ମଧ୍ୟପ୍ରଦେଶ ଇନ୍ଦୋରର ସଂଗୀତଜ୍ଞ ପଲାଶଙ୍କ ସହ ବିବାହ ବନ୍ଧନରେ ଆବଦ୍ଧ ହେବେ।

### ଅମୋଲ୍ ମଜୁମ୍‌ଦାର

## କୌର ବାହିନୀଙ୍କ ଦ୍ରୋଣାଚାର୍ଯ୍ୟ

ମୁମ୍ବଇ : ଭାରତ ପକ୍ଷରୁ କେବେ ମଧ୍ୟ ଖେଳିବାର ସୁଯୋଗ ପାଇ ନ ଥିଲେ। କେବଳ ଘରୋଇ କ୍ରିକେଟ୍‌ରେ ସୀମିତ ରହିଯାଇଥିଲେ। ପ୍ରଥମଶ୍ରେଣୀ କ୍ରିକେଟ୍‌ରେ ୧୭୧ ଓ ଲିଷ୍ଟ-ଏ'ରେ ୧୧୩ ମ୍ୟାଚ୍ ଖେଳିବାର ରହିଥିଲା ଅଭିଜ୍ଞତା। ଜୀବନରେ ଭାରତୀୟ ଦଳର ନୀଳ ଜର୍ସି ପରିଧାନ କରିବାର ସ୍ୱପ୍ନ ଅଧୁରା ରହିଯାଇଥିଲେ ମଧ୍ୟ ଏବେ ସେ ପାଲଟିଯାଇଛନ୍ତି ଜାତୀୟ ହିରୋ। ଭାରତୀୟ ମହିଳା କ୍ରିକେଟ୍ ଦଳକୁ ସର୍ବପ୍ରଥମ ବିଶ୍ୱକପ୍ ଟ୍ରଫି ଜିତାଇ ରାତାରାତି ଚର୍ଚ୍ଚାର ପରିସରକୁ ଆସିଛନ୍ତି ଅମୋଲ୍ ମଜୁମଦାର। ଗତକାଲି ନଭି ମୁମ୍ବଇର ଡିୱାଇ ପାଟିଲ ଷ୍ଟାଡିୟମରେ ଦକ୍ଷିଣ ଆଫ୍ରିକାକୁ ୫୨ ରନରେ ପରାସ୍ତ କରି ଭାରତ ଆଇସିସି ମହିଳା ଦିନିକିଆ ବିଶ୍ୱକପ୍ ଚାମ୍ପିଅନ ହୋଇଥିଲା। ଦୀର୍ଘ ପାଞ୍ଚ ଦଶନ୍ଧିର ପ୍ରତୀକ୍ଷାର ଅନ୍ତ ଘଟାଇ ଭାରତୀୟ ଦଳକୁ ଏହି ବିଶ୍ୱବିଜୟିନୀ ଟୀକା ପିନ୍ଧାଇବାରେ ପ୍ରମୁଖ ଭୂମିକା ଗ୍ରହଣ କରିଥିଲେ ମୁଖ୍ୟ ପ୍ରଶିକ୍ଷକ ୫୦ ବର୍ଷୀୟ ଅମୋଲ୍। ତାଙ୍କୁ ଏବେ 'ଗୁରୁଦ୍ରୋଣ' ଭାବେ ଆଖ୍ୟା ଦିଆଯାଇଛି। ସାମାଜିକ ଗଣମାଧ୍ୟମରେ ମଧ୍ୟ ଅମୋଲ୍‌ଙ୍କୁ ବଲିଉଡ୍ ଫିଲ୍ମ 'ଚକ୍ ଦେ ଇଣ୍ଡିଆ'ର ହକି କୋଚ୍ କବୀର ଖାନଙ୍କ ସହ ତୁଳନା କରାଯାଇଛି।




ଭାରତ ଚାମ୍ପିଅନ ହେବାପରେ ଅଧିନାୟିକା ହରମନପ୍ରୀତ୍ କୌର ପଡ଼ିଆ ମଧ୍ୟରେ ଅମୋଲ୍‌ଙ୍କ ପାଦ ଛୁଇଁ ଭାବବିହ୍ୱଳ ହୋଇ କାନ୍ଦି ପକାଇବାର ଦୃଶ୍ୟ କ୍ରିକେଟପ୍ରେମୀଙ୍କ ଆଖିରେ ଲୁହ ଆଣିଦେଇଥିଲା।

ମୁମ୍ବଇ ଜନ୍ମିତ ଅମୋଲ୍ ପ୍ରଥମଶ୍ରେଣୀରେ ୩୦ ଶତକ ସହ ୧୧,୧୬୭ ରନ ଓ ଲିଷ୍ଟ-ଏ'ରେ ୩୨୮୬ ରନ ସଂଗ୍ରହ କରିଛନ୍ତି। ଘରୋଇ କ୍ରିକେଟ୍‌ରେ ସେ ଜଣେ ଦକ୍ଷ ବ୍ୟାଟର୍ ଭାବେ ବିବେଚିତ ହେଉଥିଲେ। କିନ୍ତୁ ସଚିନ ତେନ୍ଦୁଲକର, ରାହୁଲ ଦ୍ରାବିଡ୍, ଭିଭିଏସ୍ ଲକ୍ଷ୍ମଣ ଓ ସୌରଭ ଗାଙ୍ଗୁଲିଙ୍କ ଭଳି ମହାନ ବ୍ୟାଟର୍‌ଙ୍କ ସମୟରେ ଖେଳିବା ତାଙ୍କ ପାଇଁ ଅଭିଶପ୍ତ ସଦୃଶ ହୋଇଥିଲା। ଯେଉଁଥି ପାଇଁ ଘରୋଇ କ୍ରିକେଟରେ ଏତେ ଭଲ ପ୍ରଦର୍ଶନ ସତ୍ତ୍ୱେ ସେ ଭାରତୀୟ ଦଳରୁ ଖେଳିବାର ସୁଯୋଗ ପାଇପାରି ନ ଥିଲେ। କିନ୍ତୁ ଅବସର ପରେ କୋଚ୍ ଭାବେ ସେ ଯେଉଁ ସଫଳତା ଏବେ ପାଇଛନ୍ତି ତାହା ତାଙ୍କର ଭାରତୀୟ ଦଳରୁ ଖେଳି ନ ପାରିବାର ଅଧୁରା ସ୍ୱପ୍ନକୁ ପୂରଣ କରିପାରିଥିବା କୁହାଯାଉଛି।

## ହୀରା ଗହଣା ଓ ସୋଲାର ପ୍ୟାନେଲ ଦେବେ ଶିଳ୍ପପତି

ଗୁଜରାଟର ରାଜ୍ୟସଭା ସାଂସଦ ତଥା ହୀରା ବ୍ୟବସାୟୀ ଗୋବିନ୍ଦ ଢ଼ୋଲକିଆ ଚାମ୍ପିଅନ ଭାରତୀୟ ଖେଳାଳିମାନଙ୍କୁ ହୀରା ଖଚିତ ଗହଣା ଓ ସେମାନଙ୍କ ଘରେ ସୋଲାର ପ୍ୟାନେଲ ଲଗାଇବାକୁ ଘୋଷଣା କରିଛନ୍ତି। ଏ ସମ୍ପର୍କରେ ସେ ବିସିସିଆଇ ଉପସଭାପତି ରାଜୀବ ଶୁକ୍ଲାଙ୍କୁ ଚିଠି ଲେଖି ଏହି ପ୍ରସ୍ତାବ ଦେଇଛନ୍ତି। ବିସିସିଆଇ ମଧ୍ୟ ଏହାକୁ ସକରାତ୍ମକ ଭାବେ ଗ୍ରହଣ କରିଛି ଓ ଏକ ଶୁଭଦିନ ଦେଖି ଏହାକୁ କାର୍ଯ୍ୟକାରୀ କରାଯିବ ବୋଲି ଶୁକ୍ଲା ତାଙ୍କ ପ୍ରତିକ୍ରିୟାରେ କହିଛନ୍ତି।

## ବ୍ୟାଟିଂରେ ଲୌରାଙ୍କ ବିଶ୍ୱରେକର୍ଡ

ନଭି ମୁମ୍ବଇ : ଦକ୍ଷିଣ ଆଫ୍ରିକା ବିଶ୍ୱକପ୍ ବିଜୟୀ ହୋଇପାରି ନ ଥିଲେ ମଧ୍ୟ ଦଳର ଅଧିନାୟିକା ଲୌରା ୱଲଭର୍ଟଙ୍କ ପାଇଁ ଏହି ସଂସ୍କରଣ ସ୍ମରଣୀୟ ହୋଇରହିବ। ଲୌରା ଏହି ବିଶ୍ୱକପ୍‌ରେ ୯ ମ୍ୟାଚ୍ ଖେଳି ୨ ଶତକ ଓ ୩ ଅର୍ଦ୍ଧଶତକ ସହ ୭୧ରୁ ଉର୍ଦ୍ଧ୍ୱ ହାରରେ ୫୭୧ ରନ ସଂଗ୍ରହ କରିଥିଲେ। ମହିଳା ଦିନିକିଆ ବିଶ୍ୱକପ୍‌ର ଗୋଟିଏ ସଂସ୍କରଣରେ ସର୍ବାଧିକ ରନ ସଂଗ୍ରହ କରିବାରେ ଏହା ରେକର୍ଡ ହୋଇଛି। ପୂର୍ବରୁ ୨୦୨୨ ବିଶ୍ୱକପ୍‌ରେ ଅଷ୍ଟ୍ରେଲିଆର ଆଲିସା ହେଲୀ ୫୦୫ ରନ କରିଥିଲେ। ସେହିଭଳି ଏହି ବିଶ୍ୱକପ୍‌ରେ ଲୌରା ଟପ୍ ସ୍କୋରର୍ ରହିଥିଲେ। ତାଙ୍କ ପଛକୁ ଭାରତର ସ୍ମୃତି ମନ୍ଧାନା (୪୩୪ ରନ), ଅଷ୍ଟ୍ରେଲିଆର ଆସଲେ ଗାର୍ଡନର (୩୨୮), ପ୍ରତୀକା ରାୱଲ (୩୦୮) ଓ ଦକ୍ଷିଣ ଆଫ୍ରିକାର ଫୋଏବି ଲିଚଫିଲ୍ଡ (୩୦୪) ଯଥାକ୍ରମେ ପରବର୍ତ୍ତୀ ୪ଟି ସ୍ଥାନରେ ରହିଥିଲେ। ଅପରପକ୍ଷରେ ବୋଲିଂରେ ଭାରତର ଦୀପ୍ତି ଶର୍ମା ଏଥର ସର୍ବାଧିକ ୱିକେଟ୍ ହାସଲ କରିଛନ୍ତି। ଦୀପ୍ତି ୯ଟି ମ୍ୟାଚରୁ ୨୨ଟି ୱିକେଟ୍ ନେଇଛନ୍ତି।

### ସର୍ବାଧିକ ରନ୍

| ବ୍ୟାଟର୍ | ଦେଶ | ମ୍ୟାଚ୍ | ରନ୍ | ୧୦୦/୫୦ |
|---|---|---|---|---|
| ଲୌରା ୱଲଭର୍ଟ | ଦ.ଆଫ୍ରିକା | ୯ | ୫୭୧ | ୨/୩ |
| ସ୍ମୃତି ମନ୍ଧାନା | ଭାରତ | ୯ | ୪୩୪ | ୧/୨ |
| ଆସଲେ ଗାର୍ଡନର | ଅଷ୍ଟ୍ରେଲିଆ | ୭ | ୩୨୮ | ୨/୧ |
| ପ୍ରତୀକା ରାୱଲ | ଭାରତ | ୭ | ୩୦୮ | ୧/୧ |
| ଫୋଏବି ଲିଚଫିଲ୍ଡ | ଅଷ୍ଟ୍ରେଲିଆ | ୭ | ୩୦୪ | ୧/୧ |

### ସର୍ବାଧିକ ୱିକେଟ୍

| ବୋଲର | ଦେଶ | ମ୍ୟାଚ୍ | ୱିକେଟ | ଶ୍ରେଷ୍ଠ |
|---|---|---|---|---|
| ଦୀପ୍ତି ଶର୍ମା | ଭାରତ | ୯ | ୨୨ | ୫/୩୯ |
| ଆନାବେଲ୍ ସଦରଲାଣ୍ଡ | ଅଷ୍ଟ୍ରେଲିଆ | ୭ | ୧୭ | ୫/୪୦ |
| ସୋଫି ଇକଲେଷ୍ଟୋନ | ଇଂଲଣ୍ଡ | ୭ | ୧୬ | ୪/୧୬ |
| ଶ୍ରୀ ଚରଣି | ଭାରତ | ୯ | ୧୪ | ୩/୪୧ |
| ଆଲାନ କିଙ୍ଗ | ଅଷ୍ଟ୍ରେଲିଆ | ୭ | ୧୩ | ୭/୧୮ |


### ଜମ୍ମୁ-କଶ୍ମୀରରେ ଅଟକିଛନ୍ତି ଗେଲ୍ ଓ ସାକିବ୍

## ଖେଳାଳିଙ୍କୁ ଛାଡ଼ି ଆୟୋଜକ ଫେରାର

ଶ୍ରୀନଗର,୩ା୧୧(ଏଜେନ୍ସି): ଜମ୍ମୁ-କଶ୍ମୀରରେ ଅନ୍ତର୍ଜାତୀୟ କ୍ରିକେଟ ଖେଳାଳିଙ୍କୁ ନେଇ ଏଭଳି ଅଭାବନୀୟ ଘଟଣା ଦେଖିବାକୁ ମିଳିଛି। ଏଠାରେ ମୋହାଲିର ଯୁବା ସୋସାଇଟି ପକ୍ଷରୁ ନଭେମ୍ବର ୮ ଯାଏ ଖେଳାଯିବାକୁ ଥିବା ଇଣ୍ଡିଆନ୍ ହେଭେନ୍ ପ୍ରିମିୟର ଲିଗ୍‌ରେ ଖେଳିବାକୁ ଆସିଥିବା ଅନ୍ତର୍ଜାତୀୟ ଖେଳାଳିଙ୍କୁ ଛାଡ଼ି ଆୟୋଜକ ଫେରାର ହୋଇଯାଇଛନ୍ତି। ଏହା ଫଳରେ ହୋଟେଲ ବିଲ୍ ଦେଇ ନ ପାରି ଦେଶ ବିଦେଶରୁ ଆସିଥିବା ଖେଳାଳି ଓ ଅମ୍ପାୟାରମାନେ ହୋଟେଲରେ ଅଟକି ରହିଛନ୍ତି। ସେମାନଙ୍କ ମଧ୍ୟରେ କ୍ରିସ୍ ଗେଲ, ଷ୍ଟିଭେନ ସ୍ମିଥ୍, ଜେସେ ରାଇଡର ଓ ସାକିବ-ଅଲ-ହସନ ରହିଛନ୍ତି। ଇଂଲଣ୍ଡରୁ ଆସିଥିବା ଅମ୍ପାୟାର ମେଲିସା ଜୁନିପର ଏହା ପ୍ରକାଶ କରିବା ପରେ ଘଟଣା ପଦାକୁ ଆସିଥିଲା। ଗତବର୍ଷ ଏପରି ଏକ ଟୁର୍ଣ୍ଣାମେଣ୍ଟ ଜମ୍ମୁ-କଶ୍ମୀରରେ ଆୟୋଜିତ ହୋଇଥିଲା। ଏହି ମ୍ୟାଚ୍ ଦେଖିବାକୁ ଜନଗହଳି ହୋଇଥିଲା। କିନ୍ତୁ ଏହି ଟୁର୍ଣ୍ଣାମେଣ୍ଟ ଦେଖିବାକୁ ଦର୍ଶକ ଆସି ନ ଥିଲେ। ଫଳରେ ପ୍ରାୟୋଜକମାନେ ଅର୍ଥ ଦେବାକୁ ମନା କରିଦେଇଥିଲେ। ଶନିବାର ଖେଳାଳିମାନେ ପାଉଣା ପାଇ ନ ଥିବାରୁ ଖେଳିବାକୁ ମନା କରିଦେଇଥିଲେ। ଏହା ପରେ ଆୟୋଜକମାନେ ହୋଟେଲ୍‌କୁ ବିଲ ଦେଇ ପାରି ନ ଥିଲେ। ଖେଳାଳିମାନେ ଖେଳିବାକୁ ନ ଆସିବାରୁ ଆୟୋଜକ ଟୁର୍ଣ୍ଣାମେଣ୍ଟ ଛାଡି ପଳାଇଛନ୍ତି। ଖେଳାଳି ଓ କର୍ମକର୍ତ୍ତା ସେଠାରେ ଅଟକି ରହିଥିଲାବେଳେ ଏହାର ସମାଧାନ କରିବାକୁ ଜମ୍ମୁ-କଶ୍ମୀର କ୍ରିକେଟ ସଂଘ ଚେଷ୍ଟା ଚଳାଇଛି।

## ରାନୀ-ପଙ୍କଜ ଜୀବନସାଥୀ

କୁରୁକ୍ଷେତ୍ର, ୩ା୧୧ (ଏଜେନ୍ସି): ହକି ଆଇକନ୍ ତଥା ଭାରତୀୟ ମହିଳା ଦଳର ପୂର୍ବତନ ଅଧିନାୟିକା ରାଣୀ ରାମପଲ୍ ଜୀବନର ଦ୍ୱିତୀୟ ପାଳି ଆରମ୍ଭ କରିଛନ୍ତି। ଚାଟାର୍ଡ ଆକାଉଣ୍ଟାଟ୍ ପଙ୍କଜ ସରୋହାଙ୍କ ସହ ରବିବାର ରାଣୀଙ୍କ ବିବାହ ଅନୁଷ୍ଠିତ ହୋଇଛି। ହରିୟାଣାର କୁରୁକ୍ଷେତ୍ରରେ ଅନୁଷ୍ଠିତ ଏହି ଚର୍ଚ୍ଚିତ ବିବାହରେ ରାଣୀଙ୍କ ଅସୁସ୍ଥ ପିତା ହ୍ୱିଲଚେୟାରରେ ବିବାହ ମଣ୍ଡପକୁ ଆସି ବର-କନ୍ୟାଙ୍କୁ ଆଶୀର୍ବାଦ ଦେବା ସମସ୍ତଙ୍କୁ ଭାବୁକ କରିଦେଇଥିଲେ। ମାତ୍ର ୧୪ ବର୍ଷ ବୟସରେ ଅନ୍ତର୍ଜାତୀୟ କ୍ୟାରିୟର ଆରମ୍ଭ କରିଥିବା ରାଣୀ ଭାରତ ପାଇଁ ୨୫୪ଟି ମ୍ୟାଚ୍ ଖେଳି ୧୨୦ଟି ଗୋଲ୍ ଦେଇଛନ୍ତି।



## ଡଃ ଜନାର୍ଦ୍ଦନ ଦାଶଙ୍କ ପରଲୋକ



କଟକ,୩ା୧୧(ସମିସ): ଓଡ଼ିଶା ଅଲିମ୍ପିକ ସଂଘର ଉପସଭାପତି ଡଃ ଜନାର୍ଦ୍ଦନ ଦାଶଙ୍କ ୭୫ବର୍ଷ ବୟସରେ ପରଲୋକ ଘଟିଛି। ଦୀର୍ଘବର୍ଷ ଧରି ରାଜ୍ୟ କ୍ରୀଡ଼ା ଜଗତ ସହ ଜଡିତ ଥିବା ଜନାର୍ଦ୍ଦନ ଜଣେ ଦକ୍ଷ କ୍ରୀଡ଼ା ସଙ୍ଗଠକ ଭାବେ ସୁଖ୍ୟାତି ହାସଲ କରିଥିଲେ। ଓଡ଼ିଶା କ୍ରିକେଟ ଆସୋସିଏସନ, ଫୁଟବଲ ଆସୋସିଏସନ ଅଫ ଓଡ଼ିଶାର ପ୍ରାକ୍ତନ ଉପସଭାପତି ପଦରେ ରହିବା ସେ ମୃତ୍ୟୁ ପର୍ଯ୍ୟନ୍ତ ସେ କେନ୍ଦୁଝର ଜିଲ୍ଲା ଆଥଲେଟିକ ସଂଘର ସମ୍ପାଦକ ପଦରେ ଅବସ୍ଥାପିତ ରହିଥିଲେ। ଡଃ ଦାଶଙ୍କ ବିୟୋଗରେ ବିଭିନ୍ନ ବର୍ଗରେ ଶୋକ ପ୍ରକାଶ ପାଇଛି। ଜନାର୍ଦ୍ଦନଙ୍କ ବିୟୋଗ ରାଜ୍ୟ କ୍ରୀଡ଼ା ଜଗତ ପାଇଁ ଅପୂରଣୀୟ କ୍ଷତି ବୋଲି ଓସିଏ ସଭାପତି ପଙ୍କଜ ଲୋଚନ ମହାନ୍ତି, ସମ୍ପାଦକ ସଞ୍ଜୟ ବେହେରା ଶୋକବାର୍ତ୍ତାରେ ଜଣାଇଛନ୍ତି।

## ସିକେ ନାଇଡୁ ଟ୍ରଫି: ବିଦର୍ଭ ଇନିଂସ୍ ଆଗୁଆ

କଟକ,୩ା୧୧(ସମିସ): ୨୩ବର୍ଷରୁ କମ୍ ପୁରୁଷ ସିକେ ନାଇଡୁ ଟ୍ରଫିର ୩ୟ ଲିଗ୍ ମ୍ୟାଚ୍‌ରେ ଓଡ଼ିଶା ବିର୍ଦ୍ଦଭକୁ ଭେଟିଛି। କପୁରସିଂହସ୍ଥିତ ଏମଜିଏମ ଗ୍ରାଉଣ୍ଡରେ ଚାଲିଥିବା ଏହି ମ୍ୟାଚ୍‌ରେ ଘରୋଇ ଓଡ଼ିଶା ଦଳ ବିପକ୍ଷରେ ବିଦର୍ଭର ସ୍ଥିତି ଦୃଢ଼ ରହିଛି। ଟସ୍ ଜିତି ପ୍ରଥମେ ବ୍ୟାଟିଂ କରିଥିବା ବିଦର୍ଭ ୧୬୬ରନରେ ଅଲଆଉଟ ହୋଇଥିଲା। ଜବାବରେ ରବିବାର ଖେଳର ପ୍ରଥମ ଦିବସରେ ଓଡ଼ିଶା ୬ ୱିକେଟ ବିନିମୟରେ ୭୫ରନ କରିଥିଲା। ଆଜି ୫୩ରନରେ ଅବଶିଷ୍ଟ ୪ ୱିକେଟ ହରାଇ ଓଡ଼ିଶା ଇନିଂସ୍ ପଛୁଆ ରହିଛି। ଜବାବରେ ଦ୍ୱିତୀୟ ପାଳି ବ୍ୟାଟିଂ ଆରମ୍ଭ କରିଥିବା ବିଦର୍ଭ ଅଭିଷେକ ଅଗ୍ରୱାଲଙ୍କ ଅପରାଜିତ ଅର୍ଦ୍ଧଶତକୀୟ ପାଳି ସହାୟତାରେ ୪ ୱିକେଟ ହରାଇ ୧୮୩ରନ ସଂଗ୍ରହ କରିଛି। ଦଳକୁ ୨୨୧ରନର ଅଗ୍ରଣୀ ମିଳିଛି। ବିଦର୍ଭ ପକ୍ଷରୁ ଜଗଜୋତ ୫୪ରନରେ ଆଉଟ ହୋଇଥିବା ବେଳେ ବରୁଣ ବିଷ୍ଟ ୨୦ରନରେ ଅପରାଜିତ ରହିଛନ୍ତି। ଓଡ଼ିଶାର ସୌମ୍ୟରଞ୍ଜନ ଲେଙ୍କା, ଆଶୁତୋଷ ଛୁରିଆ, ଆୟୁଷ ବାରିକ ଏବଂ ରିତେଶ ପ୍ରିୟରଞ୍ଜନ ଗୋଟିଏ ଲେଖାଏ ୱିକେଟ ହାସଲ କରିଛନ୍ତି।

### ରଣଜୀ ଟ୍ରଫି

## ପରାଜୟ ଏଡ଼ାଇବା ଲକ୍ଷ୍ୟରେ ଓଡ଼ିଶା

କଟକ,୩ା୧୧(ସମିସ)

ବାରବାଟୀରେ ଖେଳାଯାଉଥିବା ରଣଜୀ ଟ୍ରଫିର ୩ୟ ଲିଗ୍ ମ୍ୟାଚ୍‌ରେ ଆନ୍ଧ୍ରପ୍ରଦେଶ ଠାରୁ ଫଲୋଅନ ପାଇ ଘରୋଇ ଓଡ଼ିଶା ଦ୍ୱିତୀୟ ପାଳି ବ୍ୟାଟିଂ ଆରମ୍ଭ କରିଛି। ଭ୍ରମଣକାରୀ ଆନ୍ଧ୍ରପ୍ରଦେଶର ପ୍ରଥମ ଇନିଂସ୍ ୪୭୫/୭(ପାଳି ଘୋଷଣା) ଜବାବରେ ଓଡ଼ିଶାର ପ୍ରଥମ ପାଳି ୧୫୧ରନରେ ସୀମିତ ରହିଥିଲା। ସୋମବାର ମ୍ୟାଚ୍‌ର ୩ୟ ଦିବସ ଷ୍ଟମ୍ପ ଅପସାରଣ ସୁଦ୍ଧା ଓଡ଼ିଶା ଦ୍ୱିତୀୟ ପାଳିରେ ୨ ୱିକେଟ ହରାଇ ୧୯୦ରନ ସଂଗ୍ରହ କରିଛି। ଏବେ ବି ଦଳ ୧୩୪ରନ ପଛରେ ରହିଛି। ମଙ୍ଗଳବାର ମ୍ୟାଚ୍‌ର ଅନ୍ତିମ ଦିନରେ ଓଡ଼ିଶା କଲେବଲେ ମ୍ୟାଚ୍‌କୁ ଡ୍ର ରଖି ଅତିକମ୍‌ରେ ୧ ପଏଣ୍ଟ ହାସଲ କରିବାକୁ ଉଦ୍ୟମ କରିବ।

ଚଳିତ ରଣଜୀ ସଂସ୍କରଣରେ ଓଡ଼ିଶାର ଦୁର୍ବଳ ବ୍ୟାଟିଂ ପ୍ରଦର୍ଶନ ଲାଗି ରହିଛି। ଅସମାପ୍ତ ପ୍ରଥମ ପାଳି ୮୦/୪ରୁ ଆଜି ଓଡ଼ିଶା ବ୍ୟାଟିଂ ଆରମ୍ଭ କରିଥିଲା। ସନ୍ଦୀପ ପଟ୍ଟନାୟକ ୨୪ରନ ଏବଂ ଗୋବିନ୍ଦ ପୋଦ୍ଦାର ୧ରନରେ ଅପରାଜିତ ଥିଲେ। ଆଜି ଖେଳର ୬ଷ୍ଠ ଓଭରରେ ଓଡ଼ିଶାର ୫ମ ୱିକେଟ ପତନ ଘଟିଥିଲା। ଅଭିଜ୍ଞ ଗୋବିନ୍ଦ ୧୪ରନରେ କାଭୁରି ସୈତେଜାଙ୍କ ୩ୟ ଶିକାର ପାଲଟିଥିଲେ। ନବାଗତ ସମ୍ବିତ ବରାଳ ଖାତା ଖୋଲିବା ଆଗରୁ ରନଆଉଟ ହୋଇ ପ୍ୟାଭିଲିୟନ ଫେରିଥିଲେ। ୧୩୧ବଲରୁ ୫୮ ରନ ସଂଗ୍ରହ କରି କ୍ରିଜରେ ତିଷ୍ଠି ଆସୁଥିବା ସନ୍ଦୀପଙ୍କୁ ଆଉଟ କରି ତ୍ରିପୁରନ ବିଜୟ ଓଡ଼ିଶାକୁ ଫଲୋଅନ ଦ୍ୱାର ଦେଶରେ ଛିଡ଼ା କରି ଦେଇଥିଲେ। ସନ୍ଦୀପ କ୍ରିଜ ଛାଡ଼ିବା ବେଳକୁ ଓଡ଼ିଶାର ଦଳୀୟ ସ୍କୋର ୧୪୦ ରହିଥିଲା। ୧୧ରନରେ ଦଳ ଶେଷ ୩ଟି ୱିକେଟ ହରାଇଥିଲା। ଆନ୍ଧ୍ର ପକ୍ଷରୁ କାଭୁରି ସାଇତେଜା, ସୌରଭ କୁମାର ଏବଂ ତ୍ରିପୁରନ ବିଜୟ ୩ଟି ଲେଖାଏ ୱିକେଟ ହାସଲ କରିଛନ୍ତି। ତେବେ ଦ୍ୱିତୀୟ ପାଳିରେ ଓଡ଼ିଶା ଦୃଢ଼ତାର ସହ ବ୍ୟାଟିଂ କରିଥିବା ଦେଖିବାକୁ ମିଳିଛି। ଗୌରବ ଚୌଧୁରୀ ଓ ସ୍ୱସ୍ତିକ ସାମଲ ଓପନିଂ ଭାଗିଦାରୀରେ ୬୬ରନ ସଂଗ୍ରହ କରିଥିଲେ। ୭ଟି ଚୌକା ସହାୟତାରେ ୩୬ରନ କରିଥିବା ସ୍ୱସ୍ତିକ ଦୁର୍ଭାଗ୍ୟବଶତଃ ରନଆଉଟ ହୋଇଥିଲେ। ପ୍ରଥମ ପାଳିରେ ଅର୍ଦ୍ଧଶତକ ହାସଲ କରିଥିବା ସନ୍ଦୀପ ଏବଂ ଗୌରବ ୨ୟ ୱିକେଟରେ ୧୧୦ରନ ସଂଗ୍ରହ କରି ଓଡ଼ିଶାର ସ୍ଥିତିକୁ ମଜବୁତ କରିଥିଲେ। ମାତ୍ର ଷ୍ଟମ୍ପ ଅପସାରଣର କିଛି ସମୟ ପୂର୍ବରୁ ସନ୍ଦୀପଙ୍କ ୱିକେଟ ପତନ ଘଟିଥିଲା। ୧୨୫ବଲରୁ ୬ଟି ଚୌକା ଏବଂ ୨ଟି ଛକା ସହାୟତାରେ ୬୩ରନ କରି ସନ୍ଦୀପ ସୌରଭ କୁମାରଙ୍କ ଦ୍ୱାରା ଆଉଟ ହୋଇଥିଲେ। ଗୌରବ ୭୯ରନ ଏବଂ ଗୋବିନ୍ଦ ୪ରନରେ ଅପରାଜିତ ରହିଛନ୍ତି।


ସନ୍ଦୀପ ପଟ୍ଟନାୟକ


ଗୌରବ ଚୌଧୁରୀ

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS